Dharitri 52 Years

# ଧରିତ୍ରୀ DHARITRI

ଭୁବନେଶ୍ୱର, ସୋମବାର, ଜାନୁଆରୀ ୧୯/୨୦୨୬ (୧୪ ପୃଷ୍ଠା) | Bhubaneswar, Monday, January 19/2026 | Page 14 | ₹ 7.00 | DHENKANAL

୫୨ଶ ଭାଗ ୫୭ ସଂଖ୍ୟା | www.orissakhabar.com/www.dharitri.com | Printed at Angul, Bhubaneswar, Sambalpur & Rayagada | VOLUME 52 ISSUE 57 | ମୂଲ୍ୟ ₹୭/-




## କୋହଲିଙ୍କ ଶତକ ସତ୍ତ୍ୱେ ଭାରତ ପରାସ୍ତ

**ଇନ୍ଦୋର, ୧୮।୧**

ବିରାଟ କୋହଲିଙ୍କ ଶତକ ସତ୍ତ୍ୱେ ଭାରତ ଏଠାରେ ଅନୁଷ୍ଠିତ ତୃତୀୟ ତଥା ସିରିଜର ଅନ୍ତିମ ଦିନିକିଆ କ୍ରିକେଟ ମ୍ୟାଚରେ ନ୍ୟୁଜିଲାଣ୍ଡଠାରୁ ୪୧ ରନରେ ହାରିଯାଇଛି। ଏଥିସହ ଭାରତ ୩ ମ୍ୟାଚ ବିଶିଷ୍ଟ ସିରିଜକୁ ୧-୨ରେ ହାରି ଯାଇଛି। ଡାରିଲ ମିଚେଲ ଓ ଗ୍ଲେନ ଫିଲିପ୍ସଙ୍କ ଶତକ ସହାୟତାରେ ନ୍ୟୁଜିଲାଣ୍ଡ ୫୦ ଓଭରରେ ୮ ଉଇକେଟ ହରାଇ ୩୩୭ ରନ ସଂଗ୍ରହ କରିଥିଲା। ଜବାବରେ ଭାରତ ୪୬ ଓଭରରେ ୨୯୬ ରନକରି ଅଲ୍‌ଆଉଟ ହୋଇ ଯାଇଥିଲା। କୋହଲି ୧୨୪ ରନର ଲଢୁଆ ଇନିଂସ ଖେଳିଥିଲେ। ଏକଦିବସୀୟ କ୍ରିକେଟରେ ଏହାଥିଲା କୋହଲିଙ୍କ ୫୪ତମ ଶତକ। ଏହା ବ୍ୟତୀତ ନ୍ୟୁଜିଲାଣ୍ଡ ବିପକ୍ଷରେ ସେ ୩୬ ଇନିଂସରୁ ସର୍ବାଧିକ ୭ ଶତକ ହାସଲ କରିବାରେ ରେକର୍ଡ କରିଛନ୍ତି। ରିକି ପଣ୍ଟିଂ ଓ ବୀରେନ୍ଦ୍ର ସେହ୍ୱାଗ ୬ଟି ଲେଖାଏ ଶତକ ହାସଲ କରି ଯୁଗ୍ମଭାବେ ଦ୍ୱିତୀୟ ସ୍ଥାନରେ ଅଛନ୍ତି। ଓଭରଅଲ୍ କୋହଲିଙ୍କର ଏହାଥିଲା ୮୫ତମ ଅନ୍ତର୍ଜାତୀୟ ଶତକ।

(ସମ୍ପୂର୍ଣ୍ଣ ବିବରଣୀ ଖେଳ ପୃଷ୍ଠାରେ)

**ଆଜିର ସମ୍ପାଦକୀୟ**

**ଅଖାଡୁଆ ବ୍ୟକ୍ତି**



ଇଣ୍ଟରନ୍ୟାଶନାଲ ସ୍କି ଫେଡେରେଶନ ପକ୍ଷରୁ ଜର୍ମାନୀର ଓବରହୋଫ୍‌ଠାରେ ଆୟୋଜିତ ମହିଳା ନର୍ଡିକ କମ୍ବାଇନ୍‌ଡ୍ ବିଶ୍ୱକପ୍‌ରେ ନରୱେର ତାରକା ଖେଳାଳି ଇଡା ମାରି ହେଗେନ୍ ରବିବାର ନର୍ମାଲ ହିଲ୍ ପ୍ରତିଯୋଗିତାରେ ୯୮.୮ ମିଟର ଉଚ୍ଚରୁ ସ୍କି ଜମ୍ପିଂ କରୁଛନ୍ତି।

## ୨୨ରେ ମିଳିବ 'ସୁଭଦ୍ରା' ସହାୟତା

**ଭୁବନେଶ୍ୱର,୧୮।୧ (ରବିନାରାୟଣ ଜେନା)**

ରାଜ୍ୟ ସରକାରଙ୍କ ମହିଳା ସଶକ୍ତୀକରଣ ଯୋଜନା 'ସୁଭଦ୍ରା' କିସ୍ତି ଚଳିତମାସ ୨୨ରେ ପ୍ରଦାନ କରାଯିବ ବୋଲି ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁ କଲ୍ୟାଣ ମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି। ରବିବାର ସେ କହିଛନ୍ତି, ପୂର୍ବରୁ ଜାନୁଆରୀ ୧୮ରେ ସୁଭଦ୍ରା ଟଙ୍କା ମିଳିବାକୁ ଥିବାବେଳେ, ଏଥିରେ ପରିବର୍ତ୍ତନ ହୋଇଛି। ୧୮ ବଦଳରେ ୨୨ତାରିଖରେ ସୁଭଦ୍ରା ସହାୟତା ଅର୍ଥ ରାଶି ପ୍ରଦାନ କରାଯିବ ବୋଲି ଉପମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ଏକ୍ସରେ ଟୁଇଟ୍ କରି କୁହାଯାଇଛି। ସୂଚନାଯୋଗ୍ୟ, ସୁଭଦ୍ରା ଯୋଜନାରେ ଏଥର ୪ ଲକ୍ଷ ୫୭ ହଜାର ୬୮୧ଜଣ ମହିଳା ସହାୟତା ପାଇବେ। ଏଥିରେ ନୂଆକରି ୧ ଲକ୍ଷ ୭୮ ହଜାର ୩୯୮ ଜଣ ମହିଳାଙ୍କୁ ସାମିଲ କରାଯାଇଛି, ଯେଉଁମାନେ କି ପ୍ରଥମ ଥର ପାଇଁ ସୁଭଦ୍ରା କିସ୍ତି ପାଇବେ। ପ୍ରଥମ ଏବଂ ଦ୍ୱିତୀୟ କିସ୍ତିରୁ ବାଦ୍ ପଡ଼ିଥିବା ୨ ଲକ୍ଷ ୫୫ ହଜାର ୨୬୫ ଜଣଙ୍କୁ ଏଥର ସୁଭଦ୍ରା ଯୋଜନାରେ ସାମିଲ କରାଯାଇଛି। ସେମାନେ ଏଥର ଏକାଥରକେ ଦୁଇଟି କିସ୍ତିର ଟଙ୍କା ପାଇବେ ।

# ଆତଙ୍କବାଦୀଙ୍କୁ କ୍ରିପ୍ଟୋ ପାଣ୍ଠି

## ହାୱାଲା ଜରିଆରେ ବିଦେଶରୁ କଶ୍ମୀରକୁ ହେଉଛି ଯୋଗାଣ

**୨୦୧୬ ନଭେମ୍ବର ୮ରେ କେନ୍ଦ୍ର ସରକାର ବିମୁଦ୍ରୀକରଣ ଘୋଷଣା କରି ୫୦୦ ଓ ୧,୦୦୦ ଟଙ୍କିଆ ନୋଟ୍‌କୁ ତତ୍କାଳ ଅଚଳ କରିଦେଇଥିଲେ। ବେଆଇନ ଓ ଆତଙ୍କବାଦୀ କାର୍ଯ୍ୟକଳାପ ରୋକିବାରେ ଏହା ବିଶେଷ ସହାୟକ ହେବ ବୋଲି ସେତେବେଳେ ସରକାରଙ୍କ ପକ୍ଷରୁ ଯୁକ୍ତି ବଢ଼ାଯାଇଥିଲା। ଇତିମଧ୍ୟରେ 'ନୋଟ୍‌ବନ୍ଦୀ'କୁ ୯ ବର୍ଷରୁ ଊର୍ଦ୍ଧ୍ୱ ସମୟ ବିତିଯାଇଥିବାବେଳେ ଏହି ପଦକ୍ଷେପ ଆତଙ୍କବାଦ ଦମନ ପାଇଁ କେତେ ସହାୟକ ହୋଇପାରିଛି ତାହା ସରକାରଙ୍କ ପକ୍ଷରୁ ଏପର୍ଯ୍ୟନ୍ତ ସ୍ପଷ୍ଟ କରାଯାଇ ନାହିଁ। କିନ୍ତୁ ଆତଙ୍କବାଦୀମାନେ ସରକାରଙ୍କ ଆଖିରେ ଧୂଳି ଦେଇ ପାଣ୍ଠି ସଂଗ୍ରହର ନୂଆ ପନ୍ଥା ଆପଣାଇଛନ୍ତି। ଜମ୍ମୁ-କଶ୍ମୀରରେ ଆତଙ୍କବାଦୀ ଓ ବିଚ୍ଛିନ୍ନତାବାଦୀ କାର୍ଯ୍ୟକଳାପକୁ ବ୍ୟାପକ କରିବା ପାଇଁ ବିଦେଶରୁ ହାୱାଲା ଜରିଆରେ ଡିଜିଟାଲ କରେନ୍ସି 'କ୍ରିପ୍ଟୋ' ପାଣ୍ଠି ଯୋଗାଣ ହେଉଛି। ଦେଶରେ ପ୍ରଚଳିତ ଆର୍ଥିକ ଦେଣନେଣ ବ୍ୟବସ୍ଥାରେ ଥିବା ସୁରକ୍ଷାକୁ ବାଇପାସ୍ କରି ଅନ୍‌ଲାଇନ୍‌ରେ ଏହି କାରବାର ହେଉଥିବାରୁ ସୁରକ୍ଷା ଏଜେନ୍ସିଗୁଡ଼ିକର ଚିନ୍ତା ବଢ଼ିଯାଇଛି। ଏହି ଘଟଣା ସାମ୍ନାକୁ ଆସିବା ପରେ ସୁରକ୍ଷା ପ୍ରତିଷ୍ଠାନଗୁଡ଼ିକୁ ହାଇଆଲର୍ଟରେ ରଖାଯାଇଛି।**

**ଶ୍ରୀନଗର/ନୂଆଦିଲ୍ଲୀ,୧୮।୧ (ପି.ଟି./ଏଜେନ୍ସି)**

କେନ୍ଦ୍ରଶାସିତ ଅଞ୍ଚଳ ଜମ୍ମୁ-କଶ୍ମୀରରେ ସୀମାପାର ଆତଙ୍କବାଦ ଉପରେ ଲଗାମ କଷିବା ପାଇଁ ପୋଲିସ ଓ ସେନା ପକ୍ଷରୁ ଘନଘନ ଚଢ଼ାଉ ସହ ତଲାସି ଅଭିଯାନ ଜାରି ରହିଛି। ପାକିସ୍ତାନରୁ ନିୟନ୍ତ୍ରଣରେଖା (ଏଲ୍‌ଓସି) ଅତିକ୍ରମ କରି ଉପତ୍ୟକାକୁ ଅନୁପ୍ରବେଶ କରୁଥିବା ଆତଙ୍କବାଦୀଙ୍କୁ ଧରିବା ଓ ସେମାନଙ୍କ ନେଟ୍‌ୱର୍କକୁ ଧ୍ୱସ୍ତ କରିବା ହେଉଛି ଏହି ଅପରେଶନ୍‌ର ମୂଳ ଉଦ୍ଦେଶ୍ୟ। ଆତଙ୍କବାଦୀଙ୍କ ଉଦ୍ଦେଶ୍ୟରେ ବିଦେଶରୁ ହେଉଥିବା ପାଣ୍ଠି ଯୋଗାଣ କରିବା ଲାଗି ଭାରତର ସିକ୍ୟୁରିଟି ଓ ଇଣ୍ଟେଲିଜେନ୍ସ ଏଜେନ୍ସିଗୁଡ଼ିକ ଲାଗିପଡ଼ିଥିବାବେଳେ ସେମାନଙ୍କ ଚିନ୍ତା ବଢ଼ାଇଦେଇଛି ଆଉ ଏକ ବିଷୟ। ତାହା ହେଲା କ୍ରିପ୍ଟୋ ଫଣ୍ଡିଂ। 'କ୍ରିପ୍ଟୋ ହାୱାଲା' ନେଟ୍‌ୱର୍କ ଜରିଆରେ ଜମ୍ମୁ-କଶ୍ମୀରରେ ଥିବା ଆତଙ୍କବାଦୀ ଓ ବିଚ୍ଛିନ୍ନତାବାଦୀମାନଙ୍କ ନିକଟକୁ ବିପୁଳ ପରିମାଣର ଅର୍ଥ ଆସୁଛି। ଏହି ପାଣ୍ଠିକୁ ବ୍ୟବହାର କରି ସେମାନେ କେବଳ ଉପତ୍ୟକା ନୁହେଁ, ବରଂ ଦେଶର ବିଭିନ୍ନ ଭାଗରେ ଆକ୍ରମଣ କରିବା ପାଇଁ ଷଡ଼ଯନ୍ତ୍ର ରଚୁଥିବା ଜଣାପଡ଼ିଛି। ଏଜେନ୍ସିଗୁଡ଼ିକର ଅଧିକାରୀମାନେ ଏହି ବିଷୟ ରବିବାର ସାମ୍ନାକୁ ଆଣିବା ପରେ ସେନା ଘାଟି ଓ ଅନ୍ୟ ସୁରକ୍ଷା ପ୍ରତିଷ୍ଠାନଗୁଡ଼ିକରେ ହାଇଆଲର୍ଟ ଜାରି କରାଯାଇଛି। ଏହି ଛାୟା ପାଣ୍ଠି (ଶ୍ୟାଡୋ ଫଣ୍ଡ) ବିଚ୍ଛିନ୍ନତାବାଦୀ ତତ୍ତ୍ୱଙ୍କୁ ନୂଆ ଜୀବନ ଦେବା ସହ କେନ୍ଦ୍ରଶାସିତ ଅଞ୍ଚଳରେ ଦେଶବିରୋଧୀ କାର୍ଯ୍ୟକଳାପ ବୃଦ୍ଧି ଘଟାଇପାରେ ବୋଲି ଅଧିକାରୀମାନେ ସତର୍କ କରାଇଛନ୍ତି।

ପାରମ୍ପରିକ ହାୱାଲା ବ୍ୟବସ୍ଥାରେ ଅଣବ୍ୟାଙ୍କିଙ୍ଗ୍ ଚ୍ୟାନେଲରେ ଟଙ୍କା ଆସୁଥିବାବେଳେ ଉକ୍ତ ଡିଜିଟାଲ ଭର୍ସନରେ କ୍ରିପ୍ଟୋକରେନ୍ସି ଆସୁଛି। ଭାରତରେ ସମସ୍ତ ଭର୍ଚୁଆଲ ଡିଜିଟାଲ ଆସେଟ ସର୍ଭିସ ପ୍ରୋଭାଇଡର୍ସ (ଭିଡିଏଏସ୍‌ପି)ମାନଙ୍କୁ ଫାଇନାନ୍ସିଆଲ ଇଣ୍ଟେଲିଜେନ୍ସ ୟୁନିଟ୍ (ଏଫ୍‌ଆଇୟୁ) ସହ ପଞ୍ଜୀକୃତ ହେବାକୁ ପଡ଼ିଥାଏ। କିନ୍ତୁ ଆତଙ୍କବବାଦୀଙ୍କ ଛାୟା ନେଟ୍‌ୱର୍କ ପ୍ରଚଳିତ ଆଇନ ବ୍ୟବସ୍ଥା ଊର୍ଦ୍ଧ୍ୱରେ କାର୍ଯ୍ୟ କରିଥାଏ। କ୍ରିପ୍ଟୋ ନେଟ୍‌ୱର୍କ ଉପରେ କୌଣସି ଦେଶର ସରକାରଙ୍କ ନିୟନ୍ତ୍ରଣ ନ ଥିବାରୁ ବେଆଇନ ପାଣ୍ଠିକୁ କିଏ ପଠାଇଛନ୍ତି ତାହା ଜାଣିବା କଷ୍ଟକର। ଏହାବାଦ୍ ଉକ୍ତ କଳାଧନକୁ ଧଳା କରି ଦେଶର ଘରୋଇ ଅର୍ଥନୀତିରେ ସାମିଲ କରାଗଲେ ବିପଦ ଆହୁରି ବଢ଼ିଯିବ ବୋଲି ବିଶେଷଜ୍ଞମାନେ ମତ ଦେଇଛନ୍ତି।


ଜମ୍ମୁ-କଶ୍ମୀର ପୋଲିସ ଏବଂ କେନ୍ଦ୍ରୀୟ ସୁରକ୍ଷା ଏଜେନ୍ସିଗୁଡ଼ିକ ପକ୍ଷରୁ ମିଳିତ ଭାବେ କରାଯାଇଥିବା ☞ପୃଷ୍ଠା-୪

## ବେଆଇନ ବାଣ ତିଆରି ବେଳେ ବିସ୍ଫୋରଣ

### ଦିବ୍ୟାଙ୍ଗ ଶ୍ରମିକଙ୍କ ମୃତ୍ୟୁ, ମାଲିକ ଫେରାର

**କଟକ/ଫୁଲନଖରା,୧୮।୧(କାର୍ତ୍ତିକ ସାହୁ/ସତ୍ୟରଞ୍ଜନ ଦାସମହାପାତ୍ର)**

ବେଆଇନ ବାଣ କାରବାର ରୋକିବାକୁ ପ୍ରଶାସନ ଯେତେପ୍ରକାର ଉଦ୍ୟମ କଲେ ବି କେଉଁଠି ନା କେଉଁଠି ତ୍ରୁଟି ରହିଯାଉଛି। ଯଦ୍ୱାରା ବେଆଇନ ବାଣ ତିଆରି ଓ ବିକ୍ରି ରୋକି ହେଉନାହିଁ। ଯାହାର କୁପରିଣାମ ରବିବାର କଟକ ଜିଲା ସଦର ଥାନା ଅନ୍ତର୍ଗତ ଖଲର୍ଦ୍ଧା ପଞ୍ଚାୟତସ୍ଥିତ ହାତୀଗଡ଼ାରେ ଦେଖିବାକୁ ମିଳିଛି। ଏଠାରେ ବେଆଇନ ବାଣ ତିଆରି ଚାଲିଥିବାବେଳେ ବିସ୍ଫୋରଣ ଘଟି ଜଣେ ଦିବ୍ୟାଙ୍ଗ ଶ୍ରମିକଙ୍କ ମୃତ୍ୟୁ ହୋଇଛି। ସେ ହେଲେ ହାତୀଗଡ଼ା ଗ୍ରାମର ସୁରେଶ ଭୋଇ (୫୨)। ମୃତକଙ୍କୁ ଭୁଶୁଡ଼ି ପଡ଼ିଥିବା ଘରର କାନ୍ଥ ମଧ୍ୟରୁ ଉଦ୍ଧାର କରାଯାଇଛି। ବାଣ ତିଆରି ହେଉଥିବା ଆଜବେଷ୍ଟସ୍ ଘରଟି ସମ୍ପୂର୍ଣ୍ଣ ଧ୍ୱସ୍ତବିଧ୍ୱସ୍ତ ହୋଇଯାଇଥିବାବେଳେ ଆଜବେଷ୍ଟସ୍ ଛାତ ଉଡ଼ିଯାଇଛି। ଏହି ବାଣ ବିସ୍ଫୋରଣର ପ୍ରଭାବ ଅତି ତୀବ୍ର ଥିଲା। ପାଖାପାଖି ପାଞ୍ଚ କିଲୋମିଟର ଦୂର ପର୍ଯ୍ୟନ୍ତ ଶବ୍ଦ ଶୁଣିବାକୁ ମିଳିଥିଲା। ଏହାର ପ୍ରଭାବରେ ବାଣଘର ସମ୍ପୂର୍ଣ୍ଣ ଭାଙ୍ଗିଯିବା ସହ ନିକଟରେ ଥିବା ପ୍ରଦୀପ ପ୍ୟାଲେସ ନାମକ ଏକ ମଣ୍ଡପର କାଚ ଭାଙ୍ଗିଛି। ସଦର ଥାନା ପୋଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି। ସାଇଣ୍ଟିଫିକ୍ ଟିମ୍ ସହ ପୋଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଜାରି ରଖିଥିବା ଆଇଆଇସି ତୁଷାରକାନ୍ତି ☞ପୃଷ୍ଠା-୪




## ଶୀତ, କୁହୁଡ଼ି ଭିତରେ ବଢ଼ିବ ତାତି

**ଭୁବନେଶ୍ୱର, ୧୮।୧ (ବନ୍ଦନା ସେଠୀ)**

ରାଜ୍ୟରେ ପଶ୍ଚିମାଝଡ଼ ପ୍ରଭାବରେ ବଢ଼ିବ ରାତି ତାପମାତ୍ରା। ଶୀତ, କୁହୁଡ଼ି ସାଙ୍ଗକୁ ଖରାତାତିକୁ ଅନୁଭବ କରିବେ ଲୋକେ। ଏବେ ବି ଥଣ୍ଡା ପ୍ରକୋପ ଜାରି ରହିଛି। ଜି. ଉଦୟଗିରିରେ ସର୍ବନିମ୍ନ ତାପମାତ୍ରା ୨.୮ ଡିଗ୍ରୀ ରେକର୍ଡ ହୋଇଛି। ତେବେ ସୋମବାର ଓ ବୁଧବାର ରାତିରୁ ଉତ୍ତର-ପଶ୍ଚିମ ଭାରତକୁ ଅତି କମ୍ ଅନ୍ତରାଳରେ ଦୁଇଟି ପଶ୍ଚିମାଝଡ଼ ପ୍ରଭାବିତ କରିବା ସମ୍ଭାବନା ଥିବାରୁ ଆସନ୍ତା ୪ ଦିନ ମଧ୍ୟରେ ☞ପୃଷ୍ଠା-୪

## ଅଟୋ ଚାଳକଙ୍କୁ ହେଲ୍‌ମେଟ୍ ଚାଲାଣ

### ଚାଲାଣ ଥିବାରୁ କରିପାରୁନାହାନ୍ତି ପଲ୍ୟୁଶନ ସାର୍ଟିଫିକେଟ

**ଆଗରପଡ଼ା,୧୮।୧ (ସୁଶାନ୍ତ ଦାସ)**

ଗାଡ଼ିର ପଲ୍ୟୁଶନ ସାର୍ଟିଫିକେଟ ବାଧ୍ୟତାମୂଳକ ନେଇ ସରକାରଙ୍କ ଘୋଷଣା ପରଠାରୁ ଲୋକଙ୍କ ମନରେ ଏକପ୍ରକାର ଛନକା ପଶିଯାଇଛି। ମୋଟା ଅଙ୍କର ଫାଇନ୍‌ରୁ ବଞ୍ଚିବା ପାଇଁ ଲୋକେ ପଲ୍ୟୁଶନ ସେଣ୍ଟରରେ ଭିଡ଼ ଜମାଉଛନ୍ତି। ହେଲେ ଏହାରି ମଧ୍ୟରେ ଏକ ରୋଚକ ଘଟଣା ରବିବାର ସାମ୍ନାକୁ ଆସିଛି। ଜଣେ ଅଟୋ ଚାଳକଙ୍କୁ ହେଲ୍‌ମେଟ୍ ଚାଲାଣ କରାଯାଇଛି। ଏପରିକି



ଅଟୋ ଚାଳକ ରାମକୃଷ୍ଣ ନାଥ ଚାଲାଣ କପି ଦେଖାଉଛନ୍ତି।

ଏହି ଚାଲାଣ ଯୋଗୁ ଅଟୋ ଚାଳକ ଜଣକ ତାଙ୍କ ଗାଡ଼ିର ପଲ୍ୟୁଶନ ସାର୍ଟିଫିକେଟ କରିପାରୁନାହାନ୍ତି। ଭଦ୍ରକ ଜିଲା ଆଗରପଡ଼ା ଥାନା ଅଧୀନ ବଡ଼ମହିଷଗୋଠ ପଞ୍ଚାୟତରେ ଏଭଳି ଘଟଣା ଚର୍ଚ୍ଚାର ବିଷୟ ପାଲଟିଛି। ତେବେ ଚାଲାଣଟି ୪ବର୍ଷ ତଳର ହୋଇଥିବା ବେଳେ ଏବେ ପଲ୍ୟୁଶନ ସାର୍ଟିଫିକେଟ ବାହାର କରିବାକୁ ଯିବାରୁ ଚାଳକ ଜଣକ ଏ ସମ୍ପର୍କରେ ଜାଣିବାକୁ ପାଇଛନ୍ତି।

ସମ୍ପୃକ୍ତ ଅଟୋ ଚାଳକ ହେଲେ ବଡ଼ମହିଷଗୋଠ ପଞ୍ଚାୟତ ନିବାସୀ ରାମକୃଷ୍ଣ ନାଥ। ତାଙ୍କ କହିବା ଅନୁଯାୟୀ, ସେ ଦୀର୍ଘ ୧୦ବର୍ଷ ହେବ ଏକ ମାଲବାହୀ ଅଟୋ(ଓଡି ୨୨ଇ ୯୭୩୧) କିଣି ନିଜର ପରିବାର ପ୍ରତିପୋଷଣ କରୁଛନ୍ତି। ୨ ଦିନ ତଳେ ସେ ☞ପୃଷ୍ଠା-୪

**ବୋମା ଧମକ, ଇଣ୍ଡିଗୋ ବିମାନର ଜରୁରୀ ଅବତରଣ**


ବୋମା ଧମକ ମିଳିବା ପରେ ରବିବାର ସକାଳେ ଦିଲ୍ଲୀରୁ ପଶ୍ଚିମବଙ୍ଗର ବାଗଡୋଗ୍ରା ଯାଉଥିବା ଇଣ୍ଡିଗୋ ଏୟାରଲାଇନ୍ସର ଏକ ବିମାନ ଲକ୍ଷ୍ନୌ ଏୟାରପୋର୍ଟରେ ଜରୁରୀ ଅବତରଣ କରିଛି। ସମସ୍ତ ୨୨୨ ଯାତ୍ରୀ ଓ କ୍ରିଉ ସଦସ୍ୟଙ୍କୁ ସୁରକ୍ଷିତ ଭାବେ ବିମାନରୁ ଖାଲି କରାଯିବା ପରେ ଯାଞ୍ଚ କରାଯାଇଛି। ବିମାନରେ ବୋମା ଥିବା ନେଇ ଟିସୁ ପେପରରେ ଏକ ହାତଲେଖା ନୋଟ୍ ମିଳିଥିଲା।




ଟ୍ରମ୍ପଙ୍କ ଗ୍ରୀନ୍‌ଲାଣ୍ଡ ଅକ୍ତିଆର ଯୋଜନାକୁ ବିରୋଧ କରି ଅନେକ ହଜାର ଲୋକ ନୁକ୍‌ସ୍ଥିତ ଆମେରିକା ବାଣିଜ୍ୟିକ ଦୂତାବାସ ସମ୍ମୁଖରେ ବିକ୍ଷୋଭ କରୁଛନ୍ତି।

# ପଶ୍ଚିମବଙ୍ଗରେ ଟିଏମ୍‌ସି ଜଙ୍ଗଲରାଜର ଅନ୍ତ ଘଟିବ

ସିଙ୍ଗୁର୍, ୧୮।୧


ନରେନ୍ଦ୍ର ମୋଦି

ପଶ୍ଚିମବଙ୍ଗ ଜନସାଧାରଣ ଶାସକ ତୃଣମୂଳ କଂଗ୍ରେସ (ଟିଏମ୍‌ସି)କୁ କ୍ଷମତାରୁ ହଟାଇବା ସହ ମମତା ବାନାର୍ଜୀଙ୍କ ନେତୃତ୍ୱାଧୀନ ୧୫ ବର୍ଷର ମହା ଜଙ୍ଗଲରାଜର ଅନ୍ତ ଘଟାଇବାକୁ ଯାଉଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ରବିବାର ସିଲିଗୁଡ଼ିଠାରେ ଏକ ରାଲିକୁ ସମ୍ବୋଧନ କରି ଏହା କହିଛନ୍ତି। ପ୍ରଧାନମନ୍ତ୍ରୀ ପଶ୍ଚିମବଙ୍ଗରେ ୮୩୦ କୋଟି ଟଙ୍କା ମୂଲ୍ୟର କେତେକ ବିକାଶମୂଳକ ପ୍ରକଳ୍ପର ଶୁଭାରମ୍ଭ କରିବା ସହ କୋଲକାତାରୁ ଦେଶର ଅନ୍ୟ ଭାଗକୁ ସଂଯୋଗ କରୁଥିବା ୩ଟି ଅମୃତ ଭାରତ ଟ୍ରେନ୍ ଚଳାଚଳକୁ ପତାକା ଦେଖାଇ ଶୁଭାରମ୍ଭ କରିଛନ୍ତି। ଟିଏମ୍‌ସିର ମହା ଜଙ୍ଗଲରାଜକୁ ସମାଲୋଚନା କରି ପ୍ରଧାନମନ୍ତ୍ରୀ କହିଥିଲେ, ବହୁସଂଖ୍ୟାରେ ମା', ଭଉଣୀ ଓ କୃଷକ ପ୍ରକୃତ ପରିବର୍ତ୍ତନ ଚାହାଁନ୍ତି। ପ୍ରତ୍ୟେକ ଜଙ୍ଗଲରାଜର ଅନ୍ତ ଚାହୁଁଛନ୍ତି। ଭାଜପା ପୁଣିଥରେ ବିହାରରେ ଜଙ୍ଗଲରାଜକୁ ରୋକିଥିବାବେଳେ ଏଥର ପଶ୍ଚିମବଙ୍ଗରେ ଟିଏମ୍‌ସିର ମହା ଜଙ୍ଗଲରାଜକୁ ବିଦାୟ ଦେବାକୁ ପ୍ରସ୍ତୁତ ରହିଥିବା ପ୍ରଧାନମନ୍ତ୍ରୀ କହିଛନ୍ତି। ସୁରକ୍ଷା ଓ ସୀମାନ୍ତ ସ୍ଥିତିକୁ ନେଇ ସେ ରାଜ୍ୟ ସରକାରଙ୍କୁ ସମାଲୋଚନା କରିଛନ୍ତି। ଟିଏମ୍‌ସି ସରକାର ରାଜ୍ୟ ଓ ଦେଶର ସୁରକ୍ଷା ସହ ଖେଳୁଛନ୍ତି। ତେଣୁ ଏଠାକାର ଯୁବବର୍ଗଙ୍କୁ ଅଧିକ ସତର୍କ ହେବାକୁ ପଡ଼ିବ। ରାଜ୍ୟରେ ଅନୁପ୍ରବେଶ ପାଇଁ ଟିଏମ୍‌ସି ସବୁ ପ୍ରକାର ସୁବିଧା କରିଛନ୍ତି। ସେମାନଙ୍କ ସୁରକ୍ଷା ପାଇଁ ଏହି ଦଳ ବିକ୍ଷୋଭ କରୁଛି। ଗତ ୧୧ ବର୍ଷ ହେଲା କେନ୍ଦ୍ର ସରକାର ବାରମ୍ବାର ଟିଏମ୍‌ସି ସରକାରଙ୍କୁ ପତ୍ର ଲେଖି ରାଜ୍ୟ ସୀମାରେ ତାରବାଡ଼ ଲଗାଇବାକୁ କହିଆସୁଛି। ଏଥିପାଇଁ ଜମି ଅଧିଗ୍ରହଣ ହୋଇଥିଲେ ମଧ୍ୟ ଟିଏମ୍‌ସି ଏହାକୁ ଭ୍ରୂକ୍ଷେପ କରୁନାହିଁ। ଅନୁପ୍ରବେଶକାରୀ ଗ୍ୟାଙ୍ଗଗୁଡ଼ିକୁ ସୁରକ୍ଷା ପ୍ରଦାନ ଏବଂ ସେମାନଙ୍କ ପାଇଁ ଜାଲ୍ କାଗଜପତ୍ର ପ୍ରସ୍ତୁତ କରିବାରେ ଶାସକ ଦଳ ପୃଷ୍ଠପୋଷକତା ପ୍ରଦାନ କରୁଛି। ଅନୁପ୍ରବେଶକୁ ସମ୍ପୂର୍ଣ୍ଣ ବନ୍ଦ କରିବାର ସମୟ ଆସିଥିବା ପ୍ରଧାନମନ୍ତ୍ରୀ କହିଛନ୍ତି।

## ବାଂଲାଦେଶରେ ହିନ୍ଦୁ ବ୍ୟବସାୟୀଙ୍କୁ ପିଟି ହତ୍ୟା

ଢାକା, ୧୮।୧

ବାଂଲାଦେଶର ଗାଜିପୁର ଜିଲା ଅନ୍ତର୍ଗତ କାଲିଗଞ୍ଜ ଅଞ୍ଚଳରେ କଦଳୀକୁ ନେଇ ବିବାଦ ପରେ ଜଣେ ହିନ୍ଦୁ ବ୍ୟବସାୟୀଙ୍କୁ ଅନ୍ୟ ଏକ ପରିବାରର ୩ ଜଣ ଲୋକ ପିଟି ମାରିଦେଇଛନ୍ତି। ତେବେ ବାଂଲାଦେଶରେ ହିନ୍ଦୁ ବିରୋଧୀ ହିଂସା ସହ ଏହାର ସମ୍ପର୍କ ଥିବା ନେଇ ସ୍ପଷ୍ଟ ହୋଇନାହିଁ। ମୃତକ ଲିଟନ୍ ଚନ୍ଦ୍ର ଘୋଷ (୫୫) 'ବୈଶାଖୀ ସୁଇଟ୍‌ମିଟ୍ ଆଣ୍ଡ୍ ହୋଟେଲ'ର ମାଲିକ ଥିଲେ। ହତ୍ୟାକାଣ୍ଡରେ ସମ୍ପୃକ୍ତ ୩ ଜଣଙ୍କୁ ପୋଲିସ ଅଟକ ରଖି ପଚରାଉଚରା କରୁଛି। ଅଭିଯୋଗ ଅନୁଯାୟୀ, ମାସୁମ୍ ମିଆ ନାମକ ବ୍ୟକ୍ତି କଦଳୀ ଚାଷ କରୁଥିବାବେଳେ କେତେ କାନ୍ଦି କଦଳୀ ନ ଥିବା ଦେଖିବାକୁ ପାଇଥିଲେ। ଖୋଜାଖୋଜି ବେଳେ ଲିଟନ୍‌ଙ୍କ ହୋଟେଲରେ ଉକ୍ତ କଦଳୀ ଥିବା ଦେଖିବାରୁ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା। ମାସୁମ୍ ଓ ତାଙ୍କ ପରିବାର ସଦସ୍ୟଙ୍କ ଆକ୍ରମଣ ବେଳେ ଲିଟନ୍ ତଳେ ପଡ଼ିଯିବାରୁ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ଘଟିଥିବା ପୋଲିସ କହିଛି।

# ଗ୍ରୀନ୍‌ଲାଣ୍ଡ ବିକ୍ରି ପାଇଁ ନୁହେଁ

## ଟ୍ରମ୍ପଙ୍କ ଅକ୍ତିଆର ଧମକ ବିରୋଧରେ ବିକ୍ଷୋଭ

ନୁକ୍, ୧୮।୧



ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଗ୍ରୀନ୍‌ଲାଣ୍ଡକୁ ଦଖଲ କରିବା ପାଇଁ ଚେତାବନୀ ଦେଇଥିବାବେଳେ ଏହାକୁ ବିରୋଧ କରି ସେଠାରେ ଟ୍ରମ୍ପ ବିରୋଧୀ ବିକ୍ଷୋଭ ଜୋର୍ ଧରିଛି। ଅନେକ ହଜାର ଗ୍ରୀନ୍‌ଲାଣ୍ଡ ବାସିନ୍ଦା ତୁଷାର ଓ ବରଫାବୃତ ରାସ୍ତାରେ ଶୋଭାଯାତ୍ରାରେ ବାହାରି ଆମେରିକା ରାଷ୍ଟ୍ରପତିଙ୍କ ବିରୋଧରେ ସ୍ୱର ଉତ୍ତୋଳନ କରିଛନ୍ତି। ସେମାନେ ନିଜ ଦେଶର ସ୍ୱାୟତ୍ତ ଶାସନକୁ ସମର୍ଥନ କରିବା ସହ 'ଗ୍ରୀନ୍‌ଲାଣ୍ଡ ବିକ୍ରି ପାଇଁ ନୁହେଁ' ବୋଲି ସ୍ଲୋଗାନ ଦେଇଥିଲେ। ଗ୍ରୀନ୍‌ଲାଣ୍ଡ ରାଜଧାନୀ ନୁକ୍ ସହରରୁ ବିକ୍ଷୋଭକାରୀ ଶୋଭାଯାତ୍ରାରେ ଆମେରିକା ବାଣିଜ୍ୟିକ ଦୂତାବାସ ଅଭିମୁଖେ ବାହାରିଥିଲେ। ବିନା ସଂଘର୍ଷରେ ଆମେ ପରାଜୟ ବରଣ କରିବୁ ନାହିଁ ବୋଲି ସେମାନେ କହିଛନ୍ତି। ରାଜଧାନୀ ନୁକ୍ ସହରର ଲୋକ ସଂଖ୍ୟା ୨୦,୦୦୦ ହୋଇଥିବାବେଳେ ବିକ୍ଷୋଭରେ ଏହାର ଏକଚତୁର୍ଥାଂଶ ସାମିଲ ହୋଇଥିଲେ। ଗ୍ରୀନ୍‌ଲାଣ୍ଡର ଅନ୍ୟ ସହର ସମେତ ଡେନ୍‌ମାର୍କର କୋପେନହାଗେନ୍‌ରେ ମଧ୍ୟ ଅନୁରୂପ ବିକ୍ଷୋଭ ଏବଂ ରାଲି କରାଯାଇଛି। ନୁକ୍‌ରେ ଅନୁଷ୍ଠିତ ବିକ୍ଷୋଭରେ ଗ୍ରୀନ୍‌ଲାଣ୍ଡ ପ୍ରଧାନମନ୍ତ୍ରୀ ଜେନ୍ସ ଫ୍ରେଡେରିକ୍ ନିଏଲ୍‌ସେନ୍ ଯୋଗଦେଇଥିଲେ। ସେପଟେ ଆମେରିକାର ଗ୍ରୀନ୍‌ଲାଣ୍ଡ ନିୟନ୍ତ୍ରଣ ଯୋଜନାକୁ ବିରୋଧ କରୁଥିବା ୮ଟି ୟୁରୋପୀୟ ଦେଶରୁ ଆମଦାନୀ ସାମଗ୍ରୀ ଉପରେ ଫେବୃଆରୀରୁ ୧୦ ପ୍ରତିଶତ ଟାରିଫ୍ ଲଗାଇବେ ବୋଲି ଟ୍ରମ୍ପ ଘୋଷଣା କରିଛନ୍ତି। ସେହି ଦେଶଗୁଡ଼ିକ ହେଲା ଡେନ୍‌ମାର୍କ, ନରୱେ, ସୁଇଡେନ୍, ଫ୍ରାନ୍ସ, ଜର୍ମାନୀ, ବ୍ରିଟେନ, ନେଦରଲାଣ୍ଡସ ଏବଂ ଫିନ୍‌ଲାଣ୍ଡ। ଗ୍ରୀନ୍‌ଲାଣ୍ଡକୁ ସମ୍ପୂର୍ଣ୍ଣ କିଣିବା ପାଇଁ ଆମେରିକା ଚାହୁଁଥିବାବେଳେ ଏହି ଡିଲ୍ କାର୍ଯ୍ୟକାରୀ ହୋଇ ନ ପାରିଲେ ଜୁନ୍ ୧ରୁ ଟାରିଫ୍ ପରିମାଣ ୨୫%କୁ ବୃଦ୍ଧି କରିବେ ବୋଲି ଟ୍ରମ୍ପ କହିଛନ୍ତି। ଟାରିଫ୍ ଧମକ ଟ୍ରମ୍ପ ଏବଂ ନାଟୋ ସହଯୋଗୀଙ୍କ ମଧ୍ୟରେ ଗମ୍ଭୀର ଏବଂ ବିପଜ୍ଜନକ ଉତ୍ତେଜନା ସୃଷ୍ଟି କରିବ ବୋଲି କୁହାଯାଉଛି।

## ଜରୁରୀ ବୈଠକ କରିବେ ଇୟୁ ରାଷ୍ଟ୍ରଦୂତ

ପ୍ୟାରିସ୍, ୧୮।୧

### ଟାରିଫ୍ ଧମକ

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଗ୍ରୀନ୍‌ଲାଣ୍ଡକୁ ଅକ୍ତିଆର କରିବା ପାଇଁ ଯୋଜନା କରିଥିବାବେଳେ ଏହାକୁ ବିରୋଧ କରୁଥିବା ୮ ୟୁରୋପୀୟ ଦେଶରୁ ଆମଦାନୀ ସାମଗ୍ରୀ ଉପରେ ୧୦ ପ୍ରତିଶତ ଟାରିଫ୍ ଲଗାଇବେ ବୋଲି ଶନିବାର ଧମକ ଦେଇଥିଲେ। ଏନେଇ ୟୁରୋପୀୟ ଦେଶଗୁଡ଼ିକ ମଧ୍ୟରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଟ୍ରମ୍ପଙ୍କ ଧମକ ପରେ ୟୁରୋପୀୟ ୟୁନିୟନ (ଇୟୁ) ରାଷ୍ଟ୍ରଗୁଡ଼ିକର ରାଷ୍ଟ୍ରଦୂତମାନେ ଜରୁରୀ ବୈଠକ କରିବାକୁ ଯାଉଛନ୍ତି। ଟ୍ରମ୍ପଙ୍କ ପ୍ରସ୍ତାବକୁ ବିରୋଧ କରି ଗ୍ରୀନ୍‌ଲାଣ୍ଡ ଏବଂ ଡେନ୍‌ମାର୍କରେ ଅନେକ ହଜାର ଲୋକ ବିକ୍ଷୋଭରେ ସାମିଲ ହୋଇଛନ୍ତି। ଗ୍ରୀନ୍‌ଲାଣ୍ଡ ଅଚଳାବସ୍ଥାକୁ ନେଇ ଟ୍ରମ୍ପ ଯଦି ଅତିରିକ୍ତ ଟାରିଫ୍ ଲାଗୁ କରନ୍ତି, ତେବେ ଆଇନଗତ ଭାବେ ମୁକାବିଲାମୂଳକ ପଦକ୍ଷେପ ଗ୍ରହଣ କରିବାକୁ ହେବ। ଦ୍ରବ୍ୟ ଓ ସେବା ଆମଦାନୀକୁ ରୋକାଯାଇପାରିବ ବୋଲି ଫ୍ରାନ୍ସ ରାଷ୍ଟ୍ରପତି ଏମାନୁଏଲ୍ ମାକରଁ କହିଛନ୍ତି।

## ଆର୍‌ଜେଡି କାର୍ଯ୍ୟକାରୀ ସଭାପତି ହୋଇପାରନ୍ତି ତେଜସ୍ୱୀ


ତେଜସ୍ୱୀ ଯାଦବ

ପାଟନା, ୧୮।୧

ରାଷ୍ଟ୍ରୀୟ ଜନତା ଦଳ (ଆର୍‌ଜେଡି) ଅଧ୍ୟକ୍ଷ ଲାଲୁ ପ୍ରସାଦ ଯାଦବଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ଦୃଷ୍ଟିରେ ରଖି ବିହାର ବିଧାନସଭାର ବିରୋଧୀ ଦଳ ନେତା ତେଜସ୍ୱୀ ଯାଦବଙ୍କୁ ଦଳର କାର୍ଯ୍ୟକାରୀ ଅଧ୍ୟକ୍ଷ ନିଯୁକ୍ତ କରାଯାଇପାରେ। ଆସନ୍ତା ୨୫ରେ ବସିବାକୁ ଥିବା ଆର୍‌ଜେଡି ଜାତୀୟ କାର୍ଯ୍ୟନିର୍ବାହୀ କମିଟି ବୈଠକରେ ଏନେଇ ନିଷ୍ପତ୍ତି ନିଆଯିବା ଆଶା କରାଯାଉଛି। ତେଜସ୍ୱୀଙ୍କୁ ପଦୋନ୍ନତି ଦେବା ପାଇଁ ଦଳ ଭିତରେ ଏକପ୍ରକାର ସର୍ବସମ୍ମତ ସହମତି ହୋଇଥିବା କୁହାଯାଉଛି। ବରିଷ୍ଠ ନେତାଙ୍କୁ ନୂଆ ଦାୟିତ୍ୱ ଦିଆଯିବା ସହ ଦଳବିରୋଧୀ କାର୍ଯ୍ୟରେ ସମ୍ପୃକ୍ତ ନେତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନିଆଯାଇପାରେ।

## କରାଚୀ ଶପିଂ ମଲ୍‌ରେ ଭୟାବହ ଅଗ୍ନିକାଣ୍ଡ: ୬ ମୃତ


କରାଚୀ, ୧୮।୧ (ପି.ଟି.)

ପାକିସ୍ତାନର କରାଚୀସ୍ଥିତ ଏକ ବିଶାଳ ଶପିଂ ମଲ୍‌ରେ ଭୟାବହ ଅଗ୍ନିକାଣ୍ଡ ଘଟି ୬ ଜଣଙ୍କ ମୃତ୍ୟୁ ଘଟିବା ସହ ୨୦ରୁ ଊର୍ଦ୍ଧ୍ୱ ଆହତ ହୋଇଛନ୍ତି। ଆହତମାନଙ୍କୁ ଉଦ୍ଧାର କରାଯାଇ ହସ୍ପିଟାଲ ପଠାଯାଇଛି। ସହରର ଜନଗହଳିପୂର୍ଣ୍ଣ ଏମ୍.ଏ. ଜିନ୍ନା ରୋଡ୍‌ରେ ଥିବା ବହୁତଳ ବିଶିଷ୍ଟ ଗୁଲ୍ ପ୍ଲାଜାରେ ଶନିବାର ରାତି ୧୦ଟା ୪୫ ମିନିଟ୍ ସମୟରେ ନିଆଁ ଲାଗି ଯାଇଥିଲା। ଅଗ୍ନିକାଣ୍ଡର କାରଣ ସମ୍ପର୍କରେ ତଦନ୍ତ କରି ରିପୋର୍ଟ ଦାଖଲ କରିବାକୁ ସିନ୍ଧ୍ ପ୍ରଦେଶ ମୁଖ୍ୟମନ୍ତ୍ରୀ ମୁରାଦ ଅଲି ଶାହ କାରାଚୀ କମିଶନରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ନିଆଁକୁ ନିୟନ୍ତ୍ରଣ କରିବା ପାଇଁ ଅଗ୍ନିଶମ କର୍ମଚାରୀମାନଙ୍କୁ ୧୬ ଘଣ୍ଟା ସମୟ ଲାଗିଥିଲା। ଶର୍ଟ ସର୍କିଟରୁ ନିଆଁ ଲାଗିଥିବା ପୋଲିସ ସନ୍ଦେହ କରୁଛି।

# ବାପା, ମୁଁ ବଞ୍ଚିବାକୁ ଚାହୁଁଛି

ନଏଡ଼ା, ୧୮।୧

**ଖାତରେ କାର୍ ଖସି ପ୍ରାଣ ହରାଇବା ପୂର୍ବରୁ ଇଞ୍ଜିନିୟରଙ୍କ ଶେଷ କଲ୍**


ଯୁବରାଜ ମେହେଟ୍ଟା

ଘନ କୁହୁଡ଼ି ଯୋଗୁ ନଏଡ଼ାର ସେକ୍ଟର ୧୫୦ ନିକଟରେ ଶୁକ୍ରବାର ରାତିରେ ଏକ କାର୍ ଡ୍ରେନ୍ ପାଚେରିରେ ଧକ୍କା ଖାଇ ପାଣିଭର୍ତ୍ତି ଖାତ ମଧ୍ୟକୁ ଖସିପଡ଼ିବାରୁ ଜଣେ ୨୭ ବର୍ଷୀୟ ସଫ୍ଟୱେର୍ ଇଞ୍ଜିନିୟରଙ୍କ ମୃତ୍ୟୁ ଘଟିଛି। ଏହାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଉତ୍ତେଜନା ପ୍ରକାଶ ପାଇଛି। ଯୁବରାଜ ମେହେଟ୍ଟା ନାମକ ଉକ୍ତ ଇଞ୍ଜିନିୟର କାମ ସାରି ଘରକୁ ଫେରୁଥିବାବେଳେ ଘନ କୁହୁଡ଼ି ସାଙ୍ଗକୁ ରାସ୍ତାରେ ରିଫ୍ଲେକ୍ଟର ନ ଥିବାରୁ ତାଙ୍କ କାର୍ ଡ୍ରେନ୍ ପାଚେରିରେ ଧକ୍କା ହେବା ପରେ ୭୦ ଫୁଟ୍ ଗଭୀର ଖାତକୁ ଖସିପଡ଼ିଥିଲା। ସେହି ବାଟଦେଇ ଯାଉଥିବା କେତେଜଣ ମେହେଟ୍ଟାଙ୍କ ଚିତ୍କାର ଶୁଣି ସହାୟତା ପାଇଁ ଉଦ୍ୟମ କରିଥିଲେ ମଧ୍ୟ କାର୍‌ଟି ସମ୍ପୂର୍ଣ୍ଣ ବୁଡ଼ି ରହିଥିଲା। ଇଞ୍ଜିନିୟର ଜଣକ ତାଙ୍କ ବାପା ରାଜକୁମାର ମେହେଟ୍ଟାଙ୍କୁ ଫୋନ୍ କରି ଖାତରେ ଖସିପଡ଼ିଥିବା କଥା ଜଣାଇବା ସହ ଉଦ୍ଧାର କରିବାକୁ ନିବେଦନ କରିଥିଲେ। ସେ ମରିବାକୁ ଚାହାନ୍ତି ନାହିଁ ବୋଲି କହିଥିଲେ। କିଛି ସମୟ ପରେ ସ୍ଥାନୀୟ ପୋଲିସ, ବୁଡ଼ାଳି ଏବଂ ଜାତୀୟ ବିପର୍ଯ୍ୟୟ ପ୍ରଶମନ ବଳର କର୍ମଚାରୀମାନେ ପହଞ୍ଚି ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲେ। ୫ ଘଣ୍ଟାର ଉଦ୍ୟମ ପରେ କାର୍‌କୁ ପାଣିରୁ ବାହାର କରାଯାଇଥିଲା। ସେତେବେଳକୁ ମେହେଟ୍ଟାଙ୍କର ମୃତ୍ୟୁ ଘଟିସାରିଥିଲା। କର୍ତ୍ତୃପକ୍ଷ ରାସ୍ତାରେ ରିଫ୍ଲେକ୍ଟର ନ ଲଗାଇବା ସହ ସର୍ଭିସ୍ ରୋଡ୍ ଡ୍ରେନ୍‌କୁ ଖୋଲା ରଖିଥିବାରୁ ଦୁର୍ଘଟଣା ଘଟିଲା ବୋଲି ମେହେଟ୍ଟାଙ୍କ ପରିବାର ଅଭିଯୋଗ କରିଛନ୍ତି। କୌଣସି ଅବହେଳା ହୋଇଥିବା ଜଣାପଡ଼ିଲେ ଆବଶ୍ୟକ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ନଲେଜ ପାର୍କ ଥାନା ଭାରପ୍ରାପ୍ତ ଅଧିକାରୀ କହିଛନ୍ତି। ଅଭିଯୋଗ ଆଧାରରେ ପୋଲିସ ୨ ଜଣ ବିଲ୍ଡରଙ୍କ ନାମରେ ଏତଲା ଦାଏର କରିଛି।



ଉତ୍ତର ପ୍ରଦେଶର ପ୍ରୟାଗରାଜରେ ଚାଲିଥିବା ମାଘମେଳା ଅବସରରେ ସଙ୍ଗମଠାରେ ସନାତନୀ କିନ୍ନର ଆଖଡ଼ାର ଜଣେ ସାଧ୍ୱୀ ଅସ୍ତ୍ର ଚାଳନା କୌଶଳ ପ୍ରଦର୍ଶନ କରୁଛନ୍ତି।

## ସବୁଠୁ ଅଳସୁଆ ପ୍ରାଣୀ



ସ୍ଲଥ୍‌କୁ ବିଶ୍ୱର ସବୁଠାରୁ ଆଳସ୍ୟ ପ୍ରାଣୀ ବୋଲି ବିବେଚନା କରାଯାଏ। ଏହା ଉଷ୍ଣକଟିବନ୍ଧୀୟ ଜଙ୍ଗଲରେ ରହେ ଏବଂ ଦିନକୁ ପ୍ରାୟ ୨୦ ଘଣ୍ଟା ଶୋଇଥାଏ। ବାକି ସମୟ ଏହା ଧୀରେ ଧୀରେ ପତ୍ର ଖାଇଥାଏ। ଏହାର ଧୀର ମେଟାବୋଲିଜିମ ଏବଂ କମ୍ ଶକ୍ତିଯୁକ୍ତ ଖାଦ୍ୟ ଏହାର ଆଳସ୍ୟର ମୁଖ୍ୟ କାରଣ। ସେହିପରି କୋଆଲା ଏହାର ନିଦ୍ରା ଏବଂ ଆଳସ୍ୟ ପାଇଁ ପ୍ରସିଦ୍ଧ। ଏହା ଦିନକୁ କେବଳ ୨ରୁ ୬ ଘଣ୍ଟା ଜାଗ୍ରତ ରହିଥାଏ। ଏହାର ଆଳସ୍ୟର କାରଣ ୟୁକାଲିପଟାସ୍ ଗଛର ପତ୍ର ହେଉଛି ଖାଦ୍ୟ। ଏହି ପତ୍ରଗୁଡ଼ିକ ବିଷାକ୍ତ ଏବଂ ଫାଇବରରେ ଭରପୂର, ଯାହାକୁ ହଜମ କରିବା ପାଇଁ ବହୁତ ଶକ୍ତି ଆବଶ୍ୟକ ହୁଏ।

ଓପୋସମ ନାମକ ଏକ ପ୍ରାଣୀ ଦିନକୁ ୧୮ରୁ ୨୦ ଘଣ୍ଟା ଶୋଇପାରେ। ରାତିରେ ସାମାନ୍ୟ ସକ୍ରିୟ ଥିବା ବେଳେ, ଓପୋସମ ଦିନର ଅଧିକାଂଶ ସମୟ ଏକ ସୁରକ୍ଷିତ ସ୍ଥାନରେ ବିଶ୍ରାମ ନେଇ ବିତାଇଥାଏ। ସେହିପରି ଜଳହସ୍ତୀ ଦିନକୁ ୧୬ରୁ ୨୦ ଘଣ୍ଟା ଶୋଇଥାଏ। ବିଶେଷ କଥା ହେଉଛି ଏହା ସ୍ଥଳଭାଗରେ ଏବଂ ପାଣିରେ ମଧ୍ୟ ଶୋଇପାରେ। ଶୋଇବା ସମୟରେ ମଧ୍ୟ ଏହା ସ୍ୱୟଂଚାଳିତ ଭାବରେ ନିଃଶ୍ୱାସ ନେବା ପାଇଁ ପୃଷ୍ଠକୁ ଆସିଥାଏ, ଯାହା ଏହାକୁ ବହୁତ ସ୍ୱତନ୍ତ୍ର କରିଥାଏ।

# ମଣିକର୍ଣ୍ଣିକା: ଏଆଇ ଫଟୋ ଛାଡ଼ି ଫସିଲେ ବିରୋଧୀ

ବାରାଣସୀ, ୧୮।୧

ଉତ୍ତର ପ୍ରଦେଶ ବାରାଣସୀସ୍ଥିତ ପ୍ରସିଦ୍ଧ ମଣିକର୍ଣ୍ଣିକା ଘାଟର ସୌନ୍ଦର୍ଯ୍ୟକରଣ ପାଇଁ ପୁନଃ ନିର୍ମାଣ କାର୍ଯ୍ୟ ଚାଲିଥିବାବେଳେ ସାମାଜିକ ଗଣମାଧ୍ୟମରେ କୃତ୍ରିମ ବୁଦ୍ଧିମତ୍ତା (ଏଆଇ) ଦ୍ୱାରା ପ୍ରସ୍ତୁତ ଜାଲ୍ ଫଟୋ ଛାଡ଼ି ବିଭ୍ରାନ୍ତିକର ତଥ୍ୟ ପ୍ରସାର କରିବା ଅଭିଯୋଗରେ ୮ ଜଣଙ୍କ ବିରୋଧରେ ମାମଲା ରୁଜୁ କରାଯାଇଛି। ଅଭିଯୁକ୍ତମାନଙ୍କ ମଧ୍ୟରେ ଆପ୍ ନେତା ସଞ୍ଜୟ ସିଂ ଓ ସ୍ୱାଧୀନ ଏମ୍‌ପି ପପ୍ପୁ ଯାଦବ ରହିଛନ୍ତି।

ମନ୍ଦିର ନଗରୀ ବାରାଣସୀରେ ମୋଟ ୮୪ଟି ଘାଟ ରହିଛି। ତନ୍ମଧ୍ୟରେ ଥିବା ମଣିକର୍ଣ୍ଣିକା ଶ୍ମଶାନ ଘାଟରେ ଶବଦାହ କଲେ ମୋକ୍ଷ ପ୍ରାପ୍ତି ହୋଇଥାଏ ବୋଲି ହିନ୍ଦୁଧର୍ମରେ ବିଶ୍ୱାସ ରହିଛି। ୟୁପି ସରକାର ଏହି ଘାଟର ପୁନର୍ବିକାଶ ପାଇଁ ଗତ ସପ୍ତାହରେ ଜବରଦଖଲ ଉଚ୍ଛେଦ କରୁଥିବାବେଳେ କେତେଜଣ ନେତା ଏହାକୁ ବିରୋଧ କରି ଏଆଇ-ଜେନେରେଟେଡ୍ ଜାଲ୍ ଫଟୋ ସୋସିଆଲ ମିଡିଆରେ ପୋଷ୍ଟ କରିଥିଲେ ବୋଲି ଦଶାଶ୍ୱମେଧ ଘାଟ ଆସିଷ୍ଟାଣ୍ଟ ପୋଲିସ କମିଶନର ଅତୁଲ ରଞ୍ଜନ କହିଛନ୍ତି। ବିରୋଧୀ ଦଳଗୁଡ଼ିକର ନେତାମାନେ ସେତେବେଳେ ଅଭିଯୋଗ ଆଣିଥିଲେ ଯେ, ଅଷ୍ଟାଦଶ ଶତାବ୍ଦୀରେ ମଣିକର୍ଣ୍ଣିକା ଘାଟକୁ ନୂଆରୂପ ଦେଇଥିବା ମରାଠା ସାମ୍ରାଜ୍ୟର ମହାରାଣୀ ଅହିଲ୍ୟାବାଈ ହୋଲ୍‌କରଙ୍କ ଶତାବ୍ଦୀ ପୁରୁଣା ପ୍ରତିମୂର୍ତ୍ତିକୁ ବୁଲ୍‌ଡୋଜର ଲଗାଇ ଭାଙ୍ଗି ଦିଆଯାଇଛି। କେବଳ ଏତିକି ନୁହେଁ, ଭାଜପା ସରକାର ଅନେକ ପ୍ରାଚୀନ ଐତିହ୍ୟକୁ ମଧ୍ୟ ଉଚ୍ଛେଦ କରୁଛି, ଯାହାକୁ ତୁରନ୍ତ ବନ୍ଦ କରାଯିବା ଜରୁରୀ ବୋଲି ବିକ୍ଷୋଭକାରୀମାନେ ଦାବି କରିଥିଲେ। ତେବେ ଏହି ଅଭିଯୋଗକୁ ଜିଲା ପ୍ରଶାସନ ଖଣ୍ଡନ କରିଛି। ଇତିମଧ୍ୟରେ ବିବାଦ ମୁଣ୍ଡ ଟେକିବାରୁ ନିର୍ମାଣକାରୀ ସଂସ୍ଥା ଥାନାରେ ଏତଲା ଦେଇଛି। ଆପ୍ ସାଂସଦ ସଞ୍ଜୟ ସିଂ, ସ୍ୱାଧୀନ ସାଂସଦ ପପ୍ପୁ ଯାଦବ ଓ କଂଗ୍ରେସ ନେତା ଜଶୱିନ୍ଦର କୌରଙ୍କ ସମେତ ୮ ଅଭିଯୁକ୍ତ ଗତ ୧୬ ତାରିଖରେ Xରେ ମିଥ୍ୟା, ଭିତ୍ତିହୀନ ଓ ବିଭ୍ରାନ୍ତିକର ଫଟୋ ଏବଂ ଭିଡିଓ ଶେୟାର କରିଥିଲେ। ଏପରି କି କେତେକ ପୋଷ୍ଟରେ କେନ୍ଦ୍ର ସରକାରଙ୍କୁ ମୋଗଲ ସମ୍ରାଟ୍ ଔରଙ୍ଗଜେବଙ୍କ ସହ ତୁଳନା କରାଯାଇଥିଲା। ହିନ୍ଦୁ ଭକ୍ତମାନଙ୍କୁ ବିଭ୍ରାନ୍ତ ଓ ସାମାଜିକ ସଦ୍ଭାବ ନଷ୍ଟ କରିବା ସେମାନଙ୍କ ଉଦ୍ଦେଶ୍ୟ ବୋଲି ସଂସ୍ଥା ପକ୍ଷରୁ ଅଭିଯୋଗ କରାଯାଇଛି। ରାଜ୍ୟ ସଭା ସଦସ୍ୟ ସଞ୍ଜୟ ସିଂ କହିଛନ୍ତି, ଉକ୍ତ ପ୍ରସଙ୍ଗ ଉଠାଇଥିବାରୁ ତାଙ୍କୁ ଟାର୍ଗେଟ କରାଯାଉଛି, କିନ୍ତୁ ସେ ଏଥିରେ ଭୟଭୀତ ହେବେନାହିଁ।



ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ଏବଂ ଓଡ଼ିଆ ସଙ୍ଗୀତ ନାଟକ ଏକାଡ଼େମୀ ପକ୍ଷରୁ ଭୁବନେଶ୍ୱର ରାଜାରାଣୀ ମନ୍ଦିର ପ୍ରାଙ୍ଗଣ ମୁକ୍ତାକାଶ ମଞ୍ଚରେ ଚାଲିଥିବା 'ରାଜାରାଣୀ ସଙ୍ଗୀତ ମହୋତ୍ସବ'ର ରବିବାର ଶେଷ ସନ୍ଧ୍ୟାରେ ଅନ୍ତର୍ଜାତୀୟ ଖାତିସମ୍ପନ୍ନ ହିନ୍ଦୁସ୍ଥାନୀ କଣ୍ଠଶିଳ୍ପୀ ମହାରାଷ୍ଟ୍ରର ପଣ୍ଡିତ ଉଲ୍ଲାସ କଶଲକର୍ ଓ ସାଥୀ ସଙ୍ଗୀତ ପରିବେଷଣ କରୁଛନ୍ତି। **(ଫଟୋ: ମନୋରଞ୍ଜନ ମିଶ୍ର)**

# ଚିଲିକାରେ ବଢ଼ିଲେ ୪୯୭୨ ପକ୍ଷୀ

**ବାଲୁଗାଁ, ୧୮।୧ (ସଂଗ୍ରାମ ପାଇକରାୟ)**

**■ ଏ ବର୍ଷ ଆସିଛନ୍ତି ୧୧ ଲକ୍ଷ ୩୨ ହଜାର ୨୦୦**
**■ ନୂତନ ଅତିଥି ପକ୍ଷୀ ପ୍ଲେନ ମାର୍ଟିନ, ବେଙ୍ଗଲ ବୁଶ ଲାର୍କ**

ବାଲୁଗାଁ ବନ୍ୟପ୍ରାଣୀ ଡିଭିଜନ ଆନୁକୂଲ୍ୟରେ ରବିବାର ଚିଲିକାରେ ପକ୍ଷୀ ଗଣନା ଶେଷ ହୋଇଛି। ଚଳିତ ବର୍ଷ ୧୯୬ ପ୍ରଜାତିର ୧୧ ଲକ୍ଷ ୩୨ ହଜାର ୨୦୦ ପକ୍ଷୀଙ୍କ ସମାଗମ ହୋଇଛି। ସେଥିମଧ୍ୟରୁ ୧୦୬ ପ୍ରଜାତିର ୧୧ ଲକ୍ଷ ୧୦ହଜାର ୨୫୭ ବିଦେଶାଗତ ପକ୍ଷୀ ଥିବା ବେଳେ ସ୍ଥାନୀୟ ୯୦ ପ୍ରଜାତିର ୨୧ହଜାର ୯୪୩ ପକ୍ଷୀ ରହିଛନ୍ତି। ଗତବର୍ଷ ଚିଲିକାରେ ୧୧ଲକ୍ଷ ୨୭ହଜାର ୨୨୮ ପକ୍ଷୀଙ୍କ ସମାଗମ ହୋଇଥିଲା। ଚଳିତ ବର୍ଷ ୪ହଜାର ୯୭୨ ପକ୍ଷୀଙ୍କ ସଂଖ୍ୟା ବଢ଼ିଛି। ପକ୍ଷୀ ଅଭୟାରଣ୍ୟ ନଳବଣରେ ମଧ ଚଳିତ ବର୍ଷ ପକ୍ଷୀ ଓ ପ୍ରଜାତି ସଂଖ୍ୟା ବଢ଼ିଛି। ଗତବର୍ଷ ଏଠାରେ ୯୨ ପ୍ରଜାତିର ୩ଲକ୍ଷ ୪୩ହଜାର ୨୨୬ ପକ୍ଷୀ ଚିହ୍ନଟ କରାଯାଇଥିଲା। ଚଳିତ ବର୍ଷ ୧୦୬ ପ୍ରଜାତିର ୩ ଲକ୍ଷ ୯୭ହଜାର ୫୮୭ ପକ୍ଷୀଙ୍କ ସମାଗମ ହୋଇଛି। ଅର୍ଥାତ୍ ଏଠାରେ ୫୪ହଜାର ୩୬୧ ପକ୍ଷୀଙ୍କ ସଂଖ୍ୟା ବୃଦ୍ଧି ପାଇଛି। ଗତ ବର୍ଷ ୧୯୭ ପ୍ରଜାତିର ପକ୍ଷୀଙ୍କ ସମାଗମ ହୋଇଥିଲା। ଚଳିତ ବର୍ଷ ମଧ ଏହି ସଂଖ୍ୟା ୧୯୬ ରହିଛି। ଏଥର ନୂତନ ଭାବେ ପ୍ଲେନ ମାର୍ଟିନ ଏବଂ ବେଙ୍ଗଲ ବୁଶ ଲାର୍କ ପ୍ରଜାତିର ପକ୍ଷୀଙ୍କୁ ଚିହ୍ନଟ କରାଯାଇଛି। ଏହିଦୁଇ ପକ୍ଷୀ ବିଶେଷକରି ଆଫ୍ରିକା ଏବଂ ଦକ୍ଷିଣ ଏସିଆ ଅଞ୍ଚଳରେ ଅବସ୍ଥାନ କରିଥାନ୍ତି। ଅନ୍ୟପକ୍ଷରେ ଚିଲିକାର ଆକର୍ଷଣୀୟ ଫ୍ଲେମିଙ୍ଗୋ (ଏରା) ହଂସଜାତୀୟ ପକ୍ଷୀ ଚଳିତ ବର୍ଷ କମିଛନ୍ତି। ଗତ ବର୍ଷ ଏହି ପକ୍ଷୀ ୨୬୩୮ଟି ଦୃଷ୍ଟିଗୋଚର ହୋଇଥିଲେ। ଚଳିତ ବର୍ଷ ଏହାର ସଂଖ୍ୟା ହ୍ରାସ ପାଇ ୧୮୦୦ରେ ପହଞ୍ଚିଛି। ବିଦେଶୀ ପକ୍ଷୀଙ୍କ ମଧ୍ୟରେ ସର୍ବାଧିକ ନର୍ଦ୍ଦର୍ନ ପିଣ୍ଟେଲ (ଗହୀର ଲାଞ୍ଜିଆ) ୨,୧୮, ୯୯୩, ଇଉରାସିଆନ ୱିଜିଅନ୍ (ଚନ୍ଦନା ହଂସ) ୧, ୫୩, ୩୧୮, ଗଡ୍‌ୱାଲ (ମାଟିଆ ଗେଣ୍ଡି) ୧,୪୩,୨୧୭, ନର୍ଦ୍ଦନ ସୋଭଲର ୯୬,୦୦୦ ଏବଂ ବ୍ଲାକଟେଲ୍ଡ ଗଡ୍‌ୱିଟ (ଡାଙ୍ଗୁଆ ହଂସ) ୫୨,୦୦୦ଟି ରହିଛନ୍ତି।

ବାଲୁଗାଁ ବନ୍ୟପ୍ରାଣୀ ବିଭାଗ ଅଧୀନ ୫ଟି ରେଞ୍ଜ୍ ଟାଙ୍ଗୀ, ବାଲୁଗାଁ, ଚିଲିକା, ସାତପଡ଼ା ଏବଂ ରମ୍ଭା ଚିଲିକା ଅଞ୍ଚଳରେ ଏହି ପକ୍ଷୀ ଗଣନା ହୋଇଥିଲା। ବାଲୁଗାଁ ରେଞ୍ଜ୍ ଅଧୀନ ପକ୍ଷୀ ଅଭୟାରଣ୍ୟ ନଳବଣରେ ସର୍ବାଧିକ ୩,୯୭,୫୮୭ ପକ୍ଷୀଙ୍କ ସମାଗମ ହୋଇଛି। ଦ୍ୱିତୀୟରେ ଟାଙ୍ଗୀ ରେଞ୍ଜ୍ ଅନ୍ତର୍ଗତ ମଙ୍ଗଳାଯୋଡ଼ି, ସୁନ୍ଦରପୁର, ଭୂଷଣ୍ଡପୁର ଅଞ୍ଚଳରେ ୧,୬୧,୩୮୫ ଏବଂ ସର୍ବନିମ୍ନ ଭାବେ ରମ୍ଭା ରେଞ୍ଜ୍‌ରେ ପକ୍ଷୀଙ୍କ ସମାଗମ ହୋଇଛି। ବିଭାଗ ପକ୍ଷରୁ ଚିଲିକାକୁ ୨୨ଟି ଜୋନ୍‌ରେ ବିଭକ୍ତ କରାଯାଇ ୨୨ଟି ଦଳକୁ ପକ୍ଷୀ ଗଣନା କାର୍ଯ୍ୟରେ ନିୟୋଜିତ କରାଯାଇଥିଲା। ସଡ଼କ ପଥରେ ୨ଟି ଗ୍ରୁପ ଏବଂ ଜଳପଥରେ ୨୦ଟି ଗ୍ରୁପ ଡଙ୍ଗାରେ ରହି ପକ୍ଷୀ ଗଣନା କରିଥିଲେ। ସମସ୍ତ ଗ୍ରୁପକୁ ବାଇନାକୁଲାର, ୱାକିଟକି, ଜିପିଏସ୍ ଏବଂ ଭିଏଚ୍‌ଏଫ୍ ଆଦି ଯନ୍ତ୍ରାଂଶ ଯୋଗାଇ ଦିଆଯାଇଥିଲା। ପକ୍ଷୀ ଅଭୟାରଣ୍ୟ ନଳବଣରେ କେବଳ ୬ ଦଳ ପକ୍ଷୀ ଗଣନା କରିଥିବା ବେଳେ ଉପକୂଳବର୍ତ୍ତୀ ଅଞ୍ଚଳରେ ୨ ଏବଂ ଅବଶିଷ୍ଟ ୧୪ ଦଳ ବାଲୁଗାଁ ନିକଟ ଚନ୍ଦ୍ରପୁଟଠାରୁ କଳିଯୁଗେଶ୍ୱର ପାହାଡ଼, ମଙ୍ଗଳାଯୋଡ଼ିଠାରୁ କାଳୁପଡ଼ା, ଭୂଷଣ୍ଡପୁର, ସୁନ୍ଦରପୁର, ସୋରଣ ଏବଂ ତିନିମୁହାଣ ପର୍ଯ୍ୟନ୍ତ, ପୁରୀ ଜିଲା କୃଷ୍ଣପ୍ରସାଦ, ସାତପଡ଼ାଠାରୁ ଗମ୍ଭାରୀ, ବଡଗୋଠ, ଗୁରୁବାଇ ଏବଂ ଅରଖକୁଦା, ରମ୍ଭା ନିକଟ ପାଲୁର ଠାରୁ ଶିଆଳ ଏବଂ ମାଲୁଦ ଚିଲିକା ଅଞ୍ଚଳରେ ଗଣନା କରିଥିଲେ। ରବିବାର ଭୋର ୬ଟାରୁ ଅପରାହ୍ନ ୧ଟା ପର୍ଯ୍ୟନ୍ତ ଗଣନା ହୋଇଥିଲା। ବମ୍ବେ ନାଚୁରାଲ ହିଷ୍ଟ୍ରି ଅଫ୍ ସୋସାଇଟିର ଡେପୁଟି ଡାଇରେକ୍ଟର ପି.ସତ୍ୟ ସାଲଭମ, ବନ୍ୟପ୍ରାଣୀ ବିଭାଗ ପିସିସିଏଫ୍ ବିକାଶ ରଞ୍ଜନ ଦାଶ, ଅବସରପ୍ରାପ୍ତ ଆରସିସିଏଫ୍ ପି.କେ ମିଶ୍ର, ଡିଏଫ୍‌ଓ ଅମ୍ଲାନ୍ ନାୟକ, ଏସିଏଫ୍ ସୌମ୍ୟ ରଞ୍ଜନ ସାହୁ, ରେଞ୍ଜର ରଶ୍ମିତା ଜେନା ପ୍ରମୁଖ ଉପସ୍ଥିତ ରହି ଗଣନା କାର୍ଯ୍ୟରେ ଦିଗ୍‌ଦର୍ଶନ ଦେଇଥିଲେ।

# 'ପ୍ରଗତି ପ୍ରବାହ' ରାଜ୍ୟ ବିକାଶର ଚଳନ୍ତି ପ୍ରତିଛବି: ମୁଖ୍ୟମନ୍ତ୍ରୀ

**ଭୁବନେଶ୍ୱର, ୧୮।୧ (ରବିନାରାୟଣ ଜେନା)**



**ରାଜ୍ୟ ସରକାରଙ୍କ ମୁଖପତ୍ର 'ପ୍ରଗତି ପ୍ରବାହ' ଉନ୍ମୋଚିତ**

ପ୍ରଗତି ପ୍ରବାହ, ରାଜ୍ୟ ବିକାଶର ଚଳନ୍ତି ପ୍ରତିଛବି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରବିବାର ରାଜ୍ୟ ସରକାରଙ୍କ ମୁଖପତ୍ର 'ପ୍ରଗତି ପ୍ରବାହ' ପୁସ୍ତକ ଉନ୍ମୋଚନ କରି କହିଛନ୍ତି। ସୂଚନା ଓ ଲୋକସମ୍ପର୍କ ବିଭାଗ ଦ୍ୱାରା ପ୍ରକାଶିତ ଏହି ପୁସ୍ତିକାଟିକୁ ମୁଖ୍ୟମନ୍ତ୍ରୀ ନିଜ ବାସଭବନ ତଥା ଆବାସିକ କାର୍ଯ୍ୟାଳୟଠାରେ ଉନ୍ମୋଚନ କରି କହିଥିଲେ, ଏହି ପୁସ୍ତିକାରେ ହୃଦାନନ୍ଦଙ୍କ ସଫଳ କାହାଣୀ ଉଲ୍ଲେଖ ରହିଛି। ଏହି ଅବସରରେ ମୁଖ୍ୟମନ୍ତ୍ରୀ ହୃଦାନନ୍ଦ ବିଶିଙ୍କୁ ସମ୍ମାନିତ କରିବା ସହିତ ତାଙ୍କ ସଫଳତା ପାଇଁ ଶୁଭେଚ୍ଛା ପ୍ରଦାନ କରିଥିଲେ। ଏହା ସହିତ ଆଗକୁ କିଭଳି ସରକାରଙ୍କ ହିତାକାଂକ୍ଷୀ ଯୋଜନା, ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନା, ପି.ଏମ୍. କିଷାନ ଓ 'ସିଏମ୍-କିଷାନ' ମାଧ୍ୟମରେ ଆହୁରି ନିଜର କୃଷି କାର୍ଯ୍ୟକୁ ତ୍ୱରାନ୍ୱିତ କରିବେ ସେ ବିଷୟରେ ପରାମର୍ଶ ଦେଇଥିଲେ। 'ଆମ ସରକାର ଚାଷୀମାନଙ୍କ ଉନ୍ନତି ପାଇଁ ସମସ୍ତ ପ୍ରକାର ବ୍ୟବସ୍ଥା କରୁଛି। ଚାଷୀଟିଏ ଆଜି ପ୍ରଧାନମନ୍ତ୍ରୀ ମୋଦିଙ୍କ 'ଆତ୍ମନିର୍ଭରଶୀଳ ଭାରତ'ର ଉଦ୍ଦେଶ୍ୟକୁ ପୂରଣ କରୁଛି। ଚାଷୀ ନିଜ ଫସଲ ଦ୍ୱାରା ଗୋଟିଏ ପରିବାର ନୁହେଁ, ଅନେକ ପରିବାର ଚଳାଇବାର କ୍ଷମତା ରଖୁଛି, ଯାହା କି ଆମ ଦେଶର ପ୍ରକୃତ ଷ୍ଟାର୍ଟ-ଅପ୍ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। ଉଲ୍ଲେଖଯୋଗ୍ୟ, ବିଏସ୍‌ସି(ଫିଜିକ୍ସ), ଏମ୍‌ବିଏ ଏବଂ ମେକାନିକାଲ ଇଞ୍ଜିନିୟରିଂ ଭଳି ଉଚ୍ଚଶିକ୍ଷା ଲାଭ କରିବା ପରେ ମଧ ବାହାରେ ଚାକିରି ନ କରି ନିଜ ମାଟିରେ ସୁନା ଫଳାଇବା ନିଶାରେ ବିଶି ଚାଷକୁ ଆପଣାଇଥିଲେ। ଆଧୁନିକ ଜ୍ଞାନକୌଶଳ ପଦ୍ଧତିରେ ଚାଷ କରି ସେ ଆଜି ଜଣେ 'ଲକ୍ଷପତି ଚାଷୀ' ଭାବେ ଉଭା ହୋଇଛନ୍ତି। ତାଙ୍କର ଏହି ପ୍ରେରଣାଦାୟୀ ସଫଳତା କାହାଣୀ 'ପ୍ରଗତି ପ୍ରବାହ' ପତ୍ରିକାରେ ସ୍ଥାନ ପାଇଛି। ଏହି ସମୟରେ ମୁଖ୍ୟମନ୍ତ୍ରୀ ସରକାରୀ ସହାୟତା ଓ ସବ୍‌ସିଡି ମିଳୁଛି କି ନାହିଁ ସେ ସମ୍ପର୍କରେ ବିଶିଙ୍କୁ ପଚାରି ବୁଝିଥିଲେ। ଚାଷୀଙ୍କ ଆବଶ୍ୟକତାକୁ ଦୃଷ୍ଟିରେ ରଖି ମୁଖ୍ୟମନ୍ତ୍ରୀ ଝାରସୁଗୁଡ଼ା ଜିଲାପାଳଙ୍କ ଜରିଆରେ ସମସ୍ତ ସରକାରୀ ସହାୟତା ତୁରନ୍ତ ଯୋଗାଇ ଦେବାକୁ ନିର୍ଦ୍ଦେଶ ଦେଇଥିଲେ। ବିଶେଷ କରି କୋଲ୍ଡ କୃଷି ଭିତ୍ତିଭୂମିର ବିକାଶ ପାଇଁ ଜିଲାପାଳ ସମସ୍ତ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରିବାକୁ ସେ ସ୍ପଷ୍ଟ କରିଥିଲେ। ଏଥିସହିତ ବିଭିନ୍ନ କୃଷି ଯୋଜନାର ସୁଯୋଗ ନେଇ ନିଜର କୃଷି କାର୍ଯ୍ୟକୁ ଆହୁରି ତ୍ୱରାନ୍ୱିତ କରିବା ପାଇଁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେବା ସହ ଚାଷୀଙ୍କ ସର୍ବାଙ୍ଗୀନ ଉନ୍ନତି ପାଇଁ ସରକାର ପ୍ରତିଶ୍ରୁତିବଦ୍ଧ ବୋଲି କହିଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀଙ୍କ ପରାମର୍ଶଦାତା ପ୍ରକାଶ ମିଶ୍ର, ପୂର୍ବତନ ବିଧାୟକ ନାଉରି ନାଏକ, ସୂଚନା ଓ ଲୋକସମ୍ପର୍କ ବିଭାଗର ନିର୍ଦ୍ଦେଶକ ଅନୁଜ କୁମାର ଦାସ ପଟ୍ଟନାୟକ, ଝାରସୁଗୁଡ଼ା ସୂଚନା ଓ ଲୋକସମ୍ପର୍କ ଅଧିକାରିଣୀ କୃଷ୍ଣାକେଶୀ ବଳିଆରସିଂହ ଉପସ୍ଥିତ ଥିଲେ।

# ନୂଆ ରୂପରେ ଆସିବ ମେଟ୍ରୋ ରେଳ

**ବଦଳିବ 'ଡିପିଆର', ସାମିଲ ହେବ ପାରାଦୀପ**

**ଭୁବନେଶ୍ୱର, ୧୮।୧ (ରବିନାରାୟଣ ଜେନା)**



ଦୀର୍ଘଦିନ ଧରି ଭୁବନେଶ୍ୱର-କଟକ ମେଟ୍ରୋ ରେଳପ୍ରକଳ୍ପ କାର୍ଯ୍ୟ ଅନିଶ୍ଚିତତା ଭିତରେ ରହିଛି। ଏହାକୁ ନେଇ ଲୋକେ ଆଶା ଓ ଆଶଙ୍କାରେ ରହିଥିବାବେଳେ ରାଜ୍ୟ ସରକାର ମଧ ବ୍ୟାକ୍‌ଫୁଟ୍‌ରେ ରହିଛନ୍ତି। ଏହି ପରିପ୍ରେକ୍ଷୀରେ ଶୁକ୍ରବାର ସରକାରୀସ୍ତରରେ ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଆଯାଇଛି। ଖୁବ୍‌ଶୀଘ୍ର ମେଟ୍ରୋ ରେଳ ପ୍ରକଳ୍ପ ନୂତନ ରୂପରେ ଆସିବ ବୋଲି ନଗର ଉନ୍ନୟନ ବିଭାଗ ପକ୍ଷରୁ ଜଣାପଡ଼ିଛି। ବିଭାଗ ପକ୍ଷରୁ ପ୍ରସ୍ତୁତ ହେଉଥିବା 'ଡିପିଆର୍'କୁ ନେଇ ଜଣେ ବରିଷ୍ଠ ଅଧିକାରୀ କହିଛନ୍ତି, ପୂର୍ବରୁ ଏହା କେବଳ ଭୁବନେଶ୍ୱର-କଟକ-ପୁରୀ ମଧ୍ୟରେ ଗଢ଼ିବ ବୋଲି ପ୍ରସ୍ତାବ ରହିଥିଲା। ପୂର୍ବ ସରକାର ୨୦୨୪ ସାଧାରଣ ନିର୍ବାଚନକୁ ଦୃଷ୍ଟିରେ ରଖି ଯେଉଁ 'ଡିପିଆର୍' ପ୍ରସ୍ତୁତ କରିଥିଲେ ସେଥିରେ ବହୁତ କିଛି ପରିବର୍ତ୍ତନ କରାଯିବ। ଏହାକୁ ଭୁବନେଶ୍ୱର-କଟକ-ପୁରୀ-ପାରାଦୀପକୁ ଯୋଡ଼ିବା ପାଇଁ ସରକାରୀସ୍ତରରେ ଏକପ୍ରକାର ନିଷ୍ପତ୍ତି ହୋଇଛି। ଆସନ୍ତା ୨୨ରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହେବାକୁ ଥିବା ଉଚ୍ଚସ୍ତରୀୟ ବୈଠକରେ ଏସମ୍ପର୍କରେ ପୂର୍ଣ୍ଣାଙ୍ଗ ରୂପରେଖ ଜଣାପଡ଼ିବ। ତେବେ ପୂର୍ବ ସରକାର ସମୟରେ ୬୪କି.ମି.ର ମେଟ୍ରୋ ରେଳପ୍ରକଳ୍ପ ପାଇଁ ୬ହଜାର ୨୫୫କୋଟି ଟଙ୍କାର ବ୍ୟୟ ଅଟକଳ କରାଯାଇଥିଲା। ଏହାକୁ ନେଇ ପୂର୍ବ ସରକାର ତରବରିଆ ଭାବେ ଏହାକୁ କ୍ୟାବିନେଟ୍‌ରେ ପାରିତ କରିଥିଲେ। ଏହାପରେ ଦିଲ୍ଲୀ ମେଟ୍ରୋ ରେଳ କର୍ପୋରେଶନ ସହିତ ରାଜ୍ୟ ସରକାରଙ୍କ ଏକ ବୁଝାମଣା ହୋଇଥିଲା। କଟକଠାରୁ ତ୍ରିଶୂଳିଆ-ବାରଙ୍ଗ ଦେଇ ଖୋର୍ଦ୍ଧା ପର୍ଯ୍ୟନ୍ତ ପ୍ରଥମ ପର୍ଯ୍ୟାୟରେ ମେଟ୍ରୋ ରେଳ ପ୍ରକଳ୍ପ ହେବାକୁ ଯୋଜନା ରହିଥିଲା। ମାତ୍ର ବର୍ତ୍ତମାନ ପରିବର୍ତ୍ତନ ହୋଇ ଏହି ଡିପିଆର୍‌ରେ ଭୁବନେଶ୍ୱର, କଟକ, ପୁରୀ, ପାରାଦୀପ ଓ ଖୋର୍ଦ୍ଧା ରିଜିଅନକୁ ଯୋଡ଼ିବାପାଇଁ ପ୍ରସ୍ତାବ ରହିଛି। ଏହାଦ୍ୱାରା ରାଜ୍ୟର ବିକାଶ ତ୍ୱରାନ୍ୱିତ ହେବ। ରାଜ୍ୟ ସରକାରଙ୍କ ଭିଜନ-୨୦୩୬ ଓ ୨୦୪୭କୁ ଦୃଷ୍ଟିରେ ରଖି ମେଟ୍ରୋ ରେଳପ୍ରକଳ୍ପକୁ ଏହିସବୁ ଅଞ୍ଚଳକୁ ପ୍ରସାରଣ କରିବା ପାଇଁ ଲକ୍ଷ୍ୟ ରହିଛି। ଏହାସହିତ କେନ୍ଦ୍ର ସରକାରଙ୍କ ସହିତ ମିଶି ପ୍ରକଳ୍ପକୁ କାର୍ଯ୍ୟକାରୀ କରାଯିବାକୁ ରହିଛି, ଯାହାଫଳରେ ରାଜ୍ୟ ଉପରେ ଏତେବଡ଼ ଆର୍ଥିକବୋଝ ପଡ଼ିବ ନାହିଁ। ମୁଖ୍ୟମନ୍ତ୍ରୀଙ୍କ ସମୀକ୍ଷା ପରେ ଏହାର ରୂପରେଖ ସ୍ପଷ୍ଟ ହେବ ବୋଲି ବରିଷ୍ଠ ଅଧିକାରୀ ଜଣକ କହିଛନ୍ତି। ତେବେ ରାଜ୍ୟ ସରକାରଙ୍କ ପକ୍ଷରୁ ନିଆଯିବାକୁ ଥିବା ଏହି ମେଟ୍ରୋ ରେଳପ୍ରକଳ୍ପ ଯଦି ପାରାଦୀପ ଓ ରାଉରକେଲା ପର୍ଯ୍ୟନ୍ତ ଗଢ଼ିବ ତାହା କେତେଦୂର ଆର୍ଥିକ ଦୃଷ୍ଟିକୋଣରୁ ଉଚିତ ହେବ ତାକୁନେଇ ସରକାର କେତେଦୂର ଚିନ୍ତା କରୁଛନ୍ତି ତାହା ଦେଖିବାର ରହିଛି।





# 'ଭକ୍ତଙ୍କୁ ଆହୁରି ପ୍ରେରଣା ଦେଉ ଦିବ୍ୟ ପାଦୁକା'

**ଶ୍ରୀ ସତ୍ୟସାଇ ସେବା ସଂଗଠନର ୫୦ତମ ରାଜ୍ୟ ସମ୍ମିଳନୀ**

**କଟକ, ୧୮।୧ (କାର୍ତ୍ତିକ ସାହୁ)**

ଅପୂର୍ବ ଦଳଗତ ସଙ୍ଗୀତର ଆବାହନୀ ଏବଂ ଶ୍ରୀ ସତ୍ୟସାଇ ଦିବ୍ୟ ପାଦୁକା ରଥର ଭବ୍ୟ ଆଗମନ ସହିତ କଟକସ୍ଥିତ ଐତିହାସିକ ବାଲିଯାତ୍ରା ପଡ଼ିଆରେ ସତ୍ୟସାଇ ସେବା ସଂଗଠନର ୫୦ତମ ରାଜ୍ୟ ସମ୍ମିଳନୀ ଏବଂ ଶ୍ରୀ ସତ୍ୟସାଇ ଦିବ୍ୟ ପାଦୁକା ଯାତ୍ରାର ସମାବର୍ତ୍ତନ ସମାରୋହ ରବିବାର ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ଶ୍ରୀ ସତ୍ୟସାଇ କେନ୍ଦ୍ରୀୟ ନ୍ୟାସର ଟ୍ରଷ୍ଟି ଆର୍. ଜେ. ରତ୍ନାକର ଯୋଗଦେଇ କହିଥିଲେ, ବାଲିଯାତ୍ରା ପଡ଼ିଆ ଆଜି ପବିତ୍ର ପ୍ରଶାନ୍ତି ନିଲୟମ ଭୂମିରେ ପରିଣତ ହୋଇଛି। ସମସ୍ତଙ୍କ ହୃଦୟରେ ମହାନଦୀର ଏହି ଚିର ଶାଶ୍ୱତ ପ୍ରେମ ସବୁଦିନ ପାଇଁ ପ୍ରବାହିତ ହେଉ। ସତ୍ୟସାଇ ସେବା ସଂଗଠନର ସର୍ବଭାରତୀୟ ସଭାପତି ନିମିଷ ପାଣ୍ଡିଆ କହିଥିଲେ, ଓଡ଼ିଶାର ସେବା ଦଳ ଭଉଣୀଭାଇମାନେ ନିଃସ୍ୱାର୍ଥପର ଓ ସମର୍ପଣର ସହିତ ପ୍ରଶାନ୍ତିରେ ଯେଉଁ ସେବାକାର୍ଯ୍ୟ କରିଥାଆନ୍ତି ତାହା ଅନନ୍ୟ ଓ ଅସାଧାରଣ। ସଂଗଠନର ରାଜ୍ୟ ସଭାପତି ସତ୍ୟ ସ୍ୱରୂପ ପଟ୍ଟନାୟକ ବାବାଙ୍କର ମାନବ ସମାଜ ପ୍ରତି ଅବଦାନ, ନିଃସ୍ୱାର୍ଥପର ସେବା ଓ ପ୍ରେମ ବିଷୟରେ ଆଲୋକପାତ କରିଥିଲେ। କ୍ରିୟାଯୋଗ ମିଶନର ଅନ୍ତଃରାଷ୍ଟ୍ରୀୟ ଅଧ୍ୟକ୍ଷ ପରମହଂସ ସ୍ୱାମୀ ପ୍ରଜ୍ଞାନାନନ୍ଦ, ଓଡ଼ିଶା ହାଇକୋର୍ଟର ବିଚାରପତି ଚିତ୍ତରଞ୍ଜନ ଦାଶ, ବିଚାରପତି ଶିବଶଙ୍କର ମିଶ୍ର, ବିଚାରପତି ବିଭୁପ୍ରସାଦ ରାଉତରାୟ, ଶିଳ୍ପମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ସତ୍ୟସାଇ ସେବା ସଂଗଠନର ରାଷ୍ଟ୍ରୀୟ ସେବା ସଂଯୋଜକ କୋଟେଶ୍ୱର ରାଓ ପ୍ରମୁଖ ବାବାଙ୍କ ସତ୍ୟ, ଧର୍ମ, ଶାନ୍ତି, ପ୍ରେମ ଓ ସେବାର ମାର୍ଗ ମାନବଜୀବନର ଉତ୍ତରଣକୁ ସାର୍ଥକ କରିବ ବୋଲି କହିଥିଲେ। କଟକ ମେୟର ସୁବାସ ଚନ୍ଦ୍ର ସିଂହ, ବିଧାୟକ ପଦ୍ମଲୋଚନ ପଣ୍ଡାଙ୍କ ସମେତ ଅନେକ ମାନ୍ୟଗଣ୍ୟ ଅତିଥି ଯୋଗଦେଇଥିଲେ। ଏହି ଅବସରରେ ବଲାଙ୍ଗୀର ଜିଲାର ଖଲିଆପଡ଼ା ଗ୍ରାମରେ ୫୦ତମ ଶ୍ରୀ ସତ୍ୟସାଇ ନିର୍ମଳଝର ପାନୀୟଜଳ ପ୍ରକଳ୍ପର ଭର୍ଚୁଆଲ ଉଦ୍‌ଘାଟନ ହୋଇଥିଲା। ୧୦୦ଜଣଙ୍କୁ ଶ୍ରୀ ସତ୍ୟସାଇ ସ୍ୱାବଲମ୍ବୀ ଯୋଜନାରେ ସିଲେଇ ମେସିନ ଓ ୫୦ଜଣ ଦିବ୍ୟାଙ୍ଗଙ୍କୁ କୃତ୍ରିମ ଅଙ୍ଗ ବଣ୍ଟନ କରାଯାଇଥିଲା। ରାଜ୍ୟର ବିଭିନ୍ନ ଜିଲାରୁ ଆସିଥିବା ସାଇଭକ୍ତମାନେ ଦିବ୍ୟ ପାଦୁକା ଦର୍ଶନ କରିଥିଲେ। ଆସନ୍ତା ୧୯ରୁ ୨୨ ତାରିଖ ଯାଏ ଭୁବନେଶ୍ୱର ସାଇ ଜନନୀଠାରେ ୧୦୦ ଘଣ୍ଟା ଅଖଣ୍ଡ ଭଜନ ସହ ୧୦୦ ଘଣ୍ଟା ବେଦ ପାଠ ପରେ ସମଗ୍ର ଓଡ଼ିଶା ପରିଭ୍ରମଣ କରି ଆସିଥିବା ଦିବ୍ୟ ପାଦୁକା ସ୍ଥାପନ କରାଯିବ। ୨୩ ତାରିଖରେ ଏହି କାର୍ଯ୍ୟକ୍ରମ ଉଦ୍‌ଯାପନ ହେବ।



# ଆଜି କ'ଣ କେଉଁଠି

## ଭୁବନେଶ୍ୱର

- ଓଡ଼ିଶା ଡିପ୍ଲୋମା ଇଂଜିନିୟର୍ସ ସେବାସଂଘ ପକ୍ଷରୁ ବାର୍ଷିକ ସମ୍ମିଳନୀ, ସ୍ଥାନ: ଓଡ଼େଶା ଭବନ, ୭ ଖାରବେଳ, ସମୟ: ପୂର୍ବାହ୍ନ ୧୧ଟା।
- ସହଭାଗୀ ବିକାଶ ମଞ୍ଚ ପକ୍ଷରୁ ଓଡ଼ିଶାରେ 'ନଗର ସମ୍ମିଳନୀ' କାର୍ଯ୍ୟକ୍ରମ, ସ୍ଥାନ: ସୂଚନା ଭବନ, ସମୟ: ପୂର୍ବାହ୍ନ ୧୧ଟା।
- ସଂଭାବନା ପକ୍ଷରୁ ପ୍ରଣବ ଜୟନ୍ତୀ ଓ ସଂଗୀତ କାର୍ଯ୍ୟକ୍ରମ, ସ୍ଥାନ: ସୂଚନା ଭବନ, ସମୟ: ସନ୍ଧ୍ୟା ୬ଟା।
- ମନନ ନାଟ୍ୟ ସଂସ୍ଥା ପକ୍ଷରୁ ଫାଉଣ୍ଡେଶନ୍ ଡେ ପାଳନ ଅବସରରେ ଡ୍ରାମା ଫେଷ୍ଟିଭାଲ୍, ସ୍ଥାନ: ରବୀନ୍ଦ୍ର ମଣ୍ଡପ, ସମୟ: ସନ୍ଧ୍ୟା ୬ଟା ୩୦।

## ବାଲେଶ୍ୱର

- ୭୫ତମ ଗଙ୍ଗାମାତା ପୂଜା ଉତ୍ସବ,ସ୍ଥାନ:ବାହାବଳପୁର, ବାଲେଶ୍ୱର,ସମୟ:ସକାଳ ୮ଟା।
- ନାମ ଯଜ୍ଞ ଓ ପ୍ରସାଦ ସେବନ,ସ୍ଥାନ:ବାହାବଳପୁର ବାତ୍ୟା ଆଶ୍ରୟସ୍ଥଳୀ, ବାଲେଶ୍ୱରସମୟ:ପୂର୍ବାହ୍ନ ୧୦ଟା।
- ମିଳିତ ଜନ ଅଭିଯୋଗ ଶୁଣାଣି ଶିବିର, ସ୍ଥାନ:ବ୍ଲକ କାର୍ଯ୍ୟାଳୟ, ବାହାନଗା,ସମୟ: ପୂର୍ବାହ୍ନ ୧୦ଟା।
- ବିକ୍ଷୋଭ ଓ ପ୍ରତିବାଦ ସଭା,ସ୍ଥାନ:ଜିଲାପାଳଙ୍କ କାର୍ଯ୍ୟାଳୟ ଫାଟକ ସମ୍ମୁଖ, ବାଲେଶ୍ୱର,ସମୟ:ପୂର୍ବାହ୍ନ ୧୧ଟା।
- 'ନାଟ୍ୟପ୍ରଭା'ର ବାର୍ଷିକ ଉତ୍ସବ,ସ୍ଥାନ:ଗାନ୍ଧି ସ୍ମୃତି ଭବନ, ବାଲେଶ୍ୱର,ସମୟ:ଅପରାହ୍ନ ୫ଟା।

## ଭଦ୍ରକ

- ଶନିଦେବଙ୍କ ବାର୍ଷିକ ଉତ୍ସବ, ସ୍ଥାନ: ଚଣ୍ଡିପୁର, ବନ୍ତ, ସମୟ: ସକାଳ ୭ଟା।
- 'ବନ୍ଦେ ଉତ୍କଳ ଜନନୀ' କାର୍ଯ୍ୟକ୍ରମ, ସ୍ଥାନ: ଚନ୍ଦ୍ରଶେଖର ରତ୍ନାକର ସହଯୋଗ ହାଇସ୍କୁଲ, ତିହିଡ଼ି, ସମୟ: ପୂର୍ବାହ୍ନ ୧୦ଟା।
- ଦିବଂଗତ ଶିକ୍ଷାବିତ୍ ଲକ୍ଷ୍ମୀଧର ସାହୁଙ୍କ ୨୬ତମ ଶ୍ରାଦ୍ଧବାର୍ଷିକୀ, ସ୍ଥାନ: ମତୋ ସରକାରୀ ଉଚ୍ଚ ବିଦ୍ୟାଳୟ, ଚାନ୍ଦବାଲି, ସମୟ: ପୂର୍ବାହ୍ନ ୧୧ଟା।
- ଧାନ ମଣ୍ଡି ଉଦ୍‌ଘାଟନ, ସ୍ଥାନ: ମାଳଦା, ଭଣ୍ଡାରିପୋଖରୀ, ସମୟ: ଅପରାହ୍ନ ୩ଟା।
- ଜିଲା ମହୋତ୍ସବ ଭଦ୍ରାୟଣୀ ଓ ପଲ୍ଲିଶ୍ରୀ ମେଳାର ୨ୟ ସନ୍ଧ୍ୟା, ସ୍ଥାନ: ନେହେରୁ ଷ୍ଟାଡିୟମ୍, ଭଦ୍ରକ, ସମୟ: ଅପରାହ୍ନ ୪ଟା।
- ସାଳନ୍ଦୀ ସାହିତ୍ୟ ସଙ୍ଗମର ଖବରଦାତା ସମ୍ମିଳନୀ, ସ୍ଥାନ: ନୂଆବଜାରସ୍ଥିତ କର୍ମଚାରୀ ଭବନ, ଭଦ୍ରକ, ସମୟ: ଅପରାହ୍ନ ୪ଟା।

## କେନ୍ଦୁଝର

- ମା' ବରାହୀ ୩୭ତମ କ୍ରିକେଟ୍ ଟୁର୍ନାମେଣ୍ଟ, ସ୍ଥାନ: ବଞ୍ଚୋ,
- ସମୟ: ପୂର୍ବାହ୍ନ ୧୦ ଟା।
- ଭିବିଜିରାମଜିର ଜନଜାଗରଣ, ସ୍ଥାନ: ଭାଜପା ଜିଲା କାର୍ଯ୍ୟାଳୟ, କେନ୍ଦୁଝର, ସମୟ: ପୂର୍ବାହ୍ନ ୧୧ଟା।

## ମୟୂରଭଞ୍ଜ

- ମିଳିତ ଜନଶୁଣାଣି ଶିବିର, ସ୍ଥାନ: ଉପଜିଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ କରଞ୍ଜିଆ, ସମୟ: ପୂର୍ବାହ୍ନ ୧୦ଟା।
- ବାର୍ଷିକ ଉତ୍ସବ,ସ୍ଥାନ: ପ୍ରେମକାଲ ଯୋଗ ମନ୍ଦିର ବାରିପଦା,ସମୟ: ପୂର୍ବାହ୍ନ ୧୦ଟା।
- ତ୍ରିରଙ୍ଗା କ୍ଲବ୍ ପକ୍ଷରୁ ବାର୍ଷିକ କ୍ରୀଡ଼ା, ସ୍ଥାନ: ପୂର୍ଣ୍ଣଚନ୍ଦ୍ରପୁର, ବାରିପଦା,ସମୟ: ପୂର୍ବାହ୍ନ ୧୦ଟା।
- ରାଜ୍ୟସ୍ତରୀୟ ହସ୍ତଶିଳ୍ପ ମେଳା,ସ୍ଥାନ: ଛଉ ପଡ଼ିଆ, ବାରିପଦା,ସମୟ:ପୂର୍ବାହ୍ନ ୧୦ଟା।
- ମକର ମେଳା ଓ ସାଂସ୍କୃତିକ କାର୍ଯ୍ୟକ୍ରମ,ସ୍ଥାନ: ସିଂହଟିଆ ଶିବ ମନ୍ଦିର ପ୍ରାଙ୍ଗଣ ବଡ଼ସାହି,ସମୟ: ଅପରାହ୍ନ ୫ଟା।
- ଆଞ୍ଚଳିକ କଳିଙ୍ଗ ହର୍ବାଲ ମେଳା, ସ୍ଥାନ: କଚେରୀ ଷ୍ଟାଡିୟମ, ରାଇରଙ୍ଗପୁର,ସମୟ: ପୂର୍ବାହ୍ନ ୧୧ଟା।
- ମା'ଶୀତଳା ଦେବୀଙ୍କ ବାର୍ଷିକ ଝାମୁଯାତ୍ରା ଅବସରରେ ଗୀତା ଯଜ୍ଞ, ସ୍ଥାନ:ଡାକୋଇ କଳାରାଫୁଲିଆ, ମୋରଡ଼ା,ସମୟ: ଅପରାହ୍ନ ୧ଟା।

## ଗଞ୍ଜାମ

- ପଞ୍ଚାୟତ ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର,ସ୍ଥାନ: ବୁହୁଡା ବ୍ଲକ ଗୌଦିଆବୋରଡ଼ା ପଞ୍ଚାୟତ, ସମୟ: ପୂର୍ବାହ୍ନ ୧୦ଟା।
- ଗ୍ରାମପଞ୍ଚାୟତ ସ୍ତରୀୟ ଜନ ଶୁଣାଣି, ସ୍ଥାନ: ସହଦେବ ଟିକରପଡ଼ା ପଞ୍ଚାୟତ କାର୍ଯ୍ୟାଳୟ,ଦିଗପହଣ୍ଡି ବ୍ଲକ, ସମୟ: ପୂର୍ବାହ୍ନ ୧୦ଟା।
- ନିମିନା ପଞ୍ଚାୟତରେ ଅଭିଯୋଗ ଶୁଣାଣି,ସ୍ଥାନ: ନିମିନା ପଞ୍ଚାୟତ କାର୍ଯ୍ୟାଳୟ, ଆସିକା ବ୍ଲକ, ସମୟ: ପୂର୍ବାହ୍ନ୧୦ଟା।

## ଢେଙ୍କାନାଳ

- ମିଳିତ ଜନ ଅଭିଯୋଗ ଶୁଣାଣି ଶିବିର, ସ୍ଥାନ: ଓଡ଼ାପଡ଼ା ବ୍ଲକ କାର୍ଯ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା।

## କେନ୍ଦ୍ରାପଡ଼ା

- ତ୍ରିବେଣୀ ମେଳା, ରୁଦ୍ରଶାନ୍ତି ଯଜ୍ଞ, ସ୍ଥାନ: ଆର୍ତ୍ତେଶ୍ୱର ଶୈବ ପୀଠ, ସ୍ଥାନ: ଜଗନ୍ନାଥପୁର, ଡେରାବିଶ, ସମୟ: ସକାଳ ୭ଟା।
- ସାର୍ବଜନୀନ ଗଙ୍ଗା ପୂଜା, ମକର ମେଳା ଓ କ୍ରିକେଟ ଟୁର୍ନାମେଣ୍ଟ, ସ୍ଥାନ: ପାଞ୍ଚଗୋଛିଆ, ବେଣାକନ୍ଦା, ସୁନିତୀ, ମହାକାଳପଡା, ସମୟ: ସକାଳ ୯ଟା।
- ଜିଲାସ୍ତରୀୟ ପ୍ରଶାସନିକ ଜନଶୁଣାଣି ଶିବିର, ସ୍ଥାନ: ପଞ୍ଚାୟତ ସମିତି କାର୍ଯ୍ୟାଳୟ, ରାଜକନିକା, ସମୟ: ପୂର୍ବାହ୍ନ ୧୦ଟା।
- ବିଶ୍ୱଶାନ୍ତି ମହାଯଜ୍ଞ, ସ୍ଥାନ: ଢ଼ୋଲ, ଜମରା, କେନ୍ଦ୍ରାପଡ଼ା, ସମୟ: ସନ୍ଧ୍ୟା ୬ଟା।
- ମକର ମହୋତ୍ସବ, ସ୍ଥାନ: ବିଲେଇସୁଣୀ ମକର ପଡିଆ, ପଳସୁଧା, ଗରଦପୁର, ସମୟ: ସନ୍ଧ୍ୟା ୬ଟା।

## ଯାଜପୁର

- ପୁରୀକୁ ବରିଷ୍ଠ ନାଗରିକଙ୍କ ତ୍ରୀର୍ଥଯାତ୍ରା ଶୁଭାରମ୍ଭ, ସ୍ଥାନ: ଧର୍ମଶାଳା ମହୋତ୍ସବ ପଡ଼ିଆ, ସମୟ: ସକାଳ ୬ଟା୩୦।
- ତ୍ରୟଦଶ ବାର୍ଷିକ ପୂଜା ଉତ୍ସବ ଓ ବିଶ୍ୱଶାନ୍ତି ମହାଯଜ୍ଞ, ସ୍ଥାନ: ବ୍ୟାସନଗର କୋପଣ୍ଡ ବିଣାପାଣୀ ସାହି, ସମୟ: ସକାଳ ୮ଟା।
- ଜିଲାପାଳ ଏବଂ ଏସ୍‌ପିଙ୍କ ମିଳିତ ଅଭିଯୋଗ ଶୁଣାଣି, ସ୍ଥାନ : ଧର୍ମଶାଳା ବ୍ଲକ କାର୍ଯ୍ୟାଳୟ ପରିସର, ସମୟ: ପୂର୍ବାହ୍ନ ୧୦ଟା।
- ଭୋଟର ଦିବସ ପାଇଁ ପ୍ରସ୍ତୁତି ବୈଠକ, ସ୍ଥାନ: ଜିଲାପାଳଙ୍କ ସମ୍ମିଳନୀ କକ୍ଷ, ସମୟ: ଅପରାହ୍ନ ସାଢେ ୩ଟା।

## ନୟାଗଡ଼

- ମକର ମେଳାର ଉଦ୍‌ଯାପନ ଦିବସ, ସ୍ଥାନ: ଗୋଡିପଡା ନିକଟସ୍ଥ ହରିଡାବନ୍ଧ ହଟକେଶ୍ୱର ମନ୍ଦିର, ସମୟ: ସକାଳ ୮ଟା ।
- ରବୀନ୍ଦ୍ର ମେମୋରିଆଲ କ୍ରିକେଟ ଟୁର୍ନାମେଣ୍ଟର ୪ର୍ଥ ଦିବସ ମ୍ୟାଚ ଖଳିସାହି ବନାମ ପଦାମାଳ, ସ୍ଥାନ: କଣ୍ଟିଲୋ ନୀଳମାଧବ ମହାବିଦ୍ୟାଳୟ ଖେଳପଡିଆ, ସମୟ: ପୂର୍ବାହ୍ନ ୧୧ଟା ।
- ଭିକାରୀ ସେଠୀ ସ୍ମାରକୀ କ୍ରିକେଟ ମ୍ୟାଚର ଦଶମ ଦିବସ ମ୍ୟାଚ, ସ୍ଥାନ:ଖଣ୍ଡପଡା ବ୍ଲକ କୁମ୍ଭାରପଡା କୁଆଁରିଆ ପଡିଆ, ସମୟ: ମଧ୍ୟାହ୍ନ ୧୨ଟା।
- ସଚିନ ଓ ଲିପୁନ୍ ୨୮ତମ ସ୍ମାରକୀ କ୍ରିକେଟର ଅଷ୍ଟମ ଦିବସର ୨ୟ ସେମି ଫାଇନାଲ ମ୍ୟାଚରେ ରଙ୍ଗଢ଼ାବା ବନାମ ଭୋଗଡା କ୍ରିକେଟ କ୍ଲବ, ସ୍ଥାନ: ଖଣ୍ଡପଡା ବ୍ଲକ ସିଦ୍ଧାମୂଳାସ୍ଥ ଗୋକୁଳାନନ୍ଦ ଏମ୍‌ଇ ସ୍କୁଲ ପଡିଆ, ସମୟ: ମଧ୍ୟାହ୍ନ ୧୨ଟା ।
- ଅଲ ଇଣ୍ଡିଆ ଫୁଟ୍‌ବଲ ଟୁର୍ନାମେଣ୍ଟର ଉଦ୍‌ଘାଟନ ଉତ୍ସବରେ ପପୁଲାର ଏଫସି ଢ଼େଙ୍କାନାଳ ବନାମ ମରାଠା ୧୧ ଏଫସି ଭଞ୍ଜନଗର, ସ୍ଥାନ:ନୟାଗଡ଼ ଖେଳ ପଡିଆ, ସମୟ: ଅପରାହ୍ନ ୩ଟା ।
- ମାଘମେଳା ପ୍ରସ୍ତୁତି ବୈଠକ, ସ୍ଥାନ: କଣ୍ଟିଲୋ ପୂର୍ତ୍ତ ବିଭାଗ ଡାକ ବଙ୍ଗଳା, ସମୟ: ଅପରାହ୍ନ ୪ଟା ।

## ରାୟଗଡ଼ା

- ଜିଲାପାଳଙ୍କ ଯୁଗ୍ମ ଅଭିଯୋଗଶୁଣାଣି ଶିବିର, ସ୍ଥାନ: କଲ୍ୟାଣସିଂହପୁର ବ୍ଲକ୍ କାର୍ଯ୍ୟାଳୟ ସଦ୍‌ଭାବନା ଗୃହ, ସମୟ: ପୂର୍ବାହ୍ନ ୧୦ଟା।
- ଇଣ୍ଟେଲ ଉନ୍ନତି-ଡାଟା ସେଣ୍ଟ୍ରିକ ଲ୍ୟାବ ଉଦ୍‌ଘାଟନ ଉତ୍ସବ, ସ୍ଥାନ: ଜିଆଇଇଟି ବିଶ୍ୱବିଦ୍ୟାଳୟ,ଗୁଣପୁର, ସମୟ: ପୂର୍ବାହ୍ନ ୧୧ଟା।

## ନବରଙ୍ଗପୁର

- ବିଦ୍ୟାଳୟସ୍ତରୀୟ ପିଏମଶ୍ରୀ ଉତ୍ସବ, ସ୍ଥାନ: ଉମରକୋଟ ସଦାଶିବ ସୁକୁମାର ଉଚ୍ଚ ବିଦ୍ୟାଳୟ ସମୟ: ପୂର୍ବାହ୍ନ ୧୦ଟା।
- ଜିଲା କିନ୍ନର ସଙ୍ଘର ବାର୍ଷିକ ଉତ୍ସବ, ସ୍ଥାନ: ଉମରକୋଟ କଲ୍ୟାଣ ମଣ୍ଡପ, ସମୟ: ପୂର୍ବାହ୍ନ ୧୧ ଟା।
- ଇଂରାଜୀ ନୂତନ ବର୍ଷର ଭେଟ୍‌ଘାଟ, ସ୍ଥାନ: ଉମରକୋଟ ମିକ୍ସଡ଼ ଫାର୍ମ, ସମୟ: ସକାଳ ୧୧ଟା।
- ବନ୍ଦେ ମାତରମ୍ ସଙ୍ଗୀତର ୧୫୦ ତମ ବର୍ଷ ପୂର୍ତ୍ତି ଉପଲକ୍ଷେ କାର୍ଯ୍ୟକ୍ରମ, ସ୍ଥାନ: ଡାବୁଗାଁ ବ୍ଲକ କାର୍ଯ୍ୟାଳୟ ପରିସର, ସମୟ: ପୂର୍ବାହ୍ନ ୧୧ଟା।
- ପେଣ୍ଡରାଣୀ ମହାବିଦ୍ୟାଳୟର ୪୧ ତମ ବାର୍ଷିକ ଉତ୍ସବ, ସ୍ଥାନ: ଉମରକୋଟସ୍ଥିତ କଲେଜ ପରିସର, ସମୟ: ଅପରାହ୍ନ ୧ଟା।
- ମା କାଳୀଙ୍କ ବାର୍ଷିକ ଉତ୍ସବ ସମାପନ, ସ୍ଥାନ: ଉମରକୋଟ ବ୍ଲକ ଡଙ୍ଗରିଗୁଡ଼ା, ସମୟ: ସନ୍ଧ୍ୟା ୭ ଟା।

## କୋରାପୁଟ

- ଜିଲାପାଳଙ୍କ ଅଭିଯୋଗ ଶୁଣାଣି, ସ୍ଥାନ: ବ୍ଲକ ଅଫିସ କନଫରେନ୍ସ ହଲ, ବୈପାରିଗୁଡ଼ା, ସମୟ: ପୂର୍ବାହ୍ନ ୧୦ଟା।
- ବରିଷ୍ଠ ନାଗରିକ ସଂଘର ବାର୍ଷିକ ଉତ୍ସବ, ସ୍ଥାନ: ମଲ୍ଟି ଫଙ୍କସନ ହଲ, ସେମିଳିଗୁଡ଼ା, ସମୟ: ପୂର୍ବାହ୍ନ ୧୦ଟା।
- ପଞ୍ଚାୟତସ୍ତରୀୟ ଜନ ଅଭିଯୋଗ ଶୁଣାଣି ଓ ସଚେତନତା ଶିବିର, ସ୍ଥାନ: ପଞ୍ଚାୟତ କାର୍ଯ୍ୟାଳୟ ଦୁଧାରୀ, ସେମିଳିଗୁଡ଼ା ବ୍ଲକ, ସମୟ: ପୂର୍ବାହ୍ନ ୧୦ଟା।
- ପଞ୍ଚାୟତସ୍ତରୀୟ ଅଭିଯୋଗ ଶୁଣାଣି, ସ୍ଥାନ: ବଡକେରେଙ୍ଗା ପଞ୍ଚାୟତ କାର୍ଯ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା।
- ପଞ୍ଚାୟତସ୍ତରୀୟ ଜନଶୁଣାଣି ଶିବିର, ସ୍ଥାନ: ପରଜା ବଡପଡ଼ା ପଞ୍ଚାୟତ କାର୍ଯ୍ୟାଳୟ, ନନ୍ଦପୁର, ସମୟ: ପୂର୍ବାହ୍ନ ୧୦ଟା ୩୦।
- ଯୁବ ମହୋତ୍ସବ ଅରା ଉଦ୍‌ଯାପନୀ ଉତ୍ସବ, ସ୍ଥାନ: ସେମିଳିଗୁଡ଼ା ମହାବିଦ୍ୟାଳୟ ପରିସର, ସମୟ: ପୂର୍ବାହ୍ନ ୧୧ଟା।
- ଭାରତୀୟ ଭାଷା ଉପରେ ଜାତୀୟ କର୍ମଶାଳା ଉଦ୍‌ଘାଟନ, ସ୍ଥାନ: ସିୟୁଓ ସୁନାବେଡା କ୍ୟାମ୍ପସ, କୋରାପୁଟ, ସମୟ: ପୂର୍ବାହ୍ନ ୧୧ଟା।
- ହିନ୍ଦୁ ଜାଗରଣ ସମିତି ପକ୍ଷରୁ ହିନ୍ଦୁ ସମ୍ମିଳନୀ, ସ୍ଥାନ: ହାଲ ଜଗନ୍ନାଥ ମନ୍ଦିର ପରିସର ଲକ୍ଷ୍ମୀ ମଣ୍ଡପ, ସୁନାବେଡ଼ା-୨, ସମୟ: ସନ୍ଧ୍ୟା ୬ଟା।

## ସମ୍ବଲପୁର

- ସମ୍ବଲପୁରୀ ଧନୁଯାତ୍ରାର ଗୋପପୁର କାର୍ଯ୍ୟକ୍ରମ, ସ୍ଥାନ: ଚାଉଁରପୁର ଗ୍ରାମ, ସମୟ : ସକାଳ ୯ଟା।
- ଜିଲା ପ୍ରଶାସନ ଆୟୋଜିତ ମିଳିତ ଜନଶୁଣାଣୀ କାର୍ଯ୍ୟକ୍ରମ, ସ୍ଥାନ: ଯୁଯୁମୁରା ବ୍ଲକ କାର୍ଯ୍ୟାଳୟ, ସମୟ : ପୂର୍ବାହ୍ନ ୧୦ଟା।
- ସମ୍ବଲପୁରୀ ଧନୁଯାତ୍ରା ମହୋତ୍ସବ କମିଟି ପକ୍ଷରୁ କଂସ ମହାରାଜଙ୍କ ନଗର ପରିକ୍ରମା, ସ୍ଥାନ : ବୁଢ଼ାରଜା ଅଞ୍ଚଳ, ସମୟ : ପୂର୍ବାହ୍ନ ୧୦ଟା।
- ସ୍ୱାଧୀନତା ସଂଗ୍ରାମୀ ପାର୍ବତୀ ଗିରିଙ୍କ ଜନ୍ମ ଶତବାର୍ଷିକୀ ସମାରୋହ, ସ୍ଥାନ : ଫୁଲଝରନ ସ୍ଥିତ ଡା. ଆଇଜାକ ସାନ୍ତ୍ରା ବାଳନିକେତନ, ସମୟ : ପୂର୍ବାହ୍ନ ୧୦ଟା ୩୦।
- ସମ୍ବଲପୁର ସେଲିବ୍ରିଟି କ୍ରିକେଟ ମ୍ୟାଚର ପ୍ରସ୍ତୁତି ବୈଠକ, ସ୍ଥାନ : ସାମ୍ବାଦିକ ଭବନ, ସମୟ : ପୂର୍ବାହ୍ନ ୧୧ଟା।
- ସମ୍ବଲପୁରୀ ଧନୁଯାତ୍ରାର କଂସ ଦରବାରରେ ବିବିଧ କାର୍ଯ୍ୟକ୍ରମ, ସ୍ଥାନ : ଗଙ୍ଗାଧର ମୁକ୍ତ ମଣ୍ଡପ, ସମୟ : ସମୟ ସନ୍ଧ୍ୟା ୭ଟା।

## ବଲାଙ୍ଗୀର

- ବଲାଙ୍ଗୀର ଲୋକ ଉତ୍ସବ ପାଇଁ ମଞ୍ଚ ପୂଜା ଓ ସାଂସ୍କୃତିକ ଶୋଭାଯାତ୍ରା ଶୁଭାରମ୍ଭ, ସ୍ଥାନ: କୋଶଳ କଳା ମଣ୍ଡଳ, ବଲାଙ୍ଗୀର, ସମୟ: ସକାଳ ୯ଟା।
- ବଲାଙ୍ଗୀର ଲୋକ ଉତ୍ସବ ଉଦ୍‌ଘାଟନୀ ସଭା, ସ୍ଥାନ: କୋଶଳ କଳା ମଣ୍ଡଳ ପଡିଆ, ବଲାଙ୍ଗୀର, ସମୟ: ସନ୍ଧ୍ୟା ୬ଟା।

# ଢଗଢମାଳି

(କ୍ରମେ ଲୋକମୁଖରୁ ଓ ଜନମାନସରୁ ବିସ୍ମୃତ ହେଉଥିବା ଢଗଢମାଳିକୁ ପାଠିକା-ପାଠକଙ୍କ ନିକଟରେ ପହଞ୍ଚାଇବା ସକାଶେ ଧରିତ୍ରୀର ପ୍ରୟାସ)


**ଓଷା କଲେ ବେଳ ବୁଡ଼**
**ଘର କଲେ ଭାଙ୍ଗେ ହାଡ଼ ।**

ଓଷା କରିବା ଲୋକ ଦିନତମାମ ନ ଖାଇ ନ ପିଇ ଆଉଟୁପାଉଟୁ ହେଉଥାଏ। ଠିକ୍ ସେହିପରି ଘର ତିଆରି କରିବାରେ କାମ ଆରମ୍ଭରୁ ଶେଷ ପର୍ଯ୍ୟନ୍ତ ଶରୀର ଏବଂ ମନକୁ ଅଶେଷ ଯନ୍ତ୍ରଣା ଭୋଗିବାକୁ ପଡୁଥିବା ଅର୍ଥରେ ଏଭଳି ଉକ୍ତି ପ୍ରକାଶ କରାଯାଇଛି।

**ଓଷେଇତିର ମନ ନାହିଁ**
**ଘଣ୍ଟି ବଜାଉ କାହାପାଇଁ ?**

ପୂଜା ବା ଓଷା ବ୍ରତକୁ ଅତ୍ୟନ୍ତ ଭକ୍ତି ଓ ନିଷ୍ଠାର ସହ ପାଳନ କରାଯିବା ଉଚିତ। ଭକ୍ତିଭାବ ବିନା ଲୋକଦେଖାଣିଆ ପୂଜାବ୍ରତ କରିବାରେ ମୂଲ୍ୟ କିଛି ମିଳୁ ନ ଥିବା ବେଳେ ପୂଜା ପ୍ରତି ମନ ବଳାଇଥିବା ବ୍ୟକ୍ତିର ଅନାଗ୍ରହ ଭାବ ପ୍ରଦର୍ଶନ ପ୍ରତି ଏଭଳି ଉକ୍ତି ଉଲ୍ଲେଖ କରାଯାଇଛି।

ଓଡ଼ିଆ ଢଗଢମାଳି ଓ ରୂଢ଼ି ପ୍ରୟୋଗ - ଏ.କେ. ମିଶ୍ର ପବ୍ଲିଶର୍ସ ପ୍ରା:ଲି:



ରବିବାର ଅପରାହ୍ନ ୫ଟାରେ ମହାକାଶରୁ ଉତ୍ତୋଳିତ ପାଣିପାଗର ଚିତ୍ର।

# ପ୍ରଥମ ପୃଷ୍ଠାରୁ...

## ବେଆଇନ ବାଣ ତିଆରି ...

ସେଠୀ କହିଛନ୍ତି। ସୂଚନାନୁଯାୟୀ, ହାତୀଗଡ଼ାର ବୈକୁଣ୍ଠ ସାମଲ(୫୦) ନିଜ ଘରେ ଦୀର୍ଘଦିନ ହେବ ବେଆଇନ ଭାବେ ବାଣ ତିଆରି କରିଆସୁଥିଲେ। ବାହାଘର, ବ୍ରତଘର, ଖେଳ, ସଭାସମିତି ଆଦିରେ ସେ ଆବଶ୍ୟକ ବାଣ ଯୋଗାଇ ଲକ୍ଷାଧିକ ଟଙ୍କା ରୋଜଗାର କରୁଥିଲେ। ତାଙ୍କ ନିକଟରେ ସୁରେଶ କାମ କରନ୍ତି। ରବିବାର ସେ ବାଣ ଭିଡୁଥିବାବେଳେ ଅପରାହ୍ନ ପ୍ରାୟ ୧ଟାରେ ବାରୁଦ ବିସ୍ଫୋରଣ ଯୋଗୁ ତାଙ୍କର ଜୀବନ ଯାଇଛି। ତାଙ୍କ ମୃତଦେହର କିଛି ଅଂଶ ରାସ୍ତାରେ ପଡ଼ିଥିବା ମଧ୍ୟ ଦେଖିବାକୁ ମିଳିଥିଲା। ଖବର ପାଇ ଘଟଣାସ୍ଥଳରେ ପୋଲିସ ଓ ଦମକଳବାହିନୀ ପହଞ୍ଚି ଉଦ୍ଧାର କାର୍ଯ୍ୟ କରିବା ସହ ନିଆଁକୁ ଆୟତ୍ତ କରିଥିଲେ। ବାରଙ୍ଗ ଅଗ୍ନିଶମ ଅଧିକାରୀ ପ୍ରକାଶ ପାତ୍ରଙ୍କ କହିବାନୁସାରେ, କେତେକ ଅଫୁଟା ବାଣକୁ ପାଣି ପକାଇ ନିଷ୍କ୍ରିୟ କରାଯାଇଥିଲା। ବିସ୍ଫୋରଣ ପ୍ରଭାବରେ ଘରର ବିଭିନ୍ନ ଅଂଶ ଏଣେତେଣେ ଛିଟିକି ପଡ଼ିଥିଲା। ସେହିପରି କଟକ ସଦର ଥାନା ଆଇଆଇସି ସେଠୀଙ୍କ ସହ ଜୋନ-୪ ଏସିପି ଶଶିକାନ୍ତ ରାଉତ ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି। ଏନେଇ ସଦର ଥାନାରେ ଏକ ମାମଲା ରୁଜୁ ହୋଇଛି। ବାଣ ତିଆରିର ମୁଖ୍ୟ କାର୍ପଟଦାର ଫେରାର ଅଛନ୍ତି। ସେ ଧରାପଡ଼ିବା ପରେ ଅଧିକ ତଥ୍ୟ ମିଳିପାରିବ ବୋଲି ଆଇଆଇସି ସେଠୀ କହିଛନ୍ତି। ଉଲ୍ଲେଖଯୋଗ୍ୟ ଯେ, ସୁରେଶ ପୂର୍ବରୁ ଏକ ଦୁର୍ଘଟଣାରେ ଗୋଟିଏ ଗୋଡ଼ ହରେଇଥିବାରୁ ନିଜ ପରିବାର ପ୍ରତିପୋଷଣ ପାଇଁ ଅନ୍ୟ କାର୍ଯ୍ୟ କରିବା ତାଙ୍କ ପକ୍ଷେ ସମ୍ଭବ ନ ଥିଲା। ତେଣୁ ସେ ବୈକୁଣ୍ଠଙ୍କ ପାଖରେ ଦୀର୍ଘଦିନ ହେବ ବାଣଭିଡ଼ି ନିଜ ପରିବାର ପ୍ରତିପୋଷଣ କରୁଥିଲେ। ସ୍ତ୍ରୀ ଓ ଦୁଇଝିଅ ସହ ତାଙ୍କର ଚାରିଜଣ ସଦସ୍ୟ ଥିଲେ। ଘରର ଏକମାତ୍ର ରୋଜଗାରକ୍ଷମ ଥିଲେ ସୁରେଶ। ତାଙ୍କ ମୃତ୍ୟୁ ପରେ ପରିବାର ବେସାହାରା ହୋଇପଡ଼ିବା ସହ ତାଙ୍କ ପରିବାର ଚଳିବା କଷ୍ଟକର ହୋଇଯିବ ବୋଲି ସ୍ଥାନୀୟ ଲୋକେ କହିଛନ୍ତି। ତାଙ୍କ ପରିବାରକୁ ସରକାରୀ ସହାୟତା ଯୋଗାଇବା ସହିତ ବୈକୁଣ୍ଠଙ୍କୁ ଗିରଫ କରି ତାଙ୍କଠାରୁ କ୍ଷତିପୂରଣ ଆଦାୟ କରାଯିବାକୁ ଗ୍ରାମବାସୀ ଦାବି କରିଛନ୍ତି। ଅପରପକ୍ଷରେ ବେଆଇନ ବାଣ ତିଆରି ସମ୍ପର୍କରେ ପୋଲିସ ପ୍ରଶାସନ ପାଖରେ ତଥ୍ୟ ନ ଥିଲା କି ଜାଣିଶୁଣି ବେଆଇନ ବାଣ ପ୍ରସ୍ତୁତିକୁ ସୁଯୋଗ ଦିଆଯାଉଥିଲା, ତାହାକୁ ନେଇ ସାଧାରଣରେ ପ୍ରଶ୍ନ ଉଠିଛି।

## ଆତଙ୍କବାଦୀଙ୍କୁ କ୍ରିପ୍ଟୋ ...

ଏକ ବିସ୍ତୃତ ଅଧ୍ୟୟନରେ ଜଣାପଡ଼ିଛି ଯେ, ଚାଇନା, ମାଲେସିଆ, ମ୍ୟାନ୍‌ମାର ଓ କାମ୍ବୋଡିଆରୁ କଶ୍ମୀରକୁ ହାୱାଲା ଜରିଆରେ କ୍ରିପ୍ଟୋ ପାଣ୍ଠି ଆସୁଛି। ଯେପରି ନୋ ୟୋର କଷ୍ଟମର (କେୱାଇସି) ବା ପରିଚୟ ଯାଞ୍ଚର ଆବଶ୍ୟକତା ନ ପଡ଼ିବ, ସେଥିଲାଗି ଭର୍ଚୁଆଲ ପ୍ରାଇଭେଟ୍ ନେଟ୍‌ୱର୍କ (ଭିପିଏନ)କୁ ବ୍ୟବହାର କରାଯାଉଛି। ଏହାକୁ ଦୃଷ୍ଟିରେ ରଖି ଜମ୍ମୁ-କଶ୍ମୀର ପୋଲିସ ଆତଙ୍କବାଦୀଙ୍କ ପରିଚୟ ଚିହ୍ନଟକୁ ଫାଙ୍କିବା ପାଇଁ ଉଦ୍ଦିଷ୍ଟ ଭିପିଏନ୍ ବ୍ୟବହାରକୁ ସମ୍ପୂର୍ଣ୍ଣ ରୂପେ ବନ୍ଦ କରିଦେଇଛି। ଅଧିକାରୀମାନେ କହିଛନ୍ତି, ବିଦେଶୀ ହେଣ୍ଡଲରମାନେ ଏହି ପ୍ରାଇଭେଟ୍ ୱାଲେଟ୍‌ଗୁଡ଼ିକୁ ସିଧାସଳଖ କ୍ରିପ୍ଟୋକରେନ୍ସି ପଠାଉଛନ୍ତି। ଏପରି କି ୱାଲେଟ୍ ହେଣ୍ଡଲରମାନେ ଦିଲ୍ଲୀ ଓ ମୁମ୍ବାଇ ସମେତ ଦେଶର କେତେକ ସହରକୁ ଯାଇ ଅନିୟନ୍ତ୍ରିତ ପିଅର୍-ଟୁ-ପିଅର୍ (ପି୨ପି) ଟ୍ରେଡର୍ସଙ୍କୁ ଭେଟିବା ସହ କ୍ରିପ୍ଟୋ ବିକି ନଗଦ ଅର୍ଥ ସଂଗ୍ରହ କରୁଛନ୍ତି। ଗ୍ରେ ମାର୍କେଟ୍‌ରେ ଏହି କାରବାର ପରିଚାଳିତ ହେଉଛି। ଏଫ୍‌ଆଇୟୁର ତମାମ ଉଦ୍ୟମ ସତ୍ତ୍ୱେ ୨୦୨୪-୨୫ ଆର୍ଥିକବର୍ଷରେ ମାତ୍ର ୪୯ ଏକ୍ସଚେଞ୍ଜ ନିଜକୁ ବୈଧ ସଂସ୍ଥା ଦର୍ଶାଇ ପଞ୍ଜୀକୃତ କରାଇଥିଲେ। ତେଣୁ ଭାରତର ଡିଜିଟାଲ ଆସେଟ୍ ମାର୍କେଟରେ ବେଆଇନ କାର୍ଯ୍ୟକଳାପକୁ ବନ୍ଦ କରିବା ପାଇଁ ଗତ ୮ ତାରିଖରେ ଏଫ୍‌ଆଇୟୁ ପକ୍ଷରୁ କ୍ରିପ୍ଟୋ ନିୟମକୁ କଡ଼ାକଡ଼ି କରାଯାଇଛି। ଏଫ୍‌ଆଇୟୁ କ୍ରିପ୍ଟୋକରେନ୍ସି ଏକ୍ସଚେଞ୍ଜରେ ମନି ଲଣ୍ଡରିଂ ନିରୋଧୀ (ଏମ୍‌ଏମ୍‌ଏଲ୍) ଏବଂ କେୱାଇସି ପ୍ରୋଟୋକଲରେ ପରିବର୍ତ୍ତନ ଆଣି ନୂଆ ନିୟମ ଜାରି କରିଛି। ନୂଆ ଗାଇଡ୍‌ଲାଇନ୍ ଅନୁସାରେ କ୍ରିପ୍ଟୋ ଏକ୍ସଚେଞ୍ଜଗୁଡ଼ିକ ଭର୍ଚୁଆଲ ଆସେଟ୍ ଡିଭାଇସ୍ (ଭିଏଡି) ସର୍ଭିସ୍ ପ୍ରୋଭାଇଡର୍ସ ରୂପେ ପରିଚିତ ହେବେ। ସେଗୁଡ଼ିକ ପୂର୍ବଭଳି କେବଳ ସାଧାରଣ ଦସ୍ତାବିଜ ଅପ୍‌ଲୋଡ୍ କରିବା ପରିବର୍ତ୍ତେ ଅଧିକ ଦାୟିତ୍ୱସମ୍ପନ୍ନ ହୋଇ କାର୍ଯ୍ୟ କରିବେ। ସଫ୍ଟୱେର ଜରିଆରେ ୟୁଜର୍ସଙ୍କ ଉପସ୍ଥିତିକୁ ଯାଞ୍ଚ କରିବା ପାଇଁ ଲାଇଭ୍ ସେଲ୍ଫି ନେବାକୁ ପଡ଼ିବ। ସ୍ଥିର ଫଟୋ କିମ୍ବା ଡିପ୍‌ଫେକ୍‌ର ବ୍ୟବହାର ଏଡ଼ାଇବାରେ ଏହା ସହାୟକ ହେବ। ବ୍ୟବହାରକାରୀ ଏକ ଆକାଉଣ୍ଟ ତିଆରି ଆରମ୍ଭ କରିବା ମାତ୍ରେ ଏକ୍ସଚେଞ୍ଜଗୁଡ଼ିକ ତାରିଖ, ଟାଇମ୍‌ଷ୍ଟାମ୍ପ ଏବଂ ଆଇପି ଆଡ୍ରେସ୍ ରେକର୍ଡ କରିବା ଜରୁରୀ। ସେହିପରି ୟୁଜର୍ସଙ୍କୁ ପର୍ମାନେଣ୍ଟ ଆକାଉଣ୍ଟ ନମ୍ବର (ପାନ୍) ସହ ଏକ ପାସ୍‌ପୋର୍ଟ, ଆଧାର କିମ୍ବା ଭୋଟର ଆଇଡି ଭଳି ଅତିରିକ୍ତ ପରିଚୟପତ୍ର ଦାଖଲ କରିବାକୁ ପଡ଼ିବ। ଓଟିପି ଭେରିଫିକେଶନ୍ ପାଇଁ ଇ-ମେଲ୍ ଆଇଡି ଏବଂ ଫୋନ୍ ନମ୍ବର ଦେବାକୁ ପଡ଼ିବ। କେନ୍ଦ୍ର ଅର୍ଥ ମନ୍ତ୍ରଣାଳୟ ଅଧୀନରେ ପରିଚାଳିତ ଏଫ୍‌ଆଇୟୁ ପକ୍ଷରୁ ୟୁଜର୍ସଙ୍କ ପାଇଁ ଲାଇଭ୍ ସେଲ୍ଫି ଓ ଜିଓଟ୍ୟାଗିଂକୁ ବାଧ୍ୟତାମୂଳକ କରାଯାଇଛି।

## ଅଟୋ ଚାଳକଙ୍କୁ ...

ସ୍ଥାନୀୟ ପଲ୍ୟୁଶନ ସେଣ୍ଟରରେ ଦୀର୍ଘ ସମୟ ଲାଇନରେ ଛିଡ଼ା ହୋଇ ପ୍ରମାଣପତ୍ର କରିବାକୁ ଯାଇଥିଲେ। ହେଲେ ପଲ୍ୟୁଶନ ସେଣ୍ଟରର ଅଧିକାରୀ ତାଙ୍କ ଗାଡ଼ିରେ ଚାଲାଣ ଥିବାରୁ ପ୍ରମାଣପତ୍ର ହୋଇପାରିବ ନାହିଁ ବୋଲି ଜଣାଇଥିଲେ। ତାଙ୍କ ଅଟୋର ଇନ୍ସ୍ୟୁରାନ୍ସ ଏବଂ ଫିଟ୍ ଥିବା ସତ୍ତ୍ୱେ କି ଚାଲାଣ ବୋଲି ଯାଞ୍ଚ କରିବାରୁ ହେଲ୍‌ମେଟ ପିନ୍ଧି ନ ଥିବା ଯୋଗୁ ୨୦୨୧ ନଭେମ୍ବର ୧୭ରେ ୧୦୦୦ ଟଙ୍କାର ଚାଲାଣ କଟିଥିବା ଜାଣିବାକୁ ପାଇଥିଲେ। ଚାଲାଣ କପିରେ ତାଙ୍କ ଗାଡ଼ି ନମ୍ବର ସହ ଏହା ଗୋଟିଏ ଅଟୋ ବୋଲି ଲେଖାଥିଲା। ତେବେ ସତରେ ଚେକିଂରେ ଚାଲାଣ ହୋଇଛି ନା ଅଫିସରେ ଏସିରେ ବସି ବାବୁମାନେ ଟାର୍ଗେଟ୍ ପୂରଣ କରୁଛନ୍ତି, ତାହା ପ୍ରଶ୍ନବାଚୀ ପାଲଟିଛି। ବର୍ତ୍ତମାନ ରାମକୃଷ୍ଣ କେଉଁଠିକୁ ଯାଇ ଏହାର ସମାଧାନ କରିବେ, ତାହାର ବାଟ ଖୋଜୁଛନ୍ତି। କୌଣସି ନାଗରିକ ଭୁଲ୍ କଲେ ତାଙ୍କ ପାଇଁ ସମସ୍ତ ପ୍ରକାରର ଦଣ୍ଡ ବିଧାନର ବ୍ୟବସ୍ଥା ଅଛି। ଯଦି କୌଣସି ଅଧିକାରୀ ଏଭଳି ଭୁଲ୍ କରୁଛନ୍ତି, ତାଙ୍କ ପାଇଁ କ'ଣ ଦଣ୍ଡବିଧାନ ରହିଛି ବୋଲି ରାମକୃଷ୍ଣ ପ୍ରଶ୍ନ କରିଛନ୍ତି। ସେ ଜଣେ ସାଧାରଣ ଅଟୋ ଚାଳକ। ସମସ୍ତ କାଗଜପତ୍ର କରି ଗାଡ଼ି ଚଳାଉଥିବା ବେଳେ ସେ କାହିଁକି ନିଜର କାମଧନ୍ଦା ବନ୍ଦ କରି ଆର୍‌ଟିଓ କିମ୍ବା ଅନ୍ୟ କୌଣସି ଜାଗାକୁ ଦୌଡ଼ିବେ। ଏଥିପାଇଁ ହେଉଥିବା ଖର୍ଚ୍ଚ ଏବଂ ତାଙ୍କ ରୋଜଗାର ବନ୍ଦ ହେଉଥିବାରୁ ସେଥିପାଇଁ କିଏ ଦାୟୀ ରହିବେ ବୋଲି ସେ ପ୍ରଶ୍ନ କରିଛନ୍ତି। ବିଭାଗୀୟ ଅଧିକାରୀ ଏଥିପ୍ରତି ଦୃଷ୍ଟି ଦେଇ ତାଙ୍କ ଭୁଲ୍ ଚାଲାଣ ସଂଶୋଧନ କରିବାକୁ ସେ ଅନୁରୋଧ କରିଛନ୍ତି।

ଏ ସମ୍ପର୍କରେ ଜିଲା ଆଞ୍ଚଳିକ ପରିବହନ ଅଧିକାରୀ ଶୁଭେନ୍ଦୁ ରଞ୍ଜନ ରାୟ କହିଛନ୍ତି, ଏପରି ଅଭିଯୋଗ ତାଙ୍କ ନଜରକୁ ଆସିନାହିଁ। ଯଦି ଏପରି ବ୍ୟତିକ୍ରମ ହୋଇଥାଏ, ତେବେ ଅଭିଯୋଗ ଆସିବା ପରେ ଯାଞ୍ଚ କରାଯିବ। ତ୍ରୁଟି ଥିଲେ ଅନ୍‌ଲାଇନରୁ ଅପସାରଣ କରିଦିଆଯିବ।

## ଶୀତ, କୁହୁଡ଼ି ଭିତରେ...

ତାପମାତ୍ରା ୨ରୁ ୪ ଡିଗ୍ରୀ ବୃଦ୍ଧି ପାଇବ ବୋଲି ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି। ସୋମବାର ଅନୁଗୋଳ ଏବଂ ଝାରସୁଗୁଡା ଜିଲାରେ ପ୍ରବଳ ଥଣ୍ଡା ନେଇ ୟେଲୋ ୱାର୍ନିଂ ଜାରି ହୋଇଛି। ସେହିପରି କଳାହାଣ୍ଡି, ରାୟଗଡ଼ା, ଗଜପତି, ଗଞ୍ଜାମ, ନୟାଗଡ଼, ଖୋର୍ଦ୍ଧା, ପୁରୀ, ଜଗତ୍‌ସିଂହପୁର, କେନ୍ଦ୍ରାପଡ଼ା, କଟକ, ସୁନ୍ଦରଗଡ଼, ଝାରସୁଗୁଡା, ଅନୁଗୋଳ, ଢେଙ୍କାନାଳ ଏବଂ କନ୍ଧମାଳ ଜିଲାରେ ହାଲୁକାରୁ ମଧ୍ୟମ ଧରଣର କୁହୁଡି ହେବା ନେଇ ସତର୍କ କରାଯାଇଛି। ଅନ୍ୟପକ୍ଷରେ ମଙ୍ଗଳବାର ଏବଂ ବୁଧବାର ଦୁଇଦିନ ପାଇଁ କଟକ, ଖୋର୍ଦ୍ଧା, ପୁରୀ, ଜଗତ୍‌ସିଂହପୁର, କେନ୍ଦ୍ରାପଡ଼ା ଓ କଳାହାଣ୍ଡି ଜିଲାରେ କୁହୁଡି ନେଇ ସୂଚନା ଦିଆଯାଇଛି।

ବିଭାଗ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ, ଗତ ୨୪ଘଣ୍ଟାରେ ରାଜ୍ୟର ୧୪ଟି ସହରର ତାପମାତ୍ରା ୧୦ ଡିଗ୍ରୀ ତଳେ ରହିଥିଲା। ଜି. ଉଦୟଗିରିରେ ସର୍ବନିମ୍ନ ତାପମାତ୍ରା ୨.୮ ଡିଗ୍ରୀ ରେକର୍ଡ ହୋଇଥିବାବେଳେ ସିମିଳିଗୁଡା ୪.୪ ଡିଗ୍ରୀ, ଫୁଲବାଣୀ ୫.୮ ଡିଗ୍ରୀ, ରାଉରକେଲା ୬ ଡିଗ୍ରୀ, ଝାରସୁଗୁଡା ୬.୮ ଡିଗ୍ରୀ, ବଲାଙ୍ଗୀର ଓ ତିପିଲିମା ୮ ଡିଗ୍ରୀ, କିରେଇ ୮.୫ ଡିଗ୍ରୀ, ଅନୁଗୋଳ ୮.୮ ଡିଗ୍ରୀ, ଭବାନୀପାଟଣା ୮.୯ ଡିଗ୍ରୀ, ସୁନ୍ଦରଗଡ଼ ୯.୨ ଡିଗ୍ରୀ, କେନ୍ଦୁଝର ୯.୨ ଡିଗ୍ରୀ, କୋରାପୁଟ ୯.୮ ଡିଗ୍ରୀ ଏବଂ ଢେଙ୍କାନାଳରେ ସର୍ବନିମ୍ନ ତାପମାତ୍ରା ୯.୮ ଡିଗ୍ରୀ ରହିଥିଲା।

# ଆଜିର ରାଶିଫଳ

ଜ୍ୟୋତିର୍ବିଦ୍ୟା ବିଶାରଦ ପ୍ରସନ୍ନ କୁମାର ମହାପାତ୍ର
ମଙ୍ଗରାଜପୁର ଶାସନ, କାଦୁଆ, ଗଞ୍ଜାମ
Email-pkmahapatro@gmail.com

**ମେଷ**
ଆଜି କର୍ମସ୍ଥାନରେ ପଞ୍ଚଗ୍ରହକୂଟ ସଂଘଟିତ ହେଉଥିବାରୁ କର୍ମକ୍ଷେତ୍ରରେ ଅପ୍ରୀତିକର ପରିସ୍ଥିତିର ସାମ୍ନା କରିବାକୁ ପଡ଼ିପାରେ। ଭୁଲ୍ ବୁଝାମଣାରୁ ଲୋକସମ୍ପର୍କ କ୍ଷୁଣ୍ଣ ହେବ। ଦ୍ୱିଜା ନକ୍ଷତ୍ର ଏହାର ବିପରୀତ ସାମଗ୍ରିକ ଦୃଷ୍ଟିକୋଣରୁ ଶୁଭଫଳ ପାଇବେ। ନୂତନ ସମ୍ପର୍କ, ସାଂସ୍କୃତିକ କାର୍ଯ୍ୟକ୍ରମରେ ସମ୍ବର୍ଦ୍ଧିତ ଓ ସମ୍ମାନିତ ହୋଇପାରନ୍ତି।

**ବୃଷ**
ଆଜି ଲାଭାଧିପ ଧନସ୍ଥାନସ୍ଥ ଯୋଗୁ ଆର୍ଥିକ ଉନ୍ନତି ସହିତ ଧାର୍ମିକ ବାତାବରଣର ସୁଯୋଗ ପ୍ରଦାନ କରିବେ। ମନୋରଞ୍ଜନରେ ଆଗ୍ରହୀ ହେବା ସହ ସାହିତ୍ୟ, ବୈଷୟିକ କ୍ଷେତ୍ରରୁ ପ୍ରଶଂସିତ ହେବେ। କୌଣସି ଜିନିଷ ହଜାଇ ମନସ୍ତାପ କରିପାରନ୍ତି। ଯାତ୍ରାକାଳୀନ ସମସ୍ୟାର ସମ୍ମୁଖୀନ ହେବେ। ବ୍ୟବସାୟିକ ସ୍ଥିତି ଭଲ ରହିବ।

**ମିଥୁନ**
ଅଷ୍ଟମସ୍ଥ ଗ୍ରହମାନେ ବିଭିନ୍ନ ସମସ୍ୟା ସୃଷ୍ଟିକରି ବ୍ୟତିବ୍ୟସ୍ତ କରାଇପାରନ୍ତି। କର୍ମକ୍ଷେତ୍ରରେ ପଦାଧିକାରୀଙ୍କ ଦ୍ୱାରା ପ୍ରେରିତ ହୋଇ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ଶିଳ୍ପ, ବାଣିଜ୍ୟ, କଳକାରଖାନା, ହୋଟେଲ, ବ୍ୟବସାୟରୁ ସୁଫଳ ପାଇବେ। ମନୋରଞ୍ଜନାଦି ସାଂସ୍କୃତିକ କାର୍ଯ୍ୟକ୍ରମରେ ଅଂଶଗ୍ରହଣର ସୁଯୋଗ ମିଳିବ।

**କର୍କଟ**
ରାଶିପ୍ରତି ଏକାଧିକ ଗୁରୁଦୃଷ୍ଟି ଆପଣଙ୍କ କଥାର ଓଜନକୁ ବୃଦ୍ଧି କରିବ ଫଳରେ କର୍ମକ୍ଷେତ୍ରରେ ପ୍ରାଧାନ୍ୟତା ବୃଦ୍ଧି ପାଇବ। ଅଶ୍ଲେଷା ନକ୍ଷତ୍ର କିନ୍ତୁ ଭାବପ୍ରବଣତା କିମ୍ବା ଅନ୍ୟମନସ୍କତା କାରଣରୁ ଭୁଲ୍ କରିପାରନ୍ତି। କରଜଦାତାଙ୍କ ଚାପରୁ ଦୁଶ୍ଚିନ୍ତା ବୃଦ୍ଧି ପାଇବ। ସ୍ନାୟବିକ ଦୁର୍ବଳତା କିମ୍ବା ଆଣ୍ଠୁଗଣ୍ଠିରେ ଦରଜଜନିତ ପୀଡ଼ା ଅନୁଭବ କରିପାରନ୍ତି।

**ସିଂହ**
ଆଜିର ଦ୍ୱାଦଶାଧିପ ଚନ୍ଦ୍ର ଷଷ୍ଠସ୍ଥାନରେ ରହି ଆପଣଙ୍କ ଯାତ୍ରାରେ ଲକ୍ଷ୍ୟ ହାସଲ କରାଇବେ। ଆଶା କରିଥିବା ଦିଗରୁ ଅର୍ଥ, ସମ୍ମାନ ଓ ଅଭିଳଷିତ କାର୍ଯ୍ୟ ସମ୍ପନ୍ନ କରିବାରେ ଅସୁବିଧା ରହିବ ନାହିଁ। ଅସୁବିଧା ସ୍ଥିତିରେ ଗୁରୁଜନଙ୍କ ସାନ୍ତ୍ୱନା ବାଣୀ ମନରେ ଆଶ୍ୱସ୍ତି ଭରିପାରେ। ଗଠନମୂଳକ ପ୍ରସ୍ତାବ ଦେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ।

**କନ୍ୟା**
କର୍ମସ୍ଥାନରେ ଗୁରୁ ଏବଂ କୋଣସ୍ଥାନରେ ଗ୍ରହମାନେ ଥିବାରୁ କର୍ମକ୍ଷେତ୍ର, ବ୍ୟବସାୟ ଓ ଯାତ୍ରା ପାଇଁ ମନ୍ଦ ହେବନି। ପାରିବାରିକ କ୍ଷେତ୍ରରେ ମତାନ୍ତରଜନିତ ଅଶାନ୍ତି ସୃଷ୍ଟି ହେବ। ଦରକାରୀ କାଗଜପତ୍ର ଆବଶ୍ୟକ ସମୟରେ ନ ପାଇ ବ୍ୟସ୍ତ ହେବେ। ନୂତନ ମିତ୍ରତା ସୃଷ୍ଟି କରିପାରନ୍ତି। ଫ୍ଲାଟିଂ କାରବାର ସମସ୍ୟା ବିଜଡ଼ିତ ରହିପାରେ।

**ତୁଳା**
କେନ୍ଦ୍ର ଓ କୋଣଭାବସ୍ଥ ଗ୍ରହ ପ୍ରଭାବରେ ଆଶା ଓ କାମନା ଚରିତାର୍ଥ ହୋଇଯିବ। ଯାହା କରିବା ସକାଶେ ମନସ୍ଥ କରିଛନ୍ତି ଶୀଘ୍ର ଆରମ୍ଭ କରିଦେବା ଭଲ। ଆଜିର କର୍ମକ୍ଷେତ୍ରରେ ବିଜାତୀୟ ବ୍ୟକ୍ତିଙ୍କ ସହାୟତା ପାଇପାରନ୍ତି। ଗୃହସୀମା କିମ୍ବା ଘରଭଡ଼ାକୁ ନେଇ ବିବାଦ ହୋଇପାରେ। ନିଜ ଲୋକଙ୍କ ଅନାଦର ଭାବ ବ୍ୟଥିତ କରିପାରେ।

**ବିଛା**
ଶନିଙ୍କ ସ୍ଥିତିଜନିତ କିଛି ଆଶା ଓ ଆଶଙ୍କା ମଧ୍ୟରେ ମାନସିକ ସ୍ଥିତି ଦୋଦୁଲ୍ୟମାନ ଅବସ୍ଥାରେ ରହିବ। ଅଷ୍ଟମସ୍ଥ ବୃହସ୍ପତି ଯଦିଓ ଅସମ୍ପୂର୍ଣ୍ଣ କାମକୁ ପୂର୍ଣ୍ଣାଙ୍ଗ କରିବେ କିନ୍ତୁ ସହଜ ଓ ସୁବିଧାରେ ନୁହେଁ। ଅର୍ଥନୈତିକ, ସାମାଜିକ ଓ ରାଜନୈତିକ ସ୍ଥିତି ମଧ୍ୟମ ପ୍ରକାର ରହିବ। ସାହିତ୍ୟ, ସାମ୍ବାଦିକତା, ବ୍ୟବସାୟ କ୍ଷେତ୍ରରେ ପ୍ରତିବନ୍ଧକ ଦୂରେଇଯିବ।

**ଧନୁ**
ଧନଭାବରେ ଗ୍ରହଙ୍କ ଅବସ୍ଥାନ ଅର୍ଥ ସମ୍ପର୍କିତ ବିବାଦର କାରଣ ହେବ। ସଭାସମିତିରେ ବାକ୍ ସଂଯମତା ରକ୍ଷା ନ କଲେ ବିବାଦଗ୍ରସ୍ତ ହେବେ। ପାରିବାରିକ ସମସ୍ୟା ସମାଧାନର ରାସ୍ତା ବାହାର କରିନେବେ। ବାଣିଜ୍ୟ, ଆଇନ ଓ ରାଜନୀତି କ୍ଷେତ୍ରରେ ଲକ୍ଷ୍ୟଭ୍ରଷ୍ଟ ହେବେନାହିଁ। ନୂତନ ନିଯୁକ୍ତିର ସୁଯୋଗ ପାଇପାରନ୍ତି।

**ମକର**
ଚତୁର୍ଥାଧିପତି ରାଶିରେ ରହିଥିବାରୁ ଆଜି ବନ୍ଧୁଙ୍କ ମେଳରେ ରହିବାର ସୁଯୋଗ ପାଇବେ। ପାରିବାରିକ ପରିସ୍ଥିତି ପୂର୍ବପରି ରହିବ ଏବଂ ପିଲାଙ୍କ ସହ ଖୁସିଗପ କରିବାର ମଉକା ଜୁଟିବ। ପ୍ରକାଶନ, ସଂଗଠନ, ରାଜନୀତି, ପ୍ରତିଦ୍ୱନ୍ଦ୍ୱିତା ତଥା ପ୍ରଶାସନିକ କ୍ଷେତ୍ରରେ ଦ୍ୱନ୍ଦ୍ୱ ଦୂର ହେବ। ବ୍ୟବସାୟିକ ସଫଳତା ସନ୍ତୋଷଜନକ ହେବ ନାହିଁ।

**କୁମ୍ଭ**
ଦ୍ୱାଦଶସ୍ଥ ଗ୍ରହ ପ୍ରଭାବରେ ଉପରିସ୍ଥଙ୍କ ଆଦେଶପ୍ରାପ୍ତ ହୋଇ ଦୂରଯାତ୍ରା କରିପାରନ୍ତି। ପରୋକ୍ଷ ଶତ୍ରୁତା କାରଣରୁ ଅସୁବିଧା ନ ହେଲେ ମଧ୍ୟ କେତେକ କାମ ଅଧାରେ ଅଟକି ଯାଇପାରେ। ଯାତ୍ରା, ବାଣିଜ୍ୟ, ଆଲୋଚନା କ୍ଷେତ୍ରରେ ଅନ୍ୟମନସ୍କ ହେତୁ କେତେକ ବ୍ୟତିକ୍ରମ ପରିଲକ୍ଷିତ ହେବାର ଆଶଙ୍କା ରହିଛି।

**ମୀନ**
ଆଜି ଚନ୍ଦ୍ର ସମେତ ଅନ୍ୟଗ୍ରହମାନେ ଏକାଦଶଭାବସ୍ଥ ଯୋଗୁ ସମସ୍ତ କାର୍ଯ୍ୟରେ ସିଦ୍ଧିଲାଭ କରିବେ। ପରିବାରର ଖର୍ଚ୍ଚ ବଢ଼ିବାରୁ ବ୍ୟସ୍ତ ହେବେ। ସ୍ୱାସ୍ଥ୍ୟହାନି କିମ୍ବା ବନ୍ଧୁଙ୍କ ସହ ତିକ୍ତତା ଯୋଗୁ ମନ ଉଦାସ ରହିବ। କଳା, ସାହିତ୍ୟ, ସଙ୍ଗୀତ ଏବଂ ଚଳଚ୍ଚିତ୍ର କ୍ଷେତ୍ରରେ ବେଶ୍ ଆଦୃତ ହୋଇପାରନ୍ତି।

ଆଜି ଜାନୁଆରୀ ୧୯ ତାରିଖ, ମାଘ ଶୁକ୍ଳ ପ୍ରତିପଦା ସୋମବାର। କଶ୍ମୀରୀ ପଣ୍ଡିତଙ୍କ ନିର୍ବାସନ ଦିବସ। ଦିବା ଘ.୧୧।୫୧ମି. ପର୍ଯ୍ୟନ୍ତ ଉତ୍ତରାଷାଢ଼ା/ମକର, ତତ୍‌ପରେ ଶ୍ରବଣା ନକ୍ଷତ୍ର, ପ୍ରତିପଦାର ଏକୋଦ୍ଦିଷ୍ଟ ଓ ପାର୍ବଣ ଶ୍ରାଦ୍ଧ। ଦିବା ଘ.୦୬।୨୭ମି. ଗତେ ଘ.୦୭।୫୦ମି. ମଧ୍ୟେ, ଘ.୧୦।୫୧ମି. ଗତେ ଘ.୦୧।୦୩ମି. ମଧ୍ୟେ ଶୁଦ୍ଧ ଶୁଭ ବେଳା। ସକାଳ ଘ.୦୭।୫୦ମି. ଗତେ ଘ.୦୯।୧୧ମି. ମଧ୍ୟେ ରାହୁ କାଳ ।

# କୋଟିଆ ବିବାଦ ସମାଧାନ କରିବାକୁ ଅଣ୍ଟା ଭିଡ଼ିଲା ଡିପିବିପି

■ ଆନ୍ଧ୍ର-ଓଡ଼ିଶାର ୬ ଜିଲାର ସଭାପତି, କର୍ମକର୍ତ୍ତା ସାମିଲ ହେବାକୁ ଆହ୍ୱାନ
■ ୨ ରାଜ୍ୟର ୬୪ ବ୍ଲକ୍‌କୁ ନେଇ ସ୍ୱତନ୍ତ୍ର ରାଜ୍ୟ ଗଠନ ଲକ୍ଷ୍ୟ

ପଟ୍ଟାଙ୍ଗି,୧୮।୧(ଶରତ କୁମାର ଧଳ)


ବୈଠକରେ ଆନ୍ଧ୍ର-ଓଡ଼ିଶାର ଦଣ୍ଡକାରଣ୍ୟ ପର୍ବତ ବିକାଶ ପରିଷଦର କର୍ମକର୍ତ୍ତା ଆଲୋଚନା କରୁଛନ୍ତି।

କୋରାପୁଟ ଜିଲା ପଟ୍ଟାଙ୍ଗି ବ୍ଲକ ମାଲିପୁଟ ପଞ୍ଚାୟତ ଅଧୀନ କୁନ୍ଦୁଲି ସାପ୍ତାହିକ ହାଟସ୍ଥିତ କମ୍ୟୁନିଟି ହଲ୍‌ରେ ଦଣ୍ଡକାରଣ୍ୟ ପର୍ବତ ବିକାଶ ପରିଷଦ(ଡିପିବିପି) ପକ୍ଷରୁ ଏକ ପ୍ରସ୍ତୁତି ବୈଠକ ରବିବାର ଅନୁଷ୍ଠିତ ହୋଇଯାଇଛି। ଏଥିରେ ଡିପିବିପି ରାଜ୍ୟ ସଭାପତି ତଥା ପୂର୍ବତନ ଏମ୍‌ପି ଜୟରାମ ପାଙ୍ଗୀଙ୍କ ସଭାପତିତ୍ୱରେ ଓଡ଼ିଶା-ଆନ୍ଧ୍ରର ୬ ଜିଲାର ସଭାପତି ଓ ପରିଷଦର କର୍ମକର୍ତ୍ତା ଉପସ୍ଥିତ ଥିଲେ। ବୈଠକରେ ଆନ୍ଧ୍ରର ପାଡେରୁ ଓ ପାର୍ବତୀପୁରମ୍ ମାନ୍ୟାମ ଜିଲା ସଭାପତିଙ୍କ ସହ ମାଲକାନଗିରି, କୋରାପୁଟ, ନବରଙ୍ଗପୁର ଓ ରାୟଗଡ଼ା ଜିଲା ସଭାପତି ଓ କର୍ମକର୍ତ୍ତା କୋଟିଆ ପଞ୍ଚାୟତରେ ଫେବୃଆରୀ ୪ରେ ଏକତ୍ର ହୋଇ ପଞ୍ଚାୟତର ବିବାଦ ସମାଧାନ ହେବା ନେଇ ବିସ୍ତୃତ ଆଲୋଚନା କରି ପଦକ୍ଷେପ ଗ୍ରହଣ କରିବାକୁ ଜିଲା ସଭାପତି ଓ କର୍ମକର୍ତ୍ତାମାନଙ୍କୁ ସୂଚନା ଦିଆଯାଇଛି। ୧୯୬୧-୬୨ରୁ ଚାଲିଥିବା ଏହି ସୀମା ବିବାଦର ସମାଧାନ କରିବା ନେଇ ଏଯାଏ କୌଣସି ପଦକ୍ଷେପ ଗ୍ରହଣ କରାଯାଇପାରୁ ନାହିଁ। ବର୍ତ୍ତମାନ କେନ୍ଦ୍ର ଓ ରାଜ୍ୟରେ ଭାଜପା ସରକାର ରହିଛି। ଆନ୍ଧ୍ରରେ ମଧ ମିଳିତ ସରକାର ଥିଲେ ସୁଦ୍ଧା କୋଟିଆ ବିବାଦ ସମାଧାନ ହୋଇପାରୁ ନାହିଁ। ଏଥିଯୋଗୁ ଆଦିବାସୀମାନେ ନିର୍ଯାତିତ ହେବା ସହ ସରକାରଙ୍କ ଯୋଜନାରୁ ଠିକ୍ ସହାୟତା ପାଇ ପାରୁନାହାନ୍ତି। ଏହି ସ୍ଥିତିରେ ଦଣ୍ଡକାରଣ୍ୟ ପର୍ବତ ବିକାଶ ପରିଷଦ ଏହାର ସମାଧାନ ବାଟ ବାହାର କରିପାରିବ ବୋଲି ରାଜ୍ୟ ସଭାପତି ପାଙ୍ଗୀ କହିଛନ୍ତି। ୨ ରାଜ୍ୟର ୬୪ ବ୍ଲକ୍‌କୁ ନେଇ ସ୍ୱତନ୍ତ୍ର ରାଜ୍ୟ ଗଠନ କରିବା ପରିଷଦର ମୂଳ ଲକ୍ଷ୍ୟ। ଏଥିପାଇଁ ଏକ ଦାବିପତ୍ର ପ୍ରସ୍ତୁତ କରି ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ କୋରାପୁଟ ଜିଲାପାଳଙ୍କୁ ପ୍ରଦାନ କରାଯିବ। ଏହାପରେ ଅନ୍ୟ ଜିଲାଗୁଡ଼ିକରେ ମଧ ପରିଷଦ ପକ୍ଷରୁ ଅନୁରୂପ ଦାବିପତ୍ର ପ୍ରଦାନ କରିବାକୁ ଆଲୋଚନା ହୋଇଥିଲା। ୨୦୧୧ ଜନଗଣନା ତଥ୍ୟ ଅନୁସାରେ ଏହି ୬ ଜିଲାରେ ୫୦ ଲକ୍ଷରୁ ଊର୍ଦ୍ଧ୍ୱ ଭୋଟର ରହିଥିବାରୁ ସ୍ୱତନ୍ତ୍ର ରାଜ୍ୟ ଗଠନ କରିବାରେ କୌଣସି ସମସ୍ୟା ନାହିଁ ବୋଲି ବୈଠକରେ କୁହାଯାଇଛି। ସ୍ୱତନ୍ତ୍ର ରାଜ୍ୟ ଗଠନ ନ ହେବା ଯାଏ ଏହି ପରିଷଦର ସଂଗ୍ରାମ ଜାରି ରହିବ ବୋଲି କର୍ମକର୍ତ୍ତାଙ୍କୁ ବୁଝାଇଥିଲେ। କୋଟିଆ ପଞ୍ଚାୟତରେ ହେବାକୁ ଥିବା ସମାବେଶରେ ୬ ଜିଲାର ସମସ୍ତ ବ୍ଲକରୁ ସଭାପତି ଓ ଅନ୍ୟ କର୍ମକର୍ତ୍ତା ଯୋଗଦେଇପାରିବା ନେଇ ଜିଲା ସଭାପତିମାନେ ପଦକ୍ଷେପ ନେବାକୁ ଆହ୍ୱାନ ଦେଇଥିଲେ। ବୈଠକରେ ରାଜ୍ୟ ସଙ୍ଗଠକ ରାଜୁ ନାୟକ, ମାଲକାନଗିରି ଜିଲାରୁ ଲଳିତ ମାଡକାମୀ, ସୋମନାଥ ଖରା, କୋରାପୁଟ ଜିଲା ଆଦିବାସୀ ସଭାପତି ରଞ୍ଜିତ ପାଙ୍ଗୀ, ରାଜ୍ୟ ଉପସଭାପତି ଚେଟି ଗଙ୍ଗାଧର ସ୍ୱାମୀ ଓ ଅନେକ ପଦାଧିକାରୀ ଉପସ୍ଥିତ ଥିଲେ।

# ବାର୍ଡ ଫ୍ଲୁ ପାଇଁ ୨୦୨୨ ୟୁନିଟ୍ ରକ୍ତ, ମଳ ସଂଗ୍ରହ

■ ଜାତୀୟ ଉଦ୍ୟାନରେ ବହିରାଗତ ପକ୍ଷୀଙ୍କ ସମାବେଶ
■ କୁଆ, ବତକ, କୁକୁଡ଼ା, ପାରା ଆଦି ରୋଗର ବାହକ
■ ଲକ୍ଷଣ ଦେଖିଲେ ଡାକ୍ତରଙ୍କ ପରାମର୍ଶ ଜରୁରୀ

କେନ୍ଦ୍ରାପଡ଼ା,୧୮।୧(ଜଗନ୍ନାଥ ଧଳ)

କେନ୍ଦ୍ରାପଡ଼ା ଜିଲା ରାଜନଗରସ୍ଥିତ ଜାତୀୟ ଉଦ୍ୟାନ ଭିତରକନିକାରେ ଦେଶୀ ବିଦେଶୀ ପକ୍ଷୀଙ୍କ ସମାବେଶ ହୋଇଛି। ବନ ବିଭାଗ ପକ୍ଷରୁ ପକ୍ଷୀଙ୍କ ସଂଖ୍ୟା ଗଣନା ରବିବାରଠାରୁ ଆରମ୍ଭ ହୋଇଛି। ବିଦେଶାଗତ ପକ୍ଷୀଙ୍କ ସମାବେଶ ହେତୁ ରାଜନଗର ବନ ବିଭାଗ ଓ ଜିଲା ପ୍ରାଣିଧନ ବିଭାଗ ପକ୍ଷରୁ ବାର୍ଡ ଫ୍ଲୁ ପ୍ରତି ସତର୍କତା ଅବଲମ୍ବନ କରାଯାଇଛି। ଭିତରକନିକା ଅଞ୍ଚଳର ପକ୍ଷୀ ଓ ଜିଲା ମଧ୍ୟରୁ କୁକୁଡ଼ା ଫାର୍ମ, ଗୃହପାଳିତ ପକ୍ଷୀଙ୍କ ୨୦୨୨ ୟୁନିଟ୍ ମଳ ଓ ରକ୍ତ ନମୁନା ଅଦ୍ୟାବଧି ସଂଗ୍ରହ କରାଯାଇଛି। ସେହିପରି ପ୍ରାଣିଧନ ବିଭାଗ ପକ୍ଷରୁ ଜିଲାର ୯ ବ୍ଲକ ଅଞ୍ଚଳରେ ରାପିଡ ରେସପନ୍ସ ଟିମ୍ ସହ ୪୦ରୁ ଊର୍ଦ୍ଧ୍ୱ କୁକୁଡ଼ା ଫାର୍ମ ମାଲିକଙ୍କୁ ଅସୁସ୍ଥ ଚିହ୍ନଟ ସମ୍ପର୍କରେ ଜାଣିବା ପାଇଁ ତାଲିମ ପ୍ରଦାନ କରାଯାଇଛି। କୁଆ, ବତକ, ବିଦେଶାଗତ ପାରା, କୁକୁଡ଼ା ଆଦି ପକ୍ଷୀ ବାର୍ଡ ଫ୍ଲୁର ବାହକ ହୋଇଥିବା ବେଳେ ଲକ୍ଷଣ ଦେଖିଲେ ୪୮ ଘଣ୍ଟା ମଧ୍ୟରେ ଡାକ୍ତରଙ୍କ ସହ ପରାମର୍ଶ ଜରୁରୀ ବୋଲି ସିଡିଭିଓ ଡା. ମନୋଜ କୁମାର ପଟ୍ଟନାୟକ ଓ ଏଡିଏମ୍‌ଓ ଡା. ସଚ୍ଚିଦାନନ୍ଦ ମିଶ୍ର କହିଛନ୍ତି।

ଏ ସମ୍ପର୍କରେ ଏଡିଏମ୍‌ଓ ଡା. ମିଶ୍ର କହିଛନ୍ତି, ବାର୍ଡ ଫ୍ଲୁପାଇଁ ଏଚ୍ ୫ ଏନ୍ ୧ ଭୂତାଣୁ ଦାୟୀ। ଏହି ରୋଗ ସଂକ୍ରମିତ ହେଲେ ବହୁ ପକ୍ଷୀଙ୍କ ମୃତ୍ୟୁ ହୁଏ। ପକ୍ଷୀଙ୍କ ସହ ମିଳାମିଶା କରୁଥିବା ଲୋକ ଏଥିରେ ସଂକ୍ରମିତ ହେବା ବହୁବାର ଦେଖିବାକୁ ମିଳିଛି। ସଂକ୍ରମିତ ରୋଗ ପାଇଁ କୁକୁଡ଼ା ଚାଷୀ ବିଶେଷ କ୍ଷତିଗ୍ରସ୍ତ ହୋଇଥାନ୍ତି। ସେହିପରି କଞ୍ଚା ଅଥବା ଦରସିଝା ଅଣ୍ଡା ଏହି ସମୟରେ ଆଦୌ ବ୍ୟବହାର କରିବା ଉଚିତ ନୁହେଁ। ବାର୍ଡ ଫ୍ଲୁରେ ସଂକ୍ରମିତ ପ୍ରଥମ ମଣିଷ ୧୯୯୭ ମସିହାରେ ହଂକଂରେ ଚିହ୍ନଟ ହୋଇଥିଲା। ସେହିବର୍ଷ ପ୍ରାୟ ୬୦ ପ୍ରତିଶତ ଗୃହପାଳିତ ପକ୍ଷୀଙ୍କର ମୃତ୍ୟୁ ହୋଇଥିଲା। ସଂକ୍ରମିତ ପକ୍ଷୀଙ୍କ ମଳ, ଲାଳ, ଆଖିରୁ ନିଗୁଡ଼ୁଥିବା ପାଣି ଏହି ଭୂତାଣୁର ବାହକ ହୋଇଥାନ୍ତି। ବିଶେଷକରି ବିଦେଶାଗତ ପକ୍ଷୀଙ୍କ ଦ୍ୱାରା ଏହି ରୋଗ ବ୍ୟାପିଥାଏ। କଫ, ଡାଇରିଆ, ଜ୍ୱର, ଶ୍ୱାସ ନେବାରେ କଷ୍ଟ, ମୁଣ୍ଡବିନ୍ଧା, ମାଂସପେଶୀ ଯନ୍ତ୍ରଣା, ଗଳା ଖସ୍‌ଖସ୍ ହେବା, ନାକରୁ ଅନବରତ ପାଣି ଗଡିବା ଆଦି ଏହି ରୋଗର ପ୍ରାଥମିକ ଲକ୍ଷଣ। ଲକ୍ଷଣ ଦେଖାଦେବାର ୪୮ ଘଣ୍ଟା ମଧ୍ୟରେ ଡାକ୍ତରଙ୍କ ପରାମର୍ଶ ନେବା ଜରୁରୀ ବୋଲି ଡା. ମିଶ୍ର ପ୍ରକାଶ କରିଛନ୍ତି। ସେହିପରି ଏ ସମ୍ପର୍କରେ ସିଡିଭିଓ ଡା. ପଟ୍ଟନାୟକ କହିଛନ୍ତି, ବିଭାଗ ପକ୍ଷରୁ ୯ଟି ରାପିଡ ରେସପନ୍ସ ଟିମ୍ ଗଠନ କରାଯାଇଛି। ଏଥିରେ ଜଣେ ଭିଏଏସ୍, ଜଣେ ଏଲଆଇ, ସ୍ଥାନୀୟ ଜିଲା ପରିଷଦ ସଭ୍ୟ ଓ ସାମାଜିକ କର୍ମୀଙ୍କୁ ସାମିଲ କରାଯାଇଛି। ଇତିମଧ୍ୟରେ ଏହି ଟିମ ୪୦ରୁ ଊର୍ଦ୍ଧ୍ୱ କୁକୁଡ଼ା ଫାର୍ମ ମାଲିକଙ୍କୁ ସଚେତନତା ସହ ତାଲିମ ପ୍ରଦାନ କରାଯାଇଛି। ଏଥିସହ ଭିତରକନିକା ସମେତ ଜିଲାର ଅନ୍ୟସ୍ଥାନରେ ପକ୍ଷୀଙ୍କ ମଳ ଓ ରକ୍ତର ନମୁନା ସଂଗ୍ରହ କରାଯାଇ କଟକସ୍ଥ ଏଡିଆର୍‌ଆଇ (ଆନିମଲ ଡିଜିଜ୍ ରିସର୍ଚ୍ଚ ଇନଷ୍ଟିଚ୍ୟୁଟ)କୁ ପଠାଯାଇଛି। ସେହିପରି ଅସୁସ୍ଥ ପକ୍ଷୀଙ୍କୁ ଚିହ୍ନଟ କରିବାକୁ ଟିମ୍‌କୁ ନିର୍ଦ୍ଦେଶ ଦିଆଯାଇଛି। ଅଦ୍ୟାବଧି କୌଣସି ପକ୍ଷୀ ଏହି ରୋଗରେ ଶିକାର ହୋଇଥିବା ପରି ଚିହ୍ନଟ ହୋଇ ନ ଥିବା ଏସ୍‌ଡିଭିଓ ଡା. ପଟ୍ଟନାୟକ ମତ ଦେଇଛନ୍ତି।

# ଦୁଇ ବିଧାୟକ ବିଶ୍ୱାସଘାତକ: ବିଜେଡି

## ପ୍ରମାଣ ଦିଅ, ଉତ୍ତର ଦେବୁ: ଅରବିନ୍ଦ, ସନାତନ

ଭୁବନେଶ୍ୱର,୧୮।୧(ରବିନାରାୟଣ ଜେନା)


ଶଙ୍ଖ ଭବନଠାରେ ରବିବାର ଅନୁଷ୍ଠିତ ଖବରଦାତା ସମ୍ମିଳନୀରେ ସାଧାରଣ ସମ୍ପାଦକ ଅମରେଶ ପତ୍ରି ଓ ଦଳର ମୁଖପାତ୍ର ଲେନିନ... ତୁମ୍ବନାଥ ପଣ୍ଡା।

ବିଜେଡିରୁ ବିଧାୟକ ସନାତନ ମହାକୁଡ ଏବଂ ଅରବିନ୍ଦ ମହାପାତ୍ରଙ୍କୁ ଦଳରୁ ନିଲମ୍ବନ କରାଯିବା ପରେ ରାଜ୍ୟ ରାଜନୀତି ଏବେ ଜୋର୍ ଧରିଛି। ଏହାକୁ ନେଇ ବିଭିନ୍ନ ମହଲରେ ରାଜ୍ୟ ସଭା ଅଙ୍କ ପାଇଁ ଏତେ ସବୁ ନାଟ ବୋଲି କୁହାଯାଉଥିବାବେଳେ ବିଜେଡିରେ କାଦୁଅଫିଙ୍ଗା ରାଜନୀତି ଥମୁନାହିଁ। ନିଲମ୍ବନକୁ ନେଇ ଦଳ ପକ୍ଷରୁ ପ୍ରତିଦିନ ଗଣମାଧ୍ୟମ ଆଗରେ ମୁଖପାତ୍ରମାନେ ବିବୃତି ରଖୁଥିବାବେଳେ ନିଲମ୍ବିତ ସଦସ୍ୟମାନେ ଏହାର କାରଣ ସହିତ ସମ୍ପୂର୍ଣ୍ଣ ଉତ୍ତର ଦେବାକୁ ପ୍ରସ୍ତୁତ ବୋଲି କହୁଛନ୍ତି।


ଏହି ପରିପ୍ରେକ୍ଷୀରେ ରବିବାର ବିଜେଡି ପକ୍ଷରୁ ଶଙ୍ଖଭବନଠାରେ ଅନୁଷ୍ଠିତ ଖବରଦାତା ସମ୍ମିଳନୀରେ ଦଳର ସାଧାରଣ ସମ୍ପାଦକ ତଥା ପାଟକୁରାର ଯୁବ ସଂଗଠକ ଅମରେଶ ପତ୍ରୀ କହିଛନ୍ତି, ଦଳକୁ ଦୁର୍ବଳ କରିବା ଏବଂ ବିଶ୍ୱାସଘାତକ ପାଇଁ ଉଭୟ ନିଲମ୍ବିତ ହୋଇଛନ୍ତି। ସେ କହିଛନ୍ତି, ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କ ଦ୍ୱାରା ସୁଯୋଗ ପାଇ ବିଧାୟକ ହେବା ପରଠାରୁ ପାଟକୁରାର ଦଳୀୟ କର୍ମୀଙ୍କୁ ଅରବିନ୍ଦ ଅଣଦେଖା କରି ନିଜସ୍ୱ ସଂଗଠନ କରିଆସୁଥିଲେ। ୨୫ ବର୍ଷ ଧରି ଯେଉଁ ଦଳୀୟ କର୍ମୀମାନେ ପାଟକୁରାରେ ବିଜେଡି ସଙ୍ଗଠନକୁ ସଶକ୍ତ କରି ରଖିଥିଲେ, ସେହି ପୁରୁଖା ନେତା ଓ କର୍ମୀଙ୍କୁ ଜାଣିଶୁଣି ଉପେକ୍ଷା କରି ନିଜର ଚାଟୁକାରମାନଙ୍କୁ ପଞ୍ଚାୟତ ଦାୟିତ୍ୱ ଦେଇ ସେମାନଙ୍କ ଜରିଆରେ ବିଧାୟକ ପାଣ୍ଠି ବିନିଯୋଗ କରୁଥିଲେ। ଗତ ସାଧାରଣ ନିର୍ବାଚନରେ ଟିକେଟ ପାଇଲା ପରେ ଦଳର ସାଂସଦ ପ୍ରାର୍ଥୀଙ୍କୁ ଅସହଯୋଗ କରିଥିଲେ। ପାଟକୁରାରେ ବାପା ପୁଅ ଦଳ ଚାଲିଥିଲା । ବାପାଙ୍କ ଇସାରାରେ ସବୁ କାମ କରୁଥିଲେ ଅରବିନ୍ଦ। ଅତୀତରେ ସ୍ୱର୍ଗତ ବିଜୁବାବୁଙ୍କ ବିରୋଧରେ ଅରବିନ୍ଦ ମହାପାତ୍ରଙ୍କ ପିତା ଯେଭଳି ଷଡ଼ଯନ୍ତ୍ର କରିଥିଲେ, ଏବେ ନବୀନ ପଟ୍ଟନାୟକଙ୍କ ବିରୋଧରେ ସେହିଭଳି ବିଶ୍ୱାସଘାତକତା କରିବା ଯୋଜନାରେ ସାମିଲ ହୋଇ ବିଜେଡିକୁ ଦୁର୍ବଳ କରିବା ଅପଚେଷ୍ଟାରେ ଲିପ୍ତ ଥିଲେ। ଠିକ୍ ସମୟରେ ଏହା ସଭାପତିଙ୍କ ଦୃଷ୍ଟିକୁ ଆସିବାରୁ ତାଙ୍କୁ ଦଳରୁ ନିଲମ୍ବନ କରାଯାଇଛି। କିଛି ମାସ ଧରି ଷଡ଼ଯନ୍ତ୍ରର ସୁରାକ ବିଜେଡି ସଭାପତି ପାଇଥିଲେ ମଧ ତ୍ରୁଟି ସୁଧାରିବା ପାଇଁ ଉଭୟଙ୍କୁ ସୁଯୋଗ ଦେଇଥିଲେ। କିନ୍ତୁ ସୁଧୁରିବା ବଦଳରେ ଉଭୟ ଅରବିନ୍ଦ ଓ ସନାତନ ଦଳ ବିରୋଧୀ କାର୍ଯ୍ୟ ଜାରି ରଖିଥିଲେ। ଦଳର ମୁଖପାତ୍ର ତୁମ୍ବନାଥ ପଣ୍ଡା କହିଥିଲେ, ଅରବିନ୍ଦ ସୁଯୋଗର ସଦ୍‌ବ୍ୟବହାର କରି ଲୋକଙ୍କ ସେବା କରିବା ପରିବର୍ତ୍ତେ ବିଶୃଙ୍ଖଳିତ ଆଚରଣ ଦୁର୍ଭାଗ୍ୟଜନକ।

ଅନ୍ୟପକ୍ଷରେ ବିଧାୟକ ଅରବିନ୍ଦ ମହାପାତ୍ର ଏହାର ଉତ୍ତରରେ କହିଛନ୍ତି, ଦଳର ସଭାପତି ନବୀନବାବୁଙ୍କ ସହ କଥା ହୋଇ ଉତ୍ତର ରଖିବି। ସେ କହିଛନ୍ତି, ବିଜେଡିର ଅଭିଯୋଗ ସମ୍ପୂର୍ଣ୍ଣ ମିଛ। ସବୁ ଦିନ ମୋ ବିରୋଧରେ ଦଳ ନୂଆ ନୂଆ ଅଭିଯୋଗ ଆଣୁଛି। ମୋ ବିରୋଧରେ ଯାହାସବୁ ତଥ୍ୟ ପ୍ରମାଣ ରହିଛି ତାକୁ ଗୋଟିଏ କାଗଜ ଫର୍ଦ୍ଦରେ ଲେଖିକି ଆଣନ୍ତୁ ଏବଂ ମିଡିଆରେ ରଖନ୍ତୁ। ମୁଁ ସବୁ ଅଭିଯୋଗର ଉତ୍ତର ଦେଇଦେବି। ମୁଁ ଏବେ ଦିଲ୍ଲୀ ଗସ୍ତରେ ବାହାରିଛି, ଫେରିଲେ ଖବରଦାତା ସମ୍ମିଳନୀ କରି ସବୁ ଅଭିଯୋଗର ଉତ୍ତର ରଖିବି ବୋଲି ଅରବିନ୍ଦ କହିଛନ୍ତି।

ସେହିପରି ବିଧାୟକ ସନାତନ ମହାକୁଡ଼ କହିଛନ୍ତି, ମୁଁ ଦଳର କୌଣସି କ୍ଷତି କରିନାହିଁ। ମାତ୍ର ଜିଲାବାସୀଙ୍କ ଉନ୍ନତି ପାଇଁ ବର୍ତ୍ତମାନର ମୁଖ୍ୟମନ୍ତ୍ରୀଙ୍କ ବିକାଶମୂଳକ କାର୍ଯ୍ୟରେ ସାମିଲ ହୋଇଛି। ତେଣୁ କିଏ ବିଶ୍ୱାସଘାତକ କରିଛି ତା'ର ପ୍ରମାଣ ସହ ଗଣମାଧ୍ୟମକୁ ଦଳ ଦେଉ ବୋଲି ସେ ଆହ୍ୱାନ ଦେଇଛନ୍ତି।

# ୧୦ ମାସ ଶିଶୁ ଶ୍ୱାସନଳୀରୁ ବାହାରିଲା ଏଲ୍‌ଇଡି ଧାତବ

ଭୁବନେଶ୍ୱର,୧୮।୧(ଅନୁରାଧା)



ଏଲ୍‌ଇଡି ସଂଯୁକ୍ତ ଖେଳନାରେ ଖେଳୁଥିଲା ୧୦ ମାସର ଶିଶୁ। ଭୁଲ୍ ବଶତଃ ଅଜାଣତରେ ନାକରେ ପଶିଯାଇଥିଲା ଏଲ୍‌ଇଡିର ଧାତବ ଅଂଶ। ଫଳରେ ଶିଶୁଟିକୁ ଶ୍ୱାସକ୍ରିୟା ନେବାରେ ଗୁରୁତର ଅସୁବିଧାର ସମ୍ମୁଖୀନ ହେବାକୁ ପଡ଼ିଥିଲା। ଏପରି ଜରୁରୀକାଳୀନ ପରିସ୍ଥିତିରେ ଶିଶୁଟିକୁ ଭୁବନେଶ୍ୱରସ୍ଥିତ କିମ୍ସ ହସପିଟାଲରେ ଭର୍ତ୍ତି କରାଯାଇଥିଲା। ଏଲଇଡି ଧାତବ ଖେଳଣାଟି ତୀକ୍ଷ୍ଣ ଧାରଯୁକ୍ତ ହୋଇଥିବାରୁ ଆଭ୍ୟନ୍ତରୀଣ ଆଘାତଜନିତ କ୍ଷତର ବିପଦ ସୃଷ୍ଟି କରିଥିଲା। କିମ୍ସରେ ପହଞ୍ଚିବା ପରେ ଡାକ୍ତରମାନେ ଶିଶୁଟିର ଜୀବନ ପ୍ରତି ବିପଦ ଥିବା ଆଶଙ୍କା କରି ତୁରନ୍ତ ଚିକିତ୍ସା ଆରମ୍ଭ କରିଥିଲେ। ବିଶିଷ୍ଟ ପଲମୋନୋଲୋଜିଷ୍ଟ ଡା. ଦେବାଶିଷ ବେହେରା ଉନ୍ନତ ବ୍ରୋଙ୍କୋସ୍କୋପି ପ୍ରକ୍ରିୟା ବ୍ୟବହାର କରି ସଫଳତାର ସହ ଶିଶୁର ଶ୍ୱାସନଳୀରୁ ଧାତବ ଏଲଇଡି ପଦାର୍ଥକୁ ବାହାର କରିବାରେ ସଫଳ ହୋଇଥିଲେ। ଡା. ଅମିତ ପ୍ରଧାନ ଓ ତାଙ୍କ ଆନାସ୍ଥେସିଆ ଦଳ ଏଥିରେ ସହଯୋଗ କରିଥିଲେ। କିମ୍ସର ଇଣ୍ଟେନ୍ସିଭିଷ୍ଟ ଡା. ବନ୍ଧ୍ୟା ସାହୁ, ଡା. ରେଶମି ମିଶ୍ର ଓ ଡା. ମୁକେଶ କୁମାର ଜୈନଙ୍କ ମିଳିତ ଉଦ୍ୟମରେ ଶିଶୁଟିର ସଫଳ ଚିକିତ୍ସା କରାଯାଇଥିବାବେଳେ ସେ ସୁସ୍ଥ ଥିବା କିମ୍ସ ପକ୍ଷରୁ ସୂଚନା ଦିଆଯାଇଛି।






ଏକ ପୂର୍ଣ୍ଣ ପ୍ରାଣଶକ୍ତି ଓ ବୌଦ୍ଧିକ ବିକାଶ ବ୍ୟତୀତ, ଭାରତ ତା'ର ଆଧ୍ୟାତ୍ମିକ ପ୍ରବୃତ୍ତିକୁ ନେଇ ଯେତେ ଯାହା କରିଛି ସେତିକି ସେ କେବେ କରିପାରି ନ ଥାନ୍ତା। ଏପରି ଭାବିବା ବଡ ଭୁଲ ଯେ, ଏକ ଦରିଦ୍ର ଭୂମି ଉପରେ ଅର୍ଦ୍ଧମୃତ ଜୀବନ ଏବଂ ହତୋତ୍ସାହିତ ଭୟାକ୍ରାନ୍ତ ବୁଦ୍ଧିରେ ହିଁ ଆଧ୍ୟାତ୍ମିକତା ବିକଶିତ ହୋଇପାରେ। -ଶ୍ରୀଅରବିନ୍ଦ



# ଅଖାଡୁଆ ବ୍ୟକ୍ତି

ବିଶ୍ୱର ସର୍ବବୃହତ୍ ଦ୍ୱୀପ ଗ୍ରୀନ୍‌ଲାଣ୍ଡ ଡେନ୍‌ମାର୍କ ଭିତରେ ଏକ ସ୍ୱୟଂଶାସିତ ଅଞ୍ଚଳ ଭାବେ ରହିଛି। ଏହା ମାତୃଦେଶ ଡେନ୍‌ମାର୍କଠାରୁ ପ୍ରାୟ ୩ ହଜାର କିଲୋମିଟର ଦୂରରେ ଅବସ୍ଥିତ। ଗ୍ରୀନ୍‌ଲାଣ୍ଡର ଇତିହାସ ଦେଖିଲେ ଜଣାପଡ଼େ ଯେ, ୧୯୫୩ ମସିହାରେ ତାହା ଡେନ୍‌ମାର୍କର ଏକ ଅଂଶ ଭାବେ ପରିଗଣିତ ହୋଇଥିଲା। ଏବେ ତାହା ଏକ ସ୍ୱୟଂଶାସିତ ଅଞ୍ଚଳ ହୋଇଥିଲେ ମଧ୍ୟ ପ୍ରତିରକ୍ଷା ଓ ବହିର୍ବ୍ୟାପାର ବ୍ୟବସ୍ଥା ଡେନ୍‌ମାର୍କ ହାତରେ ରହିଛି। ତେବେ ଗ୍ରୀନ୍‌ଲାଣ୍ଡକୁ ହାତେଇବା ପାଇଁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ୍ ପ୍ରସ୍ତୁତ ହେଉଥିବାରୁ କେତେକ ୟୁରୋପୀୟ ରାଷ୍ଟ୍ରଙ୍କ ବିରୋଧର ସମ୍ମୁଖୀନ ହୋଇଛନ୍ତି। ଫଳରେ ଟ୍ରମ୍ପ୍ ନିଜ ଶୈଳୀରେ ଭୟ ଦେଖାଇ ୧୭ ଜାନୁଆରୀ ୨୦୨୬ରେ ବିରୋଧ କରୁଥିବା ୮ ୟୁରୋପୀୟ ଦେଶ ବ୍ରିଟେନ୍, ଡେନ୍‌ମାର୍କ, ନରୱେ, ସୁଇଡେନ, ଫ୍ରାନ୍ସ, ଜର୍ମାନୀ, ନେଦରଲାଣ୍ଡ୍‌ସ ଓ ଫିନ୍‌ଲାଣ୍ଡରୁ ଆସୁଥିବା ସମସ୍ତ ସାମଗ୍ରୀ ଉପରେ ୧୦ ପ୍ରତିଶତ ଟାରିଫ୍ ବସାଇଛନ୍ତି। ସେ ଆହୁରି କହିଛନ୍ତି, ଜୁନ୍ ୧ ତାରିଖରୁ ଏହି ଶୁଳ୍କ ୨୫ ପ୍ରତିଶତ ବୃଦ୍ଧି ପାଇବ ଓ ଗ୍ରୀନ୍‌ଲାଣ୍ଡ କିଣିବା ପାଇଁ ଆମେରିକାର ଏକ ଚୁକ୍ତି ହେବା ପର୍ଯ୍ୟନ୍ତ ଏହା ବଳବତ୍ତର ରହିବ। ଟ୍ରମ୍ପ୍ ଏଭଳି କହିବା ପରେ ୟୁରୋପୀୟ ସଂଘ ନେତାମାନେ ନକାରାତ୍ମକ ପ୍ରତିକ୍ରିୟା ପ୍ରକାଶ କରିଛନ୍ତି। ଟ୍ରମ୍ପ୍‌ଙ୍କ ମୁକାବିଲା କରିବା ଲାଗି ୟୁରୋପୀୟ ସଂଘ ବ୍ରସେଲ୍‌ସରେ ୨୭ ସଦସ୍ୟ ରାଷ୍ଟ୍ରର ରାଷ୍ଟ୍ରଦୂତମାନଙ୍କ ଏକ ଜରୁରୀ ବୈଠକ ଡାକିଛି। ଏଥିରେ ଅବିଚଳିତ ଟ୍ରମ୍ପ୍ କହିଛନ୍ତି, ବସାଯାଇଥିବା ଟାରିଫ୍ ଯୁକ୍ତିଯୁକ୍ତ। କାରଣ ଆମେରିକାର ଜାତୀୟ ସୁରକ୍ଷା ଓ ବିଶ୍ୱ ସ୍ଥିରତା ପାଇଁ ଗ୍ରୀନ୍‌ଲାଣ୍ଡ କିଣିବା ନିତାନ୍ତ ଦରକାର। ଆର୍କଟିକ୍‌ରେ ରୁଷିଆ ଓ ଚାଇନାର ଆଗ୍ରହ ବଢୁଥିବାରୁ ଅନ୍ତର୍ଜାତୀୟ ରଣନୀତିକ ଦୃଷ୍ଟିକୋଣରୁ ଗ୍ରୀନ୍‌ଲାଣ୍ଡ କିଣିବା ଉପରେ ଟ୍ରମ୍ପ୍‌ଙ୍କ ଜିଦି ନିଶ୍ଚିତ ଭାବେ ବିଶ୍ୱସ୍ତରରେ ଚହଳ ପକାଇଲା ଭଳି ପଦକ୍ଷେପ ବୋଲି ଆଲୋଚନା ହେବା ସ୍ୱାଭାବିକ।

ଟ୍ରମ୍ପ୍‌ଙ୍କ ବିଭିନ୍ନ ନିଷ୍ପତ୍ତିକୁ ବହୁ ରାଷ୍ଟ୍ର ନିନ୍ଦା କରୁଛନ୍ତି, ଏପରିକି ନିଜ ଦେଶ ଭିତରେ ସେ ବିରୋଧର ସମ୍ମୁଖୀନ ହେଉଛନ୍ତି। ତା' ସତ୍ତ୍ୱେ ସେ ଗତାନୁଗତିକ ପଦ୍ଧତିରେ ନିଜ ନିଷ୍ପତ୍ତିରେ ଅଟଳ ରହୁଛନ୍ତି। ଭେନେଜୁଏଲା ରାଷ୍ଟ୍ରପତି ନିକୋଲାସ ମାଦୁରୋ ଓ ତାଙ୍କ ସ୍ତ୍ରୀଙ୍କୁ ଉଠାଇ ଆଣିବା ପରେ ଗୋଟେ 'ଘୋ' ହୋଇଥିଲା ଯେ, ଏହାର ପରିଣତି କ'ଣ ଗୋଟେ ଅସ୍ୱାଭାବିକତା ସୃଷ୍ଟି କରିପାରେ। ଦେଖିଲା ବେଳକୁ ଭେନେଜୁଏଲାର ବିରୋଧୀ ନେତ୍ରୀ ମାରିଆ କୋରିନା ମାଚାଡୋ ବେଲଜ୍ଜା ଭାବେ ହ୍ୱାଇଟ୍ ହାଉସ୍ ଯାଇ ପାଇଥିବା ନୋବେଲ ଶାନ୍ତି ପୁରସ୍କାରକୁ ଟ୍ରମ୍ପ୍‌ଙ୍କୁ ପ୍ରଦାନ କରିଛନ୍ତି। ଉଦ୍ଦେଶ୍ୟ ରହିଛି କାଳେ କେବେ ଟ୍ରମ୍ପ୍‌ଙ୍କ ଶୁଭ ଦୃଷ୍ଟି ପଡ଼ିଲେ ସେ ଭେନେଜୁଏଲା ଶାସନର ମଙ୍ଗ ଧରିପାରନ୍ତି। ଆମେରିକା ଭିତରେ ଯେଉଁମାନେ ଟ୍ରମ୍ପ୍‌ଙ୍କୁ ବିରୋଧ କରୁଥିଲେ ସେମାନେ ମଧ୍ୟ ଶିଥିଳ ପଡ଼ିଯାଇଛନ୍ତି। ଜୋ ବାଇଡେନ୍ ରାଷ୍ଟ୍ରପତି ଥିବା ବେଳେ ଆମେରିକା ଅର୍ଥନୀତି ଧିମା ହୋଇଥିଲା। ଟ୍ରମ୍ପ୍ କ୍ଷମତାକୁ ଆସିବା ଓ ମେକ୍ ଆମେରିକା ଗ୍ରେଟ୍ ଏଗେନ୍ (ମାଗା) ଚିନ୍ତାଧାରାକୁ କାର୍ଯ୍ୟକାରୀ କରିବାରୁ ତାଙ୍କ ଦେଶ ଆର୍ଥିକ ଦୃଷ୍ଟିରୁ ବଢ଼ିଚାଲିଲାଣି ଏବଂ ଏବେ, ପୃଥିବୀର ଅନ୍ୟସବୁ ଦେଶକୁ ପଛରେ ପକାଇ, ଆମେରିକା ବିଶ୍ୱବ୍ୟାପୀ ଆଲୋଚନାର ମୁଖ୍ୟ ବିଷୟ ହୋଇଯାଇଛି। ଏଥିସହିତ ଟ୍ରମ୍ପ୍ ଏକ୍‌ଜିକ୍ୟୁଟିଭ୍ ନିର୍ଦ୍ଦେଶନାମା ଜାରି କରି ଆମେରିକା ଅନୁଦାନ ପାଇ ପୁଷ୍ଟ ହେଉଥିବା ଅନେକ ଦେଶ ଓ ସଙ୍ଗଠନର ପାଣ୍ଠିକୁ ସଙ୍କୁଚିତ କିମ୍ବା ସମ୍ପୂର୍ଣ୍ଣ ଉଚ୍ଛେଦ କରିଦେଇଛନ୍ତି। ଏଭଳି ନିଷ୍ପତ୍ତି ତାଙ୍କ ଦେଶର ଅର୍ଥନୀତିକୁ ସୁଦୃଢ଼ କରିଥିବା ସେଠାକାର ନାଗରିକ ଉପଲବ୍ଧି କରିବା ପରେ ଆଉ ବେଶି ପାଟି ଫିଟାଉ ନାହାନ୍ତି। ଟ୍ରମ୍ପ୍ ସମ୍ଭବତଃ ହୃଦୟଙ୍ଗମ କରିଥିବେ ଯେ, ତାଙ୍କ ଦେଶ ପକ୍ଷରୁ ଦିଆଯାଉଥିବା ଅନୁଦାନର କୃତଜ୍ଞତା ସ୍ୱରୂପ ଆମେରିକା କିଛି ପାଉ ନ ଥିବାରୁ ସେସବୁକୁ ଜାରି ରଖିବାର ଆବଶ୍ୟକତା ନାହିଁ।

ଆଉ ଗୋଟେ ବିଷୟ ଲକ୍ଷ୍ୟ କରାଯାଉଛି ଯେ, ଟ୍ରମ୍ପ୍ ଦ୍ୱିତୀୟ ଥର ଆମେରିକାରେ କ୍ଷମତାସୀନ ହେବା ପରେ ବିଶ୍ୱ ଅର୍ଥନୀତି ଚଳଚଞ୍ଚଳ ହୋଇପଡ଼ିଛି। ଦୀର୍ଘବର୍ଷ ଧରି ୟୁରୋ ମୁଦ୍ରା ଥିଲେ ମଧ୍ୟ ଅନ୍ତର୍ଜାତୀୟ ସ୍ତରରେ ସେଭଳି ପ୍ରଭାବ ପକାଇପାରୁ ନାହିଁ। ଆମେରିକା ଡଲାରର ପ୍ରଭାବକୁ ହ୍ରାସ କରିବା ଲାଗି 'ବ୍ରିକ୍ସ ମୁଦ୍ରା' ଉପରେ ଅନେକ ହୋହଲ୍ଲା ହେଲା, କିନ୍ତୁ ତାହା ଶୀତଳଭଣ୍ଡାରରେ ପଡ଼ିରହିଛି। ଉଲ୍ଲେଖଯୋଗ୍ୟ ଯେ, ବ୍ରାଜିଲ, ରୁଷିଆ, ଭାରତ, ଚାଇନା ଏବଂ ଦକ୍ଷିଣ ଆଫ୍ରିକା (ନୂଆ ସଦସ୍ୟ ରାଷ୍ଟ୍ର ଇରାନ, ସଂଯୁକ୍ତ ଆରବ ଏମିରେଟ୍‌ସ, ସାଉଦି ଆରବ, ଇଣ୍ଡୋନେସିଆ, ଇଥୋପିଆ ଏବଂ ଇଜିପ୍ଟ)କୁ ନେଇ ବ୍ରିକ୍ସ ଗଠିତ। ଏହିସବୁ ରାଷ୍ଟ୍ର ବିଶ୍ୱ ଜନସଂଖ୍ୟାର ୪୦ ପ୍ରତିଶତ ହୋଇଥିବାରୁ ଆଶା କରାଯାଉଥିଲା ବ୍ରିକ୍ସ ମୁଦ୍ରା କାର୍ଯ୍ୟକାରୀ ହେଲେ ଏମାନଙ୍କ ମଧ୍ୟରେ ବାଣିଜ୍ୟ ସୁଦୃଢ଼ ହେବ ଓ ଆମେରିକୀୟ ଡଲାର ଉପରେ ନିର୍ଭରଶୀଳତା କମିବ। ତାହା ହେଲା ନାହିଁ। ଚାଇନା ନିଜ ଅର୍ଥନୀତି ବଢ଼ାଇବାକୁ ଚାହିଁଲା ବେଳେ ରୁଷିଆ ଯୁଦ୍ଧ ଜର୍ଜରିତ। ଏଭଳି ସ୍ଥଳେ ଭାରତ ନିଜ ଆଭ୍ୟନ୍ତରୀଣ ସମସ୍ୟା ଦେଇ ଗତି କରୁଥିବାରୁ ବ୍ରିକ୍ସ ମୁଦ୍ରାର ଭାଗ୍ୟ ଝୁଲି ରହିଛି। ୟୁରୋଠାରୁ ଆରମ୍ଭ କରି ବ୍ରିକ୍ସ ମୁଦ୍ରାର ପରିଣତିକୁ ଟ୍ରମ୍ପ୍ ଭଲ ଭାବେ ବୁଝିଯିବା ପରେ ସେହି ଦୁଇଟି ମୁଦ୍ରାର ମୂଲ୍ୟଦୁଆକୁ ଭାଙ୍ଗିଦେବାକୁ ପଦକ୍ଷେପ ନେଉଛନ୍ତି। ତାହାର ଉଦାହରଣ କ୍ରିପ୍ଟୋ କରେନ୍ସି ବହୁଳ ପ୍ରସାର କରାଇବା ଦିଗରେ ଅନେକ ପ୍ରଚେଷ୍ଟା ଆରମ୍ଭ କରିଦେଇଛନ୍ତି। ସେଥିପାଇଁ ସେ କୌଶଳ କରି କିମ୍ବା ସ୍ଥଳବିଶେଷରେ ଅନ୍ୟକୁ ଡରାଇ ବିଶ୍ୱସ୍ତରରେ ଏକ ନୂଆ ଅର୍ଥନୈତିକ ପରିଭାଷା ସୃଷ୍ଟି କରିବାରେ ଲାଗିପଡ଼ିଛନ୍ତି। ବାସ୍ତବିକ ଧିମେଇ ଯାଇଥିବା ଅନ୍ତର୍ଜାତୀୟ ଅର୍ଥନୈତିକ ପ୍ରବାହକୁ ଗତିଶୀଳ କରିବା ଲାଗି ଟ୍ରମ୍ପ୍‌ଙ୍କ ନିଷ୍ପତ୍ତି ହୁଏତ ନୂଆ ବାଟ ଦେଖାଇପାରେ। କାମରେ କିଛି ନ କରି ଭଦ୍ର ବ୍ୟବହାର କରୁଥିବା ଲୋକଙ୍କ ଅପେକ୍ଷା ଅଖାଡୁଆ ବ୍ୟକ୍ତିଙ୍କ ତତ୍‌କ୍ଷଣାତ୍ ପଦକ୍ଷେପ ମଧ୍ୟ ଗୋଟେ ବଡ଼ ପରିବର୍ତ୍ତନ ବା ସଂସ୍କାର ଆଣିପାରେ।

## sudoku ସୁ-ଡୋ-କୁ

Puzzles by Srikant Ghosh

| | | | | | | | | |
|---|---|---|---|---|---|---|---|---|
| | | | | | | 8 | | |
| | | | | 7 | 4 | | | 3 |
| | 3 | | | | | | 1 | 6 |
| 5 | | 7 | | 3 | | | 4 | |
| | 9 | | 8 | 2 | | | | |
| | | 2 | | | | | 6 | |
| | | | 9 | | 1 | | 3 | |
| | | | | | | | | |
| | | 1 | 3 | | | 2 | | |

ଏହାର ଉତ୍ତର ଆସନ୍ତାକାଲି ପ୍ରକାଶ ପାଇବ

ଉପରେ ପ୍ରଦତ୍ତ ସୁଡୋକୁର ଏପରି ସମାଧାନ କରିବାକୁ ହେବ, ଯେପରି ପ୍ରତ୍ୟେକ ଧାଡ଼ି, ସ୍ତମ୍ଭ ଓ ଆୟତାକାର ବାକ୍ସ ଭିତରେ ୧ରୁ ୯ ପର୍ଯ୍ୟନ୍ତ ଅଙ୍କ ରହିବ।

| | | | | | | | | |
|---|---|---|---|---|---|---|---|---|
| 7 | 6 | 9 | 4 | 5 | 1 | 3 | 8 | 2 |
| 4 | 2 | 1 | 8 | 6 | 3 | 7 | 5 | 9 |
| 3 | 5 | 8 | 2 | 7 | 9 | 6 | 4 | 1 |
| 1 | 3 | 2 | 5 | 9 | 7 | 4 | 6 | 8 |
| 5 | 4 | 7 | 6 | 8 | 2 | 9 | 1 | 3 |
| 9 | 8 | 6 | 3 | 1 | 4 | 5 | 2 | 7 |
| 2 | 1 | 5 | 7 | 3 | 6 | 8 | 9 | 4 |
| 6 | 7 | 4 | 9 | 2 | 8 | 1 | 3 | 5 |
| 8 | 9 | 3 | 1 | 4 | 5 | 2 | 7 | 6 |

ଗତକାଲିର ଉତ୍ତର

# ସାମ୍ପ୍ରତିକ ରାଜନୀତି ଓ ଯୁବପିଢ଼ି



ରାଜୀବ କର୍ମ

ସାମ୍ପ୍ରତିକ ରାଜନୀତିରେ ଦୁଇ ପ୍ରକାର ଯୁବଗୋଷ୍ଠୀଙ୍କୁ ଦେଖିବାକୁ ମିଳେ। ଗୋଟିଏ ହେଲେ ସୌଖୀନ ନେତା ଓ ଅନ୍ୟଟି ହେଲେ ଅପରାଧ ଘଟାଇବା ପାଇଁ ପ୍ରାୟୋଜିତ ନେତା। ପ୍ରଥମ ଗୋଷ୍ଠୀ ରାଜନୈତିକ ପରିବାରରୁ ଆସିଥିବା ବେଳେ ଦ୍ୱିତୀୟ ଗୋଷ୍ଠୀ କିଛି ଛାତ୍ରନେତା ଏବଂ ପ୍ରଭାବଶାଳୀ ରାଜନେତାଙ୍କ ପୃଷ୍ଠପୋଷକତାରୁ ସୃଷ୍ଟି। ଏହା ସତ୍ତ୍ୱେ ବି ରାଜନୀତିରେ ଯୁବକଙ୍କ ପ୍ରତିନିଧିତ୍ୱ ଗୌଣ। ଭାରତ ପୃଥିବୀର ସବୁଠାରୁ ଯୁବକ ରାଷ୍ଟ୍ର। କିନ୍ତୁ ଏମାନଙ୍କର ରାଜନୀତିରେ ପ୍ରତିନିଧିତ୍ୱ ନିମ୍ନ। ନିର୍ବାଚନରେ ବୟସ୍କଙ୍କ ତୁଳନାରେ ଯୁବ ପ୍ରତିନିଧିତ୍ୱ କମିବାରେ ଲାଗିଛି। ୧୯୫୨-୫୭ ଲୋକ ସଭାରେ ଯୁବ ପ୍ରତିନିଧିତ୍ୱ ଶତକଡ଼ା ୨୨.୨୫ସହିତ ୧୩୮ ଜଣ ୪୦ ବର୍ଷରୁ କମ୍ ବୟସ୍କ ଏମ୍‌ପି ଥିବାବେଳେ ୨୦୨୪ ଲୋକ ସଭାରେ ଏହା କେବଳ ୧୦.୬୮ ଶତକଡା ଅଥାତ୍ କେବଳ ୪୧ ଜଣ ଯୁବ ଏମ୍‌ପି ଅଛନ୍ତି। ଅନ୍ୟ ପକ୍ଷରେ ୭୧ ବର୍ଷରୁ ଉର୍ଦ୍ଧ୍ୱ ବୟସ୍କ ଏମ୍‌ପି ପ୍ରଥମ ଲୋକ ସଭାରେ ୧୪ ଜଣ ଥିବାବେଳେ ୨୦୨୪ଲୋକ ସଭାରେ ଏହା ୨୦୮କୁ ପହଞ୍ଚିଛି। ପ୍ରଥମ ଲୋକ ସଭାରେ ଏମ୍‌ପିଙ୍କ ହାରାହାରି ବୟସ ୪୬.୫ ଥିବା ବେଳେ ୨୦୨୪ରେ ଏହା ୫୫.୬ରେ ପହଞ୍ଚିଛି।

ସମ୍ପ୍ରତି କମ୍ ଯୁବନେତା ସାମାଜିକ ପରିବର୍ତ୍ତନ ପାଇଁ କାମକରୁଛନ୍ତି। ଏହି ନିରୁତ୍ସାହିତ ସ୍ଥିତି କେବଳ ନିର୍ଦ୍ଦିଷ୍ଟ କେତୋଟି କାରଣ ପାଇଁ ଭାରତୀୟ ରାଜନୀତିରେ ପ୍ରତିଫଳିତ ହୋଇଥାଏ। ପ୍ରଥମତଃ ଯୁବପିଢ଼ି ସକ୍ରିୟ ରାଜନୀତି ପ୍ରତି ଆକୃଷ୍ଟ ନ ହେବା। ଜାତିଗତ ସଂରକ୍ଷଣ, ନିର୍ଭୟା କେସ୍ ତଥା ଦୁର୍ନୀତିମୁକ୍ତ ଭାରତ ପାଇଁ ଆନ୍ନା ହଜାରେଙ୍କ ବିଶାଳ ସମାବେଶ ଭଳି ସମ୍ବେଦନଶୀଳ ବିଷୟରେ ଯୁବକଙ୍କ ଭୂମିକା ଏ ଦେଶ ଦେଖିଛି। କିନ୍ତୁ ବର୍ତ୍ତମାନ ସେତିକି ମାତ୍ରାରେ ଯୁବଶକ୍ତିର ପ୍ରଦର୍ଶନ ହୋଇ ପାରୁ ନାହିଁ। ଦେଶ ଓ ସମାଜ କେଉଁଭଳି ପରିସ୍ଥିତି ଏବଂ ସମସ୍ୟାର ସମ୍ମୁଖୀନ ହେଉଛି ତାହା ଯୁବକଙ୍କୁ ଅଜଣା ନୁହେଁ। ତେଣୁ ସେମାନଙ୍କୁ ସୁଯୋଗ ଦିଆଗଲେ ରାଜନୈତିକ ପରିବେଶକୁ ବଦଳାଇ ରାଜନୀତିକୁ ଏକ ନୂତନ ସମୀକରଣ ଦେଇ ପାରନ୍ତେ।

ଦ୍ୱିତୀୟ କାରଣଟି ହେଉଛି ରାଜନୈତିକ ଦଳର ବରିଷ୍ଠ ସଦସ୍ୟମାନେ ଯୁବକଙ୍କୁ ସୁଯୋଗ ଦେବା ପାଇଁ କୁଣ୍ଠାବୋଧ କରିବା। ରାଜନୈତିକ ଦଳଗୁଡ଼ିକରେ ଅତ୍ୟଧିକ କ୍ଷମତାଲୋଭ ଯୋଗୁ ଯୁବକମାନେ ଏଥିରୁ ବଞ୍ଚିତ ହେଉଛନ୍ତି। ବରିଷ୍ଠମାନେ ଏ ବିଷୟରେ ହୃଦୟଙ୍ଗମକରି ଯୁବକଙ୍କୁ ସୁଯୋଗ ଦେବା ଉଚିତ। ତୃତୀୟଟି ହେଉଛି ବାପା-ମା'ମାନେ ନିଜ ସନ୍ତାନଙ୍କୁ ନିଜର ପାରମ୍ପରିକ ବ୍ୟବସାୟରେ



ନିୟୋଜନ। ବର୍ତ୍ତମାନର ରାଜନେତାମାନେ ନିଜର କଳୁଷିତ ରାଜନୀତି ପାଇଁ ବିଶ୍ୱାସ ହରାଉଛନ୍ତି। ତେଣୁ ବାପା-ମା'ମାନେ ନିଜର ଉଚ୍ଚ ଶିକ୍ଷିତ ପୁଅ-ଝିଅମାନଙ୍କୁ ରାଜନୀତିରେ ଭାଗନେବାକୁ ଉତ୍ସାହିତ କରୁନାହାନ୍ତି। ଏତଦ୍‌ଭିନ୍ନ ତଥାକଥିତ ରାଜନୀତିରେ ଉଚ୍ଚ ଶିକ୍ଷିତମାନଙ୍କର ଆବଶ୍ୟକତା ନାହିଁ।

ଚତୁର୍ଥ କାରଣଟି ଗ୍ରାମାଞ୍ଚଳରେ ଯୁବକମାନେ ରାଜନୀତିକୁ ଏକ ଲାଭଜନକ ବ୍ୟବସାୟ ଭାବରେ ଦେଖୁଛନ୍ତି। ନେତାମାନେ ଯୁବକଙ୍କୁ ଆୟୁଧ କରି ରାଜନୀତିରେ ଲାଭ ହାସଲ କରୁଛନ୍ତି। ଯୁବକମାନଙ୍କୁ କେବଳ ଭୋଟ ପ୍ରଚାର, ବିଭିନ୍ନ ଉନ୍ନୟନମୂଳକ କାମର ଠିକା ଏବଂ ରାଜନୈତିକ ଦଳଗୁଡ଼ିକର ଦଳୀୟ କାର୍ଯ୍ୟକ୍ରମରେ ଲୋକ ଯୋଗାଡ଼ ଏବଂ ଦଳ ପାଇଁ ପାଣ୍ଠି ସଂଗ୍ରହରେ ବ୍ୟବହାର କରନ୍ତି। ପଞ୍ଚମ କାରଣଟି ହେଲା ଯୁବପିଢ଼ି ସମାଜ ଅପେକ୍ଷା ନିଜ ଜୀବିକା କଥାକୁ ଅଧିକ ଗୁରୁତ୍ୱ ଦେଉଛନ୍ତି ଏବଂ ଏହା ସ୍ୱାଭାବିକ ମଧ୍ୟ। ପରିବାର ଏବଂ ନିଜର ପ୍ରତିପୋଷଣ ଏମାନଙ୍କ ପାଇଁ ଏବେ ଏକ ମୌଳିକ ଆବଶ୍ୟକତା, ଯାହା ପାଇଁ ଏମାନେ ସବୁବେଳେ ସଂଗ୍ରାମରତ। ଏ ସ୍ଥିତିରେ ଯୁବକଙ୍କୁ ରାଜନୀତି ଆଡ଼କୁ ଆକୃଷ୍ଟ କରିବା ଏକ ଆହ୍ୱାନ।

ରାଜନୀତିରେ ବି ଅବସର ବୟସ ସୀମା ନିର୍ଦ୍ଧାରଣ ହେବା ବାଞ୍ଛନୀୟ। ତତ୍ ସହିତ ଶିକ୍ଷାଗତ ଯୋଗ୍ୟତା ମାପକାଠି ହେବା ଜରୁରୀ। ଅପରାଧରେ ଜଡ଼ିତ ବ୍ୟକ୍ତିବିଶେଷଙ୍କୁ ରାଜନୀତିରୁ ଦୂରେଇ ରଖିବା ଉଚିତ। ଆମ ଦେଶର ଗଣତନ୍ତ୍ର ବ୍ୟବସ୍ଥା ଏପରି ଯେ ଯେଉଁଠାରେ ୪୦ ବର୍ଷରୁ କମ୍ ଯୁବପିଢ଼ି ୬୦ ବର୍ଷରୁ ଅଧିକ ବୟସ୍କ ଲୋକଙ୍କୁ କ୍ଷମତାରେ ବସାଇବା ପାଇଁ ବାଛୁଛନ୍ତି। ଯୁବକମାନେ ପ୍ରକୃତରେ ଏଥିରେ ସନ୍ତୁଷ୍ଟ କି ? ଯୁବକମାନଙ୍କୁ ରାଜନୀତିରେ ପ୍ରବେଶ ନିମିତ୍ତ ସରକାରୀ ସ୍ତରରେ ପ୍ରୟାସ ପ୍ରତୀୟମାନ ହୁଏ ନାହିଁ। ୨୦୧୩ର ଓଡ଼ିଶା ରାଜ୍ୟ ଯୁବନୀତି ହେଉ ଅବା ୨୦୧୪ ଜାତୀୟ ଯୁବନୀତି ହେଉ କେଉଁଥିରେ ବି ଯୁବକଙ୍କୁ ରାଜନୀତିରେ ପ୍ରବେଶର ସୁଯୋଗ ପାଇଁ ବ୍ୟବସ୍ଥା ନାହିଁ। ରାଜ୍ୟ ଯୁବନୀତିରେ ଯୁବକଙ୍କୁ କେବଳ ଗୋଷ୍ଠୀରେ ନିୟୋଜନ ଏବଂ ନିଷ୍ପତ୍ତିନେବା ପ୍ରକ୍ରିୟାରେ ଉତ୍ସାହିତ କରିବା କଥା କୁହାଯାଇଥିବା ବେଳେ ଜାତୀୟ ଯୁବନୀତିରେ ସହରାଞ୍ଚଳ ରାଜନୀତି ଏବଂ ରାଜନୈତିକ ବ୍ୟବସ୍ଥା ବାହାରେ ନିୟୋଜନ କଥା କୁହାଯାଇଛି। ଏଥିରୁ ପ୍ରତୀୟମାନ ହେଉଛି ଯେ ରାଜ୍ୟସ୍ତରରେ ହେଉ କିମ୍ବା ଜାତୀୟ ସ୍ତରରେ ନୀତି ପ୍ରଣୟନ କରୁଥିବା ରାଜନେତାମାନେ ଯୁବକଙ୍କୁ ରାଜନୀତିରେ ପ୍ରବେଶର ପଥ ଓଗାଳୁଛନ୍ତି।

ଯୁବକର ମନ ସବୁବେଳେ ଭିନ୍ନ ତଥା ଅଭିନବ ଚିନ୍ତାଧାରା ଓ ଆଦର୍ଶରେ ଅନୁପ୍ରାଣୀତ ହୋଇଥାଏ। ସେମାନଙ୍କୁ ରାଜନୀତିରେ ଭାଗୀଦାରିତା ବଢ଼ାଇବାକୁ ହେଲେ ଏବଂ ତାଙ୍କ ସ୍ୱରକୁ ଉପଯୁକ୍ତ ମାର୍ଗଦର୍ଶନ ଦେବାକୁ ହେଲେ ରାଜନୈତିକ ପରିବେଶ ବ୍ୟାପକ କରିବା ସଙ୍ଗେ ସଙ୍ଗେ ଆହୁରି ଖୋଲାରଖିବାକୁ ପଡ଼ିବ। ଯୁବକମାନେ ରାଜନୀତିରେ ସକ୍ରିୟ ଭାବରେ ହେଉ ଅଥବା ବିଭିନ୍ନ ସାମାଜିକ ସମସ୍ୟା ଉତ୍ଥାପନ ଭାବରେ ହେଉ କିମ୍ବା ଚାପ ସୃଷ୍ଟିକାରୀ ଦଳ ଭାବରେ ହେଉ ଜଡ଼ିତ ହେଲେ ହିଁ ଅନେକ ସାମାଜିକ ସମସ୍ୟା ସମାଧାନ ହୋଇପାରିବ ଏବଂ ଏହା ଆଗାମୀ ପିଢ଼ି ପାଇଁ ଏକ ସ୍ଥାୟୀ ପ୍ରତିକାର ଦେଇପାରିବ। କାରଣ ଯୁବକଙ୍କ ପାଖରେ ହିଁ ଉତ୍ସାହ, ଉଦ୍ଦୀପନା ଏବଂ ସାହସ ଅଛି ।

ଯୁବକମାନଙ୍କ ପାଇଁ ଅନେକ ସୁଯୋଗ ସୃଷ୍ଟି ପାଇଁ ଗୋଷ୍ଠୀ ଗଠନ ଏବଂ ଯୁବସଂସଦ ମାଧ୍ୟମରେ ଜନ ସଚେତନତା ସୃଷ୍ଟି କରାଯାଇ ପାରିବ। ଯୁବ ସଂସଦ ଏପରି ଏକ ମାଧ୍ୟମ ଯେଉଁଥିରେ ୧୧ରୁ ୧୮ବର୍ଷର ଯୁବକମାନେ ସାମାଜିକ ପରିବର୍ତ୍ତନ ପାଇଁ ସମାସ୍ୟା ଉତ୍ଥାପନ କରିପାରିବେ। ଏହା ସମସ୍ତଙ୍କ ପାଇଁ ଗ୍ରହଣୀୟ ଏବଂ ଉତ୍ସାହକାରୀ ମଧ୍ୟ ଏବଂ ଏହା ଯୁବକମାନଙ୍କୁ ପରବର୍ତ୍ତୀ ରାଜନୀତିରେ ପ୍ରବେଶ ପାଇଁ ଉପଯୁକ୍ତ କ୍ଷେତ୍ର ପ୍ରସ୍ତୁତ କରିବ। ଯୁବକମାନେ ଲୋକଙ୍କୁ ଶିକ୍ଷା ଦେବାରେ, ବିଭିନ୍ନ ସାମାଜିକ କଳଙ୍କ ଦୂରକରିବା ପାଇଁ ଜନ ସଚେତନତା ସୃଷ୍ଟି କରିବାରେ ଏବଂ ସମସ୍ୟା ଉତ୍ଥାପନ କରିବାରେ ସାମିଲ ହୋଇପାରିବେ।

ଯୋରୋଗାନ୍‌ଙ୍କ ମତରେ ତୁମେ ଯଦି ପ୍ରକୃତରେ ପୃଥିବୀକୁ ପରିବର୍ତ୍ତନ କରିବାକୁ ଚାହୁଁଛ ତେବେ ଯୁବକମାନଙ୍କୁ ପ୍ରେରଣା ଦେବା ଏବଂ ଉତ୍ସାହିତ କରିବା ଦ୍ୱାରା ହିଁ ଏହା ସମ୍ଭବ ହୋଇପାରିବ। ଜାତୀୟ ଏବଂ ରାଜ୍ୟସ୍ତରରେ ଏକ ଯୁବକେନ୍ଦ୍ରୀୟ ଯୁବନୀତିର ଅବଶ୍ୟକତା ରହିଛି ଯେଉଁଥିରେ ଯୁବକଙ୍କୁ ରାଜନୀତିରେ ପ୍ରବେଶ ପାଇଁ ପର୍ଯ୍ୟାପ୍ତ ବ୍ୟବସ୍ଥା ଥିବ। ସାମାଜିକ ଗଣମାଧ୍ୟମ ଦ୍ୱାରା ଯୁବକମାନଙ୍କୁ ଅଧିକରୁ ଅଧିକ ଯୋଡ଼ିବା ସହିତ ରାଜନୀତି ବିଜ୍ଞାନରେ ପାଠ ପଢ଼ିବା ପାଇଁ ଉତ୍ସାହିତ କରିବା ଉଚିତ। ନିଜ ଦେଶର ନେତୃତ୍ୱ ନେବାଠାରୁ ବଳି କିଛି ସମ୍ମାନ ନାହିଁ। ତେଣୁ କିଛି ନିଃସ୍ୱାର୍ଥପର ଯୁବଗୋଷ୍ଠୀଙ୍କୁ କାଦୁଅକୁ ଡେଇଁ ନିଜକୁ ନିର୍ମଳ ରଖିବାକୁ ପଡିବ। ମହମବତି ଶୋଭାଯାତ୍ରା, ଧାରଣା, ପଥପ୍ରାନ୍ତ ନାଟକ, ସ୍ଲୋଗାନ ଏବଂ ଆନ୍ଦୋଳନ ମାଧ୍ୟମରେ କିଛି ସମସ୍ୟା ସମାଧାନ ହୋଇପାରିବ ମାତ୍ର ନିଜେ ଆଞ୍ଚଳିକ ସ୍ତରରେ ପ୍ରତିନିଧିତ୍ୱ କରି ହେଉ କିମ୍ବା ବିଧାନ ସଭା ଏବଂ ଲୋକ ସଭାରେ ବସି ଆଲୋଚନା କରି ନିଷ୍ପତ୍ତି ନେଲେ ଅନେକ ସମସ୍ୟା ସମାଧାନ ହୋଇପାରିବ। ଏଥିପାଇଁ ଯୁବକମାନେ ପ୍ରଥମେ ଏକଜୁଟ୍ ହେବା ଦରକାର।

ଶଗଡ଼ା, ବୌଦ୍ଧ
ମୋ: ୮୩୨୮୮୪୮୧୪୫

# ଶାଶୁଘର



ଅଲେଖ ଚନ୍ଦ୍ର ମିଶ୍ର

ଶାଶୁଘର କାହିଁ ? ଏ ପ୍ରଶ୍ନଟି ହୁଏତ ଚମକ ସୃଷ୍ଟି କରିପାରେ, କିନ୍ତୁ ଏହା ଅନେକାଂଶରେ ସତ। ଦିନେ ମହିଳାଙ୍କ ପାଇଁ ଆଜୀବନ କର୍ମଭୂମି ବୋଲାଉଥିବା ଏହି ଶବ୍ଦଟି ତା'ର ଚିରାଚରିତ ଗୌରବ ହରେଇ ଏବେ ଏକ ପ୍ରଶ୍ନବାଚୀ ସ୍ତରକୁ ଚାଲି ଆସିଲାଣି। ଶାଶୁ ଅଛନ୍ତି, ଘର ଅଛି କିନ୍ତୁ ନାହିଁ ଶାଶୁଘରର ପାରମ୍ପରିକ ରୂପରେଖ। ସେହିପରି ନାରୀଟିର ଗଭୀର ଭାବାବେଗର ପ୍ରତୀକ ବାପଘର ବି କ୍ରମେ ତା' ନିକଟରୁ ଦୂରେଇ ଯାଉଛି। ବାପା ମା' ଜୀବିତ ଥିବା ପର୍ଯ୍ୟନ୍ତ ଯେଉଁ ବାପଘର ବିବାହିତା ଝିଅଟି ପାଇଁ ଗର୍ବ ଓ ଗୌରବର ପରିଚୟ ଥାଏ ସେମାନେ ଚାଲିଗଲା ପରେ ତାହା ତା' ପାଇଁ ପ୍ରାୟ ଅପହଞ୍ଚ ହୋଇଯାଏ। ଅନ୍ୟ ପକ୍ଷରେ ଏ ଉଭୟ ପ୍ରକାରର ଘର ସ୍ଥାନରେ ଏବେ ଗଢିଉଠୁଛି 'ଆମଘର' ଯାହା ଆଧୁନିକ ଦମ୍ପତିଙ୍କର ନୂତନ ପରିଚୟ। ଆମ ଘରର ସଂଜ୍ଞା ହେଉଛି 'ନା ତୁମ ଘର ନା ମୋ ଘର' ଏହା 'ଆମ ଦୁହିଙ୍କ ଘର' ଯାହାର ଏକ ଅତିରିକ୍ତ ସଦସ୍ୟ ଏକମାତ୍ର ସନ୍ତାନ। ଏହାକୁ କେହି କେହି ଅଣୁପରିବାରର ଆଖ୍ୟା ଦେଇ ତଜ୍ଜନିତ ଗଭୀର ଆତ୍ମଶ୍ଳାଘାରେ ବୁଡି ରହନ୍ତି ଓ ପରିବାର, ପରିଜନ, ବନ୍ଧୁବାନ୍ଧବ ସମସ୍ତଙ୍କଠାରୁ ଦୂରେଇ ଯାଆନ୍ତି। ଫଳରେ ସାମାଜିକ ଓ ପାରିବାରିକ ବୁଝାମଣା ବିପର୍ଯ୍ୟସ୍ତ ହୋଇପଡ଼େ। ସାମ୍ପ୍ରତିକ ପରିସ୍ଥିତି ବି ଏଥିପାଇଁ ପଥ ପ୍ରଶସ୍ତ କରିଦେଉଛି।

ସତୁରି ଅଶୀ ବର୍ଷ ତଳକୁ ଫେରି ଚାହିଁଲେ ଆମ ସମାଜର ଯେଉଁ ଚିତ୍ର ଆଖିଆଗରେ ଭାସିଉଠେ ତାହାର ମୁଖ୍ୟ ଆଧାର ଥିଲା ଲିଙ୍ଗଗତ ବୈଷମ୍ୟ। କୁହା ଯାଉଥିଲା, "ନାରୀର ଭାଗ୍ୟ ପଥର ତଳେ, ପୁରୁଷର ଭାଗ୍ୟ ପତର ତଳେ"। ସେତେବେଳର ପୁରୁଷପ୍ରଧାନ ପରିବାର, ସମାଜ ଓ ଦେଶରେ ନାରୀଟିର ସ୍ଥାନ ଯେପରି ଥିଲା ଚିନ୍ତା କଲେ ଆଖି ଓଦା ହୋଇ ଆସେ। ଝିଅଟିଏ ଜନ୍ମ ହେଲେ ତା'ର ପିତାଙ୍କୁ ମୁରବି ତୁଲ୍ୟ ଲୋକେ କହୁଥିଲେ, "ଝିଅଟିଏ ହେଲାରେ ତା' ପାଇଁ ଏବେଠୁ ଧନ ସଞ୍ଚୟ କର"। ଝିଅଟି ପାଞ୍ଚ ବର୍ଷର ହୋଇ ଗଲେ ତାକୁ କୁହାଯାଉଥିଲା, "ମାଆରେ ତୁ ପାଠ ଦିଅକ୍ଷର ପଢ଼ ନ ହେଲେ ତତେ କିଏ ବାହା ହେବ ?" ଦଶ ବର୍ଷର ହୋଇ ଗଲେ ତାକୁ କୁହାଯାଉଥିଲା, "ଝିଅରେ, ନିଜକୁ ଆକଟ କର୍, ସଣ୍ଣା ଶିଖ, ଘରକରଣା କ'ଣ ଜାଣ ନ ହେଲେ ଶାଶୁଘରେ ନାଁ ପକେଇବ। ସେତିକି ବେଳୁ ତା' କାନରେ ପକେଇ ଦିଆ ଯାଉଥିଲା, "ମାଆରେ, ଝିଅ ଜନମ ପର ଘରକୁ," "ଜନମ ଦେଇଛୁ ସିନା କରମ ଦେଇନ", ଟିକେ ସ୍ୱାଧୀନଚେତା ଝିଅମାନଙ୍କୁ ଚେତେଇ ଦିଆ ଯାଉଥିଲା, " ଆଖୁ ସିନା କିଆରିରେ (ବାପଘରେ) ମୋଟ ଖାଇରେ (ଶାଶୁଘରେ) ନୁହେଁ "। ଅନ୍ୟ ପକ୍ଷରେ ଝିଅଟିର ଜୀବନ କେବଳ ଶାଶୁଘର-



ସର୍ବସ୍ୱ ଥିଲା। ବାର ତେର ବର୍ଷର ଝିଅ କିମ୍ବା ତା'ଠାରୁ ଆହୁରି କମ୍ ବୟସର ଝିଅକୁ ବାହା କରେଇ ଦେଇ ଶାଶୁ ଘରକୁ ପଠେଇ ଦିଆଯାଉଥିଲା। ନିଜର ଭାଗ୍ୟକୁ ଆଦରି ସେ ଯେଉଁ ଶାଶୁଘରେ ପାଦ ଥାପୁଥିଲା ତା'ର ରୂପରେଖ ହିଁ ଥିଲା ତା' ଜୀବନର ଅବଶିଷ୍ଟ ଦିନ। ତା'ର ସୌଭାଗ୍ୟକୁ ଯଦି ଶାଶୁଘରର ଲୋକେ ଭଲ ପଡୁଥିଲେ ତେବେ ସେ ସର୍ଗସୁଖ ଭୋଗ କରି ସବୁ କିଛି ଭୁଲି ଯାଉଥିଲା। ଯଦି ସେମାନେ ମନ୍ଦ ସ୍ୱଭାବର ଥିଲେ ଯଥା ମାମଲତକାର ଶ୍ୱଶୁର, ଆକଟପ୍ରିୟ ଶାଶୁ, ଆତ୍ମାଭିମାନୀ ଦେଢ଼ଶୁର, ଉଚ୍ଛୃଙ୍ଖଳ ଦେବର, ରାହାବାଳି ନଣନ୍ଦ, ଅହଂଗୁଣୀ ବିଧବା ପିଉସୀ, ଉଦାସୀନ ( ବେଳେ ବେଳେ ବିଦେଶରେ ରହୁଥିବା) ପତି ଇତ୍ୟାଦି ତେବେ ତା' ଜୀବନ ନରକ ପାଲଟି ଯାଉଥିଲା। ଆଉ ତା' ସହିତ ଯଦି ଯୌତୁକ ଯନ୍ତ୍ରଣା ଯୋଡି ହୋଇ ଯାଉଥିଲା ତେବେ ଅକାଳରେ ଜୀବନ ଯିବା ବି ଅସମ୍ଭବ ନ ଥିଲା। ତତ୍କାଳୀନ ବୈବାହିକ ବ୍ୟବସ୍ଥା ଏତେ କଠୋର ଥିଲା ସେ ଝିଅଟିଏ ଚାହିଁଲେ ବି ସେଥିରୁ ମୁକ୍ତି ପାଇ ପାରୁ ନ ଥିଲା। ଶାଶୁଘରେ ଯେତେ ଦୁଃଖକଷ୍ଟ ଭୋଗିଲେ ବି ତାକୁ କାହା ଆଗରେ ପ୍ରକାଶ କରିବା ତତ୍କାଳୀନ ରକ୍ଷଣଶୀଳ ପରିବାରର ଶୃଙ୍ଖଳାବିରୋଧୀ ଥିଲା। ଦୈବାତ କେବେ କେହି ସେପରି କଲେ ତାକୁ ସହଯୋଗ ମିଳୁ ନ ଥିଲା। ଏପରି କି ବାପଘର ସବୁ ଜାଣିଲା ପରେ ବି ଝିଅଟିକୁ ନେଇ ଶାଶୁଘରେ ବୁଝାଶୁଝା କରି ପୁଣି ଛାଡିଦେଇ ଆସୁଥିଲେ।

ଏଭଳି ପରିସ୍ଥିତିର ଯେ ଦିନେ ପରିବର୍ତ୍ତନ ଘଟିବ ଏହା ଅନୁମାନ କରାଯାଉଥିଲା ଏବଂ ତାହା ହିଁ ଏବେ ଘଟୁଛି। ସେଥିରେ ସହାୟତା କରୁଛି ପ୍ରଚଳିତ ଆଇନ। ବାଲ୍ୟ ବିବାହ ଉଚ୍ଛେଦ, ବିଧବା ବିବାହ ପ୍ରଚଳନ ଛଡା ହିନ୍ଦୁ ବିବାହ ଓ ବିଚ୍ଛେଦ ଆଇନ (୧୯୫୫) ଆବଶ୍ୟକ ସ୍ଥଳେ ବିବାହ ବିଚ୍ଛେଦ ପାଇଁ ସୁଯୋଗ ଯୋଗାଇ ଦେଉଥିବା ବେଳେ ଯୌତୁକ ନିରୋଧ ଆଇନ ୧୯୬୧ ଖୁବ୍ କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ବ୍ୟବସ୍ଥା କରିଛି L ଝିଅଙ୍କ ପାଇଁ ଉତ୍ତରାଧିକାର ଆଇନ ୨୦୦୫ ସେମାନଙ୍କୁ ବାପଘର ସମ୍ପତ୍ତି ଉପରେ ଅଧିକାର ପ୍ରଦାନ କରୁଥିବା ବେଳେ ମହିଳା ସଶକ୍ତୀକରଣ ଯୋଜନା ସେମାନଙ୍କୁ ସ୍ୱାବଲମ୍ବୀ କରୁଛି। ଏହିପରି ଅନେକ ଆଇନ ପ୍ରବର୍ତ୍ତନ କରାଯାଉଛି ଯାହା ସମାଜରେ ମହିଳାଙ୍କୁ ଏକ ସମ୍ମାନନୀୟ ସ୍ଥାନ ଦେଉଛି। ଫଳରେ ଶାଶୁଘରର ଆଭିମୁଖ୍ୟ ବି ବଦଳି ଗଲାଣି। ଯାହା ସମାଜ ନିଜେ କରିବା କଥା ତାହା ସରକାର କରୁଛନ୍ତି। ସେଥିରେ ଯଥା ସମ୍ଭବ ସହଯୋଗ କରିବା ଆଜିର ଆବଶ୍ୟକତା।

ଶାସ୍ତ୍ରୀ ନଗର, ଭୁବନେଶ୍ୱର
ମୋ: ୯୪୩୮୬୭୩୮୯୮

## ଏଇ ଭାରତରେ

ମହାରାଷ୍ଟ୍ର ବିଦର୍ଭ ଅଞ୍ଚଳ ଅତ୍ୟନ୍ତ ମରୁଡ଼ିପ୍ରବଣ। ଏହି ଅଞ୍ଚଳରେ କୃଷି କ୍ଷତିଗ୍ରସ୍ତ ହେଉଥିବାରୁ କୃଷକ ଆତ୍ମହତ୍ୟା ହାର ଅଧିକ। ତେବେ ନିଜ ଗାଁ ଓ ତା' ଆଖପାଖର ୬ଟି ଗାଁରେ ଜଳାଭାବ ଦୂର କରି କୃଷିକୁ ସହଜ କରିପାରିଛନ୍ତି ଅମୋଲ ଲାଙ୍ଗୋଟେ। ଅମୋଲ ରୁହନ୍ତି ଥୁଗାଁ ପିମ୍ପ୍ରିରେ। ଏହି ଗାଁର ଲୋକସଂଖ୍ୟା ୩,୦୦୦ ପାଖାପାଖି। ଗାଁ କଡ଼ ଦେଇ ପୂର୍ଣ୍ଣା ନଦୀ ପ୍ରବାହିତ । ବର୍ଷାଦିନକୁ ଛାଡ଼ିଦେଲେ ବର୍ଷର ଅନ୍ୟ ସମୟରେ ନଦୀରେ ଜଳ ପ୍ରବାହ ନ ଥାଏ। ଜଳାଭାବ ଯୋଗୁ ୨୦୧୮-୧୯ରେ, ବିଦର୍ଭର ଅମରାବତୀ ଜିଲା ଗମ୍ଭୀର ମରୁଡ଼ିକୁ ସାମ୍ନା କରିଥିଲା। ଏଥିରେ ଅମୋଲଙ୍କ ଲେମ୍ବୁଚାଷ ସମେତ ଅନେକ କୃଷକଙ୍କ ଫସଲ କ୍ଷତିଗ୍ରସ୍ତ ହୋଇଥିଲା। ଏପରି କି ଲୋକଙ୍କୁ ପାନୀୟ ଜଳ ପାଇଁ ଟ୍ୟାଙ୍କର ଉପରେ ନିର୍ଭର କରିବାକୁ ପଡ଼ିଥିଲା। କାରଣ ଭୂତଳ ଜଳ ସ୍ତର ବହୁ ଗଭୀରକୁ ଚାଲିଯାଇଥିଲା। ତେବେ କଳାରେ ସ୍ନାତକ ଡିଗ୍ରୀ ହାସଲ କରିଥିବା ଅମୋଲ ତାଙ୍କ ଗାଁ ଲୋକଙ୍କୁ ଏକାଠି କରି ପୂର୍ଣ୍ଣା ନଦୀରେ ବାଲି ଓ ପଥରରେ ଏକ ଚେକ୍‌ଡ୍ୟାମ କରିଥିଲେ। ୨୦୧୯ରେ ତାଙ୍କ ନେତୃତ୍ୱରେ ପ୍ରାୟ ୩୦ଟି ଗାଁର ଲୋକେ ଏକାଠି ହୋଇ ଅଧିକ ଚେକ୍‌ଡ୍ୟାମ ନିର୍ମାଣ କରିବାକୁ ନିଷ୍ପତ୍ତି ନେଇଥିଲେ। ପରେ ଗ୍ରାମବାସୀ ପ୍ରତ୍ୟେକ ୫୦୦ରୁ ୨୦୦୦ ଟଙ୍କା ଦାନ ଦେଇ ୬ଟି ଚେକ୍‌ଡ୍ୟାମ ନିର୍ମାଣ କରିପାରିଛନ୍ତି। ଏବେ ଚାଷ ଭଲ ହେଉଛି, ପାନୀୟ ଜଳ ସଙ୍କଟ ଟଳିଛି।

## ୫୦ ବର୍ଷ ତଳର ଧରିତ୍ରୀ

୧୯ ଜାନୁଆରୀ ୧୯୭୬

- ମହାରାଷ୍ଟ୍ର ପ୍ରଦେଶ କଂଗ୍ରେସ କମିଟି ସହିତ ମିଶିଯିବା ପାଇଁ ବମ୍ବେ ପ୍ରଦେଶ କଂଗ୍ରେସ କମିଟିରେ ଏକ ପ୍ରସ୍ତାବ ସର୍ବସମ୍ମତି କ୍ରମେ ଗୃହୀତ ହୋଇଛି।
- ସମୁଦ୍ର ଭିତରେ ଭାରତର ଅର୍ଥନୈତିକ ଜୋନ ସମୁଦ୍ରକୂଳରୁ ୨ ଶହ ମାଇଲବ୍ୟାପୀ ଭିତରକୁ ରହିବ ବୋଲି ଭାରତ ପକ୍ଷରୁ ଘୋଷଣା କରାଯାଇଛି।

## ଚିରନ୍ତନୀ

ଚଇତ୍ର ମଧ୍ୟାହ୍ନ ବେଳ
ଢାଳେ ଖର ତାପ,
ଜୀବନର ଦୀନତାରେ
ବଢ଼େ ମୋର ପାପ ।
-(ଚିରନ୍ତନ କୁହୁ)

-କାଳିନ୍ଦୀ ଚରଣ ପାଣିଗ୍ରାହୀ

## ପାଠକ ଶ୍ରେଷ୍ଠ ବିଚାରକ

### ତିଥି ସହ ତାରିଖର ତାଳମେଳ ରହୁନାହିଁ

ମହାଶୟ,

କଥାରେ ଅଛି ଅତିଥି ତିଥି ଦେଖିକି ଆସନ୍ତି ନାହିଁ। ସୌର ତିଥି ସଂକ୍ରାନ୍ତିରୁ ଓ ଚାନ୍ଦ୍ର ତିଥି ପୂର୍ଣ୍ଣମୀ ଅନୁଯାୟୀ ଗଣନା କରାଯାଇଥାଏ। ସଂପ୍ରତି ବର୍ଷର ତିଥି ସହ ତାରିଖଗୁଡ଼ିକର ତାଳମେଳ ରହୁନାହିଁ। ଏକଦା ଜାତୀୟ ଦିବସ କହିଲେ ସ୍ୱାଧୀନତା ଦିବସ, ଗାନ୍ଧୀ ଜୟନ୍ତୀ, ଗଣତନ୍ତ୍ର ବା ଜନରାଜ୍ୟ ଦିବସ ପାଳନ କରାଯାଉଥିଲା। ଆଜିକାଲି ଜାତୀୟ ଦିବସ ସଂଖ୍ୟା ବଢ଼ିବଢ଼ି ଚାଲିଛି। ବିଶ୍ୱ ଦିବସ, ଜାତୀୟ ଦିବସ, ରାଜ୍ୟ ଦିବସ ନିମନ୍ତେ ତାରିଖ ଅଭାବ ପଡୁଛି। ଗୋଟିଏ ଗୋଟିଏ ତାରିଖରେ ୨/୩ଟି ସ୍ମରଣୀୟ ଦିବସ ରହୁଛି। ସମସ୍ତ ଦିବସକୁ ପାଳନ କରିବାକୁ ହିଁ ହେବ। ଚଳିତବର୍ଷ ଜାନୁଆରୀ ୨୩ ତାରିଖ ବିଦ୍ୟାଦାତ୍ରୀ ମା' ସରସ୍ୱତୀଙ୍କ ପୂଜା ସହ ବୀର ସୁରେନ୍ଦ୍ର ସାଏ ଓ ସୁଭାଷ ଚନ୍ଦ୍ର ବୋଷଙ୍କ ଜୟନ୍ତୀ ଏକାସାଙ୍ଗରେ ପାଳନ ହେବ। ସୁଭାଷ ବୋଷ କଟକରେ ବସନ୍ତ ରୋଗ ଦୂର କରିବା ନିମନ୍ତେ ପଦଯାତ୍ରା କରି ନିଜ କୈଶୋର କାଳରେ ହିଁ ଲୋକଙ୍କ ନିକଟରୁ 'ବସନ୍ତ ବ୍ୟାଘ୍ର' ପଦବୀ ଲାଭ କରିଥିଲେ। ସଂପ୍ରତି 'ସ୍ମଲ୍ ପକ୍ସ'ର ବିଲୋପ ଘଟିଛି। ରହିଛି ଚିକେନପକ୍ସ। ସେହିପରି ଶ୍ରୀପଞ୍ଚମୀ ବସନ୍ତ ଋତୁରେ ପାଳନ କରାଯାଉଥିବାରୁ ଏହା ଏପରି ନାମିତ। ଶିଶୁଙ୍କ ଖଡ଼ିଛୁଆଁ ପର୍ବ। ଇଂରାଜୀ ତାରିଖ ଓ ଆମ ପାଞ୍ଜିର ତିଥି କେବେ ସମାନ ହୋଇନପାରେ। ସେ ଯାହା ହେଉ, ପର୍ବ ପର୍ବାଣି ଉତ୍ସବ ପାଳନ କରିବା ଆମର ବିଶେଷ କର୍ତ୍ତବ୍ୟ ହେବା ଉଚିତ୍।

-ପ୍ରତାପ ଚନ୍ଦ୍ର ପାଢ଼ୀ, ନିଗମ ନଗର, ଆଙ୍କୋଲି, ବ୍ରହ୍ମପୁର, ଗଞ୍ଜାମ

ପାଠକ ଶ୍ରେଷ୍ଠ ବିଚାରକ ସ୍ତମ୍ଭକୁ ପତ୍ର ପଠାଇବାର ଠିକଣା: ସମ୍ପାଦକ, ଧରିତ୍ରୀ, ବି-୧୫, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୭୫୧୦୧୦
କେବଳ ସମ୍ପାଦକଙ୍କୁ ପତ୍ର, ଖବର ପାଇଁ ବ୍ୟବହାର କରନ୍ତୁ : E-mail: edit.dharitri@gmail.com (Use only for letters to Editor, news & news photos) କେବଳ ବିଜ୍ଞାପନ ପାଇଁ ବ୍ୟବହାର କରନ୍ତୁ: E-mail:advt@dharitri.com :miku11@yahoo.com (Use only for advertisements,commercial queries)

# ମା', ଦୁଇ ଝିଅଙ୍କ ଗଳା କାଟି ହତ୍ୟା ଉଦ୍ୟମ

ଦିଗପହଣ୍ଡି,୧୮।୧(ଅଶେଷ ନାଥ ମିଶ୍ର)

**ଦିଗପହଣ୍ଡି ରେ ଚାଞ୍ଚଲ୍ୟ**

ଗଞ୍ଜାମ ଜିଲା ଦିଗପହଣ୍ଡି ବ୍ଲକ ବି. ତୁରୁବୁଡ଼ି ପଞ୍ଚାୟତ କାଣ୍ଡେଶ୍ୱର ଗ୍ରାମ ଇନ୍ଦିରା ଆବାସ କଲୋନୀରେ ଶନିବାର ରାତିରେ ଏକ ଅଭାବନୀୟ ଘଟଣା ଘଟିଛି। ଏକ ପରିବାରର ଜଣେ ମହିଳାଙ୍କ ସମେତ ତାଙ୍କ ୨ ଝିଅଙ୍କ ଗଳା କାଟି ହତ୍ୟା ଉଦ୍ୟମ କରାଯାଇଛି। ସେମାନେ ହେଲେ କୁମାରୀ ସେଠୀ (୫୮) ଏବଂ ତାଙ୍କ ଦୁଇ ଅବିବାହିତ ଝିଅ ସବିତା (୩୨)ଓ ଝିଲି (୨୪)। ଶନିବାର ରାତି ୧୧ଟାରେ ଏପରି ଘଟଣା ଘଟିଛି। ଖବରପାଇ ପୋଲିସ ପହଞ୍ଚି ଗୁରୁତର ଥିବା ସମ୍ପୃକ୍ତା ୩ଜଣଙ୍କୁ ଡାକ୍ତରଖାନା ପଠାଇଥିଲା। ପୋଲିସ ବିଭିନ୍ନ ସ୍ଥାନ ତଲାସ କରି ଅଭିଯୁକ୍ତ ସାନଡୁମୁଲା ଗ୍ରାମର ବାଳକୃଷ୍ଣ ପାତ୍ରଙ୍କୁ ଥାନାକୁ ଆଣି ପଚରାଉଚରା କରିଥିଲା। ପୂର୍ବଘଟଣାର ପ୍ରତିଶୋଧ ନେବାକୁ ଯାଇ ବାଳକୃଷ୍ଣ ଏପରି ଘଟାଇଥିବା ପୋଲିସ କହିଛି।

ଇନ୍ଦିରା ଆବାସ କଲୋନୀରେ ସ୍ୱର୍ଗତ ପାଣ ସେଠୀଙ୍କ ସ୍ତ୍ରୀ କୁମାରୀ ତାଙ୍କ ଦୁଇ ଝିଅଙ୍କ ସହ ରୁହନ୍ତି। ଶନିବାର ରାତିରେ ଖାଇସାରିବା ପରେ ସମସ୍ତେ ଶୋଇଥିଲେ। ରାତି ୧୧ଟା ବେଳକୁ କେତେଜଣ ଆସି ତାଙ୍କ ଘରର କବାଟ ବାଡ଼ାଇଥିଲେ। କୁମାରୀ କବାଟ ଖୋଲିଦେବାରୁ ଜଣେ ଘର ଭିତରେ ପଶି ଅତର୍କିତ ଭାବେ ଏକ ଧାରୁଆ ଛୁରିରେ ତାଙ୍କ ଗଳାକୁ କାଟିଦେଇଥିଲେ। ଦୁଇ ଝିଅ ନିଦରୁ ଉଠି ମା'ଙ୍କୁ ଉଦ୍ଧାର କରିବା ବେଳେ ଦୁର୍ବୃତ୍ତଜଣକ ସେ ଦୁହିଁଙ୍କ ଗଳାକୁ ମଧ୍ୟ ଛୁରିରେ କାଟି ବାଇକ୍ ଯୋଗେ ଫେରାର ହୋଇଯାଇଥିଲେ। ମା' ଓ ଦୁଇ ଝିଅଙ୍କ ଚିତ୍କାର ଶୁଣି ପଡୋଶୀମାନେ ଆସି ସେମାନଙ୍କୁ ଉଦ୍ଧାର କରିବା ସହ ପୋଲିସକୁ ଖବର ଦେଇଥିଲେ। ପୋଲିସ ପହଞ୍ଚି ଆହତ ମା'ଝିଅ ୩ଜଣଙ୍କୁ ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲା। ସେଠାରେ ପ୍ରାଥମିକ ଚିକିତ୍ସା ପରେ ଅବସ୍ଥା ସଙ୍କଟାପନ୍ନ ଥିବାରୁ ସେମାନଙ୍କୁ ବ୍ରହ୍ମପୁର ବଡ଼ ଡାକ୍ତରଖାନା ସ୍ଥାନାନ୍ତର କରାଯାଇଥିଲା। ତିନିଙ୍କ ଅବସ୍ଥା ଆହୁରି ବିଗିଡ଼ିବାରୁ ତାଙ୍କୁ କଟକ ବଡ଼ ଡାକ୍ତରଖାନା ସ୍ଥାନାନ୍ତର କରାଯାଇଛି। ସୂଚନା ଅନୁଯାୟୀ, ଅଟକଥିବା ବାଳକୃଷ୍ଣ ନିୟମିତ ବ୍ୟବଧାନରେ ରାତି ଅଧରେ କୁମାରୀଙ୍କ ଘରକୁ ଯାଇ କବାଟ ବାଡ଼ାଇ ତାଙ୍କୁ ହଇରାଣ କରୁଥିଲେ। କିଛିଦିନ ତଳେ କୁମାରୀଙ୍କ ସାନଝିଅ ଝିଲି ବାଳକୃଷ୍ଣଙ୍କ ଘରକୁ ଯାଇ ଏହାର ପ୍ରତିବାଦ କରିବା ସହ ତାଙ୍କୁ ଗାଁ ଲୋକଙ୍କ ଆଗରେ ଅପମାନ କରି ଗାଳି କରିଥିଲେ। ଏହାର ପ୍ରତିଶୋଧ ନେବାକୁ ବାଳକୃଷ୍ଣ ଏହି କାଣ୍ଡ ଘଟାଇଥିବା ପୋଲିସ ଜାଣିବାକୁ ପାଇଛି। ପୋଲିସ ତାଙ୍କ ନିକଟରୁ ଆକ୍ରମଣରେ ବ୍ୟବହୃତ ରକ୍ତଭରା ଛୁରି ଜବତ କରିଛି। ମା' କୁମାରୀଙ୍କ ଏତଲାକ୍ରମେ ପୋଲିସ କେସ ନଂ-୨୬/୨୬ରେ ଏକ ମାମଲା ରୁଜୁ କରିଛି। ସୋମବାର ବାଳକୃଷ୍ଣଙ୍କୁ କୋର୍ଟଚାଲାଣ କରାଯିବ ବୋଲି ଭାରପ୍ରାପ୍ତ ଆଇଆଇସି ତଥା ଡିଏସ୍‌ପି ପ୍ରଶାନ୍ତ ପାତ୍ର କହିଛନ୍ତି।

# ବ୍ୟବସାୟୀ ନିଖୋଜ: ୭ ବର୍ଷ ପରେ ପ୍ରେମିକାଙ୍କୁ ଜେରା

ଭୁବନେଶ୍ୱର,୧୮।୧(ତ୍ରିନାଥ ମହାନ୍ତି)

**ପ୍ରେମ ସମ୍ପର୍କରେ ଫାଟକୁ ନେଇ ହତ୍ୟା ସନ୍ଦେହ**

୭ବର୍ଷ ତଳେ ଚନ୍ଦକା ଥାନା ଅଞ୍ଚଳରୁ ନିଖୋଜ ବ୍ୟବସାୟୀ ବଳରାମ ସାହାଣିଙ୍କର ଏଯାଏ ପତ୍ତା ମିଳିନି। ହେଲେ ଏହି ମାମଲାରେ ୫ଦିନ ତଳେ ବ୍ରହ୍ମପୁରରୁ ଗିରଫ ହୋଇଥିବା ତାଙ୍କ ପ୍ରେମିକା ରଶ୍ମିତା ସ୍ୱାଇଁଙ୍କୁ ଚନ୍ଦକା ଥାନା ପୋଲିସ ଗିରଫ କରିବା ପରେ ଘଟଣାର ରହସ୍ୟ ପର୍ଦ୍ଦାଫାଶ ପାଇଁ ଉଦ୍ୟମ ଆରମ୍ଭ କରିଛି। କୋର୍ଟଙ୍କ ଅନୁମତି ପରେ ପୋଲିସ ପ୍ରେମିକା ରଶ୍ମିତାଙ୍କୁ ଝାରପଡ଼ା ଜେଲରୁ ଆଣି ଜେରା କରୁଛି। ସ୍ପେଶାଲ ସ୍କ୍ୱାଡ୍ ଏବଂ ଚନ୍ଦକା ଥାନା ଅଧିକାରୀ ପଚରାଉଚରା କରୁଛନ୍ତି। ପୋଲିସ ଅପହୃତ ବ୍ୟବସାୟୀ ବଳରାମଙ୍କ ପରିବାର ଲୋକ ଏବଂ ସାଙ୍ଗ ସାଥୀଙ୍କ ବୟାନ ନେବା ପରେ ରଶ୍ମିତାଙ୍କ ଉପରେ ସନ୍ଦେହ ଦୃଢ଼ୀଭୂତ ହୋଇଛି। ଘଟଣା ପୂର୍ବରୁ ପ୍ରାୟ ପ୍ରତିଦିନ ରାତିରେ ଉଭୟ ଘଣ୍ଟାଘଣ୍ଟା ଫୋନ୍ କଲ୍‌ରେ କଥା ହେଉଥିବା ଜଣାପଡ଼ିଛି। ହେଲେ ଅପହରଣ ଦିନ ଅବଧି କଥା ନ ହେବା ଘଟଣାକୁ ପୋଲିସ ଗୁରୁତ୍ୱର ସହ ନେଇ ଛାନ୍‌ଭିନ୍ କରୁଛି।

୨୦୧୯ ମସିହାରେ ଭୁବନେଶ୍ୱର ଡେଲ୍ଟା ଛକରେ ରହୁଥିବା ଗଞ୍ଜାମର ରଶ୍ମିତା ଓ ଚନ୍ଦକାସ୍ଥିତ ଏସ୍‌ଓଜି କଲୋନୀରେ ରହୁଥିବା କେନ୍ଦ୍ରାପଡ଼ାର ବଳରାମ ସାହାଣୀଙ୍କ ମଧ୍ୟରେ ପ୍ରେମ ସମ୍ପର୍କ ଗଢ଼ିଉଠିଥିଲା। ଉଭୟ ପରସ୍ପର ଘରକୁ ଯିବା ଆସିବା କରୁଥିଲେ। ବଳରାମ ବିବାହିତ ହୋଇଥିଲେ ମଧ୍ୟ ଅଧିକାଂଶ ସମୟରେ ସେ ଯୁବତୀଙ୍କ ପାଖରେ ରହୁଥିଲେ। ହେଲେ କିଛିଦିନ ପରେ କୌଣସି କାରଣରୁ ଉଭୟଙ୍କ ମଧ୍ୟରେ ତିକ୍ତତା ଦେଖାଦେଇଥିଲା। ହଠାତ୍ ଦିନେ ବଳରାମଙ୍କୁ ଦେଖା କରିବା ପାଇଁ ରଶ୍ମିତା ଡାକିଥିଲେ। ହେଲେ ଏହା ପରଠୁ ବଳରାମଙ୍କର ଆଉ ପତ୍ତା ମିଳି ନ ଥିଲା। ଫୋନ୍ ମଧ୍ୟ ସୁଇଚ୍ ଅଫ୍ ଥିଲା କି ସେ କୌଣସି ସାଙ୍ଗସାଥୀଙ୍କ ସହ ଯୋଗାଯୋଗ କରି ନ ଥିଲେ। ବଳରାମଙ୍କ ପରିବାର ଲୋକେ ରଶ୍ମିତାଙ୍କୁ ଏନେଇ ପଚାରିଥିଲେ ମଧ୍ୟ ସେ ତାଙ୍କ ବିଷୟରେ ଜାଣି ନ ଥିବା କହିଥିଲେ। ହେଲେ ବଳରାମଙ୍କ ନିଖୋଜ ଖବର ଶୁଣି ସେ ସେପରି ବ୍ୟଥିତ ନ ହେବାରୁ ପରିବାର ଲୋକଙ୍କର ତାଙ୍କ ଉପରେ ସନ୍ଦେହ ହୋଇଥିଲା। ରଶ୍ମିତା ପ୍ରେମ ବ୍ୟାପାରକୁ ନେଇ ତାଙ୍କୁ ହତ୍ୟା କରିଥିବା ଅଭିଯୋଗ ଆଣି ପରିବାର ଲୋକେ ଚନ୍ଦକା ଥାନାର ଦ୍ୱାରସ୍ଥ ହୋଇଥିଲେ। ପୋଲିସ ରଶ୍ମିତାଙ୍କ ଫୋନ୍ ଟ୍ରାକ୍ କରି ୫ଦିନ ତଳେ ଗଞ୍ଜାମରୁ ଗିରଫ କରି କୋର୍ଟ ଚାଲାଣ କରିଥିଲେ। ଜାମିନ ନାମଞ୍ଜୁର ପରେ ତାଙ୍କୁ ଝାରପଡ଼ା ଜେଲ୍‌କୁ ପଠାଇ ଦିଆଯାଇଥିଲା।

ବ୍ୟବସାୟୀ ବଳରାମ କୁଆଡେ ଗଲେ ତାହାର ରହସ୍ୟ ଖୋଲିବା ପାଇଁ ରଶ୍ମିତାଙ୍କୁ ପୋଲିସ ପଚରାଉଚରା କରୁଛି। ସହଯୋଗୀଙ୍କ ସହ ସେ ବଳରାମଙ୍କୁ ଅପହରଣ କରିନେଇ ଗଞ୍ଜାମରେ ହତ୍ୟା କରିବା ପରେ ମୃତଦେହକୁ ନଷ୍ଟ କରି ଦେଇଥିବା ପୋଲିସ ସନ୍ଦେହ କରୁଛି। ତେଣୁ ରଶ୍ମିତାଙ୍କ ବୟାନରେ ସନ୍ଦେହ ହେଲେ ତାଙ୍କର ମିଛ ଧରା ପରୀକ୍ଷା କରାଯିବ ବୋଲି ପୋଲିସ କହିଛି।

# ଜବରଦସ୍ତି ନେଇଯାଉଥିଲେ ବାଲିଘାଟ ଲାଇସେନ୍ସ

**ଜବତ ହେଲା ୨.୭୩ କୋଟି ଟଙ୍କା, ୧୦ ଗାଡ଼ି**

ଭୁବନେଶ୍ୱର,୧୮।୧(ସତ୍ୟଜିତ ରାଉତ)

ଗଞ୍ଜାମ ଜିଲାର ବିଜେଡି ନେତାଙ୍କ ସମେତ ବହୁ ଠିକାଦାର, ମଦ ଓ ବାଲି ମାଫିଆଙ୍କ ଘର ସମେତ ବିଭିନ୍ନ ସ୍ଥାନରେ ଇଡି (ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ) ଚଢ଼ାଉ କରିବାକୁ ନେଇ ବିଭିନ୍ନ ମହଲରେ ଚର୍ଚ୍ଚା ଲାଗି ରହିଛି। ଗଞ୍ଜାମ ଜିଲାର ବିଭିନ୍ନ ନଦୀ ବାଲିଘାଟର ଲିଜ୍‌ଧାରୀଙ୍କୁ ଏହି ମାଫିଆମାନେ ଟାର୍ଗେଟ କରୁଥିଲେ। ବାହୁବଳ ଯୋଗୁ ଜବରଦସ୍ତି ଲିଜ୍‌ଧାରୀଙ୍କଠାରୁ ଲାଇସେନ୍ସ ନେଇଯାଉଥିଲେ ବୋଲି ଇଡି ପକ୍ଷରୁ ରବିବାର ସୂଚନା ଦିଆଯାଇଛି। ଏହି ଚଢ଼ାଉ ବେଳେ ୨ କୋଟି ୭୩ ଲକ୍ଷ ଟଙ୍କା ସମେତ ୧୦ଟି ଚାରିଚକିଆ ଯାନ ଜବତ କରାଯାଇଥିବା ଇଡି ପକ୍ଷରୁ ରବିବାର ସୂଚନା ଦିଆଯାଇଛି। ଶୁକ୍ରବାର ଠାରୁ ଗଞ୍ଜାମର ୨୫ରୁ ଊର୍ଦ୍ଧ୍ୱ ସ୍ଥାନରେ ଚଢ଼ାଉ କରିଥିଲା। ଜବତ ଗାଡ଼ି ମଧ୍ୟରୁ ୨ଟି କାର୍ ମାଷ୍ଟରମାଇଣ୍ଡ କୃପାସିନ୍ଧୁ ପୁହାଣଙ୍କର। ଅନ୍ୟ ୮ଟି ଗାଡ଼ି ବେନାମୀ ବୋଲି ଇଡି ପକ୍ଷରୁ କୁହାଯାଇଛି। ଏପରି କି ଅଭିଯୁକ୍ତମାନେ କେବଳ ବେଆଇନ ଭାବେ ନଗଦ ଟଙ୍କା କାରବାର କରୁଥିଲେ, ଯଦ୍ଦ୍ୱାରା ରାଜ୍ୟ ସରକାର ପ୍ରବଳ ରାଜସ୍ୱ କ୍ଷତି ସହୁଥିଲେ। ବହୁବର୍ଷ ଧରି ଗଞ୍ଜାମ ଜିଲାର ଏହି ବାଲି ବ୍ୟବସାୟୀମାନେ ବେଆଇନ ବାଲିଘାଟ ଚଲାଇ ଅପରାଧ କାର୍ଯ୍ୟ ସହ ଟଙ୍କା କାରବାର ଚଳାଉଥିଲେ। ରଶିକୁଲ୍ୟା, ବାହୁଦା, ବଡ଼ ନଦୀରୁ ବେଆଇନ ଭାବେ ବାଲି ଉଠାଇ ଆନ୍ଧ୍ରପ୍ରଦେଶକୁ ଚାଲାଣ କରୁଥିଲେ। ଏନେଇ ସିଏଜି ରିପୋର୍ଟରେ ଜଣାପଡ଼ିବା ପରେ ଇଡି ପ୍ରାଥମିକ ତଦନ୍ତ କରି ଚଢ଼ାଉ କରିଥିଲା। ଏହି ମାମଲାରେ ଅଧିକ ତଦନ୍ତ ଚାଲୁରହିଥିବା ଇଡି ପକ୍ଷରୁ ସୂଚନା ଦିଆଯାଇଛି।



ଜବତ କାର୍।

# ହାତ ତିଆରି ବୋମା ଜବତ, ମାଲିକ ଗିରଫ

ଛେଣ୍ଡିପଦା,୧୮।୧(ଅଭିତ୍ ଧଳ)

ଅନୁଗୋଳ ଜିଲା ଜରପଡ଼ା ଥାନା ନାଉପଦା ଗ୍ରାମର ଏକ ହୋଟେଲରେ ପୋଲିସ ଚଢ଼ାଉ କରି ଜଣଙ୍କୁ ଗିରଫ କରିବା ସହ ବୋମା ଜବତ କରିଛି। ପୋଲିସ ଦୋକାନରୁ ୩୪ଟି ହାତ ତିଆରି ସୁତୁଲି ବୋମା ଜବତ କରିବା ସହ ସମ୍ପୃକ୍ତ ହୋଟେଲ ମାଲିକ ଉକ୍ତ ଗାଁର ଧୀରେନ ବିଶ୍ୱାଳ(୪୨)ଙ୍କୁ ଗିରଫ କରିଛି। ପୋଲିସ ସୂତ୍ରରୁ ପ୍ରକାଶ, ରବିବାର ଅପରାହ୍ନରେ ପୋଲିସ ପାଟ୍ରୋଲିଂ ଓ ଅଙ୍କାରୀ ଚଢ଼ାଉବେଳେ ଜନ୍ତୁ ଶିକାର ପାଇଁ ଏକ ହୋଟେଲରେ ହାତ ତିଆରି ବୋମା ମିଳୁଥିବା ଖବର ପାଇ ନାଉପଦା ସ୍କୁଲ ଛକ ନିକଟରେ ଥିବା ଉକ୍ତ ହୋଟେଲରେ ଚଢ଼ାଉ କରିଥିଲା। ଘଟଣାସ୍ଥଳରୁ ପୋଲିସ ହାତ ତିଆରି ବୋମା ଜବତ କରିବା ସହ ହୋଟେଲ ମାଲିକଙ୍କୁ ଗିରଫ କରିଛି। ଏନେଇ ଜରପଡ଼ା ପୋଲିସ କେସ୍ ନଂ ୨୫/୨୬ରେ ଏକ ମାମଲା ରୁଜୁ କରିବା ସହିତ ଧୀରେନଙ୍କୁ କୋର୍ଟ ଚାଲାଣ କରିଛି।

# ପୋଲିସ ସହ ମିଶି ବନବିଭାଗ କରିବା ସ୍ୱତନ୍ତ୍ର ଚଢ଼ାଉ

ଅନୁଗୋଳ,୧୮।୧(ବିଦ୍ୟାଶଙ୍କର ନାଥ)

**ଲାଇସେନ୍ସ ପ୍ରାପ୍ତ ବିସ୍ଫୋରକ ବିକ୍ରେତାଙ୍କୁ କରାଯିବ ଯାଞ୍ଚ**

ବନ୍ୟଜନ୍ତୁ ଅପରାଧରେ ବର୍ତ୍ତମାନ ବାରୁଦ ଏକ ବଡ଼ ସମସ୍ୟା ଭାବେ ଛିଡ଼ା ହୋଇଛି। ବେଆଇନ ଭାବେ ବାରୁଦକୁ ବ୍ୟବହାର କରି ଜନ୍ତୁ ଶିକାର ପାଇଁ ଗାଁ ଗାଁରେ ବୋମା ପ୍ରସ୍ତୁତ ହେଉଛି। ବିଗତ ଦିନରେ ଅନୁଗୋଳ ଓ ସାତକୋଶିଆ ବନଖଣ୍ଡରେ ଏକାଧିକ ହାତୀ ମୃତ୍ୟୁର କାରଣ ଏହି ବାରୁଦ ବୋମା ବୋଲି ମଧ୍ୟ ସ୍ପଷ୍ଟ ହୋଇଛି। ବନବିଭାଗ ଏହା ଉପରେ ଚଢ଼ାଉ କେତେକ ସମୟରେ କରିଥିଲେ ମଧ୍ୟ ଏହି ବିସ୍ଫୋରକ ବ୍ୟବହାରରେ ରୋକ ଲାଗିପାରୁନାହିଁ। ସେବେ ବର୍ତ୍ତମାନ ହାତୀ ମୃତ୍ୟୁ ନେଇ ବନବିଭାଗ ତତ୍ପର ହୋଇଉଠିଛି। ଅନୁଗୋଳ ବନଖଣ୍ଡ ଅଧିକାରୀ ନାରିଶ କୁମାରଙ୍କ କହିବା ମୁତାବକ ବର୍ତ୍ତମାନ ଅନୁଗୋଳ ସର୍କଲ ଅଧୀନରେ ଥିବା ସମସ୍ତ ବନଖଣ୍ଡଗୁଡିକରେ ପୋଲିସ ସହ ବନବିଭାଗ ମିଶି ଚଢ଼ାଉ ଆରମ୍ଭ କରିଛି। ଅନୁଗୋଳ ବନଖଣ୍ଡ ଅଧୀନରେ ଥିବା ଗାଁ ଗଣ୍ଡାଗୁଡିକରେ ବର୍ତ୍ତମାନ ବାରୁଦ ବୋମା ବ୍ୟବହାର ବଢ଼ିଥିବା ବେଳେ ଏହାର ବିକ୍ରି ରୋକିବା ବନବିଭାଗ। ଏପରିକି ଜୋନ ବନଖଣ୍ଡ ଅଧିକାରୀ କହିଛନ୍ତି ଯେ, ବର୍ତ୍ତମାନ ଜିଲାରେ ଆଇନଗତ ଭାବେ ଲାଇସେନ୍ସଧାରୀ ଯେଉଁ ବିସ୍ଫୋରକ ବ୍ୟବସାୟ କରୁଛନ୍ତି ସେହି ସମସ୍ତ ଦୋକାନ କିମ୍ବା ଅନୁଷ୍ଠାନଗୁଡ଼ିକ ଉପରେ ଚଢ଼ାଉ କରାଯିବ। ଯେଉଁ ପରିମାଣର ବିସ୍ଫୋରକ ସେମାନଙ୍କୁ ରଖିବା ପାଇଁ ଅନୁମତି ରହିଛି ସେଠିକି ପରିମାଣର ବିସ୍ଫୋରକ ସାମଗ୍ରୀ ଦୋକାନଗୁଡ଼ିକରେ ମହଜୁଦ ରହିଛି ନାଁ ଅନୁମତିଠାରୁ ଅଧିକ ପରିମାଣର ସାମଗ୍ରୀ ଗଚ୍ଛିତ ରହିଛି ତାହା ଉପରେ ଚଢ଼ାଉ କରିବା ପାଇଁ ବନଖଣ୍ଡ ଅଧିକାରୀ ଚିଠି ପୋଲିସ ବିଭାଗକୁ ଜଣାଇବେ ବୋଲି କହିଛନ୍ତି।

# ନାବାଳିକା ଅପହରଣରେ ଅଭିଯୁକ୍ତ ଗିରଫ

ପଟ୍ଟଜ୍ୟନ୍ତ,୧୮।୧(ଅଜୟ ପ୍ରଧାନ)

କଣିହାଁ ବ୍ଲକ ସମଲ ଥାନା ଗୁରୁକୁନା ପଞ୍ଚାୟତ ଅଧୀନସ୍ଥ ସରଧାପୁର ଗ୍ରାମରୁ ଫେରାରେ ଅଭିଯୁକ୍ତଙ୍କୁ ସମଲ ପୋଲିସ ରବିବାର ଗିରଫ କରି କୋର୍ଟଚାଲାଣ କରିଛି। ଅଭିଯୁକ୍ତ ଜଣକ ହେଲେ ଖମାର ଥାନା ଓ ଗ୍ରାମର ବିଶ୍ୱନାଥ କୁମାର ନାୟକ (୨୮)। ସମଲ ଥାନା ଅଞ୍ଚଳରେ ଜଣେ ନାବାଳିକାଙ୍କ ସହ ଅନୈତିକ ସମ୍ପର୍କ ରଖିବା ସମଲ ଥାନା କେସ ନଂ ୨୯୦/୨୫ରେ ମାମଲା ହୋଇଥିଲା। ଏ ନେଇ ସମଲ ଆଇଆଇସି ମୃଣାଲ କାଲାଙ୍କ ସୂଚନାରୁ ଜଣାଯାଏ ଯେ ଅଭିଯୁକ୍ତ ଜଣକ କିଛି ଦିନ ହେଲା ଫେରାର ହୋଇଥିଲେ। ରବିବାର ଅଭିଯୁକ୍ତ ବିଶ୍ୱନାଥଙ୍କୁ ଗିରଫ କରି କୋର୍ଟଚାଲାଣ କରାଯାଇଥିବା ନେଇ ଆଇଆଇସିଙ୍କ ସୂତ୍ରରୁ ପ୍ରକାଶ।


**OFFICE OF THE REGULATED MARKET COMMITTEE, CHANDBALI**

Tender Call Notice No. 28 — Date: 15.01.2026

**INVITATION OF BIDS THROUGH E-PROCUREMENT**

The A.D.M. Bhadrak-cum-Chairman, RMC, Chandbali invite percentage rate bids double cover system (Technical Bid & Price Bid) in online mode for three number of work-construction of various infrastructures different market yard at Simulia, Motto, Aradi Sub Market Yard under R.M.C., Chandbali from the eligible 'B' & 'D' & 'C' Class contractors registered with Govt. of Odisha or equivalent class of Govt. of India/C.P.W.D./Central Undertaking/Railway/M.E.S. The detail bid documents will be available in E-Procurement portal https://tendersodisha.gov.in from Dt.19.01.2026 to Dt.03.02.2026 upto 5.00 P.M. The authority reserves the right to reject tenders without assigning any reason thereof.

Sd./- A.D.M. Bhadrak-cum-Chairman, RMC, Chandbali


# ଭୟଭୀତ କରି ଗୁଳି ଫୁଟାଇଲେ ଦୁର୍ବୃତ୍ତ: ୮ ଅଟକ



ଜବତ ଗାଡ଼ି।

ବାରଙ୍ଗ,୧୮।୧(ଲିଙ୍ଗରାଜ ରାଉତ)

ବାରଙ୍ଗ ଥାନା ଅନ୍ତର୍ଗତ ତ୍ରିଶୁଳିଆ ଛକ ନିକଟ କୁସିଦା ଗ୍ରାମରେ ରବିବାର ଚାଲିଥିବା ନିର୍ମାଣ କାର୍ଯ୍ୟକୁ ବନ୍ଦ କରିବା ପାଇଁ ଫାଙ୍କା ଗୁଳି ଫୁଟାଇବା ଅଭିଯୋଗରେ ପୋଲିସ ୮ଜଣଙ୍କୁ ଥାନାରେ ଅଟକ ରଖିଛି। ପୋଲିସ ଅଭିଯୁକ୍ତମାନଙ୍କ ନିକଟରୁ ଗାଡ଼ି, ମୋବାଇଲ, ବନ୍ଧୁକ ଓ ଗୁଳି ଜବତ କରିବା ସହ ତଦନ୍ତ ଆରମ୍ଭ କରିଛି।

ରବିବାର ଅପରାହ୍ନ ପ୍ରାୟ ୨ଟାରେ ତ୍ରିଶୁଳିଆ ଛକ ପାଖ କୁସିଦା ଗ୍ରାମ ନିକଟରେ ଜଣେ ବିଲଡର ପ୍ରୋଜେକ୍ଟ କାମ ଚାଲୁଥିଲା। ଏହି ସମୟରେ ଏକ କଳାରଙ୍ଗର ଥାର୍ ଗାଡ଼ିରେ କେତେଜଣ ଅଭିଯୁକ୍ତ ସେଠାରେ ପହଞ୍ଚି ଆତଙ୍କ ସୃଷ୍ଟି କରିଥିଲେ। ସେମାନେ ବନ୍ଧୁକ ଦେଖାଇ କାମ କରୁଥିବା ଲୋକମାନଙ୍କୁ ଭୟଭୀତ କରାଇ କାମ ବନ୍ଦ କରିବାକୁ କହିଥିଲେ। ଖବରପାଇ ଥାନା ଅଧିକାରୀ ଦେବେନ୍ଦ୍ର ବିଶ୍ୱାଳ ସଦଳବଳେ ଘଟଣାସ୍ଥଳରେ ପହଞ୍ଚି ଯୁବକମାନଙ୍କୁ କାବୁ କରିବାକୁ ଚେଷ୍ଟା କରିଥିଲେ। ଏହି ସମୟରେ ପୋଲିସ ହାତରୁ ଖସିଦିବା ପାଇଁ ସେମାନେ ଫାଙ୍କା ଗୁଳି ଫୁଟାଇଥିଲେ। ମାତ୍ର କୌଶଳକ୍ରମେ ପୋଲିସ ୮ଜଣ ସେମାନଙ୍କୁ କାବୁ କରିବାରେ ସକ୍ଷମ ହୋଇଛି।


No. T-129

**ଓଡ଼ିଶା ସରକାର**

**ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ**

**ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠ**

**ଜନସାଧାରଣଙ୍କ ନିମନ୍ତେ ବିଶେଷ ସୂଚନା**

ଏତଦ୍ୱାରା ରାଜ୍ୟର ସମସ୍ତ ଜନସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ଆସନ୍ତା ସୋମବାର, ଇଂରାଜୀ ତା19.01.2026ରିଖ ଦିନ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ଅନ୍ୟାନ୍ୟ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ଥିବାରୁ ଅଭିଯୋଗ ଶୁଣାଣି ବନ୍ଦ ରହିବ। ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଜନସାଧାରଣଙ୍କୁ ସମ୍ବାଦପତ୍ର ମାଧ୍ୟମରେ ଜଣାଇ ଦିଆଯିବ।

ଅତିରିକ୍ତ ମୁଖ୍ୟ ଶାସନ ସଚିବ
ସାଧାରଣ ପ୍ରଶାସନ ଓ
ସାଧାରଣ ଅଭିଯୋଗ ବିଭାଗ

OIPR-



**GOVERNMENT OF ODISHA**
**DEPARTMENT OF WOMEN AND CHILD DEVELOPMENT**
**MAHILA VIKAS SAMABAYA NIGAM**

Plot No. 483 (pt.), W&CD Complex, Gangangar, Unit-VI, Bhubaneswar - 751001, Phone No.: 0674-2393822
Email Id: mvsn_bbsr@yahoo.com

**TENDER NOTICE**

Tender No. 63 — Dated: 17.01.26

No. CAD-3054: Sealed tenders in double cover are invited from the interested GST-registered agencies/suppliers through two bid system (Technical and Financial) for supply of "Water Bottle" as per the details given below:

| Sl. No. | Name of the Item | Quantity Required |
|---|---|---|
| 1 | Water Bottle | 51796 |

The tender complete in all respects, must reach the Office of the Managing Director, Mahila Vikas Samabaya Nigam (MVSN), W&CD Complex, Plot No. 483 (pt.), Gangangar, Unit - VI, Bhubaneswar - 751001 on or before 09.02.2026 through Speed Post/Courier only.
The tender document containing general bid information and other terms & conditions can be downloaded from the website from https://wcd.odisha.gov.in/ from 19.01.2026 to 09.02.2026.
Bids received after the due date and time shall be summarily rejected. The authority reserves the right to accept or reject any or all bids and to cancel the tender process at any stage without assigning any reason thereof.

OIPR- Sd./- Managing Director, Mahila Vikas Samabaya Nigam (MVSN)



**GOVERNMENT OF ODISHA**
**DEPARTMENT OF WOMEN AND CHILD DEVELOPMENT**
**MAHILA VIKAS SAMABAYA NIGAM**

Plot No. 483 (pt.), W&CD Complex, Gangangar, Unit-VI, Bhubaneswar - 751001, Phone No.: 0674-2393822
Email Id: mvsn_bbsr@yahoo.com

**TENDER NOTICE**

Tender No. 64 — Dated: 17.01.26

No. CAD-3053: Sealed tenders in double cover are invited from the interested GST-registered agencies/suppliers through two bid system (Technical and Financial) for "Measurement Bowl & Slotted Spoon" as per the details given below:

| Sl. No. | Name of the Item | Quantity Required |
|---|---|---|
| 1 | "Measurement Bowl & Slotted Spoon" | 51796 Nos. each |

The tender complete in all respects, must reach the Office of the Managing Director, Mahila Vikas Samabaya Nigam (MVSN), W&CD Complex, Plot No. 483 (pt.), Gangangar, Unit - VI, Bhubaneswar - 751001 on or before 09.02.2026 through Speed Post/Courier only.
The tender document containing general bid information and other terms & conditions can be downloaded from the website from https://wcd.odisha.gov.in/ from 19.01.2026 to 09.02.2026.
Bids received after the due date and time shall be summarily rejected. The authority reserves the right to accept or reject any or all bids and to cancel the tender process at any stage without assigning any reason thereof.

OIPR- Sd./- Managing Director, Mahila Vikas Samabaya Nigam (MVSN)



**GOVERNMENT OF ORISSA** — No. O-2052
**OFFICE OF THE SUPERINTENDING ENGINEER, RURAL WORKS DIVISION, KARANJIA (MAYURBHANJ)**

Letter No. 125 — E.Mail ID: eerwkaranjia@yahoo.com — Date: 13.01.2026

**"e" Procurement Notice for Special Repair to Roads & Bridges and approach road & Periodical Maintenance works for year 2025-26**
Bid Identification No. - RWDKNJ-15/2025-26

1. Name of the Work: Road Works (As per Annexure)
2. Estimated Cost: Rs.38.14 to Rs.5.08 Lakhs Approximately (As per Annexure)
3. Class of Contractor: B & C, 'D' & 'C' Class (As per Annexure)
4. Period of Completion: As per Annexure
5. Tender Paper Cost: Paper cost of bid as mentioned in Annexure of Road Works

| Procurement officer | Bid Identification No. | Availability of Tender Online for Bidding From | To | Last date & time of seeking tender clarification | Date and Time of Opening of Tender in O/o. S.E.R.W. Division, Karanjia Technical & Financial Bid |
|---|---|---|---|---|---|
| 1 | 2 | 3 | 4 | 5 | 6 |
| Superintending Engineer, Rural Works Division, Karanjia | Road Online RWDKNJ - 15/25-26 | Dt.21.01.2026 at 11.00 A.M. | Dt.28.01.2026 upto 11.00 A.M. | Dt.27.01.2026 upto 1.00 P.M. | Dt.29.01.2026 at 05.00 P.M. |

Further details can be seen from the website www.tendersodisha.gov.in
OIPR- Sd./- Executive Engineer, R.W. Division, Karanjia



**GOVERNMENT OF ODISHA** — No. O-2074
**OFFICE OF THE SUPERINTENDING ENGINEER, RURAL WORKS DIVISION, BHUBANESWAR**

Ph. No.: 0674-2301787, Fax No.: 0674-2300965, E-Mail ID: eerw_bbsr@yahoo.co.in

No. Tender Online BBSR Divn. 34 — Date: 12.01.2026

**e-Procurement NOTICE**

1. Name of the Work: Repair/Maintenance Roads & Construction of Building
2. Total No. of Projects: 25 Nos. of Projects
3. Class of Contractor
   a) Above Rs.20 lakh and upto 3 Crore: B Class (of Odisha PWD) or equivalent class of other licensing authorities
   b) Upto Rs.40.00 lakh: C Class (of Odisha PWD) or equivalent class of other licensing authorities
   c) Upto Rs.20.00 lakh: D Class (of Odisha PWD) or equivalent class of other licensing authorities
4. Estimated Cost of individual project: Rs.5 lakh to 42 lakhs
5. Time for Completion: As per Annexure of TCN Col No. 5
6. Other Details

| Procurement Officer | Bid Identification No | Availability of Tender Online for Bidding From | To | Date & Time of Opening of Tender |
|---|---|---|---|---|
| 1 | 2 | 3 | 4 | 5 |
| Superintending Engineer, Rural Works Division, Bhubaneswar | Tender Online - BBSR Divn. - 34 | 21.01.2026 at 11.00 A.M. | 30.01.2026 upto 5.00 P.M. | 31.01.2026 at 11.00 A.M. |

Further details can be seen from the website www.tendersorissa.gov.in
OIPR- Sd./- Superintending Engineer, Rural Works Divn., BBSR



बैंक ऑफ़ बड़ौदा Bank of Baroda — ବ୍ୟାଙ୍କ ଅଫ୍ ବରୋଦା
ଆଞ୍ଚଳିକ କାର୍ଯ୍ୟାଳୟ : ଭୁବନେଶ୍ୱର, ପ୍ରଥମ ମହଲା, ବିଜୟ ଗ୍ଲୋବାଲ୍, ବେଲେଣ୍ଡା ସାହି, ନୟାପଲ୍ଲୀ, ଭୁବନେଶ୍ୱର-୭୫୧୦୧୨, ଓଡ଼ିଶା

**ଦଖଲ ନୋଟିସ୍ (ସ୍ଥାବର ସମ୍ପତ୍ତି ନିମନ୍ତେ)**

(ପରିଶିଷ୍ଟ-୪ ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ ୨୦୦୨ର ନିୟମ ୮ (୧) ଅନୁସାରେ)

ନିମ୍ନସ୍ୱାକ୍ଷରକାରୀ ବ୍ୟାଙ୍କ ଅଫ୍ ବରୋଦାର କ୍ଷମତାପ୍ରାପ୍ତ ଅଧିକାରୀ ଭାବେ ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନଷ୍ଟ୍ରକସନ୍ ଅଫ୍ ଫାଇନାନ୍ସିଆଲ ଆସେଟ୍ସ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ ଏବଂ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ ର ନିୟମ ୩ ସହିତ ଧାରା ୧୩(୧୨) ରେ ପ୍ରଦତ୍ତ କ୍ଷମତା ପ୍ରୟୋଗ କରାଯାଇ ନିମ୍ନଲିଖିତ ଋଣଗ୍ରହୀତାଙ୍କୁ ନିମ୍ନ ଦର୍ଶିତ ତାରିଖରେ ଡିମାଣ୍ଡ ନୋଟିସ୍ ଜାରି କରି ନୋଟିସ୍‌ରେ ଉଲ୍ଲେଖିତ ରାଶି ନୋଟିସ୍ ପ୍ରାପ୍ତିର ୬୦ ଦିନ ମଧ୍ୟରେ ପରିଶୋଧ କରିବାକୁ କହିଥିଲେ। ଋଣଗ୍ରହୀତା ରାଶି ପରିଶୋଧ କରିବାରେ ବିଫଳ ହୋଇଥିବାରୁ ଏତଦ୍ୱାରା ଋଣଗ୍ରହୀତା ଏବଂ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଅଛି ଯେ ନିମ୍ନସ୍ୱାକ୍ଷରକାରୀ ଉକ୍ତ ଆକ୍ଟର ଧାରା ୧୩(୪) ସହିତ ଉକ୍ତ ରୁଲ୍ସର ନିୟମ ୮ ଅଧୀନରେ ନିମ୍ନ ବର୍ଣ୍ଣିତ ସମ୍ପତ୍ତିର ଦଖଲ ନେଇଛନ୍ତି। ବିଶେଷ ଭାବେ ଋଣଗ୍ରହୀତା ଏବଂ ସର୍ବସାଧାରଣଙ୍କୁ ସତର୍କ କରାଯାଉଛି ଯେ ଉକ୍ତ ସମ୍ପତ୍ତି ସହ କୌଣସି କାରବାର କରିବେ ନାହିଁ ଏବଂ କୌଣସି କାରବାର ବ୍ୟାଙ୍କ ଅଫ୍ ବରୋଦାର ଚାର୍ଜ ଅଧୀନ ରହିବ। ସୁରକ୍ଷିତ ସମ୍ପତ୍ତି ମୁକ୍ତ କରିବା ପାଇଁ ଉପଲବ୍ଧ ସମୟ ସମ୍ପର୍କରେ ଆକ୍ଟର ଧାରା ୧୩ର ଉପଧାରା (୮) ପ୍ରତି ଋଣଗ୍ରହୀତାଙ୍କ ଧ୍ୟାନ ଆକର୍ଷଣ କରାଯାଉଛି।

| ଶାଖା / ଋଣଗ୍ରହୀତା/ ଜାମିନଦାରଙ୍କ ନାମ ଓ ଠିକଣା | ସ୍ଥାବର ସମ୍ପତ୍ତିର ବିବରଣୀ | ଡିମାଣ୍ଡ / ଦଖଲ ନୋଟିସ୍ର ତାରିଖ | ବକେୟା ପରିମାଣ |
|---|---|---|---|
| ଛତରପୁର ଶାଖା / ଋଣଗ୍ରହୀତା : ଶ୍ରୀମତୀ ସର୍ମିଷ୍ଠା ଆଚାର୍ଯ୍ୟ (ଓରଫ ଶ୍ରୀମତୀ ସର୍ମିଷ୍ଠା ମିଶ୍ର), ସ୍ୱା: ଶ୍ରୀ ସୁରଞ୍ଜନ ମିଶ୍ର, ଗ୍ରାମ: ବଡଗାଁ ସାହି, ପୋ: ଛତରପୁର, ଜି: ଗଞ୍ଜାମ, ଓଡ଼ିଶା-୭୬୧୦୨୦ | ଆଇନଗତ ବନ୍ଧକପ୍ରାପ୍ତ ସ୍ଥାବର ସମ୍ପତ୍ତି ଶ୍ରୀମତୀ ସର୍ମିଷ୍ଠା ଆଚାର୍ଯ୍ୟ (ଓରଫ ଶ୍ରୀମତୀ ସର୍ମିଷ୍ଠା ମିଶ୍ର), ସ୍ୱାମୀ: ଶ୍ରୀ ସୁରଞ୍ଜନ ମିଶ୍ର, ଜିଲ୍ଲା: ଗଞ୍ଜାମ | ୦-୧୧-୨୦୨୫ / ୧୭.୦୧.୨୦୨୬ | ୨୧.୦୯.୨୦୨୫ ସୁଦ୍ଧା ଟ. ୨୮୫୪୭୨୮.୧୯/- (ଅଠାଇଶ ଲକ୍ଷ ଅଠାବନ ହଜାର ସାତ ଶହ ଅଠାଇଶ ଏବଂ ସତର ପଇସା ମାତ୍ର) + ତତ୍ପରବର୍ତ୍ତୀ ସୁଧ ଓ ଅନ୍ୟାନ୍ୟ ଖର୍ଚ୍ଚ |
| ଗଙ୍ଗ ନଗର ଶାଖା / ଋଣଗ୍ରହୀତା : ମେସର୍ସ କୁମୁନ୍ ଇଣ୍ଟରପ୍ରାଇଜେସ୍ (ପ୍ରୋପାଇଟର- ଶ୍ରୀମତୀ ସଂଜ୍ଞା ରାଣୀ ଜେନା), ବିଜୁ ପଟ୍ଟନାୟକ ଛକ, ଭୁବନେଶ୍ୱର-୭୫୧୦୦୧ | ଆଇନଗତ ବନ୍ଧକପ୍ରାପ୍ତ ସ୍ଥାବର ସମ୍ପତ୍ତି, ଭୁବନେଶ୍ୱର, ଖୋର୍ଦ୍ଧା | ୦୯-୦୫-୨୦୨୫ / ୧୭.୦୧.୨୦୨୬ | ୩୦.୦୪.୨୦୨୫ ସୁଦ୍ଧା ଟ. ୨୪୦୪୬୨୨/- (ଚବିଶ ଲକ୍ଷ ଚାରି ହଜାର ଚାରିଶହ ବାଇଶି ମାତ୍ର) + ତତ୍ପରବର୍ତ୍ତୀ ସୁଧ ଓ ଅନ୍ୟାନ୍ୟ ଖର୍ଚ୍ଚ |

ତାରିଖ: ୧୯.୦୧.୨୦୨୬
ସ୍ଥାନ: ଭୁବନେଶ୍ୱର

ସ୍ୱା-କ୍ଷମତାପ୍ରାପ୍ତ ଅଧିକାରୀ, ବ୍ୟାଙ୍କ ଅଫ୍ ବରୋଦା

# ବିପର୍ଯ୍ୟସ୍ତ ମୌଳିକ ସମସ୍ୟାର ସମାଧାନ ଦାବି




## ୨୩ ଫେବୃଆରୀରେ ଜିଲାପାଳଙ୍କ ଅଫିସ ସମ୍ମୁଖରେ ଆନ୍ଦୋଳନ

ଅନୁଗୋଳ,୧୮।୧(ଦିବ୍ୟଶାନ୍ତନୁ ନାଥ)

ଶିଳ୍ପ ସମୃଦ୍ଧ ଅନୁଗୋଳ ଜିଲାର ବିପର୍ଯ୍ୟସ୍ତ ସ୍ୱାସ୍ଥ୍ୟସେବା, ବିଦ୍ୟୁତ୍, ପ୍ରଦୂଷଣ, ରେଳସେବା, ବିସ୍ଥାପନ ଭଳି ମୌଳିକ ସମସ୍ୟାର ସମାଧାନ ଦାବିନେଇ ଶନିବାର ଅନୁଗୋଳ ଜିଲା ଜନଜୀବନ ସୁରକ୍ଷା କମିଟିର ବାର୍ଷିକ ସଭା ସ୍ଥାନୀୟ ଶିକ୍ଷକପଡାସ୍ଥ ନବକୃଷ୍ଣ ଚୌଧୁରୀ ସ୍ମୃତି ପାଠାଗାର ପ୍ରାଙ୍ଗଣରେ ଅନୁଷ୍ଠିତ ହୋଇଯାଇଛି।

କମିଟି ଆବାହକ ବରିଷ୍ଠ ଆଇନଜୀବୀ ପ୍ରମୋଦ କୁମାର ପ୍ରଧାନଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ଅନ୍ୟତମ ଆବାହକ ଆଇନଜୀବୀ ରବୀନ୍ଦ୍ର ପ୍ରସାଦ ପଟ୍ଟନାୟକ, ଶିକ୍ଷାବିତ୍ ଅଭିମନ୍ୟୁ ସ୍ୱାଇଁ, ବ୍ରଜବନ୍ଧୁ ସାହୁ, ପଠାଣୀ ବାରିହା, ତୀର୍ଥବାସୀ ଭୋଇ, ଦାମୋଦର ଦାସ, ମାନସ ପାଳ, ତ୍ରେତାନନ୍ଦ ସାମନ୍ତ, ରମେଶ ସାହୁ, ନିରୋଦ ପାଲ, ତ୍ରିଲୋଚନ ଜେନା, ଜିଲା ଓକିଲ ସଂଘର ପୂର୍ବତନ ସଭାପତି ଦିଲୀପ ଦାସ, ଆଇନଜୀବୀ ବସନ୍ତ କୁମାର ଦାସ, ସୁବାସ ସାହୁ, ଶିକ୍ଷାବିତ୍ ପ୍ରଦୀପ କୁମାର ପ୍ରଧାନ, ବରିଷ୍ଠ ବୁଦ୍ଧିଜୀବୀ ହେମନ୍ତ କୁମାର ଦାସ, ତାଳଚେର ପରିବେଶ ସୁରକ୍ଷା ସମିତିର ସଭାପତି ପଦ୍ମନାଭ ସାମଲ, ବିନୋଦ ଲାଲ, ଶିକ୍ଷାବିତ୍ ତରୁଣ ଦେହୁରୀ, ଚିତ୍ତରଞ୍ଜନ ମେଳୀ, ନବକିଶୋର ପ୍ରଧାନ, ଅଶୋକ କୁମାର ପ୍ରଧାନ, ରବୀନ୍ଦ୍ର ବେହେରା, ସଦାଶିବ ଦଳବେହେରା, ଭିକାରୀ ପ୍ରଧାନ, ମୋହନ ଦେହୁରୀ, ବସନ୍ତ ଦାସ, ନିରୂପମା ପ୍ରଧାନ, ବବିତା ସାହୁ, ସତ୍ୟରଞ୍ଜନ ସାହୁ ପ୍ରମୁଖ ବକ୍ତବ୍ୟ ଦେଇ ଜିଲାର ବିପର୍ଯ୍ୟସ୍ତ ସ୍ୱାସ୍ଥ୍ୟସେବା, ବିଦ୍ୟୁତ୍ ସେବା, ପ୍ରଦୂଷଣ ଭଳି ସମସ୍ୟାର ସମାଧାନ କରିବା କ୍ଷେତ୍ରରେ ଜିଲା ପ୍ରଶାସନ ଓ ରାଜ୍ୟ ସରକାରଙ୍କ ଅବହେଳା ଉଦାସୀନତା ନେଇ କ୍ଷୋଭ ପ୍ରକାଶ କରିଥିଲେ।

ଜିଲାର ବିପର୍ଯ୍ୟସ୍ତ ସ୍ୱାସ୍ଥ୍ୟସେବା ସମାଧାନ ପାଇଁ ଅନୁଗୋଳ ଜିଲା ମୁଖ୍ୟ ଚିକିତ୍ସାଳୟରେ ଟ୍ରମାକେୟାର ସେଣ୍ଟର, ଆଇସିୟୁ, ବର୍ନ ୟୁନିଟ କାର୍ଯ୍ୟକ୍ଷମ କରିବା ସହିତ ଇକୋ ମେସିନ କାର୍ଯ୍ୟକ୍ଷମ କରିବା, ଜିଲା ମୁଖ୍ୟ ଚିକିତ୍ସାଳୟକୁ ସପ୍ତାହକୁ ଥରେ କିମ୍ବା ୨ଥର ଆସୁଥିବା ସୁପରସ୍ପେସିଆଲିଷ୍ଟ ଡାକ୍ତରଙ୍କୁ ସ୍ଥାୟୀ ନିଯୁକ୍ତି ଦେବା, ଜିଲା ମୁଖ୍ୟ ଚିକିତ୍ସାଳୟ ନିକଟରେ ଥିବା ପୋଲଟ୍ରି ଫାର୍ମକୁ ଅନ୍ୟତ୍ର ସ୍ଥାନାନ୍ତର କରି ଏହାର ସମସ୍ତ ଜାଗାକୁ ଜିଲା ମୁଖ୍ୟ ଚିକିତ୍ସାଳୟକୁ ହସ୍ତାନ୍ତର କରିବା, ଜିଲା ମୁଖ୍ୟ ଚିକିତ୍ସାଳୟ ସମ୍ମୁଖରେ ଥିବା ଆମିଷ ବଜାରକୁ ଅନ୍ୟତ୍ର ସ୍ଥାନାନ୍ତର କରିବା, ଜିଲାର ସମସ୍ତ ଉପଡାକ୍ତରଖାନା, ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର, ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଖାଲି ପଡ଼ିଥିବା ଡାକ୍ତର, ନର୍ସ, କର୍ମଚାରୀ ପଦବୀ ପୂରଣ କରି ୨୪ ଘଣ୍ଟିଆ ଚିକିତ୍ସା ଯୋଗାଇଦେବା। ଜିଲା ମୁଖ୍ୟ ଚିକିତ୍ସାଳୟରେ ଏକ ନର୍ସିଂ କଲେଜ ପ୍ରତିଷ୍ଠା କରିବାକୁ ବକ୍ତାମାନେ ଦୃଢ଼ ଦାବି କରିଥିଲେ। ଏଥିସହିତ ସାରା ରାଜ୍ୟକୁ ବିଦ୍ୟୁତ୍ ଯୋଗାଣ କରି ପ୍ରଦୂଷଣ ବିଷ ବଳୟରେ ହନ୍ତସନ୍ତ ହେଉଥିବା ଜିଲାର ସମସ୍ତ ଘରୋଇ ଉପଭୋକ୍ତାଙ୍କୁ ୩୦୦ୟୁନିଟ ଦେୟମୁକ୍ତ ବିଦ୍ୟୁତ୍ ଯୋଗାଇଦେବା, ସ୍ମାର୍ଟ ମିଟର ବସାଇବା ବନ୍ଦ କରିବା, ଜିଜିଆ କର ଆଦାୟ ସମ୍ପୂର୍ଣ୍ଣ ବନ୍ଦ କରିବା ପାଇଁ ଦାବି ଉପସ୍ଥାପନ ହୋଇଥିଲା । ଶିଳ୍ପ ସମୃଦ୍ଧ ଜିଲାରେ ବିସ୍ଥାପନ ଓ ପ୍ରଦୂଷଣ ଭଳି ମୌଳିକ ସମସ୍ୟାର ସମାଧାନ ପାଇଁ ବିଶେଷ ଦାୟିତ୍ୱ ବହନ କରୁ ନ ଥିବା ନେଇ ସଭାରେ ଉଦ୍‌ବେଗ ପ୍ରକାଶ କରାଯାଇଥିଲା । ଜିଲାର ଏହି ମୌଳିକ ସମସ୍ୟାର ସମାଧାନ ପାଇଁ ଜନଆନ୍ଦୋଳନ ଆବଶ୍ୟକ ବୋଲି ସମସ୍ତେ ମତବ୍ୟକ୍ତ କରିଥିଲେ । ଉପରୋକ୍ତ ସମସ୍ୟାର ସମାଧାନ ଦାବିରେ ୨୩ ଫେବୃଆରୀରେ ଅନୁଗୋଳ ଜିଲାପାଳଙ୍କ ଅଫିସ ସମ୍ମୁଖରେ ଆନ୍ଦୋଳନ ସଂଗଠିତ କରିବା ପାଇଁ ବାର୍ଷିକ ସଭାରେ ସର୍ବସମ୍ମତ ପ୍ରସ୍ତାବ ଗୃହୀତ ହୋଇଥିବା ନେଇ କମିଟି ପକ୍ଷରୁ ଏକ ପ୍ରେସ ଇସ୍ତାହାରରେ ସୂଚନା ଦିଆଯାଇଛି।

# ଓଡ଼ିଆ ଭାଷା ପ୍ରତି ସମସ୍ତେ ଅଧିକ ଗୁରୁତ୍ୱ ଦେବା ଆବଶ୍ୟକ


କାର୍ଯ୍ୟକ୍ରମରେ ଯୋଗଦେଇଥିବା ଅତିଥିବୃନ୍ଦ।

ବଇଣ୍ଡା,୧୮।୧(ପରିକ୍ଷିତ ସାହୁ)

କିଶୋରନଗର ବ୍ଲକ ନୁନୁକାପଶି କଲ୍ୟାଣମଣ୍ଡପ ପରିସରରେ ରବିବାର ତ୍ରିଧାରା ସାହିତ୍ୟ ସଂସଦର ବାର୍ଷିକ ଉତ୍ସବ ପାଳିତ ହୋଇଯାଇଛି। ତ୍ରିଧାରା ସାହିତ୍ୟ ସଂସଦ ସଭାପତି କୃଷ୍ଣଚନ୍ଦ୍ର ପ୍ରଧାନଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବାର୍ଷିକ ଉତ୍ସବରେ ମୁଖ୍ୟ ଅତିଥି ଭାବେ ବଇଣ୍ଡା ଜନତା ମହାବିଦ୍ୟାଳୟ ଅଧ୍ୟକ୍ଷ ପ୍ରଶାନ୍ତ ଖମାରି ଯୋଗଦେଇ ସାହିତ୍ୟ ପ୍ରତି ସମସ୍ତେ ରୁଚି ରଖିବା ସହ ଓଡିଆ ଭାଷା ପ୍ରତି ଅଧିକ ଗୁରୁତ୍ୱ ଦେବା ଆବଶ୍ୟକ ବୋଲି କହିଥିଲେ। ମୁଖ୍ୟବକ୍ତା ଭାବେ ଅନୁଗୋଳର ବିଶିଷ୍ଟ ଗବେଷକ ଅକ୍ଷୟ କୁମାର ପଟ୍ଟନାୟକ ଆସନ ଅଳଙ୍କୃତ କରି ଆଠମଲ୍ଲିକର ଇତିହାସ ବିଷୟରେ ବର୍ଣ୍ଣନା କରିଥିଲେ। ସମ୍ମାନିତ ଅତିଥି ଭାବେ ଫରିଦାବାଦରେ ରହୁଥିବା ବରିଷ୍ଠ ଲେଖକ ଡ. ସୁନୀଲ କୁମାର ଦାସ, ପୁରୀର ଅଧ୍ୟାପକ ଅଶୋକ କୁମାର ନାୟକ, କଟକର ବରିଷ୍ଠ ଲେଖକ ରୁଦ୍ରପ୍ରସନ୍ନ ସାହୁ, ତାଳଚେରର ବରିଷ୍ଠ ଲେଖକ ତଥା ସଙ୍ଗଠକ ଇଂ. ଜଳଧର ପ୍ରଧାନ ଯୋଗଦେଇଥିଲେ। ଜନତା ମହାବିଦ୍ୟାଳୟର ଅଧ୍ୟାପକ କାଳିଆ ସେଠୀ କାର୍ଯ୍ୟକ୍ରମର ସଂଯୋଜନା କରିବା ସହ ଅତିଥି ପରିଚୟ ପ୍ରଦାନ କରିଥିଲେ। ତ୍ରିଧାରା ସାହିତ୍ୟ ସଂସଦର ସମ୍ପାଦକ ଆର୍ ମିଶ୍ର ବାର୍ଷିକ ବିବରଣୀ ପାଠ କରିଥିଲେ। ତ୍ରିଧାରା ନାଗରିକ ସମ୍ମାନ ବିଶିଷ୍ଟ ଗବେଷକ ଅକ୍ଷୟ କୁମାର ପଟ୍ଟନାୟକ, ତ୍ରିଧାରା କବି ସମ୍ମାନ ବଇଣ୍ଡାର ଗଣପତି ସ୍ୱାଇଁ ଓ ରଞ୍ଜିତା ମିଶ୍ର, ତ୍ରିଧାରା ସାହିତ୍ୟ ସମ୍ମାନ ଅନୁଗୋଳର ଧୀରେନ ମିଶ୍ର, ମଧୁ କୋକିଳ ସ୍ମୃତି ସମ୍ମାନ ଶିକ୍ଷକ ରାଜନୀକାନ୍ତ ଦେହୁରୀ, ଶିକ୍ଷା ଯୋଗୀ ଗୋବିନ୍ଦ ସ୍ମୃତି ସମ୍ମାନ ବରିଷ୍ଠ ଶିକ୍ଷକ ସଚ୍ଚିଦାନନ୍ଦ ସାହୁ, ଶତାୟୁ ସାଧକ ସମ୍ମାନ ଜରପଡାର ଭୋଳେଶ୍ୱର ପ୍ରଧାନଙ୍କୁ ସଂସଦ ତରଫରୁ ବିଭିନ୍ନ ସମ୍ବର୍ଦ୍ଧନା କରାଯାଇଥିଲା। ସେହିପରି ରସାୟନ ତରଫରୁ ରସାୟନ ସମୀକ୍ଷକ ସମ୍ମାନରେ ଅଧ୍ୟାପକ ଅଶୋକ କୁମାର ନାୟକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ବିନୀତା ପ୍ରଧାନ, ଭେଷଜ କୁମାର ଭୋଜ, ରବୀନ୍ଦ୍ର ନାଥ ଚୌଧୁରୀ ପ୍ରମୁଖ ଉପସ୍ଥିତ ଥିଲେ ।

# ଏକାଗ୍ରତା ହିଁ ଶିଶୁମାନଙ୍କୁ ସଫଳତା ଦେଇଥାଏ

ଆଠମଲ୍ଲିକ, ୧୮।୧ (ଉଦିପ୍ତ ପୁରୋହିତ)

ସ୍ଥାନୀୟ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ପରିସରରେ 'ଜେଜେବାପା ଜେଜେମାଆ ସମ୍ମିଳନୀ' କାର୍ଯ୍ୟକ୍ରମ ଶନିବାର ଅନୁଷ୍ଠିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ଅନୁଗୋଳ ଜିଲା ଇସ୍କନର ଅନ୍ତଃରାଷ୍ଟ୍ରୀୟ କୃଷ୍ଣ ଭାବନାମୃତ ସଂଘର ସଭାପତି ମୋହନ କୃଷ୍ଣ ଦାସ ଯୋଗଦେଇ ଆତ୍ମାର ଶୁଦ୍ଧତା, ପବିତ୍ରତା ଓ ଏକାଗ୍ରତା ହିଁ ଶିଶୁମାନଙ୍କୁ ସଫଳତା ଦେଇପାରିବ ବୋଲି ବକ୍ତବ୍ୟ ରଖିଥିଲେ । ଏହି କାର୍ଯ୍ୟକ୍ରମରେ ପ୍ରଧାନ ଆଚାର୍ଯ୍ୟ ତରୁଣ କୁମାର ଦାଶ ଅତିଥି ମାନଙ୍କର ପରିଚୟ ପ୍ରଦାନ କରିଥିବା ବେଳେ ଲିପସାମୟୀ ଶତପଥି ବୌଦ୍ଧିକ ସଂଯୋଜନା କରିଥିଲେ । ଏହି କାର୍ଯ୍ୟକ୍ରମରେ ଗୁରୁମା ରୋଜାଲିନ ସାହୁ, ଅର୍ଚ୍ଚନା ସିଂ ସାମନ୍ତ, ସୁଷମା ସାହୁ, ବବିତା ପାତ୍ର, ସବିତା ମହାକୁଡ଼, ବିଳାସିନୀ ଦେବୀ, ଶକୁନ୍ତଳା ମହାକୁଡ଼ଙ୍କ ସମେତ ସମସ୍ତ ଗୁରୁମା ଗୁରୁଜୀ ଉପସ୍ଥିତ ରହି ସହଯୋଗ କରିଥିଲେ । ଶେଷରେ ଗୁରୁମା ବିଳାସିନୀ ଦେବୀ ଧନ୍ୟବାଦ ଅର୍ପଣ କରିଥିଲେ ।

# କଠିନ ପରିଶ୍ରମ କଲେ ସଫଳତାର ଶୀର୍ଷରେ ପହଞ୍ଚିବ


ବାର୍ଷିକ ଉତ୍ସବରେ ପୁରସ୍କାର ଗ୍ରହଣ କରୁଥିବା ଛାତ୍ରୀଛାତ୍ର।

ବଇଣ୍ଡା,୧୮।୧(ପରିକ୍ଷିତ ସାହୁ)

ଅନୁଗୋଳ ଜିଲା କିଶୋରନଗର ବ୍ଲକ ହଣ୍ଡପା ଥାନା ଫୁଲାମ୍ବା ସରକାରୀ ପିଏମ୍‌ଶ୍ରୀ ହାଇସ୍କୁଲର ବାର୍ଷିକ ଉତ୍ସବ ଶନିବାର ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସନ୍ତୋଷ କୁମାର ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ ମୁଖ୍ୟ ଅତିଥି ଭାବେ କିଶୋରନଗର ବିଡିଓ ଅରୁଣ କୁମାର ସେଠୀ ଯୋଗଦେଇ ଛାତ୍ରୀଛାତ୍ର କଠିନ ପରିଶ୍ରମ କଲେ ସଫଳତାର ଶୀର୍ଷରେ ପହଞ୍ଚିବେ ବୋଲି କହିଥିଲେ। ମୁଖ୍ୟବକ୍ତା ଭାବେ କିଶୋରନଗର ଡିଗ୍ରୀ ମହାବିଦ୍ୟାଳୟ ଅଧ୍ୟକ୍ଷ ଅକ୍ଷୟ କୁମାର ଦାସ ଯୋଗ ଦେଇ ଥିଲାବେଳେ ଅନ୍ୟତମ ଅତିଥି ଭାବେ କିଶୋରନଗର ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ତ୍ରିଦିବ ସୁନ୍ଦର ବରାଳ ଯୋଗଦେଇଥିଲେ। ଶିକ୍ଷକ ପ୍ରଦୀପ କୁମାର ମାଝୀ ମଞ୍ଚ ପରିଚାଳନା କରିଥିଲେ। କୃତୀ ଛାତ୍ରୀଛାତ୍ରଙ୍କୁ ଅତିଥିମାନେ ପୁରସ୍କାର ବଣ୍ଟନ କରିଥିଲେ। ଏହି ଅବସରରେ ଛାତ୍ରୀଛାତ୍ରଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଏଥିରେ ନୀହାର ରଞ୍ଜନ ଦେଓ, ପ୍ରଭାତ କୁମାର ସାହୁ, ବସନ୍ତ କୁମାର ବରାଳ, ଅଞ୍ଜନା ସାହୁ, ଶିବରାମ ସାହୁ, ଧରଣୀଧର ସେଠୀ, ଶୁଭସ୍ମିତା ସାହୁ ପ୍ରମୁଖ ସହଯୋଗ କରିଥିଲେ।

# ଜ୍ୟୋତିର୍ବିଦ ଡାଲଟନ ସମ୍ମାନିତ

ବଇଣ୍ଡା,୧୮।୧ (ପରିକ୍ଷିତ ସାହୁ)



ସମ୍ମାନ ଗ୍ରହଣ କରୁଥିବା ଜ୍ୟୋତିର୍ବିଦ।

ଅନୁଗୋଳ ଜିଲା କୁଶକିଳା ଗାଁର ଜ୍ୟୋତିର୍ବିଦ ଡାଲଟନ ମହାପାତ୍ର ଜ୍ୟୋତିଷ ଶାସ୍ତ୍ର ଆଚାର୍ଯ୍ୟ ଓ ଗୋଲ୍ଡ ମେଡାଲ ସମ୍ମାନରେ ସମ୍ମାନିତ ହୋଇଛନ୍ତି। ଭୁବନେଶ୍ୱରର ଏକ ହୋଟେଲରେ ଇଣ୍ଡିଆନ ବାସ୍ତୁ ଆଣ୍ଡ ଆଷ୍ଟ୍ରୋଲୋଜିକାଲ ରିସର୍ଚ୍ଚ ସେଣ୍ଟର ଦ୍ୱାରା ରବିବାର ଆୟୋଜିତ କର୍ମଶାଳାରେ ମହାପାତ୍ରଙ୍କୁ ସମ୍ମାନିତ କରାଯାଇଛି। ଆୟୋଜକ ସଂସ୍ଥାର ମୁଖ୍ୟ ପୀୟୂଷ ପିପାସୁ ଦାସ କାର୍ଯ୍ୟକ୍ରମରେ ଅଧ୍ୟକ୍ଷତା କରିଥିଲେ। ଏଥିରେ ପୂର୍ବତନ ଏମ୍‌ପି ପ୍ରସନ୍ନ ପାଟ୍ଟଶାଣୀ ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ। ଅନୁଗୋଳ ଜିଲା କୁଶକିଳା ଗାଁର ଯୁବ ଜ୍ୟୋତିର୍ବିଦଙ୍କ କୌଳିକ ବୃତ୍ତି ଜ୍ୟୋତିଷି ଥିବାରୁ ସେ ପିଲାଟି ଦିନରୁ ନିଜ ଜେଜେବାପା ଓ ବାପାଙ୍କଠାରୁ ଜ୍ୟୋତିଷ ଶାସ୍ତ୍ର ଶିକ୍ଷା କରିଥିଲେ। କର୍ମଶାଳାରେ ତାଙ୍କର ସଠିକ ଗଣନା, ସରଳ ଉପଚାର ଦ୍ୱାରା ବିଭିନ୍ନ ସମସ୍ୟାର ସମାଧାନ ନେଇ ତାଙ୍କର ଦକ୍ଷତା ପ୍ରତିପାଦନ କରିଥିବାରୁ ତାଙ୍କୁ ଏହି ସମ୍ମାନରେ ସମ୍ମାନିତ କରାଯାଇଛି। କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଜ୍ୟୋତିର୍ବିଦ ସୁମିତ ପଣ୍ଡିତ, ଆଶୁତୋଷ ଧଳ, ପ୍ରତିଭା ରାଜ ହରିଚନ୍ଦନ, ପ୍ରଭାତ କୁମାର ମହାପାତ୍ର, ଡ. ସମ୍ବିତ ପାତ୍ର ପ୍ରମୁଖ ଅତିଥି ଭାବେ ଯୋଗଦେଇଥିଲେ। ମହାପାତ୍ରଙ୍କୁ ଏହି ସମ୍ମାନ ପାଇଁ ବିଭିନ୍ନ ମହଲରୁ ଶୁଭେଚ୍ଛା ଜଣାଯାଇଛି।

# ବନ୍ତଳାରେ ସମଗ୍ର ହିନ୍ଦୁ ସମାଜ ଦ୍ୱାରା ହିନ୍ଦୁ ସମ୍ମିଳନୀ



ବନ୍ତଳା,୧୮।୧(ସୁଶିତ ସାହୁ)

ଅନୁଗୋଳ ଜିଲା ବନ୍ତଳା ସ୍ଥିତ ଶଙ୍ଖପୁର ମଦନ ମୋହନ ପଡ଼ିଆରେ ରବିବାର ସମଗ୍ର ହିନ୍ଦୁ ସମାଜ ଦ୍ୱାରା ହିନ୍ଦୁ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଅନୁଗୋଳ ସଦର ଖଣ୍ଡ ବନ୍ତଳା ହିନ୍ଦୁ ସମ୍ମିଳନୀ ଆୟୋଜକ ମଣ୍ଡଳୀ ପକ୍ଷରୁ ଆୟୋଜିତ ସମ୍ମିଳନୀରେ ସକାଳେ କଳସ ଯାତ୍ରା, ବାଇକ୍ ଶୋଭାଯାତ୍ରା ଓ ପରେ ବିଶ୍ୱଶାନ୍ତି ମହାଯଜ୍ଞ ଅନୁଷ୍ଠିତ ହୋଇଥିଲା। ମୁଖ୍ୟ ଅତିଥି ଭାବେ ସ୍ୱାମୀ ସଚ୍ଚିଦାନନ୍ଦ ସରସ୍ୱତୀ ଯୋଗଦେଇ ସାମାଜିକ ସମରସତ୍ତା ନିର୍ମାଣ ସମ୍ପର୍କରେ ଆଲୋକପାତ କରିଥିଲେ। ଅନ୍ୟତମ ମୁଖ୍ୟ ଅତିଥି ଭାବେ ଅନୁଗୋଳ ବିଧାୟକ ପ୍ରତାପଚନ୍ଦ୍ର ପ୍ରଧାନ ଯୋଗଦେଇଥିଲେ। ସମ୍ମାନୀତ ଅତିଥି ଭାବେ ସ୍ୱାମୀ ଅଖଣ୍ଡାନନ୍ଦ ପୁରୀ, ରାମଚନ୍ଦ୍ର ସ୍ୱାଇଁ, ନିମାଇଁ ଚରଣ ନାଏକ ଯୋଗଦେଇଥିଲେ। ମୁଖ୍ୟବକ୍ତା ଭାବେ ପଣ୍ଡିତ ମହେଶ ସାହୁ ଯୋଗଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସଂଯୋଜକ ଦୁର୍ଗା ଚରଣ ପ୍ରଧାନ, ତ୍ରିଲୋଚନ୍ ପ୍ରଧାନ, ଭାଗୀରଥି ମାଝୀ, ସହ ସଂଯୋଜକ ନାରାୟଣ ସାହୁ, ପ୍ରଭାତ ପ୍ରଧାନ, ଲକ୍ଷ୍ମଣ ସାହୁ, ସୁଲଭ ସାହୁ, ଦିଲୀପ କୁମାର ସାହୁ, ସରୋଜ କୁମାର ଜେନା, ପ୍ରଶାନ୍ତ କୁମାର ସାହୁ, ପ୍ରସନ୍ନ କୁମାର ନାଏକଙ୍କ ସମେତ ବଡ଼କେରା ଓ ଖଲାରୀ ମଣ୍ଡଳ ଓ ଆଖପାଖ ଅଞ୍ଚଳର ଜନପ୍ରତିନିଧି ଯୋଗଦେଇଥିଲେ। ଶେଷରେ ସାମୁହିକ ପ୍ରସାଦ ସେବନ ହୋଇଥିଲା।

# ଶେଷହେଲା ଶହୀଦ ମେମୋରିଆଲ ଫୁଟ୍‌ବଲ ଟୁର୍ନାମେଣ୍ଟ



ତାଳଚେର, ୧୮।୧ (ମନୋଜ ନନ୍ଦ)

ତାଳଚେର ଦେଉଳବେଢ଼ା ସ୍ଥିତ ଗ୍ରୀନଗ୍ରାସ ଷ୍ଟାଡିଅମଠାରେ ତୃତୀୟତମ ଶହୀଦ ମେମୋରିଆଲ ଫୁଟବଲ ଟୁର୍ନାମେଣ୍ଟ ରବିବାର ଉଦଯାପିତ ହୋଇଯାଇଛି। ଫାଇନାଲ ମ୍ୟାଚରେ ମା'ହିଙ୍ଗୁଳା ଫୁଟବଲ ତୁରଙ୍ଗ ଦଳ ବ୍ରଜନାଥପୁର ଫୁଟବଲ ଦଳଙ୍କୁ ୧-୦ ଗୋଲରେ ହରାଇ ଚାମ୍ପିୟନ ହୋଇଥିଲା। ଫାଇନାଲ ଦିବସରେ ତାଳଚେର ଏସଡିପିଓ ଭରତ ଚନ୍ଦ୍ର ସାହୁ, ଲିଙ୍ଗରାଜ ଜିଏମ ସୁବ୍ରତ କୁମାର ବିଶ୍ୱାଳ, ଫୁଟବଲ ତାରକା ରଞ୍ଜିତ ଟିଗା ପ୍ରମୁଖ ଉପସ୍ଥିତ ରହି ଉଭୟ ଦଳକୁ ଟ୍ରଫି ପ୍ରଦାନ କରିଥିଲେ। ସନ୍ତୋଷ ଖୁଣ୍ଟିଆ ପୁରସ୍କାର ଟ୍ରଫି ପାଇଁ ସହଯୋଗ କରିଥିଲେ । ପ୍ରକାଶ ମହାରଣା ପ୍ରସାରଣ ସହ ମଞ୍ଚ ସଂଚାଳନ କରିଥିଲେ । ଗ୍ରୀନଗ୍ରାସ ସ୍ପୋର୍ଟ କ୍ଲବ ସଭାପତି ହରେଶ ଦାସ ସମ୍ପାଦକ ଚନ୍ଦନ ପ୍ରଧାନ, କାର୍ଯ୍ୟକାରୀ ସଭାପତି ପେସ୍କାର ଗଡ଼ନାୟକ, ଉପଦେଷ୍ଟା ଇଂ.ମନୋଜ ପ୍ରଧାନ, ଉପ-ସଭାପତି ସୁଶାନ୍ତ ସାହୁ, କୋଷାଧକ୍ଷ ପ୍ରହଲ୍ଲାଦ ପରିଡା, ରଞ୍ଜିତ ପାଣି, ଚୈତନ୍ୟ ପ୍ରଧାନ, ଅଭୟ ପରିଡା, ଉପେନ୍ଦ୍ର ପରିଡା ଓ ଫକୀର ପ୍ରମୁଖ ସଦସ୍ୟ ସହଯୋଗ କରିଥିଲେ ।

# ଜଳଚର ପକ୍ଷୀ ଗଣନା



ଅନୁଗୋଳ,୧୮।୧(ଦିବ୍ୟଶାନ୍ତନୁ ନାଥ)

ଅନୁଗୋଳ ଫରେଷ୍ଟ ଡିଭିଜନରେ ଜଳଚର ପକ୍ଷୀ ଗଣନା ରବିବାରଠାରୁ ଆରମ୍ଭ ହୋଇଛି। ଜଙ୍ଗଲ ବିଭାଗର ଅଭିଜ୍ଞ କର୍ମଚାରୀଙ୍କ ସହାୟତାରେ ଡିଭିଜନର ବିଭିନ୍ନ ଆର୍ଦ୍ରଭୂମି ଓ ଜଳାଶୟଗୁଡିକରେ ଦେଖାଦେଉଥିବା ଏହି ପକ୍ଷୀମାନଙ୍କ ଗଣନା କରାଯାଇଥିଲା। ଜିଲ୍ଲାରେ ଜୈବ ବିବିଧତାର ସୁରକ୍ଷା ପାଇଁ ଏବଂ ବିଦେଶାଗତ ଜଳ ପକ୍ଷୀଙ୍କ ସୁରକ୍ଷା ପାଇଁ କର୍ମଚାରୀମାନେ ସତର୍କତା ଅବଲମ୍ବନ କରି ପକ୍ଷୀ ଗଣନା ଜାରି ରଖିଥିଲେ। ଚଳିତ ବର୍ଷ ଅନେକ ଜଳଚର ପକ୍ଷୀଙ୍କୁ ଜଙ୍ଗଲ ବିଭାଗ ଅଧିକାରୀ ମାନେ ଚିହ୍ନଟ କରିଥିଲେ।

# ମର୍ନିଂଷ୍ଟାର କ୍ରିକେଟ ଟୁର୍ନାମେଣ୍ଟ, ଚଣ୍ଡିଖୋଲ ଚାମ୍ପିୟନ

ଅନୁଗୋଳ,୧୮।୧(ଜ୍ୟୋତିରଞ୍ଜନ ସାହୁ)



ଅନୁଗୋଳ କଦମ ପଡ଼ିଆରେ ଚାଲିଥିବା ୯ମ ମର୍ନିଂଷ୍ଟାର କ୍ରିକେଟ ଟୁର୍ନାମେଣ୍ଟ ରବିବାର ଉଦ୍‌ଯାପିତ ହୋଇଯାଇଛି। ଫାଇନାଲ ମ୍ୟାଚ୍‌ରେ କେସିସି ଚଣ୍ଡିଖୋଲ ତେଜ ୱାରିଅର୍ସ ମୁଷାପାପୁଲି ମଧ୍ୟରେ ହୋଇଥିଲା। ଏଥିରେ ମୁଷାପାପୁଲକୁ ହରାଇ ଚଣ୍ଡିଖୋଲ ଚାମ୍ପିୟନ ହୋଇଥିଲା। ଚଣ୍ଡିଖୋଲର ବୋଲର ହିମାଂଶୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ଏବଂ ଆଲୋକ ଜେନା ପ୍ରତିଯୋଗିତାର ଶ୍ରେଷ୍ଠ ଖେଳାଳୀ ବିବେଚିତ ହୋଇ ଅତିଥିଙ୍କଠାରୁ ପୁରସ୍କୃତ ହୋଇଥିଲେ। ଚାମ୍ପିୟନ ଚଣ୍ଡିଖୋଲ ଦଳକୁ ନଗଦ ୪୦ ହଜାର ଟଙ୍କା ସହ ଟ୍ରଫି ଅତିଥି ପ୍ରଦାନ କରିଥିଲେ। ରନରଅପ ମୂଷାପାପୁଲି ଦଳକୁ ନଗଦ ୩୦ ହଜାର ଟଙ୍କା ଓ ଟ୍ରଫି ଦିଆଯାଇଥିଲା। ମୁଖ୍ୟ ଅତିଥି ଭାବେ ଅନୁଗୋଳ ବିଧାୟକ ପ୍ରତାପ ଚନ୍ଦ୍ର ପ୍ରଧାନ ଯୋଗଦେଇ ଜିଲାରେ କ୍ରିକେଟର ଭିତ୍ତିଭୂମି ବିକାଶ ପାଇଁ ଧ୍ୟାନ ଦିଆଯିବା ସହ ଖୁବ୍‌ଶୀଘ୍ର ପଡ଼ିଆରେ ଫ୍ଲଡ ଲାଇଟ ଲାଗିବ ବୋଲି କହିଥିଲେ। ସମ୍ମାନିତ ଅତିଥି ଭାବେ ନଗରପାଳ ଅକ୍ଷୟ କୁମାର ସାମନ୍ତ, ଜେଏସ୍‌ପିଏଲର ବରିଷ୍ଠ ଅଧିକାରୀ ଆଶୁତୋଷ ମିଶ୍ର, ତାପସ କୁମାର ମହାନ୍ତି, ଅନୁଗୋଳ କ୍ରିକେଟ ଆସୋସିଏଶନ ସମ୍ପାଦକ ସାଗର ନାଥ ମିଶ୍ର, ବିଶିଷ୍ଟ ବ୍ୟବସାୟୀ ସତ୍ୟବ୍ରତ ସ୍ୱାଇଁ,ମର୍ନିଂଷ୍ଟାର କ୍ଲବ ସଭାପତି ମାୟାଧର ମିଶ୍ର, ସମ୍ପାଦକ ରଞ୍ଜନ ଧୀର ସାମନ୍ତ, ଅରୁଣ ପୁଷ୍ପାଳକ, ଗଙ୍ଗା ପଟ୍ଟନାୟକ ପ୍ରମୁଖ ଯୋଗଦେଇଥିଲେ। ଅନିଲ ଗଡ଼ନାୟକ ଓ ଲିଟୁ ସିଂହ ଖେଳ ପରିଚାଳନା କରିଥିବା ବେଳେ ଲିଟନ ସାମଲ ମଞ୍ଚ ପରିଚାଳନା କରିଥିଲେ।

# ଭାଜପା, ବିଜେଡି ଛାଡ଼ି କଂଗ୍ରେସରେ ମିଶିଲେ ଶତାଧିକ ଲୋକ


ଅନୁଗୋଳ ୧୮।୧(ମାନସ ବିଶ୍ୱାଳ)



ଅନୁଗୋଳ ସହର ଉପକଣ୍ଠ ସ୍ଥିତ ଅଙ୍କୁଲାଠାରେ ରବିବାର ପ୍ରିୟଙ୍କା ଗାନ୍ଧୀ ସଂଗଠନ ଅଲ ଇଣ୍ଡିଆ ଓଡ଼ିଶା ପ୍ରଦେଶ ପକ୍ଷରୁ ଏକ ମିଶ୍ରଣ ପର୍ବ ଏବଂ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହେଇଯାଇଛି । ପ୍ରିୟଙ୍କା ଗାନ୍ଧୀ ସଂଗଠନର ରାଜ୍ୟ ସଭାପତି ପ୍ରବୋଧ କୁମାର ସ୍ୱାଇଁଙ୍କ ସମେତ ନୂତନ କାର୍ଯ୍ୟକର୍ତ୍ତାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଦୁଷ୍ମନ୍ତ କୁମାର ଦଳବେହେରା ସଭାପତିତ୍ୱ କରିଥିଲେ ଏବଂ ମଞ୍ଚାସୀନ ଅତିଥିମାନେ କଂଗ୍ରେସ ଦଳ ବିଷୟରେ କର୍ମୀମାନଙ୍କୁ ଉଦବୋଧନ ଦେଇଥିଲେ। ବରିଷ୍ଠ କଂଗ୍ରେସ ନେତା ଦିଗମ୍ବର ଗଡନାୟକ ନିଜ ବକ୍ତବ୍ୟରେ କଂଗ୍ରେସ ଦଳର କାର୍ଯ୍ୟକ୍ରମ ବାବଦରେ କର୍ମୀମାନଙ୍କୁ ଉଦବୋଧନ ଦେଇଥିଲେ ଏବଂ ପୂର୍ବତନ ସାଧାରଣ ସମ୍ପାଦକ ଜୟନ୍ତ ସହୁ ଆଗାମୀ ଦିନରେ କଂଗ୍ରେସ କିଭଳି କ୍ଷମତାକୁ ଆସିବ ଏବଂ କଂଗ୍ରେସ କର୍ମୀମାନେ ଏକହେଇ କାମ କଲେ କୌଣସି ଶକ୍ତି ହରେଇ ପାରିବ ନାହିଁ ବୋଲି କହିଥିଲେ। ମଞ୍ଚସୀନ ଅତିଥିମାନକ ମଧ୍ୟରେ ବରିଷ୍ଠ କଂଗ୍ରେସ ନେତା ବଳବିର ସିଂହ ନିଜ ବକ୍ତବ୍ୟରେ କିପରି ସଂଘଟିତ ହେଇ କାମକରିବେ ସେ ବିଷୟରେ କହିଥିଲେ। ଏଥିରେ ଛାତ୍ର ଜିଲା ଛାତ୍ର ସଭାପତି ପଦ୍ମନ ସାହୁ ସଭା କାର୍ଯ୍ୟରେ ଧନ୍ୟବାଦ ଦେଇଥିଲେ ।

ଭାଜପା ଏବଂ ବିଜେଡିରୁ ଆସିଥିବା କର୍ମୀମାନଙ୍କୁ ଉପସଭାପତି ମାନସ ବିଶାଳ ସ୍ୱାଗତ କରିଥିଲେ । ଏଥିରେ ବଲୁଅପଟା ପଞ୍ଚାୟତର ୨୦୦ରୁ ଊର୍ଦ୍ଧ୍ୱ ଭାଜପା ଓ ବିଜେଡି କର୍ମୀମାନେ କଂଗ୍ରେସ ଦଳରେ ନୂତନ ଭାବେ ଯୋଗଦାନ କରିଥିଲେ। ଅଭିଷେକ ନାୟକ ଏବଂ ସୁନିଲ ଗୁଛାୟାଟ, ରାକେଶ ଗୋଛାୟତ, ଜଗନ୍ନାଥ ବେହେରା, ଚିତ୍ତରଞ୍ଜନ ସାମଲ ଏବଂ ବଲୁଆକଟା ପଞ୍ଚାୟତର ପ୍ରିୟଙ୍କା ଗାନ୍ଧୀ ସଂଗଠନର ସୁଡାନି ବେହେରା ଏବଂ କୁମ୍ଭର୍ଶିଂହ ପଞ୍ଚାୟତର କ୍ରିଷ୍ଣାତ ଗୋଛାୟତ ଏବଂ ପରଙ୍ଗ ପଞ୍ଚାୟତ ମାନସ ଗୋଛାୟତ, ବାବୁ ଗୋଛାୟତ କର୍ମୀମାନଙ୍କୁ ଉଚାହିତ କରିବା ସହିତ ସମ୍ବର୍ଦ୍ଧିତ କରିଥିଲେ। ଓଡ଼ିଆ ବର୍ଣ୍ଣମାଳାର ପ୍ରଥମ ଅକ୍ଷର 'ଅ'ରୁ ଆରମ୍ଭ ସେମିତି ଅନୁଗୋଳ ଜିଲା 'ଅ'ରୁ ଆରମ୍ଭ ଆଜି ଏହି 'ଅ'ରୁ ମୂଳଦୁଆ ପଡ଼ିଲା ଏବଂ ଆଗାମୀ ଦିନରେ ଏହି ଭ୍ରଷ୍ଟାଚାର ଦଳକୁ ନ ହଟେଇବା ପର୍ଯ୍ୟନ୍ତ ଲଢେଇ ଜାରିରହିବ ବୋଲି କହିଥିଲେ।.

# ସେବା ଓ ସମର୍ପଣର ବହ୍ନିଶିଖା– ପାର୍ବତୀ ଗିରି



**ସୂର୍ଯ୍ୟବଂଶୀ ସୂରଜ**
ଉଚ୍ଚଶିକ୍ଷା ତଥା ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ମନ୍ତ୍ରୀ

ଆଜି ସ୍ୱାଧୀନତାର ଅମୃତ ଲଗ୍ନରେ ଯେତେବେଳେ ଆମେ ଅଶ୍ରୁତ ବୀରାଙ୍ଗନାମାନଙ୍କ କଥା ମନେପକାଉଛୁ, ଶହେ ବର୍ଷ ତଳେ ଜନ୍ମଲାଭ କରିଥିବା ମହୀୟସୀ ପାର୍ବତୀ ଗିରିଙ୍କ ନାମ ସ୍ୱତଃ ହୃଦୟ ଦର୍ପଣରେ ପ୍ରତିବିମ୍ବିତ ହେଉଛି। ସ୍ଥାନ, କାଳ, ପାତ୍ର, ଲିଙ୍ଗ ଭେଦରୁ ଉପରକୁ ଉଠି ଜନସେବାରେ ଜୀବନ ସମର୍ପିତ କରିଥିବା ମା' ପାର୍ବତୀ ଗିରି ସମସ୍ତଙ୍କ ପାଇଁ ଉଦାହରଣ। ସେବାବ୍ରତ ହିଁ ଥିଲା ତାଙ୍କର କର୍ମ ଓ ଧର୍ମ। ନିଜକୁ ଆଜୀବନ ଶିକ୍ଷାର୍ଥୀ ଭାବି ସେ ପଢୁଥିଲେ ନିଜକୁ ଓ ଗଢୁଥିଲେ ଅନ୍ୟକୁ। ନିଃସ୍ୱାର୍ଥପର ଭାବରେ ପାର୍ବତୀ ଗିରି ଗଢ଼ି ଚାଲିଥିଲେ ସ୍ୱାବଲମ୍ବୀ ସମାଜ: ସେବା ଓ କରୁଣା ଥିଲା ତା'ର ଦୁଇ ଆତ୍ମା।

ତତ୍କାଳୀନ ସମ୍ବଲପୁର ଜିଲାର ସମଲାଇପଦର ଗ୍ରାମରେ ୧୯୨୬ ମସିହା ଜାନୁଆରୀ ୧୯ ତାରିଖରେ ପିତା ଧନଞ୍ଜୟ ଗିରିଙ୍କ କୋଳମଣ୍ଡନ କରିଥିଲେ ବିଶ୍ୱଜନନୀର ଅନ୍ୟତମ ଅବିସ୍ମରଣୀୟ ପ୍ରତିଭା ପାର୍ବତୀ ଗିରି। ମହାତ୍ମା ଗାନ୍ଧୀଙ୍କ ବହୁ ପ୍ରତୀକ୍ଷିତ ଅହିଂସା ନୀତି ସହ ଖଦି ବୁଣିବା, ହରିଜନ ସେବା, ରଚନାତ୍ମକ କାର୍ଯ୍ୟକ୍ରମ, ରାଷ୍ଟ୍ରଭାଷା ଶିକ୍ଷା, ଗୋ ସେବା, ମହୁଚାଷ ଓ ଧନ୍ଦାମୂଳକ ଶିକ୍ଷା ଆଦି କାର୍ଯ୍ୟକୁ ଅବଲମ୍ବନ କରିବା ସହ ସେଥିରେ ଆତ୍ମନିର୍ଭରଶୀଳ ହେବାକୁ ବହୁ ବରିଷ୍ଠ କର୍ମଜୀବୀ ଓ ନେତାମାନଙ୍କୁ ସେ ପ୍ରେରିତ କରିଥିଲେ। ଜାତିର ପିତାଙ୍କ ସ୍ଲୋଗାନରେ ଅନୁପ୍ରାଣିତ ହୋଇ ଭାରତଛାଡ଼ ଆନ୍ଦୋଳନରେ ଯୋଗ ଦେଇ ଏକ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ ଏବଂ ଏଥିପାଇଁ ତାଙ୍କୁ ବ୍ରିଟିଶ ସରକାରଙ୍କ ଦ୍ୱାରା କାରାବରଣ ଭୋଗିବାକୁ ପଡ଼ିଥିଲା।

ଗରିବ ଓ ଅସହାୟମାନଙ୍କର ଆଶାର ପ୍ରତୀକ ଭାବେ ସେମାନଙ୍କ ସେବାରେ ନିଜକୁ ନିୟୋଜିତ ରଖିବାର କର୍ମ ହିଁ ଥିଲା ତାଙ୍କ ଜୀବନର ସବୁଠାରୁ ଶ୍ରେଷ୍ଠ ପ୍ରତିବଦ୍ଧତା। ସ୍ୱାଧୀନତା ପରେ ତାଙ୍କୁ ରାଜନୀତି କ୍ଷେତ୍ରରେ ଅନେକ ପଦ ପଦବୀର ସୁଯୋଗ ଥିଲେ ମଧ୍ୟ ଜଣେ ଅସାଧାରଣସମ୍ପନ୍ନ ବ୍ୟକ୍ତିତ୍ୱ ଭାବେ ଏସବୁକୁ ପ୍ରତ୍ୟାଖ୍ୟାନ କରି ନିଜର ସମଗ୍ର ଜୀବନ ସମାଜ ସେବାରେ ସମର୍ପଣ କରିଦେଇଥିଲେ। ପ୍ରାପ୍ତି ନୁହେଁ ତ୍ୟାଗ ଥିଲା ତାଙ୍କ ଜୀବନର ଧ୍ୟେୟ, ଧ୍ୟାନ ଓ ଧାରଣା।

ଭାରତରେ ଜନ୍ମିତ ମହାପୁରୁଷ ଓ ଦିଗ୍‌ଗଜମାନଙ୍କ ପରାକାଷ୍ଠା ଏ ଜାତିକୁ ବହୁ ଦିଗ୍‌ଦର୍ଶନ ଦେଇପାରିଅଛି। ମହାତ୍ମାମାନେ ନରରୂପୀ ନାରାୟଣ, ଦରିଦ୍ରରୂପୀ ଦୀନବାଳକଙ୍କ ସେବା ଜାରିରଖି ବିଶ୍ୱବନ୍ଦିତ ହୋଇପାରିଛନ୍ତି। ସେମାନଙ୍କ ପଦାଙ୍କ ଅନୁସରଣ କରି ପାର୍ବତୀ ଗିରି ସେହି ଚିରାୟତ ମୂଲ୍ୟବୋଧର ବାହିକା ଭାବେ ଆଜୀବନ କାର୍ଯ୍ୟ କରିଛନ୍ତି। ସହଜ ଓ ସରଳ ହେବା କଠିନ କିନ୍ତୁ ଉଭୟ ଗୁଣର ଅଧିକାରିଣୀ ଥିଲେ ପୂଜନୀୟା ପାର୍ବତୀ ଗିରି। ଜନମାନସର ଦୁଃଖ ଦୁର୍ଦ୍ଦଶାକୁ ଆପଣାର ଭାବି ସେବା କରିବାର ଦୃଢ଼ତା ପ୍ରତିପାଦନ କରିବାର ସାମର୍ଥ୍ୟ ପାର୍ବତୀ ଗିରିଙ୍କ ପାଖରେ ପ୍ରତୀୟମାନ ହେଉଥିଲା। ଦୁର୍ଭିକ୍ଷ ପ୍ରପୀଡ଼ିତ ଅଞ୍ଚଳର ବହୁ ଅନାଥ ଶିଶୁଙ୍କର ଅବିକଳ ଓ ଅନାହାର ଅବସ୍ଥାକୁ ହୃଦୟଙ୍ଗମ କରି ୨୮ ଜଣଙ୍କୁ ନେଇ ୨୮ ସେପ୍ଟେମ୍ବର ୧୯୭୪ରେ ନୃସିଂହନାଥଠାରେ ଏକ ଅନାଥ ଆଶ୍ରମ ପ୍ରତିଷ୍ଠା କରି ଏ ଜନମାନସକୁ ନୂତନ ଦିଗ୍‌ଦର୍ଶନ ଦେଇଥିଲେ। ଗଠନ କରିଥିବା ଏହି ଅନାଥ ଆଶ୍ରମଟି ପରବର୍ତ୍ତୀ କ୍ଷେତ୍ରରେ 'କସ୍ତୁରବା ଗାନ୍ଧୀ ମାତୃ ନିକେତନ' ନାମରେ ନାମିତ ହୋଇଥିଲା।

ତତ୍କାଳୀନ ସମ୍ବଲପୁର ଅଞ୍ଚଳରେ ବସବାସ କରୁଥିବା ଜନସାଧାରଣଙ୍କର ସ୍ୱାସ୍ଥ୍ୟାବସ୍ଥାକୁ ଅନୁଭବ କରି ସମ୍ବଲପୁର ଜିଲାର ଫୁଲଝରଣ୍ଠାରେ ନିକ୍ଷେପିତ, ଅନାଥ ଓ ଅବହେଳିତ ଲୋକମାନଙ୍କ ପାଇଁ 'ଡକ୍ଟର ଆଇଜାକ ସାନ୍ତ୍ରା ବାଲ୍ ନିକେତନ' ନାମରେ ଏକ ଅନାଥାଶ୍ରମ ପ୍ରତିଷ୍ଠା କରିଥିଲେ। ସେବାର ଅନ୍ୟତମ ମୂର୍ତ୍ତିମନ୍ତ ପ୍ରତୀକ ଓ ଦେବୀ ଭଳି ସାରାଜୀବନ ଜଗତର ହିତ ଓ ଲୋକକଲ୍ୟାଣ ଦିଗରେ ନିଜକୁ ସମର୍ପି ଦେଇଥିଲେ ଏହି ଅଗ୍ନିକନ୍ୟା। ଭାଗୀରଥି ପଟ୍ଟନାୟକ, ଫକୀର ବେହେରା ଓ ମାଳତୀ ଦେବୀଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ମୁକ୍ତି ଚେତନା କ୍ଷେତ୍ରରେ ଆକର୍ଷିତ ହୋଇଥିଲେ। ଅଳ୍ପ ବୟସ ଅର୍ଥାତ୍ ମାତ୍ର ୧୨ ବର୍ଷ ବୟସରେ ବରିର ରାମଚନ୍ଦ୍ରପୁର ସେବାଶ୍ରମରେ ମା' ରମାଦେବୀ ଓ ଅନ୍ୟାନ୍ୟ ସ୍ୱାଧୀନତା ସଂଗ୍ରାମୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ତାଲିମ ନେଇ ସ୍ୱାଧୀନତା ସଂଗ୍ରାମରେ ଝାସ ଦେଇଥିଲେ। ଦୁଇ ବର୍ଷ କାଳ ଏହି ସ୍ଥାନରେ ଅତିବାହିତ କରି ବିଭିନ୍ନ ସାମାଜିକ ସେବାରେ ନିଜକୁ ଉତ୍ସର୍ଗ କରିବା ପରେ ୧୯୪୦ରେ ସେଠାରୁ ପ୍ରତ୍ୟାବର୍ତ୍ତନ କରିଥିଲେ। ମୂଲ୍ୟବୋଧ ଭିତ୍ତିକ ଜୀବନ ଜିଇବାର କଳାକୁ ଆପଣାର କରି ସେବାଧର୍ମ ପ୍ରତି ରହିଥିବାର ମମତା ହିଁ ପାର୍ବତୀ ଗିରିଙ୍କୁ ଅନେକ ସୁନାମ ଆଣି ଦେଇଥିଲା।

ଭାରତକୁ ସ୍ୱାଧୀନତା ଆଣିବାରେ ଏ ଦେଶକୁ ସ୍ୱତନ୍ତ୍ରତା ଦେବାରେ ତାଙ୍କର ଭୂମିକା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଜଣେ ଅନନ୍ୟ ଯୋଦ୍ଧା, ଅଗ୍ନିକା, ବହ୍ନିକନ୍ୟା ଭାବେ ସତ୍‌ପଥରେ ଏକାକୀ ଚାଲି କାର୍ଯ୍ୟ କରିବାକୁ ଜୀବନର ବ୍ରତ ଭାବେ ଗ୍ରହଣ କରିନେଇଥିଲେ ପାର୍ବତୀ ଗିରି। ୱାର୍ଦ୍ଧା ଏବଂ ପରେ ଆସାମଠାରେ ସେବାକାର୍ଯ୍ୟକୁ ଅଧିକ ତ୍ୱରାନ୍ୱିତ କରିବା ଦିଗରେ ରାଜ୍ୟରେ ବିଭିନ୍ନ ଅଞ୍ଚଳ ଗସ୍ତକରି ଦୁର୍ଗତମାନଙ୍କର



ପାର୍ବତୀ ଗିରି

ସେବା ଜାରିକରି ସ୍ୱକୀୟ ସ୍ୱତନ୍ତ୍ରତାର ପରିଚୟ ଦେଇପାରିଥିଲେ। କୌଣସି ସୀମିତତା ପାର୍ବତୀ ଗିରିଙ୍କୁ ବାନ୍ଧିପାରି ନ ଥିଲା। ୧୯୫୫ ମସିହାରେ ଓଡ଼ିଶାରେ ବନ୍ୟାର ବିଭୀଷିକାରେ ଦଳେଇଘାଇ ଭାଙ୍ଗିଯିବାରୁ ବିଭିନ୍ନ ଅଞ୍ଚଳରେ ବହୁ ବନ୍ୟାଜଳ ପ୍ଲାବିତ ହୋଇ ଅନେକ ଧନଜୀବନ କ୍ଷୟକ୍ଷତି ହେବାସହ ଲୋକମାନେ ବାସହରା ହୋଇ ଅନାହାରରେ କାଳାତିପାତ କରିଥିଲେ। ଏହିପରି ଘଡିସନ୍ଧି ମୁହୂର୍ତ୍ତରେ ପାର୍ବତୀ ଗିରି ସମ୍ପୃକ୍ତ ବନ୍ୟାଞ୍ଚଳ ପରିଦର୍ଶନ କରି ସେବା କାର୍ଯ୍ୟରେ ନିଜକୁ ନିୟୋଜିତ କରିଥିଲେ। ସ୍ଥଳବିଶେଷରେ ଆନୁଷ୍ଠାନିକ ଶିକ୍ଷାପ୍ରତି ଯେପରି କିଛି ବାଧାବିଘ୍ନ ନ ଘଟେ ସେଥିପ୍ରତି ଅଧିକ ଗୁରୁତ୍ୱ ଦେଇଥିଲେ। ବର୍ଣ୍ଣବୈଷମ୍ୟ ଦୂର କରିବା, ତତ୍କାଳୀନ ସମାଜରେ ଚାଲିଥିବା ବିଭିନ୍ନ କୁସଂସ୍କାରର ମୂଳୋତ୍ପାଟନ କରିବା, ଗାଁ ଗାଁ ବୁଲି ଲୋକମାନଙ୍କୁ ଏକତ୍ର କରି ସଂସ୍କାରମୂଳକ ମୂଲ୍ୟବୋଧଭିତ୍ତିକ ପରାମର୍ଶ ଓ ପ୍ରେରଣା ଦେଇଥିଲେ। ଯଥାର୍ଥରେ ଜଣେ ସଂଗ୍ରାମୀ ଓ ବିପ୍ଳବିନୀ ଭାବରେ ସମଗ୍ର ଜୀବନ ସେ ଜନସେବାରେ ଉତ୍ସର୍ଗ କରିଦେଇଥିଲେ। ବରଗଡ଼ର ତତ୍କାଳୀନ ଉପଜିଲାପାଳ ସୁଖେନ୍ଦୁ ଜ୍ୟୋତି ମଜୁମଦାରଙ୍କ ଚଉକିରେ ବସି ବ୍ରିଟିଶ ସରକାରଙ୍କୁ ଅବଜ୍ଞା କରି ଗୋରା ସରକାରଙ୍କୁ ଅବମାନନା କରିଥିବାରୁ ତାଙ୍କୁ ୨ ବର୍ଷ କାରାବରଣ ହୋଇଥିଲା। ସ୍ୱଦେଶୀ ପଦାର୍ଥ ବ୍ୟବହାର କରିବା ଏବଂ ବିଦେଶୀ ପଦାର୍ଥକୁ ବର୍ଜନ କରିବାକୁ ସମସ୍ତଙ୍କୁ ଆହ୍ୱାନ କରିଥିଲେ। ନାରୀମାନଙ୍କୁ ଅଧିକ ଶକ୍ତିଶାଳୀ କରିବାକୁ ଉଦ୍‌ବୋଧନ ଦେବା ସହ ସେ ସମୟରେ ନାରୀଜାଗରଣ ଉପରେ ଅଧିକ ଗୁରୁତ୍ୱ ଦେଉଥିବାର ଅନେକ ଦୃଷ୍ଟାନ୍ତ ସ୍ୱଲିଖିତ ଡାଏରୀରୁ ଦେଖିବାକୁ ମିଳେ। ତନ୍ମଧ୍ୟରୁ–

"ନ ଜାଗିଲେ ଯଦି ଭାରତ ରମଣୀ
ଜାଗିବ ନାହିଁ ଏ ଭାରତ ଧରଣୀ।"

ନିଜର ସ୍ୱଲିଖିତ ଡାଏରୀ ୩୧।୧।୮୭ରେ ନୃସିଂହନାଥରେ ଲେଖିଥିଲେ– "ଦରିଦ୍ର କୁଟିରରେ ରହିଛି ଆମ ଜାତିର ଜୀବନ"। ବାସ୍ତବରେ ଦେଶର ଉନ୍ନତି ଓ ଦେଶକୁ ବିକାଶ ପଥରେ ଆଗେଇ ନେବାକୁ ହେଲେ, ଦରିଦ୍ର ଅବସ୍ଥାରେ ବସବାସ କରୁଥିବା ଲୋକମାନଙ୍କର ଉନ୍ନତି ସାଧନ କରିବା, ତେବେ ଯାଇ ଦେଶକୁ ଆମେ ପ୍ରଗତି ପଥରେ ଆଗେଇ ନେଇପାରିବାର ଚିନ୍ତାକୁ ସେ ଅନୁଭବ କରିପାରିଥିଲେ। ସମାଜରେ ପ୍ରତ୍ୟେକଙ୍କ ପାଇଁ ଏକ ସମାନ୍ତରାଳ ଓ ସହାବସ୍ଥାନ ନୀତି ପ୍ରଣୟନରେ ତାଙ୍କର ପ୍ରମୁଖ ଭୂମିକା ଅନସ୍ୱୀକାର୍ଯ୍ୟ।

ବହ୍ନିକନ୍ୟା ଭାବେ ପରିଚିତ ପାର୍ବତୀ ଗିରିଙ୍କ ସାଧନାରେ ଆମର ମଥା ନଇଁଯାଏ। ସେ ଥିଲେ ଶକ୍ତି ସ୍ୱରୂପିଣୀ ମା' ପରି, ସେ ଅନ୍ୟର ଦୁଃଖରେ ହୋଇପଡୁଥିଲେ ଦୁଃଖାଭିଭୂତ। ଏହି ଦୁଃଖର ପରିସମାପ୍ତି ପାଇଁ ଅହରହ ସଂଗ୍ରାମ ଜାରି ରଖି ଜଣେ ସାଲିସ ବିହୀନ ଜନନେତ୍ରୀ ଭାବରେ କର୍ତ୍ତବ୍ୟ ସମ୍ପାଦନ କରିଥିଲେ। ତାଙ୍କର ଅଗ୍ନିବର୍ଷୀ ବାଣୀରେ ଆକର୍ଷିତ ହୋଇ ଯୁବଗୋଷ୍ଠୀ ଦେଶମାତୃକାର ସେବା କରିବାକୁ ଆଗେଇ ଆସୁଥିଲେ। ସେବାର ମନ୍ତ୍ରରେ ଦୀକ୍ଷିତ କରିବାକୁ ସେ ସମସ୍ତଙ୍କୁ ଆହ୍ୱାନ କରିଥିଲେ। 'ପରୋପକାରାୟ ସ୍ୱର୍ଗାୟ' ନୀତିକୁ ଆପଣାର କରି ଏହାକୁ ସ୍ମରଣୀୟ କରିବାରେ ସେ ପ୍ରାଣ ବିନିଯୋଗ କରିବାକୁ ପଛାଉ ନ ଥିଲେ। କୁଷ୍ଠରୋଗୀଙ୍କ ସେବା ହେଉ ଅଥବା ପ୍ରସୂତି ଚର୍ଚ୍ଚା: ପାର୍ବତୀ ଗିରିଙ୍କ ସେବା ସର୍ବଦା କାମନାରହିତ ଓ ପ୍ରେମାଶ୍ରିତ ଥିଲା। ଏ ସଂସାରରୁ ବିଦାୟ ନେବା ପୂର୍ବରୁ ସେ ଆଉ ଏକ ଅନାଥ ଆଶ୍ରମ ବଲାଙ୍ଗୀର ଜିଲାର ପଥରଚେପାଠାରେ ଆରମ୍ଭ କରିଥିଲେ। ମାତ୍ର ବିଧାତାର ବିଧାନ ବିଚିତ୍ର। ଆଶ୍ରମ ପୂର୍ଣ୍ଣାଙ୍ଗ ହେବା ପୂର୍ବରୁ ୬୯ ବର୍ଷ ବୟସରେ ଏହି ମହୀୟସୀ ମହିଳାଙ୍କ ମହାପ୍ରୟାଣ ଅଗଷ୍ଟ ୧୮ ତାରିଖ ୧୯୯୫ରେ ଘଟିଥିଲା। ତାଙ୍କର ସଦ୍ଭିଚ୍ଛୁମାନଙ୍କର ସାହାଯ୍ୟ ଓ ସହଯୋଗକୁ ପାଥେୟ କରି ବଲାଙ୍ଗୀରର 'ପଥରଚେପା' ଠାରେ ନିର୍ମାଣାଧୀନ ଥିବା ବାଲ୍‌ନିକେତନକୁ ପାର୍ବତୀ ଗିରିଙ୍କ ନାମରେ ନାମିତ କରାଯାଇଥିଲା। ସର୍ବୋପରି ଏହି ମହାନ୍ ଦିଗ୍‌ଦ୍ରଷ୍ଟା, ସୁଜ୍ଞାନୀ, ବିଦୁଷୀଙ୍କ ଜନ୍ମ ଶତବାର୍ଷିକୀ ତାଙ୍କ ଜନ୍ମସ୍ଥାନ ସମଲାଇପଦରରେ ପାଳନ ହେଉଥିବା ରାଜ୍ୟସ୍ତରୀୟ ଶତବାର୍ଷିକୀ ସମାରୋହ ଉପଲକ୍ଷେ ତାଙ୍କୁ ଯେତେ ଶବ୍ଦଅର୍ଘ୍ୟ ଦେଲେ ମଧ୍ୟ ବହୁତ କମ୍ ହେବ। ସେ ପ୍ରକୃତରେ ଓଡ଼ିଶାର ଗର୍ବ ଓ ଗୌରବ। ତ୍ୟାଗ, ବଳିଦାନ ଓ ତପସ୍ୟାର ମୂର୍ତ୍ତିମନ୍ତ ପ୍ରତୀକ ପାର୍ବତୀ ଗିରିଙ୍କ ଆଦର୍ଶ ଆଜି ବି ଝଙ୍କୃତ। ସେ ଅମର। କୃତି ଓ କର୍ମ ପାଇଁ ସୂକ୍ଷ୍ମରୂପରେ ସଦା ବିଦ୍ୟମାନ। ଦେଶମାତୃକାର ସେବା ନିମନ୍ତେ ସମଗ୍ର ଜୀବନକୁ ସମର୍ପିଦେଇଥିବା ଏହି ମହାମନୀଷୀଙ୍କୁ ଏ ଜାତି ତରଫରୁ କୋଟି କୋଟି ପ୍ରଣାମ।

## ମାଙ୍କଡ ଡେଇଁ ପଡ଼ିବାରୁ ଓଲଟିଲା ଅଟୋ, ଡ୍ରାଇଭର ମୃତ

ଧରାକୋଟ,୧୮।୧ (ବିଷ୍ଣୁ କେଶରୀ ଆଚାର୍ଯ୍ୟ)

ଗଞ୍ଜାମ ଜିଲା ଧରାକୋଟ ଥାନା ତାଳପାଟଣା ନିକଟରେ ଚଳନ୍ତା ଅଟୋ ଆଗକୁ ଏକ ମାଙ୍କଡ ଡେଇଁ ପଡିବାରୁ ଭାରସାମ୍ୟ ହରାଇ ଅଟୋ ଓଲଟି ପଡିଛି। ଫଳରେ ଘଟଣା ସ୍ଥଳରେ ଅଟୋ ଡ୍ରାଇଭରଙ୍କ ମୃତ୍ୟୁ ଘଟିଛି। ସେ ହେଲେ ସୋରଡ଼ାର ରତ୍ନ କାର୍ଜି (୨୦)। ରତ୍ନ ଚେନ୍ନାଇରୁ ଆସୁଥିବା ନିଜ ଭାଇ ଭାଉଜଙ୍କୁ ଅଟୋ (ନଂ.ଓଡି ୦୭ ବିସି–୩୨୪୭)ରେ ଧରି ଆସିକା କାଳକ୍ଷଣ୍ଡପୁରଠାରୁ ସୋରଡ଼ା ଯାଉଥିଲେ। ଧରାକୋଟ ତାଳପାଟଣାଠାରେ ତାଙ୍କ ଅଟୋ ଆଗକୁ ଏକ ମାଙ୍କଡ ଡିଆଁ ମାରିଥିଲା। ଫଳରେ ରତ୍ନ ଅଟୋକୁ ନିୟନ୍ତ୍ରଣ କରିବାକୁ ଚେଷ୍ଟା କରିଥିଲେ ମଧ୍ୟ ଭାରସାମ୍ୟ ହରାଇ ଅଟୋଟି ଓଲଟି ପଡ଼ିଥିଲା। ଗୁରୁତର ଅବସ୍ଥାରେ ରତ୍ନଙ୍କୁ ସ୍ଥାନୀୟ ଲୋକଙ୍କ ସହାୟତାରେ ଧରାକୋଟ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନିଆଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ସେଠାରେ ମୃତ ଘୋଷଣା କରିଥିଲେ। ଖବରପାଇ ଘଟଣା ସ୍ଥଳରେ ପୋଲିସ ପହଞ୍ଚି ଏହାର ତଦନ୍ତ ଆରମ୍ଭ କରିଛି।

# ଚିପ୍‌ସ ପ୍ୟାକେଟ୍ ଭିତରେ ଲୁଚିଛି ଯମ

## ୨ ମାସରେ ଗଲାଣି ୩ ଶିଶୁଙ୍କ ଜୀବନ, ୫ ଆହତ

ଭୁବନେଶ୍ୱର,୧୮।୧ (ତ୍ରିନାଥ ମହାନ୍ତି)

- କାର୍ଯ୍ୟାନୁଷ୍ଠାନ ପାଇଁ ଏନ୍‌ଏଚ୍‌ଆର୍‌ସିରେ ପିଟିଶନ
- ଖୁବ୍‌ଶୀଘ୍ର ଚିପ୍‌ସ କମ୍ପାନୀ ପାଇଁ ଏସ୍‌ଓପି ଆଣିବେ ସରକାର

ଖାଦ୍ୟ ସହ ଖେଳ ଖେଳୁଛନ୍ତି ଚିପ୍‌ସ କମ୍ପାନୀ। ବେପାର ବଢାଇବା ପାଇଁ ଚିପ୍‌ସ ପ୍ୟାକେଟ୍ ଭିତରେ ଛୋଟ ଖେଳନା, ବେଲୁନ ଆଦି ବିଭିନ୍ନ ପ୍ରକାର ଜିନିଷ ପୂରାଇ ପିଲାଙ୍କୁ ଆକୃଷ୍ଟ କରୁଛନ୍ତି। ଖାଦ୍ୟ ସହ ଖେଳନା ଖାଇ କୋମଳମତି ଶିଶୁଙ୍କ ଜୀବନ ଯାଉଛି। ତଣ୍ଟିରେ ଲାଗିଯିବାରୁ ୨ ମାସରେ ୩ରୁ ଅଧିକ ଶିଶୁଙ୍କ ମୃତ୍ୟୁ ଘଟିଥିବାବେଳେ ୫ଜଣ ଆହତ ହୋଇଛନ୍ତି। ଏଭଳି ଘଟଣା ବାରମ୍ବାର ଘଟୁଥିବାରୁ ଏବେ ଲୋକେ 'ଚିପ୍‌ସ ପ୍ୟାକେଟ'ରେ ଯମ ରହିଥିବା ପିଲାଙ୍କୁ କହି ଡରାଉଥିବା ଦେଖିବାକୁ ମିଳୁଛି। ତେବେ ଅବହେଳାରୁ ଘଟୁଥିବା ଏଭଳି ମୃତ୍ୟୁ ଘଟଣାରେ ଥାନାରେ ମାମଲା ହୋଇଛି। କେତେକ କ୍ଷେତ୍ରରେ କମ୍ପାନୀ କର୍ତ୍ତୃପକ୍ଷ କିମ୍ବା ମ୍ୟାନେଜର କ୍ଷମା ମାଗି ଖସିଯାଉଥିବା ଦେଖାଯାଉଛି। ହେଲେ ସମ୍ପୃକ୍ତ କମ୍ପାନୀ ବିରୋଧରେ କୌଣସି ଦୃଢ଼ କାର୍ଯ୍ୟାନୁଷ୍ଠାନ ହେଉ ନ ଥିବାରୁ ଏଭଳି ହୃଦୟବିଦାରକ ଘଟଣା ବଢ଼ିଚାଲିଛି। ତେବେ ଏନେଇ ଜାତୀୟ ମାନବାଧିକାର କମିଶନ(ଏନ୍‌ଏଚ୍‌ଆର୍‌ସି)ଙ୍କ ନିକଟରେ ମାନବାଧିକାର କର୍ମୀ ହିମାଂଶୁ ନାୟକ ପିଟିଶନ ଦାଏର କରିଛନ୍ତି। ଚିପ୍‌ସରେ ଖେଳନା ଦେଉଥିବା କମ୍ପାନୀ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ସହ ମୃତ ଶିଶୁଙ୍କ ପରିବାରକୁ କ୍ଷତିପୂରଣ ଦେବାକୁ ନିବେଦନ କରିଛନ୍ତି। ଅନ୍ୟପକ୍ଷରେ ଏତେ ଜୀବନ ଯିବା ପରେ ବହୁ ବିଳମ୍ବରେ ରାଜ୍ୟ ସରକାରଙ୍କ ଚେତା ପଶିଛି। ଏଭଳି ଅଘଟଣ ଏଡ଼ାଇବାକୁ ଚିପ୍‌ସ ପ୍ରସ୍ତୁତକାରୀଙ୍କ ପାଇଁ ଏସ୍‌ଓପି ଜାରି କରିବାକୁ ଯାଉଛନ୍ତି। ଖୁବ୍‌ଶୀଘ୍ର ଏନେଇ ଗାଇଡଲାଇନ୍ ଜାରି ହେବ ବୋଲି ସୂଚନା ମିଳିଛି। ଅନ୍ୟପକ୍ଷରେ ଅଭିଭାବକମାନେ ମଧ୍ୟ ଏଥିପ୍ରତି ସତର୍କ ଓ ସଚେତନ ରହିବା ଦରକାର ବୋଲି ମତ ପ୍ରକାଶ ପାଇଛି। ଶରୀର ପ୍ରତି ବିପଦ ସୃଷ୍ଟିକାରୀ ଏଭଳି ଜଙ୍କ୍ ଫୁଡ଼ଠାରୁ ପିଲାଙ୍କୁ ଦୂରେଇ ରଖିବାକୁ ବୁଦ୍ଧିଜୀବୀମାନେ ମତ ପ୍ରକାଶ କରିଛନ୍ତି।

ଚଳିତ ମାସରେ ଖୋର୍ଦ୍ଧା ଜିଲା ବେଗୁନିଆ ବ୍ଲକ ନିଧିପୁର ଗାଁର ତାପସ ପାଇକରାୟ ଚିପ୍‌ସ ପ୍ୟାକେଟରୁ ବାହାରିଥିବା ବେଲୁନ ଫୁଙ୍କିବା ବେଳେ ତାହା ପାଟି ଭିତରେ ପଶି ତଣ୍ଟିରେ ଲାଖିଯାଇଥିଲା। ପ୍ରାଣବିକଳରେ ଛଟପଟ ହେଉଥିବା ଅବସ୍ଥାରେ ତାଙ୍କୁ ଡାକ୍ତରଖାନା ନିଆଯାଇଥିଲେ ମଧ୍ୟ ଡାକ୍ତର ତାଙ୍କୁ ବଞ୍ଚାଇପାରି ନ ଥିଲେ। ସେହିଭଳି ୩ ଦିନ ତଳେ ଚିପ୍‌ସ ପ୍ୟାକେଟ ଭିତରେ ଥିବା ଖେଳଣା ନିଆଁରେ ପଡ଼ି ବିସ୍ଫୋରଣ ହେବାରୁ ଆଖି ହରାଇଥିଲେ ବଲାଙ୍ଗୀର ଜିଲା ଟିଟିଲାଗଡ଼ ଶଗଡ଼ ଗାଁର ୮ ବର୍ଷର ପୁଅ ଅଙ୍କେଶ ହର୍‌ପାଲ। ଆଉ ଏସବୁ ଘଟଣା ୨ ମାସ ତଳର କନ୍ଧମାଳ ଜିଲାର ଆଉ ଏକ ଘଟଣାକୁ ମନେ ପକାଇଦେବା ସହ ସତର୍କ କରାଇଦେଇଛି। ଅଙ୍ଗନୱାଡି କେନ୍ଦ୍ରରୁ ଫେରିବା ବେଳେ ବାପା କିଣିଦେଇଥିବା ଚିପ୍‌ସ ପ୍ୟାକେଟରୁ ବାହାରିଥିବା ଖେଳଣା ବନ୍ଧୁକ ତଣ୍ଟିରେ ଲାଗିଯିବାରୁ ଆଖି ବୁଜିଥିଲେ କନ୍ଧମାଳ ବ୍ରାହ୍ମଣୀ ଥାନା ଅନ୍ତର୍ଗତ ମୁଷିମାହା ଗାଁର ରଞ୍ଜିତ ପ୍ରଧାନଙ୍କ ୪ ବର୍ଷର ପୁଅ ବିଗିଲ।

ଆଇନଜୀବୀ ଅବିନାଶ ଗୁରୁ କହିଛନ୍ତି, ଚିପ୍‌ସରେ ଖେଳନା ଦେଉଥିବା କମ୍ପାନୀ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ହେବା ଦରକାର। ଆହୁରି ମଧ୍ୟ ପୋଲିସ ଉକ୍ତ କମ୍ପାନୀ ମ୍ୟାନେଜରମାନଙ୍କୁ ତୁରନ୍ତ ଗିରଫ କରିବା ସହ କ୍ଷତିପୂରଣ ଦେବାକୁ ନିର୍ଦ୍ଦେଶ ଦିଆଯାଉ।

ଅଭିଭାବକ ରଶ୍ମିରେଖା ବେହେରା କହିଛନ୍ତି, ଏଭଳି ଘଟଣା ବାରମ୍ବାର ଘଟୁଥିବାରୁ ଆମ ପିଲାଙ୍କୁ ଚିପ୍‌ସ ଖାଇବାକୁ ଦେବାକୁ ଭୟ ଲାଗୁଛି। ହେଲେ ଆମ ଅଜାଣତରେ ସେମାନେ ଦୋକାନକୁ ଯାଇ କିଣି ଖାଉଛନ୍ତି। ଘରକୁ ଯଦି କେହି ଆସୁଛନ୍ତି ସେମାନଙ୍କୁ ଖେଳନା ଚିପ୍‌ସ କିଣିବା ପାଇଁ ଜିଦ୍‌କରି କାନ୍ଦୁଛନ୍ତି। ତେଣୁ ଯେଉଁ କମ୍ପାନୀ ପିଲାଙ୍କ ଜୀବନ ନେବାଭଳି କାମ କରୁଛି, ସେସବୁ କମ୍ପାନୀକୁ ସରକାର ବ୍ୟାନ୍ କରିବା ଭଳି କଠୋର ପଦକ୍ଷେପ ନେବା ଆବଶ୍ୟକ ବୋଲି ସେ କହିଛନ୍ତି।

# ସଡ଼କ ଦୁର୍ଘଟଣାରେ ୨ ସାଙ୍ଗ ମୃତ

ଜଳେଶ୍ୱର,୧୮।୧(ନବୀନ ସାହୁ)

ବାଲେଶ୍ୱର ଜିଲା ଜଳେଶ୍ୱର ଥାନା ଅଧୀନ ୫୭ନଂ. ରାଜ୍ୟ ରାଜପଥର ଆମ୍ବପୁଞ୍ଜାଠାରେ ଶନିବାର ବିଳମ୍ବିତ ରାତିରେ ଏକ ସଡ଼କ ଦୁର୍ଘଟଣାରେ ୨ ସାଙ୍ଗଙ୍କ ମୃତ୍ୟୁ ଘଟିଛି। ମୃତକଦ୍ୱୟ ହେଲେ କମର୍ଦ୍ଦା ଥାନା ଅଧୀନ ନାଛିନ୍ଦା ପଞ୍ଚାୟତ ଜଳଧାବାଗ ଗ୍ରାମର ଗୌତମ ସାହୁ(୧୮) ଓ ଚନ୍ଦ୍ରଶେଖର ମହାପାତ୍ର(୨୨)। ସୂଚନା ଅନୁଯାୟୀ, ସେମାନେ ଏକ ବାଇକ୍ (ଓଡି୦୧ଏଏକ୍ସ–



ଚନ୍ଦ୍ରଶେଖର ମହାପାତ୍ର ଓ ଗୌତମ ସାହୁ।

୨୩୨୮)ରେ କମର୍ଦ୍ଦା ଆଡୁ ଜଳେଶ୍ୱର ଅଭିମୁଖେ ଯାଉଥିଲେ। ଜଳେଶ୍ୱର ଥାନା ନାମ୍ପୋ ଫାଣ୍ଡି ଅଧୀନ ଆମ୍ବପୁଞ୍ଜାଠାରେ ଏକ ଅଜଣା ଗାଡ଼ି ସେମାନଙ୍କୁ ଧକ୍କା ଦେଇ ଫେରାର ହୋଇଯାଇଥିଲା। ଗୌତମ ଓ ଚନ୍ଦ୍ରଶେଖର ରାସ୍ତା ଉପରେ ଛିଟିକି ପଡ଼ିଥିଲେ। ଖବର ପାଇ ନାମ୍ପୋ ଫାଣ୍ଡି ପୋଲିସ ଘଟଣାସ୍ଥଳରେ ପହଞ୍ଚି ଉଭୟଙ୍କୁ ରକ୍ତ ଜୁଡୁବୁଡୁ ଅବସ୍ଥାରେ ଉଦ୍ଧାର କରି ୧୦୮ ଆମ୍ବୁଲାନ୍ସ ଯୋଗେ ଜଳେଶ୍ୱର ଜିକେ ଭଟ୍ଟର ହସ୍ପିଟାଲରେ ଭର୍ତ୍ତି କରାଇଥିଲା। ସେଠାରେ ଡାକ୍ତର ଦୁଇଜଣଙ୍କୁ ମୃତ ଘୋଷଣା କରିଥିଲେ। ଜଳେଶ୍ୱର ପୋଲିସ ମୃତଦେହ ବ୍ୟବଚ୍ଛେଦ ପାଇଁ ପଠାଇ ଅଧିକ ତଦନ୍ତ ଜାରି ରଖିଛି।

# ପୋଖରୀହୁଡ଼ାରୁ ନବଜାତ ଶିଶୁପୁତ୍ର ମୃତଦେହ ଜବତ

ଉମରକୋଟ, ୧୮।୧(ସନ୍ତୋଷ ଶତପଥୀ)

ନବରଙ୍ଗପୁର ଜିଲା ଉମରକୋଟ ବ୍ଲକ କୋଏଲାରବେଡ଼ା ଗାଁର ପୋଖରୀହୁଡ଼ାରୁ ରବିବାର ସକାଳୁ ଜଣେ ନବଜାତକଙ୍କ ମୃତଦେହ ମିଳିଛି। ଉମରକୋଟ ପୋଲିସ ମୃତଦେହ ଜବତ କରିବା ସହ ଏହାର ତଦନ୍ତ କରୁଛି। ମୃତଦେହ ସେଠାକୁ କିପରି ଆସିଲା ତାହାର ସୂଚନା ମିଳିନି।

ସୂଚନା ଅନୁଯାୟୀ ରବିବାର ଗୋରୁ ନେଇ ଯାଉଥିବା କେତେଜଣ ପୋଖରୀହୁଡ଼ାରେ ଥିବା ଏକ ଖଜୁରି ଗଛ ମୂଳେ ନବଜାତ ଶିଶୁପୁତ୍ର ମୃତଦେହ ଦେଖି ପୋଲିସକୁ ଖବର ଦେଇଥିଲେ। ଡିଏସ୍‌ପି ରମାକାନ୍ତ ସାଏ, ଏଏସ୍‌ଆଇ ନରେନ୍ଦ୍ର ଗୋଲାପୀ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିଥିଲେ। ବ୍ୟବଚ୍ଛେଦ ପରେ ମୃତଦେହ ସତ୍କାର କରାଯାଇଛି। କେସ୍ ନଂ ୬/୨୬ ମାମଲା ରୁଜୁ ହୋଇଛି।

idco | ODISHA NEW OPPORTUNITIES

No.CAD-3045

File No.HO/Civil/T&E-E-5298/01/2025/993 Dt.09.01.2026

**OFFICE OF THE CHIEF GENERAL MANAGER (CIVIL)-II, IDCO, IDCO TOWER, BHUBANESWAR**

Bid Identification No. CIVIL/EST/25/2025-26

**NOTICE INVITING TENDER UNDER NATIONAL COMPETITIVE BIDDING THROUGH e-Procurement**

| | | | |
|---|---|---|---|
| 1. | Name of the Work | : | Construction of Swimming Pool in the district of Koraput, Odisha |
| 2. | Value of work | : | Rs.1742.72 Lakhs (Approx.) |
| 3. | Period of completion | : | 12 (Twelve) Calendar Months |
| 4. | Availability of tender online for Bidding : | | |
| | I. Start Date | : | 18:00 Hours of dt.20.01.2026 |
| | II. Prebid meeting Date | : | 11.30 Hours of dtd.27.01.2026 |
| | III. End date | : | 17:00 Hours of dt.09.02.2026 |
| | IV. Opening Date | : | 17.30 Hours of dt.09.02.2026 |

Tender details can be seen from the e-procurement portal www.tendersorissa.gov.in. Corrigendum or Addendum if any will not be published in newspapers and can be seen in **e-procurement portal** as well as in **IDCO website**.

OIPR-

Sd./- Chief General Manager (Civil)-II, IDCO, Bhubaneswar

**CORRIGENDUM**

No. V-32: The schedule for holding the Entrance Examination for admission into Eklavya Model Residential Schools (EMRSs), Kalinga Model Residential Schools (KMRSs) and Biju Patnaik Adarsha Vidyalayas (BPAVs) for the academic session 2026 has been revised.

In partial modification of the earlier notification issued in this regard, the revised schedule for conducting the EMRS Selection Test, KMRS Selection Test and BPAV Selection Test - 2026 is given below.

| Sl. | Contents | Scheduled Dates |
|---|---|---|
| 1 | Online registration of application start date | 16.01.2026 |
| 2 | Last date for submission of offline application | 10.02.2026 |
| 3 | Last date for submission of online application | 12.02.2026 |
| 4 | Verification of documents (Offline/Online) | From 01.01.2026 to 15.02.2026 |
| 5 | Issue of online Admit Card | From 15.02.2026 to 22.02.2026 |
| 6 | Date of EMRSST, KMRSST, BPAVST - 2026 | 22.02.2026 (10 A.M.) |
| 7 | Last date of entry of marks and display of result in web portal | 28.02.2026 |
| 8 | First merit list with issuing intimation letter through SMS, email, phone, letter | 28.02.2026 onwards |

All other terms and conditions mentioned in the earlier notification shall remain unchanged.
For detailed information and updates, please visit: **https://omtes.odisha.gov.in**.

OIPR: Sd./- Secretary, OMTES

**GOVERNMENT OF ODISHA**
**OFFICE OF THE SUPERINTENDING ENGINEER, RURAL WORKS DIVISION, KUCHINDA**
e-Mail-eerw_kuchinda@yahoo.com

1st Corrigendum to Bid Identification No. Tender online 13/ RWD/ Kuchinda / 2025-26

**No.O-2075** : Due to unavoidable circumstances, the following changes have been made in this office Bid identification No.- tender online **13/ RWD/ Kuchinda / 2025-26**

The availability of tender for online bidding has been extended from **21.01.2026 at (11.00 A.M.) to 29.01.2026 up to (5.00 P.M.)**
Last date & Time of seeking tender clarification: - **28.01.2026**
Date & Time of opening tender :- **30.01.2026.**
**All other terms and conditions remain unchanged.**

OIPR- Sd./- Superintending Engineer, Rural Works Division, Kuchinda

GOVERNMENT OF ODISHA
DEPARTMENT OF AGRICULTURE AND FARMERS' EMPOWERMENT
**OFFICE OF THE EXECUTIVE ENGINEER (AGRIL.), AGRIL. ENGG DIVISION, RAYAGADA**

No. 52 Date. 16/01/2026

INVITATION FOR BIDS (IFB)
e-procurement notice

**Bid identification number / Tender call notice No. - EE (A) -05 of 2025-26**

**No.L-165** : The Executive Engineer (Agril.), Agril. Engg Division, Rayagada who has been authorized as the procuring officer for the projects of Agril. Engg Division, Rayagada is directed to invite percentage rate bid on behalf of the Governor of Odisha for the Civil construction works (including IE and PH works) under Rayagada Division. The costs of the project are approximately 1.96 to 22.34 Lakhs (Excluding GST & LC). Bid document consisting of detailed tender call notice, the schedule of quantities and the set of terms and conditions of the contract and other necessary documents can be downloaded from https://tendersodisha.gov.in from **19.01.2026 at 11:00 hours to 31.01.2026 at 17:30 hours**. The bid will be opened on **02.02.2026 at 11:00 AM hours** and onwards in the O/o Executive Engineer, Agril. Engg Division, Rayagada. All other details regarding term and conditions, corrigendum from time to time if any, DTCN etc. can be seen and downloaded from https://tendersodisha.gov.in.

OIPR- Sd./- Executive Engineer (Agril.) Agril. Engg Division, Rayagada

**ODISHA HYDRO POWER CORPORATION LTD.** OHPC
O/o Sr. GENERAL MANAGER, HIRAKUD HYDRO ELECTRIC PROJECT, POST BOX. NO. 5, BURLA - 768017, DISTRICT : SAMBALPUR (ODISHA), INDIA
PHONE : 0663-2950721 (O), 2950765, E-Mail : srgmhps_burla@yahoo.co.in
CIN : U40101OR1995SGC003963

No. HHEP/Tech-R&M-P-30, Vol-VI/381 Date : 16.01.2026

TENDER CALL NOTICE NO. HHEP-07/2026

**No.CAD-3051** : Sealed tenders are invited in two parts i.e. (i) Techno Commercial bid & (ii) Price bid in separate sealed envelopes from the reputed Manufacturers/Authorized Dealers / Authorized Distributors only for supply and demonstration of the following materials as mentioned below.

| Description of work/ Service | Cost of tender paper (Non-refundable) in Rs. | EMD in shape of DD/BC (Refundable) in Rs. |
|---|---|---|
| Supply and Demonstration of Digital Multimeter and Clamp meters at HHEP, Burla | Rs. 2360/- (Rs. 2000 + GST @ 18%) | 2750/- |

- Sale of tender paper : **21.01.2026 (10.00AM) to 03.02.2026 upto 05.30PM**
- Receipt of tender paper : **04.02.2026 upto 03.30PM**
- Date & time of opening of tender : **04.02.2026 at 04.00PM**

Further details like tender documents / terms & conditions (corrigendum /erratum / addendum, if any), please visit our official website www.ohpcltd.com

OIPR- Sd./- C & P Head, HHEP, Burla

**GOVERNMENT OF ODISHA**
**OFFICE OF THE EXECUTIVE ENGINEER RURAL WORKS DIVISION, BONAI**

No.O-2063

E-mail ID : rwd.bonai@yahoo.com
TENDER CALL NOTICE
BID IDENTIFICATION NO. ONLINE-EEBNI-06 of 2025-26

1. Name of the work : Road Repair Works, 2. Total No. of works : 14 (Fourteen) Nos., 3. Estimated cost : Rs.15.40-84.98 Lakhs, 4. Class of contractor : "B", "C" & "D" Class, 5. Period of completion : 01 (One) Month, 6. Type of Tender : Single Cover & Double Cover, 7. Other details :

| Procurement Officer | Bid Identification No. | Availability of tender Online for bidding | | Last date & time of seeking Tender Clarification | Date & Time of Opening of Tender |
|---|---|---|---|---|---|
| | | From | To | | |
| 1 | 2 | 3 | 4 | 5 | 6 |
| Executive Engineer, Rural Works Division, Bonai | ONLINE - EEBNI-06 of 2025-26 | 20.01.2026 from 11.00 A.M. | 28.01.2026 upto 05.00 P.M. | 27.01.2026 upto 5.00 P.M. | 29.01.2026 at 11.00 A.M. |

Further details can be seen from the website www.tendersorissa.gov.in & for more information please visit the office.

OIPR- Sd./- Executive Engineer RW Division, Bonai

**DISTRICT PROJECT OFFICE SAMAGRA SHIKSHA, BHADRAK**
At-Upper Bagurai, Post-Madhabanagar, Bhadrak-756181

No.117/pcd/2026 Dated : 15.01.2026

NOTICE INVITING TENDER (NIT)

**No.n-235** : Sealed tenders are invited from the reputed & cridible printers / firms / agencies for printing & supply of "Question cum Answer Sheets, Answer Key & Oral questions" for SA-II for Class-I to IV and VI, VII & Annual Examination for Class-V & VIII 2026 Students in two bid systems (Technical & Commercial Bid) as detailed below.

| Name of the Tender | Bid processing fees | Amount of EMD | Last Date & time of receipt of Bid | Date & time of opening of Technical Bid |
|---|---|---|---|---|
| Printing & Supply of Question cum Answer Sheet for SA-II for Class-I to IV and VI, VII & Annual Examination for Class-V & VIII 2026 Students | Rs.2000/- | Rs.100000/- | 29.01.2026 | 30.01.2026 |

The detailed BID document is available in the district website https://www.bhadrak.odisha.gov.in and aleo OSEPA website : www.osepa.odisha.gov.in. Interested and eligible agency / firm may download BID DOCUMENT from the above website and apply accordingly. Corrigendum / addendum, if required, will be uploaded in the above website. Hence potential bidders are requested to be in continuous touch with above website.

The Tender inviting Authority (TIA) reserves the right to accept / reject any full or part / all BID / cancel the entire selection process at any stage without assigning any reason thereof.

OIPR- Sd./- Collector-cum-Chairman Samagra Shiksha Bhadrak

**OFFICE OF THE SUPERINTENDING ENGINEER BHUBANESWAR (R&B) DIVISION NO. II BHUBANESWAR**
eerb2_bbsr@yahoo.com

INVITATIONS FOR BIDS THROUGH e-Procurement
Bid Identification No- C.C. (R&B) - 02
e - Procurement Notice No. 35 of 2025-26

**No.B-971** : The Superintending Engineer, Bhubaneswar (R&B) Division No-II, Bhubaneswar on behalf of the Governor of Odisha invites percentage rate bids for **Four Number Building** works to be received in online bidding, **Single & Double** cover system as detailed in: https://tendersorissa.gov.in. The details of bid documents will be available in the above website from **20.01.2026 to 5.00 P.M. of 02.02.2026**. The bidders must possess compatible Digital Signature Certificate of Class II or III. Bids received online shall be opened at 11.00 A.M. of **03.02.2026** in the Office of the Superintending Engineer, Bhubaneswar (R&B) Division No.-II, Bhubaneswar. Further details can be seen from the e-procurement portal www.tendersorissa.gov.in.

Addendum / Corrigendum, if required, will be available only in the Website.

OIPR- Sd./- Superintending Engineer, BBSR (R&B) Division No.II, BBSR

# ବୟନ ଶିଳ୍ପର ଗାଁ ସରାକପାଟଣା



ଗ୍ରାମରେ ଥିବା ବୁଦ୍ଧ ମନ୍ଦିର।



ସରାକପାଟଣାରେ ହସ୍ତତନ୍ତ।





ଗ୍ରାମରେ ଢେଙ୍କାନାଳ ଐତିହ୍ୟ ପଦଯାତ୍ରୀ ଦଳ।

ଢେଙ୍କାନାଳ,୧୮।୧(ରତନ ନାୟାର)

ଢେଙ୍କାନାଳ ସଦର ବ୍ଲକ ଭାପୁର ସରାକପାଟଣା ଗ୍ରାମରେ ଢେଙ୍କାନାଳ ଐତିହ୍ୟ ପଦଯାତ୍ରାର ୩୩ତମ ସଂସ୍କରଣ ରବିବାର ଅନୁଷ୍ଠିତ ହୋଇଯାଇଛି । ଆବାହକ ସୁରେଶ ପ୍ରସାଦ ମିଶ୍ରଙ୍କ ନେତୃତ୍ୱରେ ପଦଯାତ୍ରୀମାନେ ଗ୍ରାମରେ ପହଞ୍ଚିବା ପରେ ସରାକପାଟଣା ରଙ୍ଗଣୀ ସମାଜ ପକ୍ଷରୁ ପଦଯାତ୍ରୀମାନଙ୍କୁ ବୁଦ୍ଧ ମନ୍ଦିରଠାରେ ସ୍ୱାଗତ କରାଯାଇଥିଲା। ମଠ, ମନ୍ଦିର, ରାଜବାଟୀ, ଦୁର୍ଗ ଆଦିକୁ ବାଦ୍ ଦେଲେ ଏମିତି ଆହୁରି ଅନେକ ଗାଁ ରହିଛି, ଯୁଗ ଯୁଗ ଧରି ଆମ ମାଟିର ଐତିହ୍ୟ ଓ ସ୍ୱାଭିମାନକୁ ଧାରଣ କରି ରହିଛନ୍ତି। ମାତ୍ର ଦୀପତଳ ଅନ୍ଧାର ଭଳି ଏଗୁଡିକ ଲୋକଲୋଚନ ଅନ୍ତରାଳରେ ରହି ଯାଇଛନ୍ତି। ସେମିତି ଏକ ଗାଁ ହେଉଛି ଢେଙ୍କାନାଳ ଜିଲାର ଭାପୁର ଅନ୍ତର୍ଗତ ସରାକପାଟଣା। ଦୀର୍ଘ ୪୦୦ବର୍ଷ ଧରି

## ଗ୍ରାମର ୯୮ପ୍ରତିଶତ ଲୋକ ବୌଦ୍ଧ ଧର୍ମାବଲମ୍ବୀ

ଏହି ଗ୍ରାମରେ ତନ୍ତୁବାୟ ସଂପ୍ରଦାୟର ଲୋକେ ବସବାସ କରି ଆସୁଛନ୍ତି । ଗାଁଟିର ଗୋଟିଏ ପାର୍ଶ୍ୱରେ ବହିଯାଉଛି ସାପୁଆ ନଦୀ। ସରାକପାଟଣା ଗାଁର ପ୍ରତ୍ୟେକ ପରିବାର ତନ୍ତରେ ଲୁଗା ବୁଣି ପରିବାର ଭରଣପୋଷଣ କରିଥାନ୍ତି। ଘରେଘରେ ହସ୍ତତନ୍ତ ଦ୍ୱାରା ବସ୍ତ୍ର ବୟନ ଏବେ ମଧ୍ୟ ଚାଲୁରହିଛି । ସବୁଠାରୁ ଆଶ୍ଚର୍ଯ୍ୟର କଥା ଯେ, ସରାକପାଟଣାର ୯୮ପ୍ରତିଶତ ଲୋକ ହେଉଛନ୍ତି ବୌଦ୍ଧ ଧର୍ମାବଲମ୍ବୀ। କାହିଁ କେଉଁ ପ୍ରାଚୀନ କାଳରୁ ସରାକ ସଂପ୍ରଦାୟ (ତନ୍ତୀ)ର କିଛି ପରିବାର ସାପୁଆ ନଦୀର ତୀରରେ ବସତି ସ୍ଥାପନ କରି ହସ୍ତତନ୍ତ ଦ୍ୱାରା ଲୁଗା ବୁଣି ଜୀବିକା ନିର୍ବାହ କରୁଥିଲେ। ସେହି ସରାକମାନଙ୍କର ନାମ ଅନୁଯାୟୀ ଏହି ଗ୍ରାମର ନାମ ସରାକପାଟଣା ହୋଇଛି। ସାଧାରଣତଃ ଏହି ଗ୍ରାମରେ ରଂଗଣୀ ସଂପ୍ରଦାୟର ଲୋକେ ଏବେ ବସବାସ କରି ନିଜର କୌଳିକ ବୃତିକୁ ଧରି ରଖିଛନ୍ତି। ପ୍ରାୟ ସମସ୍ତଙ୍କ ଘରେ ଏକାଧିକ ତନ୍ତ ରହିଛି ଓ ପରିବାରର ବୟସ୍କ ଓ ଯୁବକମାନେ ଏହି ହସ୍ତତନ୍ତରେ ଲୁଗା ବୁଣାବୁଣି କରୁଛନ୍ତି। ଏହି ଗ୍ରାମର ମଧ୍ୟସ୍ଥଳରେ ରହିଛି ଏକ ବୁଦ୍ଧ ମନ୍ଦିର। ମନ୍ଦିରରେ ସ୍ଥାପିତ ହୋଇଛି ବୁଦ୍ଧଙ୍କର ପାଷାଣ ପ୍ରତିମା। ଗ୍ରାମର ସମସ୍ତେ ବୌଦ୍ଧ ହୋଇଥିବାରୁ ଏଠାରେ ସମସ୍ତ ଲୋକ ସାକାହାରୀ । ଜନ୍ମମୃତ୍ୟୁ ସଂସ୍କାର ଠାରୁ ଆରମ୍ଭ କରି ସବୁ ସାମାଜିକ ରୀତିନୀତି ବୌଦ୍ଧ ଧାରା ଅନୁଯାୟୀ ଅନୁଷ୍ଠିତ ହୁଏ। ବୈଶାଖ ପୂର୍ଣ୍ଣିମା ବୁଦ୍ଧ ଜୟନ୍ତୀରେ ସରାକପଟଣାରେ ଏକ ବଡ଼ ଉତ୍ସବ ଆୟୋଜିତ ହୋଇଥାଏ। କେଉଁ ପରିସ୍ଥିତିରେ ଏହି ଗ୍ରାମର ଲୋକେ ବୌଦ୍ଧଧର୍ମାବଲମ୍ବୀ ହେଲେ ତାର ସଠିକ ତଥ୍ୟ ନାହିଁ। ମାତ୍ର ଭାରତରୁ ବୌଦ୍ଧ ଧର୍ମ ବିଲୁପ୍ତ ହୋଇଯାଉଥିବା ବେଳେ ଢେଙ୍କାନାଳର ଜିଲାର ସରାକ ପାଟଣା ଗାଁର ୯୮ପ୍ରତିଶତ ଲୋକ ବୌଦ୍ଧ ଧର୍ମକୁ ଧରି ରଖିଛନ୍ତି ତାହା ସମସ୍ତଙ୍କ ପାଇଁ ଏକ ଅନନ୍ୟ ଉଦାହରଣ। ବୋଧହୁଏ କେବଳ ଢେଙ୍କାନାଳ ଜିଲା ନୁହେଁ, ବରଂ ସମଗ୍ର ରାଜ୍ୟରେ ସରାକପାଟଣା ହେବ ଏକମାତ୍ର ବୌଦ୍ଧ ଧର୍ମର ଗାଁ, ଯାହାକି ଢେଙ୍କାନାଳ ଜିଲାର ସାଂସ୍କୃତିକ ଐତିହ୍ୟର ଏକ ଜ୍ୱଳନ୍ତ ଉଦାହରଣ। ଅତୀତରେ ଏହି ଗ୍ରାମକୁ ଚୀନ, ଜାପାନ, ତିବ୍ବତ ଓ ଶ୍ରୀଲଙ୍କାରୁ ବୌଦ୍ଧ ସନ୍ନ୍ୟାସୀମାନେ ପରିଦର୍ଶନରେ ଆସିଥିବା କଥା ଗ୍ରାମର ବରିଷ୍ଠ ସଂସ୍କୃତିପ୍ରେମୀ ଜଗବନ୍ଧୁ ସାହୁ ସୂଚନା ଦେଇଛନ୍ତି। ତନ୍ତରେ ଲୁଗା ବୁଣିବାର ଓ ଏହାର କୌଶଳ ତଥା ବୁଣାକାର ମାନଙ୍କର ଜୀବନ ଜୀବିକା ସମ୍ପର୍କରେ ପଦଯାତ୍ରୀମାନେ ୫୦ରୁ ଊର୍ଦ୍ଧ୍ୱ ତନ୍ତ ପରିଦର୍ଶନ କରି ସେମାନଙ୍କ ସହିତ ଆଲୋଚନା କରିଥିଲେ। ଏହି ପଦଯାତ୍ରାରେ ବୌଦ୍ଧଧର୍ମର ଐତିହ୍ୟକୁ ଧାରଣ କରିଥିବା ଓ ସରାକପାଟଣାର ଏହି ଅନନ୍ୟ ସାଂସ୍କୃତିକ ଐତିହ୍ୟକୁ ଅନ୍ୱେଷଣ କରିବା ଓ ସେମାନଙ୍କ ଜୀବନଧାରଣର ଶୈଳୀ ଓ ଆଧ୍ୟାତ୍ମିକ ଭାବଧାରାକୁ ଜାଣିବା ପାଇଁ ପଦଯାତ୍ରୀମାନେ ଚେଷ୍ଟା କରିଥିଲେ। ପଦଯାତ୍ରାରେ ପ୍ରଫେସର ଦୁର୍ଗାଚରଣ ବିଶ୍ୱାଳ, ଅବସରପ୍ରାପ୍ତ ବରିଷ୍ଠ ପ୍ରଶାସକ ତଥା ଗବେଷକ ତପନ କୁମାର ଶତପଥୀ, ରମେଶଚନ୍ଦ୍ର ପତି, ବଦ୍ରିନାଥ ଜେନା, ଅର୍ଜୁନ ନାୟକ, ସ୍ୱର୍ଣ୍ଣପ୍ରଭା ସେଠୀ, ନାରାୟଣ ପଟ୍ଟନାୟକ, ଜନ୍ମେଜୟ ରାଉତ, ହରପ୍ରିୟା ରାଉତ, ସୁଶାନ୍ତ କୁମାର ସାହୁ, ଅକ୍ଷୟ କୁମାର ଦାସ, ବିଶ୍ୱରଞ୍ଜନ ଦେହୁରୀ, ହୃଦାନନ୍ଦ ବେହେରା, ସୁମିତ୍ରା ଦେବତା, ସୁଜିତ ଦେବତା, ପିୟୁଷ ଅଗ୍ରୱାଲ, ଶ୍ରେୟା ସାମଲ୍, ସୁରେଶ ସାହୁ, ସ୍ମିତାଲୀ ବେହେରା ଓ ଢେଙ୍କାନାଳ କଲେଜର ଅନେକ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ସରାକପାଟଣାର ଗ୍ରାମବାସୀ ସହଯୋଗ ପ୍ରଦାନ କରିଥିଲେ ।

# ଆଇଆଇଏମ୍‌ସି ଛାତ୍ରୀଛାତ୍ରଙ୍କ ୱାକାଥନ





ୱାକାଥନରେ ସାମିଲ ହୋଇଥିବା ଆଇଆଇଏମ୍‌ସି ଛାତ୍ରୀଛାତ୍ର।

ଢେଙ୍କାନାଳ,୧୮।୧(ରତନ ନାୟାର)

ଢେଙ୍କାନାଳ ଭାରତୀୟ ଜନ ସଂଚାର ସଂସ୍ଥାନ (ଆଇଆଇଏମ୍‌ସି) ପକ୍ଷରୁ ଶନିବାର ଏକ ୱାକାଥନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ସଡକ ସୁରକ୍ଷା ସଚେତନତାକୁ ନେଇ ଏହି ୱାକାଥନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲ । ଜିଲା ଆଞ୍ଚଳିକ ପରିବହନ ଅଧିକାରୀ ଶିବାଶିଷ ସାହୁଙ୍କ ନେତୃତ୍ୱରେ ଛାତ୍ରୀଛାତ୍ରମାନେ ମିନି ଷ୍ଟାଡିୟମଠାରୁ ୱାକାଥନ କରି ରଥଗଡା ଦେଇ ସଂସ୍ଥାନ ପରିସରରେ ପହଞ୍ଚିଥିଲେ । ସଂସ୍ଥାନର ଆଞ୍ଚଳିକ ନିର୍ଦ୍ଦେଶକ ପ୍ରଫେସର ଆନନ୍ଦ ପ୍ରଧାନ ପତାକା ଦେଖାଇ ୱାକାଥନର ଶୁଭାରମ୍ଭ କରିଥିଲେ । ଛାତ୍ରୀଛାତ୍ରମାନେ ସଡକ ସୁରକ୍ଷା ବିଷୟରେ ପିପିଟି ମାଧ୍ୟମରେ ତଥ୍ୟ ଉପସ୍ଥାପନ କରିଥିଲେ । ଏହି ଅବସରରେ କୃତୀ ଛାତ୍ରୀଛାତ୍ରଙ୍କୁ ପୁରସ୍କୃତ କରାଯାଇଥିଲା । ହେଲମେଟ୍ ପନ୍ଧିବା, ସଡକ ସୁରକ୍ଷାର ନିୟମାବଳୀ ମାନିବା, ଗାଡି ଚଳାଇବା ବେଳେ ମଦ ନପିଇବା ଏବଂ ଦୋଷୀ ବିରୋଧରେ ଫାଇନ ଏବଂ ନିୟମ ଅନୁଯାୟୀ ପଦକ୍ଷେପ ନେବା ବିଷୟରେ ଆଞ୍ଚଳିକ ପରିବହନ ଅଧିକାରୀ ଗୁରୁତ୍ୱ ଦେଇଥିଲେ । ଏହି ଅବସରରେ ଅତିରିକ୍ତ ଆଞ୍ଚଳିକ ପରିବହନ ଅଧିକାରୀ ସାର୍ଥକ ଦତ୍ତ ଉପସ୍ଥିତ ଥିଲେ ।

# ଲେଖକ ସଂସଦ ପକ୍ଷରୁ ଶୋକସଭା

ଢେଙ୍କାନାଳ,୧୮।୧(ରତନ ନାୟାର)

ଢେଙ୍କାନାଳ ଜିଲା ଲେଖକ ସଂସଦ ପକ୍ଷରୁ ସଂସଦର ପୂର୍ବତନ ଉପସଭାପତି ଗଗନ ବିହାରୀ ନନ୍ଦଙ୍କ ଉଦ୍ଦେଶ୍ୟରେ ରବିବାର ସଂସଦ ଭବନ ପରିସରରେ ଏକ ଶୋକସଭା ଅନୁଷ୍ଠିତ ହୋଇଛି। ସଭାପତି ବସନ୍ତ କୁମାର ପଟ୍ଟନାୟକ ସଭାପତିତ୍ୱରେ ଆୟୋଜିତ ସଭାରେ ସ୍ୱର୍ଗତ ନନ୍ଦଙ୍କ ଉଦ୍ଦେଶ୍ୟରେ ଦୁଇମିନିଟ୍ ନିରବ ପ୍ରାର୍ଥନା କରଯାଇଥିଲା। ଏହି ଶୋକସଭାରେ ପୂର୍ବତନ ବିଚାରପତି ଭିକାରୀ ଚରଣ ରାଉତ, ସମ୍ପାଦକ ହୃଦାନନ୍ଦ ଦ୍ୱିବେଦୀ ପ୍ରମୁଖ ଯୋଗଦେଇ ତାଙ୍କର ସ୍ମୃତିଚାରଣ କରି ସେ ଜଣେ କବି, ନାଟ୍ୟକାର, ବିଶିଷ୍ଟ ବଂଶୀ ବାଦକ ଭାବରେ ପରିଚିତ ଥିଲେ । ଢେଙ୍କାନାଳ ମହୋତ୍ସବରେ ମହିମା ସମ୍ମାନରେ ସମ୍ମାନିତ ହେଇଥିଲେ। ଏହି ସଭାରେ ଅନ୍ୟମାନଙ୍କ ମଧ୍ୟରେ ପଣ୍ଡିତ ବିପିନ ବିହାରୀ ଶତପଥୀ, ଉପମା ସାମଲ, କୃଷିଦା ବେଗୁମ୍, ଉପେନ୍ଦ୍ର କୁମାର ରାଉତ, ଶେଖ୍ ଅବଦୁଲ ସଫିକ, ସଂସଦର ପରିଚାଳନା ସମ୍ପାଦକ ଅଞ୍ଜନ କୁମାର ସାହୁ ପ୍ରମୁଖ ସ୍ୱର୍ଗତ ନନ୍ଦଙ୍କ ସ୍ମୃତି ଚାରଣ କରିଥିଲେ ବୋଲି ସଂସଦର ସମ୍ପାଦକ ଜଣାଇଛନ୍ତି।

# କମଳ ରଙ୍ଗ ୬୦ ଶାସ୍ତ୍ରୀୟ ସଙ୍ଗୀତ ସମାରୋହ





କମଳ ରଙ୍ଗ ୬୦ ଶାସ୍ତ୍ରୀୟ ସଙ୍ଗୀତ ସମାରୋହରେ ଯୋଗଦେଇଥିବା ଅତିଥି ଓ କଳାକାର।

ଢେଙ୍କାନାଳ,୧୮।୧(ରତନ ନାୟାର)

ଢେଙ୍କାନାଳର ପ୍ରମୁଖ ସଙ୍ଗୀତ ଅନୁଷ୍ଠାନ ଭାରତୀୟ ସଙ୍ଗୀତ ନିଳୟ ପକ୍ଷରୁ ଶନିବାର ପୁରୁଣା ଜିଲା ପରିଷଦ ହଲଠାରେ କମଳ ରଙ୍ଗ ୬୦ ଏକଦିବସୀୟ ଶାସ୍ତ୍ରୀୟ ସଙ୍ଗୀତ ସମାରୋହ ଅନୁଷ୍ଠିତ ହୋଇଯାଇଛି। ଏହି ଉତ୍ସବକୁ ବିଶିଷ୍ଟ ନାଟ୍ୟକାର ଦିଲ୍ଲୀଶ୍ୱର ମହାରଣା ଓ ରଘୁନାଥଜୀଉ ସଙ୍ଗୀତ ମହାବିଦ୍ୟାଳୟରେ ଅଧ୍ୟକ୍ଷ ଗୋବର୍ଦ୍ଧନ ବାରିକ ଉଦଘାଟନ କରିଥିଲେ । ପ୍ରଥମ ପର୍ଯ୍ୟାୟରେ ଅନୁଷ୍ଠାନର ଛାତ୍ରୀଛାତ୍ରଙ୍କ ଦ୍ୱାରା ସରସ୍ୱତୀ ବନ୍ଦନା ଓ ଗୁରୁ ବନ୍ଦନା ଗାନ କରାଯାଇଥିଲା । ଏହାପରେ ଏକ ସଙ୍ଗୀତ ଭିତିକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା । ଏଥିରେ ଓଡିଶାର ବରିଷ୍ଠ ସଙ୍ଗୀତଜ୍ଞ ତାପସ ପାଲ, ବନିତା ରାୟ ଓ ହିନ୍ଦୁସ୍ଥାନୀ କଣ୍ଠଶିଳ୍ପୀ ବିଣାପାଣୀ ରଥ ଭାଗ ନେଇଥିଲେ । ଜିତେନ୍ଦ୍ର କୁମାର କର ଏହାକୁ ସଂଯୋଜନା କରିଥିଲେ । ପରେ ନନ୍ଦ କିଶୋର ଦାସଙ୍କ ଦ୍ୱାରା ସନ୍ତୁର ବାଦନ ଓ ନିମନ୍ତ୍ରିତ କଳାକାରମାନଙ୍କ ଦ୍ୱାରା ଶାସ୍ତ୍ରୀୟ ସଙ୍ଗୀତ ପରିବେଷିତ ହୋଇଥିଲା । ଅପରାହ୍ନରେ ଭାରତୀୟ ସଙ୍ଗୀତ ନିଳୟର ଛାତ୍ରୀଛାତ୍ରମାନଙ୍କ ଦ୍ୱାରା ହିନ୍ଦୁସ୍ଥାନୀ ଶାସ୍ତ୍ରୀୟ ସଙ୍ଗୀତ ଗାନ କରାଯାଇଥିଲା । ଗୁରୁ ଯାମିନୀ ରଞ୍ଜନ ଦାସଙ୍କ ଦ୍ୱାରା ୬୦ତମ ରାଗ ପରିବେଷଣ ହୋଇଥିଲା । ବାଦ୍ୟଯନ୍ତ୍ରରେ ହରିହର ଜେନା, ଆତ୍ମନ ଦାସ, ରାକେଶ ବେହେରା ଓ ସୁବାଶିଷ ଶତପଥୀ ସହଯୋଗ କରିଥିଲେ । ସାନ୍ଧ୍ୟ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ପୂର୍ବତନ ଏମ୍‌ପି ମହେଶ ସାହୁ ଓ ଜଗନ୍ନାଥ ସଂସ୍କୃତି ଗବେଷକ ପଣ୍ଡିତ ମାତୃ ପ୍ରସାଦ ମିଶ୍ର, ଗବେଷକ ରାଜ କିଶୋର ପାଢୀ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ । ଏହି ଅବସରରେ ଢେଙ୍କାନାଳର ବରିଷ୍ଠ ସଙ୍ଗୀତଜ୍ଞ ବ୍ରଜବନ୍ଧୁ ରଣସିଂହ, ପ୍ରଫୁଲ ସାହୁ ତଥା ସଙ୍ଗୀତ ନାଟକ ପୁରସ୍କାରପ୍ରାପ୍ତ ଶତୃଘ୍ନ ମାଟିଙ୍କୁ ସମ୍ମାନିତ କରାଯାଇଥିଲା । ଜାତୀୟ କଳା ଉତ୍ସବରେ ଅନୁଷ୍ଠାନର ଛାତ୍ରୀ ଅଭିଲିପ୍ସା ତ୍ରିପାଠୀ ପୁରସ୍କୃତ ହୋଇଥିବାରୁ ତାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ଶେଷରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବଂଶୀରେ ଜବାହାର ମିଶ୍ର, ତବଲାରେ ଶୁଭ୍ରାଂଶୁ ସାହୁ, ଗାୟନରେ ବିଣାପାଣୀ ରଥ ପ୍ରମୁଖ ସଙ୍ଗୀତ ପରିବେଷଣ କରିଥଇଲେ । ସାଂସ୍କୃତିକ କାର୍ଯ୍ୟକ୍ରମକୁ ସବିତା ଧୀର ଓ ରିନା ସେଠି ପରିଚାଳନା କରିଥିଲେ । ପ୍ରାରମ୍ଭରେ ବିଶିଷ୍ଟ ବଂଶୀବାଦକ ଗଗନ ବିହାରୀ ନନ୍ଦଙ୍କ ବିୟୋଗରେ ନିରବ ପ୍ରାର୍ଥନା କରାଯାଇଥିଲା । ସମସ୍ତ କାର୍ଯ୍ୟକ୍ରମକୁ ଅଧ୍ୟାପକ ସୁରେଶ ପ୍ରସାଦ ମିଶ୍ର ସଂଯୋଜନା କରିଥିବା ବେଳେ ଅଧ୍ୟାପିକା ଅଙ୍କିତା ପଣ୍ଡା ପରିଚାଳନା କରିଥିଲେ। ଏହି କାର୍ଯ୍ୟକ୍ରମରେ ଆର୍ଯ୍ୟରତ୍ନ ଚକ୍ରଧର, ପରେଶ ପଟ୍ଟନାୟକ, ରାଜ କିଶୋର ବେହେରା, ଜିତେନ୍ଦ୍ର ରଥ, ତାପସ କୁମାର ସାମନ୍ତ, ପ୍ରଦୀପ ପଣ୍ଡା, ପ୍ରେମ ଶଙ୍କର ଦାସ, ଦିପ୍ତିଶ ମହାପାତ୍ର, ସମୀର କୁମାର ପରିଡା, କମଳ କୁମାର ନନ୍ଦ, ସ୍ନିଗ୍ଧା ନନ୍ଦ, ଉଷାରାଣୀ ଚେଲ, ଦିଲୀପ ନନ୍ଦ, ମଳୟ କୁମାର ମହାନ୍ତି ଓ ପ୍ରୀତି ସ୍ୱରୁପା ଦାସ ଉପସ୍ଥିତ ଥିଲେ ।

# ଧାନର ପରିମାଣ କଟାଯିବାକୁ ନେଇ ଚାଷୀ ଅସନ୍ତୋଷ

ଗଁଦିଆ,୧୮।୧
(ବିଶ୍ୱ ମୋହନ ସାହୁ)

ଢେଙ୍କାନାଳ ଜିଲା ଷଡ଼ଙ୍ଗୀ ସମବାୟ ସମିତି ଅଧୀନରେ ପଞ୍ଜିକରଣ କରିଥିବା ଚାଷୀ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେବା ସହ ଅସନ୍ତୋଷ ପ୍ରକାଶ କରିଥିବା ଅଭିଯୋଗ ହୋଇଛି । ଗଁଦିଆ ବ୍ଲକର କୁଶିଦା ଗ୍ରାମର ଚାଷୀ ଅଜୟ କୁମାର ସାହୁ ଅଭିଯୋଗରେ ଦର୍ଶାଇଛନ୍ତି ଯେ, ଗତ ୪ ତାରିଖରେ ଷଡଙ୍ଗୀ ସେବା ସମବାୟ ସମିତିରେ ଧାନ ବିକ୍ରି ପାଇଁ ପଞ୍ଜିକରଣ କରିଥିଲେ। ତାଙ୍କ ଜେଜେବାପା ସ୍ୱର୍ଗତ ଈଶ୍ୱର ଚନ୍ଦ୍ର ସାହୁଙ୍କ ନାମରେ ୪ଏକର ୪୬ଡିସେମିମିଲ ଜମିରୁ ୩ଏକର ଜମି ଜିପିଏସ୍ ସର୍ଭେରେ ପଡିଆ ଦେଖାଉଛି ବୋଲି ସମବାୟ ସମିତି ପକ୍ଷରୁ ସୂଚନା ଦିଆଯାଇଥିଲା । ଏଥିସହିତ ଧାନର ପରିମାଣ ମଧ୍ୟ କଟାଯାଇଥିବା ସେ ଜଣାଇଛନ୍ତି । ୩ ଏକର ଜମି କିପରି ଜିପିଏସ ସର୍ଭେରେ ପଡିଆହେଲା, ଏହାକୁ ନେଇ ବିଧିବଦ୍ଧ ତଦନ୍ତ କରିବାକୁ ସେ ଅନୁରୋଧ କରିଛନ୍ତି । ଏ ସଂକ୍ରାନ୍ତରେ ଚାଷୀ ଅଜୟ ୧୨ ତାରିଖରେ ଜିଲାପାଳଙ୍କୁ ଲିଖିତ ଭାବରେ ଚାଷୀଙ୍କ ସମସ୍ୟାର ସମାଧାନ କରିବା ପାଇଁ ଦାବି କରିଛନ୍ତି । ଏ ସଂକ୍ରାନ୍ତରେ ଷଡଙ୍ଗୀ ସମବାୟ ସମିତି ସେକ୍ରେଟାରୀ ବିଷ୍ଣୁ ଚରଣ ସାହୁ କୁହନ୍ତି ଯେ, ଚାଷୀଙ୍କ ପଞ୍ଜିକରଣ ଏବଂ ସାଟେଲାଇଟ୍ ସର୍ଭେ ଅନୁଯାୟୀ ଏହା କରାଯାଉଛି । ଚାଷୀଙ୍କ ସମସ୍ୟାର ସମାଧାନ ପାଇଁ ଆମେ ସବୁବେଳେ ଅଗ୍ରାଧିକାର ଦେଉଛି ବୋଲି କହିଥିଲେ।





# ଉଚ୍ଚଶିକ୍ଷାରେ ମାର୍ଗଦର୍ଶକ ସାଜିଲେ କିନ୍ନର ଦୀପ୍ତି

ଢେଙ୍କାନାଳ,୧୮।୧(ରତନ ନାୟାର)

ଢେଙ୍କାନାଳ ସହର ସିମିଳିଆ ଅଞ୍ଚଳର କିନ୍ନର ଦୀପ୍ତି ରଞ୍ଜନ ମହାପାତ୍ର ଉଚ୍ଚଶିକ୍ଷାରେ ଅନ୍ୟମାନଙ୍କ ପାଇଁ ମାର୍ଗଦର୍ଶକ ସାଜିଛନ୍ତି । ସମାଜରେ ଅବହେଳିତ ଓ ଟାହିଟାପରାକୁ ସହି କିନ୍ନରମାନେ ଜୀବନ ସଂଗ୍ରାମ କରିଥାନ୍ତି । କିନ୍ତୁ କିନ୍ନର ଦୀପ୍ତି ରଞ୍ଜନ ମହାପାତ୍ର ନିଜର ନିଷ୍ଠା ଓ କଠିନ ଅଧ୍ୟବସାୟ ବଳରେ ଉତ୍କଳ ବିଶ୍ୱବିଦ୍ୟାଳୟରେ ପି.ଏଚ୍‌ଡି ପାଇଁ ମନୋନୀତ ୫ଜଣ ଛାତ୍ରୀଛାତ୍ରଙ୍କ ମଧ୍ୟରେ ସ୍ଥାନ ପାଇଛନ୍ତି । ୦୧.୦୨.୨୦୦୦ ମସିହାରେ ବାପା ବିରବର ମହାପାତ୍ର ଓ ମା ରୀତାରାଣୀ ମହାପାତ୍ରଙ୍କ ଔରସରୁ ଜନ୍ମ ନିଅନ୍ତି ଦୀପ୍ତୀ ରଞ୍ଜନ । ପୁଅ ହୋଇ ଜନ୍ମ ହୋଇଥିଲେ ମଧ୍ୟ ସେ କିନ୍ନର ହୋଇଯିବେ ବୋଲି କେହେକେବେ



ବିଶ୍ୱାସ କରିନଥିଲେ । ୭ବର୍ଷ ବୟସରେ ତାଙ୍କ ବାପାଙ୍କର ପରଲୋକ ହୋଇଯାଏ। ପିଲାଟି ଦିନକୁ ପାଠ ପଢାରେ ଆଗ୍ରହ ରଖିଥିବା ଦିପ୍ତୀ ଉଚ୍ଚଶିକ୍ଷା ପାଇଁ ସ୍ୱପ୍ନ ଦେଖିଥିଲେ । ସିମିଳିଆ ମଧୁସୂଦନ ଆବାସୀୟ ବିଦ୍ୟାଳୟରୁ ୧୦ମ ଶ୍ରେଣୀ ପାସ୍ କରି ପରେ ଢେଙ୍କାନାଳ ଜୁନିୟର କଲେଜରୁ ଯୁକ୍ତ୨ କଳାରେ ଉତ୍ତୀର୍ଣ୍ଣ ହୋଇଥିଲେ। ଏହାପରେ ସେ ସିମିନଇ ଆଞ୍ଚଳିକ ଡିଗ୍ରୀ କଲେଜରେ ପାଠ ପଢିଥିଲେ । ପରେ ଆନ୍ଧ୍ରପ୍ରଦେଶରେ ବିଇଡି କରିଥିଲେ । କିନ୍ନର ହୋଇ ମଧ୍ୟ ସେ କୌଣସି ଗୁଣରେ କମ ନୁହନ୍ତି ବୋଲି ବାର୍ତ୍ତା ପ୍ରଦାନ କରିବା ସହ କଠିନ ପରିଶ୍ରମ, ଦୃଢ ଇଚ୍ଛାଶକ୍ତି ଓ ସମାଜର ସମସ୍ତ ପ୍ରତିବନ୍ଧକକୁ ଆଡେଇ ଚାଲିଲେ ସଫଳତାର ଶୀର୍ଷରେ ପହଞ୍ଚିପାରିବ ବୋଲି ସେ କୁହନ୍ତି ।

# ଏମ୍‌ପିଙ୍କ ଶୋକ

ଢେଙ୍କାନାଳ,୧୮।୧(ରତନ ନାୟାର)

ଢେଙ୍କାନାଳର ବିଶିଷ୍ଟ ବଂଶୀ ବାଦକ ଗଗନ ବିହାରୀ ନନ୍ଦଙ୍କ ବିୟୋଗରେ ରବିବାର ଢେଙ୍କାନାଳ ଏମ୍‌ପି ରୁଦ୍ର ନାରାୟଣ ପାଣି ଗଭୀର ଶୋକବ୍ୟକ୍ତ କରିଛନ୍ତି । ଗଗନ ନନ୍ଦ ଜଣେ ଦୃଢ଼ ସାଂସ୍କୃତିକ ସଂଗଠକ, ସମାଜସେବୀ ଓ ପରୋପକାରୀ ବ୍ୟକ୍ତି ଭାବେ ସହରରେ ପରିଚିତ ଥିଲେ । ତାଙ୍କର ପରଲୋକରେ ଢେଙ୍କାନାଳ କଳା ଜଗତରେ ଏକ ଅପୂରଣୀୟ କ୍ଷତି ଘଟିଲା ।

# ହିନ୍ଦୋଳ ବ୍ଲକ ମହୋତ୍ସବ ଧୁମ୍‌ଧାମରେ ପାଳିତ

ସାତମାଇଲ, ୧୮।୧ (ସୁଶାନ୍ତ ପତି)

ଢେଙ୍କାନାଳ ଜିଲା ହିନ୍ଦୋଳ ଉପଖଣ୍ଡ ଅନ୍ତର୍ଗତ ଖଜୁରିଆକଟାସ୍ଥିତ ଦଶହରା ପଡ଼ିଆଠାରେ ଶନିବାର ହିନ୍ଦୋଳ ବ୍ଲକ ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି। ମହୋତ୍ସବର ପ୍ରାରମ୍ଭରେ ବାଲିମୀ ଥାନା ନିକଟରେ ଥିବା ଶୈବ ପୀଠରୁ ଦଶହରା ପଡ଼ିଆ ପର୍ଯ୍ୟନ୍ତ ଏକ ବିଶାଳ ଶୋଭାଯାତ୍ରାରେ ମଶାଲକୁ ଅଣାଯିବା ପରେ ହିନ୍ଦୋଳ କଳା ସଂସ୍କୃତି ସଂଘର ସଭାପତି ବିଡିଓ ଡ. ସୌରଭକଲ୍ୟାଣ ଦାଶଙ୍କ ପୌରୋହିତ୍ୟରେ ଏକ ସଭା ଅନୁଷ୍ଠିତ ହୋଇଥିଲା । ଉକ୍ତ କାର୍ଯ୍ୟକ୍ରମରେ ହିନ୍ଦୋଳ ବିଧାୟିକା ସୀମାରାଣୀ ନାଏକ ମୁଖ୍ୟ ଅତିଥି, ହିନ୍ଦୋଳ ଉପଜିଲାପାଳ ପ୍ରଭାସ କୁମାର ବେହୁରା ମୁଖ୍ୟ ବକ୍ତା ଏବଂ ସମ୍ମାନିତ ଅତିଥି ଭାବେ ଏମପି ରୁଦ୍ରନାରାୟଣ ପାଣିଙ୍କ ହିନ୍ଦୋଳ ପ୍ରତିନିଧି ସୁଶାନ୍ତ ପତି, ତହସିଲଦାର ଦିଲ୍ଲୀପ କୁମାର ସେଠୀ, ବ୍ଲକ ଉପାଧ୍ୟକ୍ଷ ବରୁଣ କୁମାର ସର, ପୂର୍ବତନ ବ୍ଲକ ଅଧ୍ୟକ୍ଷ ପ୍ରିୟରଞ୍ଜନ ମାହୁନ୍ତ, ଏବିଡିଓ ଜ୍ୟୋତିରଞ୍ଜନ ପ୍ରଧାନ ପ୍ରମୁଖ ଯୋଗଦେଇଥିଲେ। କଳା ସଂସ୍କୃତି ଆମ ପରିଚୟ ଏହା ଆମର ଇତିହାସକୁ ଉଜ୍ଜୀବିତ ରଖିବା ସହ ଆମ ସଭାର ମୂଳଦୁଆକୁ ଦୃଢୀଭୂତ କରିଥାଏ ବୋଲି ମୁଖ୍ୟ ଅତିଥି ମତବ୍ୟକ୍ତ କରିଥିଲେ । ହିନ୍ଦୋଳ କଳା ସଂସ୍କୃତି ସଂଘର ଉପସଭାପତି ବିମଳ କୁମାର ବିଶ୍ୱାଳ ପ୍ରଥମେ ଅତିଥିମାନଙ୍କର ପରିଚୟ ପ୍ରଦାନ କରିଥିବାବେଳେ ଶେଷରେ ଅତିରିକ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ। ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ ହୋଇଥିବା ବେଳେ ବଲିଉଡ ହାସ୍ୟ ଅଭିନେତା ହରିହର, ଅଭିନେତ୍ରୀ ଜିନା ପ୍ରମୁଖ ମୁଖ୍ୟ ଆକର୍ଷଣର କେନ୍ଦ୍ରବିନ୍ଦୁ ଥିଲେ।





ମହୋତ୍ସବରେ ଯୋଗଦେଇଥିବା ଅତିଥି।

# ତମାଣ୍ଡୋ କ୍ରିକେଟ କ୍ଲବ ଭୁବନେଶ୍ୱର ଚାମ୍ପିୟନ

## ବୀର ବେନୁ କପ୍ ଦ୍ୱିତୀୟ ବାର୍ଷିକ କ୍ରିକେଟ ଟୁର୍ନାମେଣ୍ଟ

ପରଜଙ୍ଗ ୧୮।୧
(ନିଗମାନନ୍ଦ ଦଳବେହେରା)

ଢେଙ୍କାନାଳ ଜିଲା ପରଜଙ୍ଗ ମିନି ଷ୍ଟାଡିୟମଠାରେ ୧୧ ତାରିଖଠାରୁ ଚାଲିଥିବା ବୀର ବେନୁ କପ ଦ୍ୱିତୀୟ ବାର୍ଷିକ କ୍ରିକେଟ ଟୁର୍ନାମେଣ୍ଟର ଫାଇନାଲ ମ୍ୟାଚ ରବିବାର ଅନୁଷ୍ଠିତ ହୋଇଯାଇଛି । ଏହି ମ୍ୟାଚ ରାଇଜିଙ୍ଗ ଷ୍ଟୁଡେଣ୍ଟ କ୍ରିକେଟ କ୍ଲବ, କଟକ ସହିତ ତମାଣ୍ଡୋ କ୍ରିକେଟ କ୍ଲବ, ଭୁବନେଶ୍ୱର ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ରାଇଜିଙ୍ଗ ଷ୍ଟୁଡେଣ୍ଟ କ୍ରିକେଟ କ୍ଲବ ଟସ୍ ଜିତି ବ୍ୟାଟିଂ ପାଇଁ ନିଷ୍ପତ୍ତି ନେଇଥିଲା। ରାଇଜିଙ୍ଗ ଷ୍ଟୁଡେଣ୍ଟ କ୍ରିକେଟ କ୍ଲବ ସମସ୍ତ ଉଇକେଟ ହରାଇ ୧୯.୫ ଓଭରରେ ୧୩୩ ରନ ସଂଗ୍ରହ କରିଥିଲା । ଦ୍ୱିତୀୟ ଇଂନିସରେ ତମାଣ୍ଡୋ କ୍ରିକେଟ କ୍ଲବ, ଭୁବନେଶ୍ୱର ବ୍ୟାଟିଂ କରି ୪ ଉଇକେଟ ହରାଇ ୧୬.୪ ଓଭରରେ ୧୩୮ ରନ ସଂଗ୍ରହ ଚାମ୍ପିୟନ ହୋଇଥିଲା । କ୍ରୀଡା ପରିଚାଳନା ଆଶୁତୋଷ ପାଣି ଓ ସବ୍ୟସାଚୀ ଶାହା କରିଥିବା ବେଳେ ଧାରା ବିବରଣୀ ପ୍ରେମାନନ୍ଦ ମହାନ୍ତ ପ୍ରଦାନ କରିଥିଲେ। ପୁରସ୍କାର ବିତରଣ ଉତ୍ସବରେ ମୁଖ୍ୟ ଅତିଥି ଭାବେ କ୍ରୀଡ଼ା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ, ସମ୍ମାନିତ ଅତିଥି ଭାବେ ଛେଣ୍ଡିପଦା ବିଧାୟକ ଅଗସ୍ତି ବେହେରା, କାମାକ୍ଷାନଗର ବିଧାୟକ ଶତ୍ରୁଘ୍ନ ଜେନା, ଭାଜପା ଜିଲା ସଭାପତି ରାସବିହାରି ବେହେରା, ଅତିରିକ୍ତ ଜିଲାପାଳ ଲଳିତ ମୋହନ ବେହେରା, କାମାକ୍ଷାନଗର ଉପଜିଲାପାଳ ଦୀନମଣି ନାୟକ, ପରଜଙ୍ଗ ଅତିରିକ୍ତ ତହସିଲଦାର ମନୋରଞ୍ଜନ ସାହୁ, ଭାଜପା ଯୁବମୋର୍ଚ୍ଚା ସମ୍ପାଦକ ତଥା ଉର୍ଜା ଟ୍ରଷ୍ଟ ସଭାପତି ଦୀପକ କୁମାର ଗୋଛାୟତ, ରୁଦ୍ର ନାରାୟଣ ଦଳବେହେରା, ଲୋକେଶ ଦଳବେହେରା ପ୍ରମୁଖ ପୁରସ୍କାର ବିତରଣ କରିଥିଲେ। ମୁଖ୍ୟ ଅତିଥି ଚମ୍ପିୟାନ ଦଳକୁ ଟ୍ରଫି ସହ ୮୦ ହଜାର ଟଙ୍କା ପୁରସ୍କାର ରାଶି ଏବଂ ରାନରଅପ୍ ଦଳକୁ ୬୦ ହଜାର ଟଙ୍କା ଅର୍ଥ ରାଶି ସହ ଟ୍ରଫି ପ୍ରଦାନ କରିଥିଲେ। ସନ୍ଧ୍ୟାରେ କଣ୍ଠଶିଳ୍ପୀ ଅସୀମା ପଣ୍ଡାଙ୍କ ଟିମ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।



ଟ୍ରଫି ସହ ଚାମ୍ପିୟନ ହୋଇଥିବା ଖେଳାଳି।

# ହାଇପରଟେନ୍‌ସନ: କାରଣ, ପ୍ରତିକାର


ଡା. ରିତେଶ ଆଚାର୍ଯ୍ୟ

"ଅନେକ ଲୋକ ରକ୍ତଚାପ ବଢ଼ିଥିବା ନିଜେ ଜାଣି ନ ଥିବାରୁ ଡାକ୍ତରଙ୍କ ପାଖକୁ ଯାଆନ୍ତି ନାହିଁ। ଏହାର ଖରାପ ପ୍ରଭାବ ଶରୀର ଉପରେ ପଡ଼ିଥାଏ। ଫଳରେ ହଠାତ୍ ହୃଦ୍‌ଘାତ, ମସ୍ତିଷ୍କ ଷ୍ଟ୍ରୋକ୍, କିଡ୍‌ନୀ ବିଫଳତା ଓ ଦୃଷ୍ଟିଶକ୍ତି ହ୍ରାସ ପରି ସମସ୍ୟା ଦେଖାଯାଏ। ଭାରତୀୟ ତଥ୍ୟ (ଆଇସିଏମ୍‌ଆର୍ ୨୦୨୨) ଅନୁସାରେ ୪୦ ବର୍ଷ ଉର୍ଦ୍ଧ୍ୱ ପ୍ରାପ୍ତବୟସ୍କଙ୍କ ମଧ୍ୟରୁ ପ୍ରାୟ ୧ରୁ ୨ ଜଣ ନିଜେ ରକ୍ତଚାପ ବଢ଼ିଥିବା ବିଷୟ ଜାଣି ନ ଥାନ୍ତି। ଅନଡାଇଗ୍ନୋସିଡ୍ ହାଇପରଟେନ୍‌ସନ ରୋଗୀଙ୍କଠାରେ ଷ୍ଟ୍ରୋକ୍ ଆଶଙ୍କା ୩ ଗୁଣା ଅଧିକ ଓ ହୃଦ୍‌ଘାତ ଆଶଙ୍କା ୨.୫ ଗୁଣା ଅଧିକ ଥାଏ।"

ହାଇପରଟେନ୍‌ଶନ ବା ଉଚ୍ଚ ରକ୍ତଚାପ ଆଜି ଭାରତ ଓ ସାରା ବିଶ୍ୱରେ ସବୁଠୁ ଅଧିକ ଜୀବନ ବିପଦ ସୃଷ୍ଟି କରୁଥିବା ରୋଗମାନଙ୍କ ମଧ୍ୟରୁ ଅନ୍ୟତମ। ଏହାକୁ ସାଇଲେଣ୍ଟ କିଲର ବୋଲି କୁହାଯାଏ। କାରଣ ଏହା ବହୁ ସମୟ ପର୍ଯ୍ୟନ୍ତ କୌଣସି ଲକ୍ଷଣ ଦେଖା ନ ଦେଇ ଶରୀରର ହୃତ୍‌ପିଣ୍ଡ, ମସ୍ତିଷ୍କ, କିଡ୍‌ନୀ ଓ ଚକ୍ଷୁ ଭଳି ଆମ ଶରୀର ପ୍ରମୁଖ ଅଙ୍ଗଗୁଡ଼ିକୁ ଧୀରେ ଧୀରେ କ୍ଷତି କରେ।

**ଭାରତରେ ହାଇପରଟେନ୍‌ସନ:** ଏକ ସର୍ଭେରୁ ଜଣାପଡିଛି ଯେ ଭାରତରେ ପ୍ରାୟ ୨୯-୩୧ ପ୍ରତିଶତ ପ୍ରାପ୍ତବୟସ୍କ ଲୋକ ହାଇପରଟେନସନରେ ଆକ୍ରାନ୍ତ। ସହର ଅଞ୍ଚଳରେ ଏହାର ପରିମାଣ ପ୍ରାୟ ୩୫-୪୦ ପ୍ରତିଶତ ହୋଇଥିବା ବେଳେ ଗ୍ରାମାଞ୍ଚଳରେ ପ୍ରାୟ ୨୫ପ୍ରତିଶତ ବୋଲି ଏଥିରୁ ଜଣାପଡିଛି। ସବୁଠାରୁ ଆଶ୍ଚର୍ଯ୍ୟଜନକ କଥା ହେଲା ଯେ ପ୍ରାୟ ୫୦-୬୦ ପ୍ରତିଶତ ଲୋକ ହାଇପରଟେନ୍‌ସନ ବିଷୟରେ ଅବଗତ ହୋଇ ନ ଥାନ୍ତି ଅର୍ଥାତ୍ ସେମାନେ ନିଜର ରକ୍ତଚାପ ବଢ଼ିଥିବା ବିଷୟ ଜାଣି ନ ଥାନ୍ତି। ଭାରତରେ ସମସ୍ତ ହୃଦ୍‌ଘାତର ୫୦ ପ୍ରତିଶତ, ମସ୍ତିଷ୍କାଘାତ (ଷ୍ଟ୍ରୋକ୍)ର ୬୦-୬୫ ପ୍ରତିଶତ ଓ କିଡ୍‌ନୀ ଫେଲ୍ୟୁଅର (ସିକେଡି)ର ୩୫-୪୦ ପ୍ରତିଶତ ହାଇପରଟେନ୍‌ସନ ସହ ସମ୍ପୃକ୍ତ।

**ଅନଡାଇଗ୍ନୋସିଡ ହାଇପରଟେନ୍‌ସନ** ଅନେକ ଲୋକ ନିଜେ ରକ୍ତଚାପ ବଢ଼ିଥିବା ଜାଣି ନ ଥିବାରୁ ଡାକ୍ତରଙ୍କ



ପାଖକୁ ଯାଆନ୍ତି ନାହିଁ। ଏହାର ଖରାପ ପ୍ରଭାବ ଶରୀର ଉପରେ ପଡିଥାଏ। ଫଳରେ ହଠାତ୍ ହୃଦ୍‌ଘାତ, ମସ୍ତିଷ୍କ ଷ୍ଟ୍ରୋକ୍, କିଡ୍‌ନୀ ବିଫଳତା ଓ ଦୃଷ୍ଟି ଶକ୍ତି ହ୍ରାସ ପରି ସମସ୍ୟା ଦେଖାଯାଏ। ଭାରତୀୟ ତଥ୍ୟ (ଆଇସିଏମ୍‌ଆର୍ ୨୦୨୨) ଅନୁସାରେ ୪୦ ବର୍ଷର ଉର୍ଦ୍ଧ୍ୱ ପ୍ରାପ୍ତବୟସ୍କଙ୍କ ମଧ୍ୟରୁ ପ୍ରାୟ ୧ରୁ ୨ ଜଣ ନିଜେ ରକ୍ତଚାପ ବଢ଼ିଥିବା ବିଷୟ ଜାଣି ନ ଥାନ୍ତି। ଅନଡାଇଗ୍ନୋସିଡ ହାଇପରଟେନ୍‌ସନ ରୋଗୀଙ୍କଠାରେ ଷ୍ଟ୍ରୋକ୍ ଆଶଙ୍କା ୩ ଗୁଣା ଅଧିକ ଓ ହୃଦ୍‌ଘାତ ଆଶଙ୍କା ୨.୫ ଗୁଣା ଅଧିକ ଥାଏ।

**ସମାଧାନ:** ୩୦ ବର୍ଷ ପରେ ପ୍ରତି ବ୍ୟକ୍ତିଙ୍କ ନିୟମିତ ସମୟ ବ୍ୟବଧାନରେ ରକ୍ତଚାପ ଯାଞ୍ଚ କରିବା ଉଚିତ। ଅନ୍ୟପକ୍ଷରେ ଡାଇବେଟିସ୍, ମେଦବହୁଳତା ସମସ୍ୟା ଥିଲେ ଏବଂ ନିଶାଦ୍ରବ୍ୟ ସେବନ ଏକ ଅଭ୍ୟାସରେ ପରିଣତ ହୋଇଯାଇଥିଲେ ପ୍ରତି ୩-୬ ମାସରେ ଥରେ ରକ୍ତଚାପ ମାପିନେବା ଦରକାର।

## ଠିକ୍ ନିରୀକ୍ଷଣ ଓ ରକ୍ତଚାପ ଲକ୍ଷ୍ୟ

**ଆଦର୍ଶ ରକ୍ତଚାପ (ନର୍ମାଲ ବ୍ଲଡ୍ ପ୍ରେସର୍):** ସମସ୍ତ ରୋଗୀ ପାଇଁ ଏହି ସୀମା (<୧୩୦/୮୦ mmHg) ଅତ୍ୟାବଶ୍ୟକ। ଯେଉଁମାନେ ମଧୁମେହ, କିଡ୍‌ନୀ ରୋଗ ବା ହୃଦ୍ ସମସ୍ୟା ଅଛି, ସେମାନଙ୍କ ପାଇଁ ଏହି ଲକ୍ଷ୍ୟ ଆହୁରି ଜରୁରୀ।

**ଅନିୟନ୍ତ୍ରିତ ରକ୍ତଚାପ (ଇମ୍ବାଲାନ୍ସଡ ବ୍ଲଡ୍ ପ୍ରେସର୍):** ଏହାଦ୍ୱାରା ଷ୍ଟ୍ରୋକ୍ ସମସ୍ୟା ୪ ଗୁଣା ବଢ଼େ ଓ ହୃଦ୍‌ଘାତ ସମସ୍ୟା ୩ ଗୁଣା ବଢ଼େ , ବୃକ୍‌କ ବିଫଳତା (କିଡ୍‌ନୀ ଫେଲ୍ୟୁଅର) ସମସ୍ୟା ୨.୫ ଗୁଣା ବଢ଼େ। ଖାଦ୍ୟ ଓ ପୋଷଣ (ଡାଏଟାରି ମଡିଫିକେଶନ୍) କରିବା ଉଚିତ। ପ୍ରତିଦିନ ଲୁଣ <୫ ଗ୍ରାମ ଖାଇଲେ ସିଷ୍ଟୋଲିକ BP ୫-୬ mmHg କମିପାରେ। **ସବୁଜ ପନିପରିବା ଓ ଫଳ:** ସବୁବେଳ ସବୁଜ ପନିପରିବା ଏବଂ ତଟକା ଫଳମୂଳ ଖାଆନ୍ତୁ। ଚର୍ବିଜାତୀୟ ଖାଦ୍ୟ କମ୍ ଖାଆନ୍ତୁ।

**ଏଡ଼ାଇବା ଉଚିତ:** ପ୍ରୋସେସ୍ଡ ଖାଦ୍ୟ, ଅଧିକ ଲୁଣ ଓ ତେଲିଆ ଖାଦ୍ୟ। ଅଧିକ ମିଠା, ସଫ୍ଟ ଡ୍ରିଙ୍କ। ଧୂମପାନ ଓ ମଦ୍ୟପାନ।

**ଡାସ୍ ଡାଏଟ୍ (DASH Diet):** ବୈଜ୍ଞାନିକ ପ୍ରମାଣ ଅନୁସାରେ, ନିୟମିତ ଡାସ୍ ଡାଏଟ୍ ଖାଇଲେ ସିଷ୍ଟୋଲିକ BP ୮-୧୪ mmHg ପର୍ଯ୍ୟନ୍ତ କମାଇପାରେ।

## କ'ଣ କରିବେ

**ନିୟମିତ ବ୍ୟାୟାମ:** ନିଜର ଦୈନନ୍ଦିନ ଜୀବନ ତାଲିକାରେ ବ୍ୟାୟାମକୁ ସାମିଲ କରନ୍ତୁ। ପ୍ରତି ସପ୍ତାହରେ ଅତିକମ୍‌ରେ ୧୫୦ ମିନିଟ ଚାଲନ୍ତୁ। ମର୍ନିଂ ୱାକ୍ କରିବା ସମୟରେ ଟିକେ ଦ୍ରୁତ ଗତିରେ ଚାଲନ୍ତୁ। ଏହା ବ୍ୟତୀତ ପହଁରିବା, ଜଗିଂ, ସାଇକେଲିଂ, ଯୋଗ, ପ୍ରାଣାୟାମ ଇତ୍ୟାଦି ଏଥିରେ ସାମିଲ କରନ୍ତୁ।

**ଓଜନ ନିୟନ୍ତ୍ରଣ:** ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଓଜନ ନିୟନ୍ତ୍ରଣ। ବୟସ ଅନୁସାରେ ଓଜନ କେତେ ରହିବ ଡାକ୍ତରଙ୍କ ସହ ପରାମର୍ଶ କରି ବୁଝି ନିଅନ୍ତୁ। କାରଣ ଓଜନ ଯଦି ଅନିୟନ୍ତ୍ରିତ ରହିଲା ତେବେ ତାହା ପରୋକ୍ଷରେ ଅନେକ ଶାରିରୀକ ସମସ୍ୟାର କାରଣ ସାଜିଥାଏ।

**ନିଶାଦ୍ରବ୍ୟ ସେବନ ବର୍ଜନ କରନ୍ତୁ** ଆଜିକାଲି ଅନେକେ ନିଶାଦ୍ରବ୍ୟ ସେବନ ସହ ଜଡିତ। ଧୂମପାନ, ମଦ୍ୟପାନ, ଗୁଟ୍‌ଖା ତଥା ତମାଖୁଜାତୀୟ ଦ୍ରବ୍ୟ ସେବନ ଅଭ୍ୟାସ ଥିଲେ ଏହାକୁ ଯେତେ ଶୀଘ୍ର ବର୍ଜନ କରନ୍ତୁ। ରକ୍ତଚାପ ବୃଦ୍ଧି କରିବାରେ ଏସବୁ ସାହାଯ୍ୟ କରିଥାଏ। ନିଶାଦ୍ରବ୍ୟ ସେବନ ବର୍ଜନ କଲେ ଆପଣ ନିଜକୁ କେତେକାଂଶରେ ସୁସ୍ଥ ରଖିପାରିବେ।

**ମାନସିକ ଚାପ**
ମାନସିକ ଚାପଠାରୁ ନିଜକୁ ଦୂରେଇ ରଖନ୍ତୁ। ପ୍ରତିଦିନ ଯୋଗ ଓ ଧ୍ୟାନ ୨୦-୩୦ ମିନିଟ କଲେ ରକ୍ତଚାପ ପ୍ରାୟ ୪-୬ mmHg କମିଥାଏ।

**ସୁନିଦ୍ରା:** ନିଜକୁ ସୁସ୍ଥ ରଖିବାକୁ ହେଲେ କିମ୍ବା ରକ୍ତଚାପଠାରୁ ଦୂରେଇ ରହିବାକୁ ହେଲେ ରାତିରେ ଅତିକମ୍‌ରେ ୭-୮ ଘଣ୍ଟା ଶୁଅନ୍ତୁ। ସକାରାତ୍ମକ ମନୋଭାବ: ନିଜର ମନୋଭାବକୁ ସକାରାତ୍ମକ ରଖିବାକୁ ଚେଷ୍ଟା କରନ୍ତୁ। ଏହାଦ୍ୱାରା ରକ୍ତଚାପ ଆଶଙ୍କା କମ୍ ରହିବ ଏବଂ ରକ୍ତଚାପ ଥିଲେ ତାହା କେତେକାଂଶରେ ନିୟନ୍ତ୍ରଣରେ ରହିବ। ଅଧିକ ଟେନସନ୍‌ର ବଶବର୍ତ୍ତୀ ହେଲେ ରକ୍ତଚାପ ବଢ଼ି ଯାଇଥାଏ। (କ୍ରମଶଃ...)

-କନ୍‌ସଲ୍‌ଟାଣ୍ଟ, କାର୍ଡିଓଲୋଜିଷ୍ଟ ଆଣ୍ଡ ଇଲେକ୍ଟ୍ରୋଫିଜିଓଲୋଜିଷ୍ଟ, ହୃଦ୍‌ରୋଗ ବିଭାଗ, ହାଇଟେକ୍ ମେଡିକାଲ କଲେଜ ଆଣ୍ଡ ହସ୍ପିଟାଲ, ଭୁବନେଶ୍ୱର
ମୋ: ୯୪୩୮୧୮୧୭୮୬

## ଦୀର୍ଘକାଳୀନ ରୋଗରୁ ଉପଶମ ଦିଏ ଅଙ୍ଗୁର



ଅଙ୍ଗୁରରେ ଅନେକ ପ୍ରକାର ସ୍ୱାସ୍ଥ୍ୟୋପକାରୀ ଗୁଣ ଭରିରହିଛି। ଯଦି ଜଣେ ବ୍ୟକ୍ତି ନିୟମିତ ଅଙ୍ଗୁର ଖାଆନ୍ତି, ତେବେ ସେ ଦୀର୍ଘକାଳୀନ ରୋଗରୁ କେତେକାଂଶରେ ଉପଶମ ଲାଭ କରିପାରିବେ। କେବଳ ସେତିକି ନୁହେଁ, ଏଥିରେ ଏଭଳି ଗୁଣ ରହିଛି ଯାହା କ୍ୟାନ୍‌ସର ଆଶଙ୍କାକୁ କେତେକାଂଶରେ ଦୂରେଇବାରେ ସକ୍ଷମ ହୋଇଥାଏ। ଅଙ୍ଗୁରରେ ଆଣ୍ଟି ଅକ୍ସିଡାଣ୍ଟ ଭରିରହିଛି। ଏହା ଶରୀରରେ ପୋଟାସିୟମ୍ ଓ ସୋଡିୟମ୍ ମାତ୍ରାକୁ ସନ୍ତୁଳିତ ରଖେ। ନିୟମିତ ଅଙ୍ଗୁର ଖାଇଲେ ଉଚ୍ଚ ରକ୍ତଚାପ ମଧ୍ୟ ନିୟନ୍ତ୍ରଣରେ ରହିଥାଏ। ଏହା ଶରୀରରେ କୋଲେଷ୍ଟରଲ୍‌ର ମାତ୍ରାକୁ ବି କମାଇଦିଏ। ସବୁଠାରୁ ଖାସ୍ କଥା ହେଲା, ଦୃଷ୍ଟିଶକ୍ତି ବୃଦ୍ଧି କରିବାରେ ସହାୟକ ହୋଇଥାଏ ଅଙ୍ଗୁର। ସ୍ମରଣ ଶକ୍ତି ବଢ଼ାଇବା ସହ ମସ୍ତିଷ୍କକୁ ବୃଦ୍ଧିରେ ସାହାଯ୍ୟ କରେ। ଏହାକୁ ଖାଇବା ଦ୍ୱାରା ଅସ୍ଥି ମଧ୍ୟ ଶକ୍ତ ରହେ। ଅଙ୍ଗୁରରେ ଭିଟାମିନ୍-ସି ଅଧିକ ଥିବାରୁ ଏହା ଶରୀରରେ ରୋଗ ପ୍ରତିରୋଧକ ଶକ୍ତି ବଢ଼ାଇଥାଏ।

## ଜାଣିରଖନ୍ତୁ



ସମସ୍ତ ପ୍ରକାର ହୃଦ୍‌ରୋଗଜନିତ ରୋଗର ୨୦ ପ୍ରତିଶତ ଧୂମପାନ ଯୋଗୁ ହୋଇଥାଏ। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନର ଆକଳନ ଅନୁଯାୟୀ ଭାରତର ୭୦ ପ୍ରତିଶତ ପୁରୁଷ ଏବଂ ୧୩-୧୫ ପ୍ରତିଶତ ମହିଳା ଧୂମପାନ କରିଥାଆନ୍ତି। ନିୟମିତ ଧୂମପାନ କଲେ ହୃଦ୍‌ରୋଗ, ଫୁସ୍‌ଫୁସ୍‌ଜନିତ ରୋଗ ସହିତ ଅନ୍ଧତ୍ୱ, ଦ୍ୱିତୀୟ ପ୍ରକାର ମଧୁମେହ (ଟାଇପ-୨ ଡାଇବେଟିସ୍), ଉଚ୍ଚ ରକ୍ତଚାପ, ଯୌନ ଅକ୍ଷମତା, ହାଡର ଦୁର୍ବଳତା ଏପରି କି ଜନ୍ମିତ ଶିଶୁର ବିକଳାଙ୍ଗତା ଇତ୍ୟାଦି ହୋଇଥାଏ। ଧୂମପାନ ଫୁସ୍‌ଫୁସ୍‌କୁ କ୍ଷତି ପହଞ୍ଚାଇବା ସହିତ ସ୍ୱାସ୍ଥ୍ୟାବସ୍ଥାକୁ ଅଧିକ ମାତ୍ରାରେ କ୍ଷତି କରିଥାଏ। ତମାଖୁର ସୂକ୍ଷ୍ମ କଣିକା ଶରୀର ମଧ୍ୟକୁ ଯାଇ ନିମୋନିଆ,ଏମ୍‌ଫିସିମା, ହୃଦ୍‌ରୋଗ, ଉଚ୍ଚ ରକ୍ତଚାପ ଓ କ୍ୟାନ୍‌ସର ପରି ଜୀବନନାଶକ ରୋଗ ସୃଷ୍ଟି କରିଥାଏ। ପ୍ରକାର ଭେଦରେ ତମାଖୁ ଧୂମବିହୀନ ଏବଂ ଧୂମଯୁକ୍ତ-ଏହି ଦୁଇ ପ୍ରକାରର। ଧୂମବିହୀନ ତମାଖୁ ମଧ୍ୟ ଅତ୍ୟନ୍ତ କ୍ଷତିକାରକ। ଧୂମପାନ ତ୍ୟାଗ ଅତ୍ୟନ୍ତ ଉପକାରୀ ହୋଇଥାଏ। ଧୂମପାନ ତ୍ୟାଗର ମାତ୍ର କେଇ ମାସ ମଧ୍ୟରେ ଅନେକ ଉନ୍ନତି ମିଳିଥାଏ। ଏହାଦ୍ୱାରା ଉଚ୍ଚ ରକ୍ତଚାପ ହ୍ରାସ, କଫ ଓ କାଶରେ କମ୍ ଏବଂ ନିଃଶ୍ୱାସ ନେବାରେ କ୍ଷମତା ବଢ଼ିଥାଏ।

## ମୁଣ୍ଡବ୍ୟଥା ହେଉଥିଲେ...

ଖାଦ୍ୟପେୟରେ ଅନିୟମିତତା, ଗ୍ୟାଷ୍ଟ୍ରିକ୍ ସମସ୍ୟା ଆଦି କେତେକ କାରଣରୁ ମୁଣ୍ଡବିନ୍ଧା ହୋଇଥାଏ। ଏଥିରୁ କେତେକାଂଶରେ ଉପଶମ ପାଇବା ଲାଗି କେତୋଟି ଘରୋଇ ଉପଚାର ଆପଣେଇ ପାରନ୍ତି। ସବୁବେଳେ ପ୍ରଚୁର ପାଣି ପିଅନ୍ତୁ। ଠିକ୍ ସମୟରେ ଖାଦ୍ୟ ଖାଆନ୍ତୁ। ମୁଣ୍ଡବ୍ୟଥାରୁ ଉପଶମ ଦେବାରେ ନିଦ୍ରା ମଧ୍ୟ ସାହାଯ୍ୟ କରିଥାଏ। ତେଣୁ ରାତିରେ ଅତିକମ୍‌ରେ ୭-୮ ଘଣ୍ଟା ଶୁଅନ୍ତୁ। କାରଣ ଶୋଇବା ଦ୍ୱାରା ଆମ ମସ୍ତିଷ୍କ ଶାନ୍ତ ହୋଇଥାଏ ଓ ଆମକୁ ଆରାମ ଲାଗେ। ଯଦି ଆପଣ ସବୁଦିନ ଯୋଗ, ପ୍ରାଣାୟାମ କରୁଛନ୍ତି ତେବେ ମୁଣ୍ଡବ୍ୟଥା କମ୍ ହେବାର ସମ୍ଭାବନା ରହିଛି। ହର୍ବାଲ୍ ଉପଚାର ମୁଣ୍ଡବ୍ୟଥା ପାଇଁ ମହୌଷଧି ସଦୃଶ। ସବୁଠାରୁ ବଡ କଥା ହେଲା, ଏହି ସମୟରେ ନିଜକୁ ଟେନ୍‌ସନ୍‌ଠାରୁ ଯେତେ ସମ୍ଭବ ଦୂରେଇ ରଖନ୍ତୁ। ନିଜର ମାନସିକତାକୁ ସକାରାତ୍ମକ ରଖିବାକୁ ଚେଷ୍ଟା କରନ୍ତୁ। ତା'ସହ ସବୁବେଳେ ଏକ ରୁଟିନ୍ ଦୈନନ୍ଦିନ ଜୀବନ ଅନୁସରଣ କରନ୍ତୁ।



# ଗଣ୍ଠିଜନିତ ରୋଗର କାରଣ



ଗଣ୍ଠିଜନିତ ରୋଗ ଯୋଗୁ ଚଳପ୍ରଚଳରେ ଅସୁବିଧା, ଗଣ୍ଠିରେ ଯନ୍ତ୍ରଣା ଓ କାର୍ଯ୍ୟ ନ କରିବା ପରି ଗୁରୁତର ଅବସ୍ଥା ହୋଇଥାଏ। ଯନ୍ତ୍ରଣା ଲାଘବ ପାଇଁ, ଦରଜ କମିବା ଔଷଧ (ପେନ୍‌କିଲର) ଖାଇଲେ ତାହା କ୍ରମଶଃ କିଡ୍‌ନୀ ଖରାପ କରିଥାଏ ଏବଂ ସ୍ଥଳ ବିଶେଷରେ ପାକସ୍ଥଳୀ ଓ ଖାଦ୍ୟନଳୀରେ କ୍ଷତ ଓ ଘାଆ ସୃଷ୍ଟି କରିଥାଏ। ର୍ୟୁମାଟଏଡ୍ ଆର୍ଥ୍ରାଇଟିସ୍‌ରେ ଛୋଟ ଛୋଟ ଗଣ୍ଠି ଯଥା ଆଙ୍ଗୁଠି, ପାଦ ଇତ୍ୟାଦି ଫୁଲି ଦରଜ ହୋଇଥାଏ। ସାଧାରଣତଃ ଶରୀରର ଓଜନ ବହନ କରୁଥିବା ଆଣ୍ଠୁ, ହାତରେ ଉଠାଯାଉଥିବା ସମସ୍ତ ଜିନିଷର ଭାର କାନ୍ଧ, ଶରୀରର ଓଜନ ବହନ କରୁଥିବା, ଚାଲିବା, ଦୌଡ଼ିବା, କୁଦା ମାରିବାରେ ସାହାଯ୍ୟ କରୁଥିବା ନିତମ୍ବ ବା ହିପ୍ ଗଣ୍ଠିବାତ ଦ୍ୱାରା ଆକ୍ରାନ୍ତ ହୋଇଥାଏ। ଗଣ୍ଠି ମଧ୍ୟରେ ଥିବା ସାଇନୋଭିଆଲ ତରଳ ରସରେ ହ୍ରାସ ହେଲେ, ବୟସାଧିକ କାରଣରୁ କ୍ୟାଲ୍‌ସିୟମର ଅଭାବ, ଭିଟାମିନ୍-ଡି'ର ଅଭାବ ପାଇଁ ଗଣ୍ଠି ରୋଗ ହୋଇଥାଏ। ଏହା ବ୍ୟତୀତ ଦୁର୍ଘଟଣାରେ ଆଘାତ ଲାଗି ଯଦି ହାଡ଼ଗୁଡ଼ିକୁ ପରସ୍ପର ସହ ଖଞ୍ଜାରେ ବାନ୍ଧି ରଖିଥିବା ତନ୍ତୁ ଛିଡ଼ିଯାଆନ୍ତି, ସଂକ୍ରମିତ ହୁଅନ୍ତି ଅବା ଫୁଲି ଯାଆନ୍ତି ତା'ହେଲେ ଗଣ୍ଠିରେ ଯନ୍ତ୍ରଣା ହୋଇଥାଏ। ଗାଉଟ୍‌ରେ ଗଣ୍ଠିରେ ୟୁରିକ୍ ଏସିଡ୍ ଜମା ହୋଇ ଗଣ୍ଠିବାତ ସୃଷ୍ଟି କରିଥାଏ। କେତେକ କ୍ଷେତ୍ରରେ ଅଧିକ ମୌଳିକ କ୍ୟାଲ୍‌ସିୟମ ଫସ୍‌ଫେଟ୍ ଜମା ହେବା ଦ୍ୱାରା ମଧ୍ୟ ଗଣ୍ଠି ପ୍ରଭାବିତ ହୋଇଥାଏ।

# ସ୍କିଜୋଫ୍ରେନିଆ ସମସ୍ୟା

ମସ୍ତିଷ୍କରେ ମୁଖ୍ୟତଃ 'ଡୋପାମିନ' ନାମକ ଏକ ରାସାୟନିକ ତତ୍ତ୍ୱର ମାତ୍ରା ବୃଦ୍ଧି ଯୋଗୁ ସ୍କିଜୋଫ୍ରେନିଆ ସମସ୍ୟା ହୋଇଥାଏ। ଏହା ଜିନ୍‌ଗତ କାରଣ କିମ୍ବା ପାରିପାର୍ଶ୍ୱିକ ମାନସିକ ଚାପ କାରଣରୁ ମଧ୍ୟ ହୋଇପାରେ। ଏହି ରୋଗ ଅନେକାଂଶରେ ବଂଶାନୁଗତ ହୋଇଥାଏ। କାଲିଫର୍ନିଆ ବିଶ୍ୱବିଦ୍ୟାଳୟର ବିଶେଷଜ୍ଞମାନଙ୍କର ଦ୍ୱାରା ହୋଇଥିବା ଏକ ସଦ୍ୟତମ ସର୍ଭେରୁ ଜଣାପଡିଛି ଯେ ଯଦି ପରିବାରରେ ମାତାପିତାଙ୍କ ମଧ୍ୟରୁ ଜଣେ କାହାକୁ ସ୍କିଜୋଫ୍ରେନିଆ ହୋଇଥାଏ, ତେବେ ତାଙ୍କ ପିଲାଙ୍କୁ ଏହି ରୋଗ ହେବାର ପ୍ରାୟତଃ ୪୦ରୁ ୫୦ ପ୍ରତିଶତ ଆଶଙ୍କା ଥାଏ। ଏହି ରୋଗ ମୁଖ୍ୟତଃ ୧୫ରୁ ୩୫ ବର୍ଷ ଭିତରେ ଆରମ୍ଭ ହୋଇଥାଏ। ମହିଳାମାନଙ୍କ ଅପେକ୍ଷା ପୁରୁଷମାନଙ୍କଠାରେ ଏହା ଅଧିକ ଦେଖାଯାଇଥାଏ। ସ୍କିଜୋଫ୍ରେନିଆ ଏକ ଜଟିଳ ରୋଗ ହେଲେ ମଧ୍ୟ ଏହାର ଚିକିତ୍ସା ସହଜରେ କରିହେବ। ଏଥିସହ ମାନସିକ ରୋଗ ବିଶେଷଜ୍ଞଙ୍କ ସହିତ ପରାମର୍ଶ କରିବା ଜରୁରୀ। ସାଧାରଣତଃ ପ୍ରାରମ୍ଭିକ ଅବସ୍ଥାରେ ରୋଗର ଲକ୍ଷଣକୁ ଚିହ୍ନିବାରେ ପରିବାରର ସଦସ୍ୟମାନେ ବିଳମ୍ବ କରିଦେଇଥାନ୍ତି। କେତେଜଣ



ଲୋକ ସ୍କିଜୋଫ୍ରେନିଆ ରୋଗ ଓ ତଜ୍ଜନିତ ବ୍ୟବହାରକୁ ରୋଗ ନ ମାନି, ଆମ ସମାଜରେ ପ୍ରଚଳିତ ଅନ୍ଧବିଶ୍ୱାସ ଯୋଗୁ ରୋଗୀକୁ ଗୁଣିଗାରେଡି ପାଖକୁ ନେଇ ଅଯଥା ସମୟ ନଷ୍ଟ କରିଥାନ୍ତି। ଏସବୁ ଦ୍ୱାରା ରୋଗର ପ୍ରକୋପ ବଢ଼େ ଓ ଡେରିରେ ଚିକିତ୍ସା କଲେ ଅଧିକ ଦିନ ଔଷଧ ସେବନ କରିବାକୁ ପଡିପାରେ ଏବଂ ରୋଗୀ ସମ୍ପୂର୍ଣ୍ଣ ଭାବେ ଠିକ୍ ହେବାର ଆଶଙ୍କା କମିଗଲା ପରେ ମନସ୍ତାତ୍ତ୍ୱିକ ଚିକିତ୍ସା ଯଥା କାଉନ୍‌ସେଲିଂ (ଫ୍ୟାମିଲିଥେରାପି) ସପୋର୍ଟିଭ୍ ଥେରାପି, ସୋସିଆଲ କୌଶଳ ଟ୍ରେନିଂ, ଜ୍ଞାନଗତ ପ୍ରତିକାର ଦିଆଯାଇଥାଏ।

## ସ୍ୱାସ୍ଥ୍ୟ ସୂଚନା

➤ସବୁବେଳେ ନିଜର ଖାଦ୍ୟପେୟ ପ୍ରତି ସ୍ୱତନ୍ତ୍ର ଧ୍ୟାନ ଦିଅନ୍ତୁ। କାରଣ ନିଜକୁ ସୁସ୍ଥ ରଖିବା ପଛରେ ଏହାର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି।

➤ନିଜ ଓଜନ କେତେ ରହୁଛି ତାହା ଜାଣି ରଖନ୍ତୁ। ଏପରି ଖାଦ୍ୟ ଖାଆନ୍ତୁ ନାହିଁ, ଯାହା ଓଜନ ବୃଦ୍ଧିରେ ସହାୟକ ହେବ। ଯଦି ଓଜନ ଆବଶ୍ୟକତା ଠାରୁ ଅଧିକ ରହୁଛି ତେବେ ତାହାକୁ ତୁରନ୍ତ ନିୟନ୍ତ୍ରଣକୁ ଆଣନ୍ତୁ।



➤ନିଜକୁ ଟେନ୍‌ସନ୍ ଏବଂ ଅବସାଦ ଠାରୁ ଯେତେ ସମ୍ଭବ ଦୂରେଇ ରଖିବାକୁ ଚେଷ୍ଟା କରନ୍ତୁ।


➤ରାତ୍ର ଭୋଜନ ତାଲିକାରେ ଗରିଷ୍ଠ ଖାଦ୍ୟ ସାମିଲ କରନ୍ତୁ ନାହିଁ। କାରଣ ରାତିରେ ଏଭଳି ଖାଦ୍ୟ ସହଜରେ ହଜମ ହୋଇ ନ ଥାଏ ଏବଂ ପାଚନଜନିତ ସମସ୍ୟା ସୃଷ୍ଟି କରିଥାଏ।

➤କୌଣସି ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଚିକିତ୍ସିତ ହେଉଥିଲେ ଏ ନେଇ କେବଳ ଡାକ୍ତରଙ୍କ ସହ ପରାମର୍ଶ କରନ୍ତୁ। ଅନ୍ୟ କେହି ଏହି ବିଷୟରେ କିଛି ଟିପ୍ସ ଦେଲେ ତାହା କେତେ ଗ୍ରହଣଯୋଗ୍ୟ ତାହା ପ୍ରଥମେ ତର୍ଜମା କରନ୍ତୁ। ସେ ବିଷୟରେ ଡାକ୍ତରଙ୍କ ସହ ପରାମର୍ଶ କରି ତାହାକୁ ଗ୍ରହଣ କରନ୍ତୁ।

➤ଯଦି ଅଣ୍ଟାଜନିତ ସମସ୍ୟା ରହିଛି ତେବେ ବସିବା-ଉଠିବା ବେଳେ ସାବଧାନତା ଅବଲମ୍ବନ କରନ୍ତୁ।

# ପ୍ଲାଷ୍ଟିକ ପ୍ରଦୂଷଣ ଓ ଜଳବାୟୁ ପରିବର୍ତ୍ତନ

ବର୍ତ୍ତମାନ ବିଶ୍ୱ ସ୍ତରରେ ଅନ୍ୟତମ ପ୍ରମୁଖ ସମସ୍ୟା ସାଜିଛି ଜଳବାୟୁ ପରିବର୍ତ୍ତନ। ଏହା ପଛରେ ଅନେକ କାରଣ ଥିଲେ ମଧ୍ୟ ଏବେ ପ୍ଲାଷ୍ଟିକଜନିତ ପ୍ରଦୂଷଣ ଦ୍ୱାରା ଜଳବାୟୁ ଅନେକାଂଶରେ ପ୍ରଭାବିତ ହୋଇଥାଏ। ଅଶୋଧିତ ପେଟ୍ରୋଲିୟମ୍‌ରୁ ପ୍ଲାଷ୍ଟିକ ଉତ୍ପାଦନ କରିବାକୁ ହେଲେ ଯେଉଁ ରାସାୟନିକ ପଦ୍ଧତି ଅବଲମ୍ବନ କରାଯାଏ ସେଥିରୁ ଅନେକ ବିଷାକ୍ତ ଓ ସବୁଜଘର ଗ୍ୟାସ୍ ଉତ୍ପନ୍ନ ହୋଇ ପରିବେଶରେ ମିଶିଥାଏ। କେବଳ ସେତିକି ନୁହେଁ, ପ୍ଲାଷ୍ଟିକ ପଦାର୍ଥକୁ ଭସ୍ମୀକରଣ ପ୍ରକ୍ରିୟାରେ ପୋଡି ନଷ୍ଟ କରାଯିବା ଦ୍ୱାରା ମଧ୍ୟ ଅନେକ ସବୁଜଘର ଗ୍ୟାସ୍ ବାୟୁମଣ୍ଡଳକୁ ନିର୍ଗତ ହୁଏ।



ଲଣ୍ଡନ ବିଶ୍ୱବିଦ୍ୟାଳୟ ଦ୍ୱାରା ପ୍ରସ୍ତୁତ ଏକ ରିପୋର୍ଟରୁ ଜଣାଯାଏ ଯେ, ଆଗାମୀ ୨୦୫୦ ମସିହା ବେଳକୁ ଏହା ଆଶାତୀତ ବୃଦ୍ଧି ପାଇବାର ଆଶଙ୍କା ଏବେଠାରୁ ଦେଖାଗଲାଣି। ପ୍ଲାଷ୍ଟିକ ଯୋଗୁ ଉତ୍ସର୍ଜିତ ସବୁଜଘର ଗ୍ୟାସ୍‌ର ପରିମାଣ ସମୁଦାୟ ବିଶ୍ୱ ଉତ୍ସର୍ଜନର ୧୪% ମାତ୍ରାରେ ପହଞ୍ଚିବ ବୋଲି ଉକ୍ତ ବିଶ୍ୱବିଦ୍ୟାଳୟର ପରିବେଶବିତ୍‌ମାନେ ଆଶଙ୍କା ପ୍ରକାଶ କରିଛନ୍ତି। ଏହି ବିପୁଳ ସବୁଜଘର ଗ୍ୟାସ୍ ଯେ ଭବିଷ୍ୟତରେ ବିଶ୍ୱତାପନ ବା ଗ୍ଲୋବାଲ ୱାର୍ମିଂ ପ୍ରକ୍ରିୟାରେ ସହାୟକ ହୋଇ ବିଶ୍ୱ ଜଳବାୟୁ ପରିବର୍ତ୍ତନର ଧାରାକୁ ପ୍ରଭାବିତ କରିବାର ଯଥେଷ୍ଟ ଆଶଙ୍କା ରହିଛି।

## ଜନ୍ମଦିନର ଶୁଭେଚ୍ଛା

ନାମ: ..............................
ବୟସ: ..............................
ଜନ୍ମ ତାରିଖ: ..............................



ଗୁନ୍‌ଗୁନ୍
ପରିବାରବର୍ଗ

ଏଠାରେ ୨ X ୨ ସେ.ମି. ଫଟୋ ଲଗାନ୍ତୁ

ସର୍ତ୍ତାବଳୀ: ଏହି କୁପନ ବ୍ୟବହାର କରି ସମ୍ପୂର୍ଣ୍ଣ ମାଗଣାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ। ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୧୦ ଠିକଣାରେ ପହଞ୍ଚିବା ଆବଶ୍ୟକ।


# ଜାରି ରହିବ ସୁନା ଦର ବୃଦ୍ଧି



ଭୁବନେଶ୍ୱର,୧୮।୧(ଅନୁରାଧା ମହାରଣା)

ଆସନ୍ତା ସପ୍ତାହରେ ସୁନାର ମୂଲ୍ୟ ବୃଦ୍ଧି ଜାରି ରହିବାର ସମ୍ଭାବନା ରହିଛି। ନିରାପତ୍ତା ଆଶ୍ରୟ ଚାହିଦା ଓ ଯୁକ୍ତରାଷ୍ଟ୍ର ଫେଡେରାଲ ରିଜର୍ଭର ନୀତି କୋହଳ ଆଶା ଏହାକୁ ସମର୍ଥନ ଦେଉଛି। ଅନ୍ୟପକ୍ଷରେ ରୁପା ଦରରେ ପାରମ୍ପରିକ ବୃଦ୍ଧି ପରେ ସଂଶୋଧନ ଦେଖାଇଦେଇପାରେ ବୋଲି ବିଶ୍ଳେଷକମାନେ କହିଛନ୍ତି। ଗତ ସପ୍ତାହରେ ଏମ୍‌ସିଏକ୍ସରେ ସୁନା ଫ୍ୟୁଚର୍ସ ୨.୭% ଅର୍ଥାତ୍ ୩,୬୯୮ଟଙ୍କା ବୃଦ୍ଧି ପାଇ ରେକର୍ଡ ୧,୪୩,୫୯୦ ଟଙ୍କାରେ ପହଞ୍ଚିଥିଲା। ଆନ୍ତର୍ଜାତିକ ବଜାରରେ ମଧ୍ୟ ସୁନା ୪,୫୯୫.୪ ୟୁଏସ୍‌ଡି ପର୍ଯ୍ୟନ୍ତ ବୃଦ୍ଧି ପାଇଥିଲା। ବିଶ୍ଳେଷକଙ୍କ ଅନୁମାନ ଅନୁଯାୟୀ ସୁନା ଏମସିଏକ୍ସରେ ୧,୪୬,୦୦୦ଟଙ୍କା ଓ ବିଶ୍ୱବଜାରରେ ୪,୭୫୦ ୟୁଏସ୍‌ଡି ଛୁଇଁପାରେ । ରୁପା ଗତ ସପ୍ତାହରେ ଏମସିଏକ୍ସରେ ୧୪% ଅର୍ଥାତ୍ ୩୫,୦୩୭ ଟଙ୍କା ବୃଦ୍ଧି ପାଇ ରେକର୍ଡ ୨,୯୨,୯୬୦ଟଙ୍କାରେ ପହଞ୍ଚିଥିଲା। ବିଶ୍ୱବଜାରରେ ୧୧.୬% ବୃଦ୍ଧି ପାଇ ୮୮.୫୩ ୟୁଏସ୍‌ଡିରେ ବନ୍ଦ ହୋଇଥିଲା। ତେବେ ଏହାର ତୀବ୍ର ବୃଦ୍ଧି ପରେ ସଂଶୋଧନ ଆସିପାରେ, ବିଶେଷକରି ୧୦୦ ୟୁଏସଡି ନିକଟରେ ପହଞ୍ଚିବା ପୂର୍ବରୁ ବା ପରେ ଏଥିରେ ସଂଶୋଧନ ହୋଇପାରେ। ବିଶ୍ଳେଷକମାନେ କହିଛନ୍ତି, କେନ୍ଦ୍ରୀୟ ବ୍ୟାଙ୍କମାନଙ୍କ ସୁନା କ୍ରୟ, ଭୂରାଜନୈତିକ ଚିନ୍ତା ଓ ମାକ୍ରୋ ଅନିଶ୍ଚିତତା ସୁନା-ରୁପା ଦର ବୃଦ୍ଧିକୁ ସମର୍ଥନ ଦେଉଛି। ଟେକ୍ନୋଲୋଜି, ନବୀକରଣଯୋଗ୍ୟ ଶକ୍ତି ଆଦି କ୍ଷେତ୍ରରେ ରୁପାର ଔଦ୍ୟୋଗିକ ଚାହିଦା ଦୀର୍ଘମିଆଦୀ ରହିଛି।

# ସାନ୍ତ୍ରାଗାଛି-ତାମ୍ବରମ ଅମୃତ ଭାରତ ଏକ୍ସପ୍ରେସ ଶୁଭାରମ୍ଭ



ଭୁବନେଶ୍ୱର,୧୮।୧(ଅନୁରାଧା ମହାରଣା)

ଭାରତୀୟ ରେଳପଥ ସାନ୍ତ୍ରାଗାଛି-ତାମ୍ବରମ ଅମୃତ ଭାରତ ଏକ୍ସପ୍ରେସ ପ୍ରଚଳନ ଆରମ୍ଭ କରିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ରବିବାର ଏହି ସେବାକୁ ପତାକା ଦେଖାଇ ଶୁଭାରମ୍ଭ କରିଛନ୍ତି। ଏହି ଅମୃତ ଭାରତ ଏକ୍ସପ୍ରେସ ପ୍ରଚଳନ ଦ୍ୱାରା ପୂର୍ବ ଏବଂ ଦକ୍ଷିଣ ଭାରତ ମଧ୍ୟରେ ଏକ ଦୃଢ଼ ନୂତନ ରେଳ କରିଡର ସ୍ଥାପନ ହୋଇଛି। ଯାହା ପଶ୍ଚିମବଙ୍ଗ, ଓଡ଼ିଶା, ଆନ୍ଧ୍ର ପ୍ରଦେଶ ଏବଂ ତାମିଲନାଡୁରେ ସଂଯୋଗୀକରଣକୁ ଉଲ୍ଲେଖନୀୟ ଭାବରେ ବୃଦ୍ଧି ପାଇଛି। ଟ୍ରେନ୍ ନମ୍ବର ୦୬୧୦୮ ସାନ୍ତ୍ରାଗାଛି-ତାମ୍ବରମ ଅମୃତ ଭାରତ ଏକ୍ସପ୍ରେସ ରବିବାର ପଶ୍ଚିମବଙ୍ଗର ସାନ୍ତ୍ରାଗାଛିରୁ ତାମିଲନାଡୁର ତାମ୍ବରମ ଯାତ୍ରା କରିଥିଲା। ଏହି ଟ୍ରେନ୍ ଭଦ୍ରକ, ଯାଜପୁର, କେନ୍ଦୁଝର ରୋଡ, କଟକ, ଭୁବନେଶ୍ୱର, ଖୋର୍ଦ୍ଧା ରୋଡ, ବାଲୁଗାଁ , ବ୍ରହ୍ମପୁର, ପଲାସା, ବିଜୟନଗରମ, ଏବଂ ଦୁଭଡା ସମେତ ପୂର୍ବତଟ ରେଳ ଅଧୀନରେ ଥିବା ପ୍ରମୁଖ ଷ୍ଟେଶନ ଦେଇଯାଇଥିଲା। ଖଡ଼ଗପୁର, ବାଲେଶ୍ୱର, ରାଣିତାଲ, ଶ୍ରୀକାକୁଲମ ରୋଡ, କୋଟାଭାଲାସା, ପେଣ୍ଡୁରତି, ସୀମାଚଲମ ଉତ୍ତର, ଅନକାପାଲ୍ଲୀ, ସାମଲକୋଟ, ରାଜମହେନ୍ଦ୍ରୀ, ଏଲୁରୁ, ବିଜୟୱାଡା, ଟେନାଲି, ଚିରାଲା, ଅଙ୍ଗୋଲେ, ନେଲୋର, ସୁଲୁରୁପେଟା ଏବଂ ଚେନ୍ନାଇ ଏଗମୋର ଆଦିରେ ଏହା ରହଣି କରିଥିଲା। ସୂଚନା ଥାଉକି, ଅମୃତ ଭାରତ ଏକ୍ସପ୍ରେସ ଏକ ଆଧୁନିକ ଏଲ୍‌ଏଚ୍‌ବି ରେକ୍ ଟ୍ରେନ୍, ଯାହା ଉନ୍ନତ ପୁସ୍-ପୁଲ୍ ପ୍ରଯୁକ୍ତିବିଦ୍ୟାରେ ସଜ୍ଜିତ, ଉନ୍ନତ ବେଗ, ସୁଗମ କାର୍ଯ୍ୟ ଏବଂ ବର୍ଦ୍ଧିତ ଯାତ୍ରୀ ସେବା ପ୍ରଦାନ କରେ। ଏହି ଟ୍ରେନ୍‌ରେ ଏଗ୍ରୋନୋମିକାଲି ଡିଜାଇନ ହୋଇଥିବା ବର୍ଥ, ମଡ୍ୟୁଲାର୍ ଶୌଚାଳୟ, ଏଲଇଡି ଆଲୋକୀକରଣ, ସିସିଟିଭି ନିରୀକ୍ଷଣ ଏବଂ ମୋବାଇଲ ଚାର୍ଜିଂ ଭଳି ସୁବିଧା ସମେତ ଆଧୁନିକ ଯାତ୍ରୀ ସୁବିଧା ପ୍ରଦାନ କରାଯାଇଛି। ଟ୍ରେନରେ ୨୨ଟି ଆଧୁନିକ ଶ୍ରେଣୀ କୋଚ ରହିବ, ଯେଉଁଥିରେ ୧୧ଟି ଜେନେରାଲ ଶ୍ରେଣୀ ସିଟିଂକୋଚ, ୮ଟି ସ୍ଲିପର୍ ଶ୍ରେଣୀ କୋଚ, ୨ଟି ଲଗେଜ କମ୍ ଡିଭିଆଙ୍ଗଜାନ କୋଚ୍ ଏବଂ ଗୋଟିଏ ପ୍ୟାଣ୍ଟ୍ରି କାର୍ ରହିଛି।

# ବଜାରକୁ ଆସିଲା ବଜାଜ ଚେତକ ସି୨୫ ମଡେଲ

ଭୁବନେଶ୍ୱର,୧୮।୧
(ଅନୁରାଧା ମହାରଣା)



ବଜାଜ ଅଟୋ ଲିମିଟେଡ ପକ୍ଷରୁ ନୂଆ ଚେତକ ସି୨୫ ମଡେଲ ଲଞ୍ଚ କରିଛି। କେନ୍ଦ୍ର ସରକାରଙ୍କ ପିଏମ୍ ଇ-ଡ୍ରାଇଭ୍ ସ୍କିମ ଅଧୀନରେ ସବସିଡି ସମେତ ଏହାର ପ୍ରାରମ୍ଭିକ ମୂଲ୍ୟ ୯୧,୩୯୯ ଟଙ୍କା ରହିଛି। ଏହି ମଡେଲ ପାଇଁ ବୁକିଂ ଆରମ୍ଭ ହୋଇଛି। ଚେତକ ଲାଇନ-ଅପ୍‌ରେ ଏହା ସବୁଠାରୁ ଶସ୍ତା ଅଫରିଂ ହୋଇଛି ଏବଂ ପୁଣେ ଆଧାରିତ କମ୍ପାନୀର ଦ୍ୱିତୀୟ ମଡେଲ, ଯାହା ୧ ଲକ୍ଷ ଟଙ୍କାରୁ କମ ଦାମରେ ଉପଲବ୍ଧ। ଏହା ବର୍ତ୍ତମାନର ଚେତକ ୩୫୦୧, ୩୫୦୨, ୩୫୦୩ ଓ ୩୦୦୧ ଭ୍ୟାରିଆଣ୍ଟଗୁଡ଼ିକ ସହିତ ବଜାରରେ ମିଳିବ। ଭାରତୀୟ ବଜାରରେ ଏହା ଟିଭିଏସ୍ ଅରବିଟର, ଟିଭିଏସ୍ ଆଇକ୍ୟୁବ୍ ୨.୨, ହିରୋ ଭିଡ଼ା ଭିଏକ୍ସ ୨ ଗୋ, ଓଲା ଏସ୍୧ଏକ୍ସ ଆଦି ମଡେଲଗୁଡ଼ିକ ସହ ପ୍ରତିଯୋଗିତା କରିବ। ବଜାଜ ପକ୍ଷରୁ ମିଳିଥିବା ସୂଚନାନୁସାରେ, ଏହା ପୂର୍ବବର୍ତ୍ତୀ ଜେନେରେଶନ ମଡେଲ ଅପେକ୍ଷା ୨୨ କିଲୋଗ୍ରାମ ହାଲୁକା ହୋଇଛି, ଯାହା ଦକ୍ଷତା ଓ ହ୍ୟାଣ୍ଡଲିଂକୁ ଉନ୍ନତ କରିଛି। ଏଥିରେ ୩ ବର୍ଷ କିମ୍ବା ୫୦,୦୦୦ କିଲୋମିଟର୍ ୱାରେଣ୍ଟି ରହିଛି। ବିକ୍ରୟ ଦୃଷ୍ଟିରୁ ପୁଣେ ଆଧାରିତ କମ୍ପାନୀ ୨୦୨୫ରେ ଇ-ସ୍କୁଟର୍ (ଚେତକ ଓ ୟୁଲୁ) ବିକ୍ରୟରେ ତୃତୀୟ ସ୍ଥାନରୁ ଦ୍ୱିତୀୟ ସ୍ଥାନକୁ ଉନ୍ନୀତ ହୋଇଛି। ବଜାଜ ଅଟୋ ୨୦୨୫ରେ ୨,୬୯,୮୩୬ ୟୁନିଟ ବିକ୍ରି କରିଛି, ଯାହା ୨୦୨୪ ଅପେକ୍ଷା ୩୯% ଅଧିକ। ଏହା ପ୍ରଥମ ଥର ପାଇଁ ବାର୍ଷିକ ୨ ଲକ୍ଷ ଓ ୨.୫ ଲକ୍ଷ ମାଇଲଷ୍ଟୋନ ଅତିକ୍ରମ କରିଛି। କମ୍ପାନୀର ବଜାର ଅଂଶ ୨୦୨୪ର ୧୭%ରୁ ବଢ଼ି ୨୧% ହୋଇଛି (୨୦୨୩ରେ ୮% ଥିଲା)। ବଜାଜ ଚେତକ ନେଟୱର୍କ ବୃଦ୍ଧି କରୁଥିବାବେଳେ ୩୯୦ ଏକ୍ସକ୍ଲୁସିଭ ଷ୍ଟୋର୍ ଓ ୪,୨୮୦ ପଏଣ୍ଟ ଅଫ ସେଲରେ ୫୦୦ରୁ ଅଧିକ ସହରରେ ଉପଲବ୍ଧ। ଏହାର ୪,୧୦୦ରୁ ଅଧିକ ସର୍ଭିସ ୱାର୍କଶପ ରହିଛି।

# ଜୁପିଟରର ବାର୍ଷିକ କ୍ରୀଡ଼ା ମହୋତ୍ସବ -୨୦୨୬




ଭୁବନେଶ୍ୱର,୧୮।୧(ଅନୁରାଧା ମହାରଣା)

ଜୁପିଟର ସମୂହ ଶିକ୍ଷା ପକ୍ଷରୁ ବାର୍ଷିକ କ୍ରୀଡା ମହୋତ୍ସବ ୨୦୨୬ ଅନୁଷ୍ଠିତ ହୋଇଯାଇଛି। ଗଙ୍ଗପରଟଣାସ୍ଥିତ ଖେଳପଡ଼ିଆରେ ଅନୁଷ୍ଠିତ ଏହି କ୍ରୀଡ଼ା ପ୍ରତିଯୋଗିତାର ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ଜାତୀୟ ତଥା ଅନ୍ତର୍ଜାତୀୟସ୍ତରରେ ମାରାଥନ ଧାବିକା ବବିତା ଦିବ୍ୟାଦର୍ଶନୀ ଯୋଗଦେଇ କ୍ରୀଡ଼ା ମଶାଲ ଧରି ଧାବକଙ୍କ ସହ ଦୌଡ଼ିଥିଲେ ଏବଂ ପତାକା ଉତ୍ତୋଳନ କରି ମହୋତ୍ସବକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ପଡ଼ିଆରେ ଖେଳାଳିମାନଙ୍କ ମଧ୍ୟରେ ପ୍ରବଳ ଉତ୍ସାହ ଦେଖିବାକୁ ମିଳିଥିବା ବେଳେ ଶିକ୍ଷକ ଓ ଶିକ୍ଷୟିତ୍ରୀମାନେ ସେମାନଙ୍କୁ ଉତ୍ସାହିତ କରିଥିଲେ। ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟ ଅତିଥିଭାବେ ଯୋଗଦେଇଥିଲେ ହର୍ ରାଣୀ ଜାତୀୟ ତଥା ଅନ୍ତର୍ଜାତୀୟ ଟ୍ରାକ ଏବଂ ଫିଲ୍‌ଡ ଆଥଲେଟ ଭାବେ ପରିଚିତ ଅନୁରାଧା ବିଶ୍ୱାଳ ଯୋଗଦେଇଥିଲେ। ସେ ତାଙ୍କ ବକ୍ତବ୍ୟରେ ଛାତ୍ରୀଛାତ୍ରମାନଙ୍କ ମନୋବଳ ବଢ଼ାଇବା ସହିତ କ୍ରୀଡା କିପରି ଶୃଙ୍ଖଳା ଓ ଧୈର୍ଯ୍ୟ ବୃଦ୍ଧି କରିଥାଏ ବୁଝାଇଥିଲେ। ବିଜୟୀ ପ୍ରତିଯୋଗୀଙ୍କୁ ପଦକ ତଥା ମାନପତ୍ର ପ୍ରଦାନ କରିବା ସହିତ ସିନିଅର୍ ଓ ଜୁନିଅର୍ ବାଳକ ଓ ବାଳିକା ଉଭୟଙ୍କୁ ବ୍ୟକ୍ତିଗତ ଚାମ୍ପିୟନ ଟ୍ରଫି ପ୍ରଦାନ କରିଥିଲେ। ବିଦ୍ୟାଳୟର ଛାତ୍ରୀମାନଙ୍କ ଦ୍ୱାରା ସୁନ୍ଦର ମନୋଜ୍ଞ ନୃତ୍ୟ ପରିବେଷଣ କରାଯାଇଥିଲା। ଶେଷରେ ଅନୁଷ୍ଠାନର ଅଧ୍ୟକ୍ଷା ଧନ୍ୟବାଦ ଦେଇଥିଲେ।

# ତମ୍ବାଶିଳ୍ପରୁ ସଂଗ୍ରହ ହେବ ଗୁରୁତ୍ୱପୂର୍ଣ୍ଣ ଖଣିଜ

## ସିଏସ୍‌ଆଇଆର୍-ଆଇଏମ୍‌ଏମ୍‌ଟି, ଏଚ୍‌ସିଏଲ୍ ମଧ୍ୟରେ ଚୁକ୍ତି




ଭୁବନେଶ୍ୱର,୧୮।୧(ଅନୁରାଧା ମହାରଣା)

ତମ୍ବାପଥର, କନ୍‌ସେଣ୍ଟ୍ରେଟ ଏବଂ ଟେଲିଙ୍ଗ୍‌ରୁ ରେୟାର୍ ଆର୍ଥ ଏଲିମେଣ୍ଟସ, ଟ୍ରେସ ଏଲିମେଣ୍ଟସ ଏବଂ ତମ୍ବା ସମେତ ଗୁରୁତ୍ୱପୂର୍ଣ୍ଣ ଖଣିଜ ପଦାର୍ଥର ପୁନରୁଦ୍ଧାର ପାଇଁ ସିଏସଆଇଆର-ମିନେରାଲ୍ସ ଆଣ୍ଡ ମ୍ୟାଟେରିଆଲ୍ସ ଟେକ୍ନୋଲୋଜି ପ୍ରତିଷ୍ଠାନ (ସିଏସ୍‌ଆଇଆର-ଆଇଏମ୍‌ଏମଟି) ଏବଂ ହିନ୍ଦୁସ୍ଥାନ କପର ଲିମିଟେଡ(ଏଚ୍‌ସିଏଲ) ସହିତ ଏକ ଗବେଷଣା ଓ ବିକାଶ ଚୁକ୍ତି ସ୍ୱାକ୍ଷର କରିଛି। ଉଭୟ ସଂଗଠନ ମଧ୍ୟରେ ସ୍ୱାକ୍ଷରିତ ପ୍ରକଳ୍ପ ଚୁକ୍ତିନାମା ଆଦାନପ୍ରଦାନ ସହିତ କୋଲକାତାସ୍ଥିତ ଏଚସିଏଲ କର୍ପୋରେଟ କାର୍ଯ୍ୟାଳୟରେ ଏହ ପ୍ରକଳ୍ପ ଆନୁଷ୍ଠାନିକ ଭାବେ ଶୁଭାରମ୍ଭ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଏଚ୍‌ସିଏଲର ଅଧ୍ୟକ୍ଷ ତଥା ପରିଚାଳନା ନିର୍ଦ୍ଦେଶକ ସଞ୍ଜୀବ କୁମାର ସିଂ, ନିର୍ଦ୍ଦେଶକ (ଅର୍ଥ) ଆର.ଭି.ଏନ. ବିଶ୍ୱେଶ୍ୱର, ନିର୍ଦ୍ଦେଶକ (ପରିଚାଳନା) ସଞ୍ଜୀବ କୁମାର ସିହ୍ନା ଏବଂ ସିଏସଆଇଆର-ଆଇଏମଏମଟିର ନିର୍ଦ୍ଦେଶକ ଡ. ରାମାନୁଜ ନାରାୟଣଙ୍କ ଅଧକ୍ଷତାରେଏହି ଶୁଭାରମ୍ଭ ହୋଇଥିଲା। ଏଚସିଏଲର କାର୍ଯ୍ୟ ନିର୍ବାହୀ ନିର୍ଦ୍ଦେଶକ (ଖଣି) ବିନୋଦ ଗୁପ୍ତା ଏବଂ ସିଏସଆଇଆର-ଆଇଏମଏମଟିର ମୁଖ୍ୟ ବୈଜ୍ଞାନିକ ତଥା ବ୍ୟବସାୟ ବିକାଶ ଏବଂ ସେଣ୍ଟର ଅଫ ଏକ୍ସଲେନ୍ସ ବିଭାଗର ମୁଖ୍ୟ ଡ. କାଳୀ ସଞ୍ଜୟ ଏହି କାର୍ଯ୍ୟକ୍ରମର ସଂଯୋଜନା କରିଥିଲେ। ଇଭି, ୱିଣ୍ଡଟର୍ବାଇନ ଏବଂ ଇଲେକ୍ଟ୍ରୋନିକ୍ସ ଭଳି ସବୁଜ ପ୍ରଯୁକ୍ତିବିଦ୍ୟାର ଅଭିବୃଦ୍ଧି ପାଇଁ ତମ୍ବା ଭଳି ବାଣିଜ୍ୟିକ ଖଣିଜ ଏବଂ ଆରଇଇ ସମେତ ଅନ୍ୟାନ୍ୟ ଗୁରୁତ୍ୱପୂର୍ଣ୍ଣ ଖଣିଜ ପଦାର୍ଥର ଆବଶ୍ୟକତା ରହିଛି। ବିଶ୍ୱସ୍ତରୀୟ ଯୋଗାଣ ଶୃଙ୍ଖଳା କେତେକ ନିର୍ଦ୍ଦିଷ୍ଟ କ୍ଷେତ୍ରରେ ସୀମିତ ଥିବାରୁ ତମ୍ବା ପଥର ଏବଂ ଏହାର ବର୍ଜ୍ୟବସ୍ତୁରୁ ଏହି ଗୁରୁତ୍ୱପୂର୍ଣ୍ଣ ଖଣିଜ ପଦାର୍ଥଗୁଡ଼ିକର ପୁନରୁଦ୍ଧାର କରିବା ଦ୍ୱାରା ଦେଶର ଖଣିଜ ସୁରକ୍ଷା ମଜଭୁତ ହେବା ସହ ଏହା ଏକ ରଣନୀତିକ ଘରୋଇ ସମ୍ପଦ ଭାବେ ଉପଲବ୍ଧ ହେବ। ଏହି ପଦକ୍ଷେପ ଅଧୀନରେ, ସିଏସଆଇଆର-ଆଇଏମଏମଟି ବିଭିନ୍ନ ତମ୍ବା ଶିଳ୍ପ ସାମଗ୍ରୀର ବିସ୍ତୃତ ବୈଶିଷ୍ଟ୍ୟ ଅନୁଧ୍ୟାନ କରିବ ଏବଂ ସେଥିରୁ ତମ୍ବା, ରେୟାର୍ ଆର୍ଥଏ ବଂ ଆନୁଷଙ୍ଗିକ ଗୁରୁତ୍ୱପୂର୍ଣ୍ଣ ଉପାଦାନଗୁଡ଼ିକର ନିଷ୍କାସନ ପାଇଁ ସମ୍ଭାବ୍ୟ ମାର୍ଗ ପ୍ରସ୍ତୁତ କରିବ। ଏହି ପ୍ରକଳ୍ପର ଲକ୍ଷ୍ୟ ହେଉଛି ଖଣିଜ ପଦାର୍ଥର ଉପସ୍ଥିତି ବିଷୟରେ ବୈଜ୍ଞାନିକ ଧାରଣା ପ୍ରଦାନ କରିବା, ପୁନରୁଦ୍ଧାରର ବ୍ୟବହାରିକତା ଆକଳନ କରିବା ଏବଂ ପରୀକ୍ଷାମୂଳକ ଭାବେ ପ୍ରକ୍ରିୟା ବିକାଶ ପାଇଁ ଏକ ରୋଡମ୍ୟାପ୍ ପ୍ରସ୍ତୁତ କରିବା।

# ରିଲାଏନ୍ସ ରିଟେଲରର ୩୭ କୋଟି ୮୦ ଲକ୍ଷ ଗ୍ରାହକ

ଭୁବନେଶ୍ୱର,୧୮।୧(ଅନୁରାଧା ମହାରଣା)

## ୨୦୨୫-୨୬ର ତୃତୀୟ ତ୍ରୈମାସିକ ଫଳାଫଳ

ଆର୍ଥିକ ବର୍ଷ ୨୦୨୫-୨୬ର ତୃତୀୟ ତ୍ରୈମାସିକରେ ରିଲାଏନ୍ସ ଇଣ୍ଡଷ୍ଟ୍ରିଜର ରିଟେଲ ବ୍ୟବସାୟ ଉଲ୍ଲେଖନୀୟ ଭାବରେ ସମ୍ପ୍ରସାରଣ ଜାରି ରଖିଛି। ଏହି ତ୍ରୈମାସିକରେ ୪୩୧ଟି ନୂତନ ଷ୍ଟୋର ଯୋଡିବା ସହିତ ଦେଶରେ ରିଲାଏନ୍ସ ରିଟେଲର ମୋଟ ଷ୍ଟୋର ସଂଖ୍ୟା ୧୯,୯୭୯ରେ ପହଞ୍ଚିଛି । ଜିଓମାର୍ଟ ମଧ୍ୟ ଏହି ତ୍ରୈମାସିକରେ ଅଭିବୃଦ୍ଧି ହାସଲ କରିବା ସହିତ ଏହାର ଦୈନିକ ଅର୍ଡର ସଂଖ୍ୟା ୧୬ ଲକ୍ଷ ଅତିକ୍ରମ କରିଛି। ଏହି ତ୍ରୈମାସିକରେ ରିଲାଏନ୍ସ ରିଟେଲ ୫୦ କୋଟି କାରବାର (ଟ୍ରାଞ୍ଜାକ୍ସନ) ସଂଖ୍ୟା ଅତିକ୍ରମ କରିଛି, ଯାହା ପୂର୍ବ ବର୍ଷ ତୁଳନାରେ ୪୭.୬ ପ୍ରତିଶତ ବୃଦ୍ଧିକୁ ଦର୍ଶାଉଛି। କମ୍ପାନୀର ପଞ୍ଜୀକୃତ ଗ୍ରାହକ ଆଧାର ମଧ୍ୟ ୩୭ କୋଟି ୮୦ ଲକ୍ଷକୁ ବୃଦ୍ଧି ପାଇଛି। ତୃତୀୟ ତ୍ରୈମାସିକରେ ରିଲାଏନ୍ସ ରିଟେଲର ରାଜସ୍ୱ ପୂର୍ବ ବର୍ଷ ସମାନ ଅବଧି ତୁଳନାରେ ୮.୧ ପ୍ରତିଶତ ବୃଦ୍ଧି ପାଇ ୯୭,୬୦୫ କୋଟି ଟଙ୍କା ହୋଇଛି। ତ୍ରୈମାସିକ ଫଳାଫଳ ଉପରେ ରିଲାଏନ୍ସ ରିଟେଲ ଭେଞ୍ଚର୍ସ ଲିମିଟେଡର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶିକା ଇଶା ଏମ. ଅମ୍ବାନୀ କହିଛନ୍ତି, ରିଲାଏନ୍ସ ରିଟେଲ ଏହି ତ୍ରୈମାସିକରେ ଦୃଢ଼ ପ୍ରଦର୍ଶନ ସହିତ ଲକ୍ଷ ଲକ୍ଷ ଗ୍ରାହକଙ୍କ ଭିନ୍ନ ଭିନ୍ନ ସପିଙ୍ଗ ଆବଶ୍ୟକତାକୁ ସଫଳତାର ସହିତ ପୂରଣ କରିଛି। ଟ୍ରେଣ୍ଡ-କେନ୍ଦ୍ରିତ ଉତ୍ପାଦ ଏବଂ ଏକ ନିରବଛିନ୍ନ ଓମନି-ଚ୍ୟାନେଲ ଅଭିଜ୍ଞତାକୁ ପ୍ରାଥମିକତା ଦେଇ, ଆମେ ଲଗାତର ଭାବରେ ଦୃଢ଼ ଗ୍ରାହକ ସମ୍ପୃକ୍ତି ଏବଂ ଗ୍ରାହକ ବିଶ୍ୱାସ ବଢ଼ାଇବାରେ ସଫଳତା ହାସଲ କରୁଛୁ।


# Classified Everyday

0674-2580101, 9692975378



## REAL ESTATE SALE

Semi- Commercial Land for Sale At ଆଙ୍ଗୁଳା, Near ସିନ୍ଧିଆ High School. Just 10km from ବାଲେଶ୍ୱର Railway-Station, 5km from ନିଧିପଣ୍ଡା. Area- 16,500 Sqft. (30Lakhs Only) Direct Owner. 7978551614.
D-3115

ଭୁବନେଶ୍ୱର ଉପକଣ୍ଠ ସୁନ୍ଦରପଦା Xavier University/ ଆଦିତ୍ୟ ବିର୍ଲା ସ୍କୁଲ ପାଖରେ ସରକାରୀ ରାସ୍ତାକୁ ଲାଗି ପାଚେରି ସହିତ Futureରେ ଘର କଲା ଭଳି ପ୍ଲଟ୍ ମିଳୁଛି। 9692439755, 7325891140.
D-3023

ନିଜର ପ୍ରିୟଜନମାନଙ୍କୁ ଜନ୍ମଦିନର ଓ ବିବାହ ଶୁଭେଚ୍ଛା ଜଣାନ୍ତୁ କେବଳ ଟ୨୧୦/- ରେ। ରଙ୍ଗୀନ ଟ୪୨୦/- ରେ। (ଫଟୋ ସହ) ବି.ଦ୍ର.: ଶୁଭେଚ୍ଛା ୬ସେମି. (H) X ୪ସେମି. (W) ହେବା ଆବଶ୍ୟକ।

## LOST

I, Kamala Satanami, W/o- Lokanath Satanami, Resident of Village/P.O./ P.S.- Papadahandi, Dist.- Nabarangpur do hereby solemnly affirm and state that I am purchasing a Land to an extend of Ac 0.90 cents under Papadahandi before the Dist Sub-Registrar Nabarangpur in year of 1983 vide Document No: 1241 of 1983. That the said sale deed & other's documents has been misplaced somewhere, while going towards Jeypore. That in spite of several search I couldn't traced out. So I have reported before Papadahandi Police Station. That the content of this affidavit are true to the best of my knowledge, belief and information.

Deponent
D-3143

Email ମାଧ୍ୟମରେ କ୍ଲାସିଫାଏଡକୁ ବିଜ୍ଞାପନ ପଠାଇବାର ଠିକଣା:-
classifieddharitri@gmail.com

## AFFIDAVIT

By virtue of an affidavit sworn before the Executive Magistrate, Bhubaneswar, CF. No.- 80, dated 13.01.2026, I, DHURBA BHOI, S/o- Late Abhin Bhoi, permanent resident of Badagada Bhoi Sahi, Bhubaneswar, Dist.- Khordha, State- Odisha, PIN- 751018 declare that I have changed my name from DHRUBA BOI (Old name) to DHURBA BHOI (New name). Henceforth, I shall be known as DHURBA BHOI for all purposes.
D-76952

I, Ashok Kumar Sahoo, S/o- Jadumani Sahoo, At- Kathagada, Sibaji Nagar, Tahasil/P.S- Dhenkanal, P.S.- Town, District- Dhenkanal, 759001, Odisha declare that I have changed my minor daughter's name from SARMISTHA SAHOO to SARMISTHA SAHU, dtd. 26.12.2025 before Notary Public, Dhenkanal.
Ashok Kumar Sahoo
D-3142

## ମନେ ପଡ଼ନ୍ତି

### ନବମ ଶ୍ରାଦ୍ଧବାର୍ଷିକ ଶ୍ରଦ୍ଧାଞ୍ଜଳି



୰ଗୋପାଳ ଚନ୍ଦ୍ର ସେଠୀ
ପ୍ଲଟ୍ ନଂ- ୮୫, ଗୌତମ ନଗର, ଭୁବନେଶ୍ୱର
ତିରୋଧାନ: ୨୨।୦୧।୨୦୧୭

ଅଦିନ ସୁଅରେ ପ୍ରଳୟ ଝଡ଼ରେ
ସୁଖ ସ୍ୱପ୍ନ ଗଲା ସରି
ନଅଟି ବରଷ ଅଭୁଲା ସ୍ମୃତିକୁ
ନୀରବରେ ଝୁରି ଝୁରି
ତୁମ ବିନା ଆଜି ଶୂନ୍ୟ ମନ୍ଦିରରୁ
ଦୁଃଖରେ ପ୍ରଦୀପ ଜାଳୁ
ଯହିଁ ଥାଅ ପଛେ ସୁଖରେ ରହିବ ଏତିକି
କାମନା କରୁ।
ଆପଣଙ୍କ ପବିତ୍ର ଆତ୍ମାର ସଦ୍‌ଗତି ନିମନ୍ତେ ପ୍ରଭୁ ଶ୍ରୀଜଗନ୍ନାଥ ଓ ସାଇବାବାଙ୍କ ନିକଟରେ ବିନମ୍ର ପ୍ରାର୍ଥନା।
-:ଶୋକସନ୍ତପ୍ତ:-
ସ୍ତ୍ରୀ, ସେଠୀ ପରିବାର ଓ ଆତ୍ମୀୟସ୍ୱଜନ।
ଧ-୭୬୩୦୫

### ଚତୁର୍ଥ ଶ୍ରାଦ୍ଧବାର୍ଷିକୀ




ସ୍ୱର୍ଗତ ଅର୍ଜୁନ ପୃଷ୍ଟି
ଭୁଷଣ୍ଡପୁର, ଖୋର୍ଦ୍ଧା
ଆବିର୍ଭାବ-୧୮.୦୭.୧୯୩୩
ତିରୋଧାନ-୧୯.୦୧.୨୦୨୨
ଆପଣଙ୍କ ଅନୁପସ୍ଥିତି ପ୍ରତିଟି ମୁହୂର୍ତ୍ତ ଯନ୍ତ୍ରଣାଦାୟକ। ବାପା, ଆପଣଙ୍କ ସ୍ନେହ, ଶ୍ରଦ୍ଧା, ଧର୍ମ, କର୍ମ, ସେବା ଓ କର୍ତ୍ତବ୍ୟନିଷ୍ଠା ସର୍ବଦା ମନେରହିଥିବ। ସ୍ୱର୍ଗତ ଅମର ଆତ୍ମାର ଶାନ୍ତି ଓ ସଦ୍‌ଗତି ନିମନ୍ତେ ଶ୍ରୀଜଗନ୍ନାଥଙ୍କଠାରେ ପ୍ରାର୍ଥନା।
ଶୋକସନ୍ତପ୍ତ: କନ୍ୟା- ମମତା, ଜ୍ୱାଇଁ- ରାମେଶ୍ୱର, ପୁତ୍ର- ପ୍ରମୋଦ, ବସନ୍ତ, ସୁମନ୍ତ, ପ୍ରଶାନ୍ତ, ପୁତ୍ରବଧୂ- କନ୍ୟାକୁମାରୀ, ମାମୁନି, ମୁନକୀରାଣୀ, ରୂପାସିକ୍ତା, ନାତି- ଓମ୍, ଗୋପାଳ, ସ୍ୱାଧୀନ, କାହ୍ନା, ନାତୁଣୀ- ମାମା, ସୋମା, ଶୁଭ, ଦିପି, ଲିପି, ଲିଙ୍କି,ପିଙ୍କି ରଣପୁର ଓ ଚାନ୍ଦପୁର କୋଣାର୍କ ଜୁଏଲାରୀ ପରିବାର ତଥା ବନ୍ଧୁ ଓ ଆତ୍ମୀୟସ୍ୱଜନଙ୍କ ଭକ୍ତିପୂତ ଶ୍ରଦ୍ଧାଞ୍ଜଳି
ଧ-୩୧୪୦

### ୧୪ତମ ଶ୍ରାଦ୍ଧବାର୍ଷିକୀ



ସ୍ୱର୍ଗତା ସୁଶୀଳା ସାହୁ
ଆଚାର୍ଯ୍ୟ ବିହାର, ଭୁବନେଶ୍ୱର
ତିରୋଧାନ: ୨୪।୦୧।୨୦୧୨
ଆପଣଙ୍କ ସ୍ନେହ, ଶ୍ରଦ୍ଧା, ଆଦର୍ଶ, ତ୍ୟାଗ ଓ ଭଲପାଇବା ଆମ୍ଭମାନଙ୍କ ଜୀବନରେ ପାଥେୟ ହେଉ। ଆପଣଙ୍କ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ଶ୍ରୀଚରଣରେ ବିନମ୍ର ପ୍ରାର୍ଥନା।
-:ଶୋକସନ୍ତପ୍ତ:-
ପୁଅ, ବୋହୂ, ଝିଅ, ଜ୍ୱାଇଁ, ନାତି, ନାତୁଣୀ, ବନ୍ଧୁ ଓ ପରିବାରବର୍ଗ ।
ଧ-୧୫୪

### ଏକାଦଶାହ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



୰ନିରଞ୍ଜନ ଜେନା
ଆବିର୍ଭାବ :- ୧୨.୧୧.୧୯୪୨
ତିରୋଧାନ :- ୦୯.୦୧.୨୦୨୬
"ନୈନଂ ଛିନ୍ଦନ୍ତି ଶସ୍ତ୍ରାଣି, ନୈନଂ ଦହତି ପାବକଃ । ନ ଚୈନଂ କ୍ଲେଦୟନ୍ତ୍ୟାପୋ, ନ ଶୋଷୟତି ମାରୁତଃ ।।"
ବାପା, ତୁମ ଅବର୍ତ୍ତମାନରେ ଆମେ ସାରା ପରିବାର ଦୁଃଖ ସନ୍ତପ୍ତରେ କାଳ କାଟୁଛୁ। ଆମ୍ଭମାନଙ୍କ ଜୀବନରେ ଏକ ଅପୂରଣୀୟ ଶୂନ୍ୟସ୍ଥାନ ସୃଷ୍ଟି ହୋଇଛି। ଏହି ମୋହ ମାୟା ଭରା ଅନ୍ଧ ରାଇଜରେ ତୁମର ନୀତି, ଆଦର୍ଶ, କର୍ତ୍ତବ୍ୟନିଷ୍ଠା, ଅନୁଶାସନ ଓ ଆଶୀର୍ବାଦ ଆମ ପାଇଁ ପଥପ୍ରଦର୍ଶକ ହେଉ।
: ଶୋକ ସନ୍ତପ୍ତ :
ପୁତ୍ର, ପୁତ୍ରବଧୂ, ନାତି, ନାତୁଣ, ପରିବାର ଓ ଆତ୍ମୀୟସ୍ୱଜନ।
ଧ-୩୧୩୯

**ପାଠକଙ୍କ ପାଇଁ ସୂଚନା** କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।


# ରାଡୁକାନୁ, ସାବାଲେଙ୍କା ଦ୍ୱିତୀୟ ରାଉଣ୍ଡରେ

**ରାଡୁକାନୁ ୧୮।୧**

ଅଷ୍ଟ୍ରେଲିଆନ ଓପନ ଗ୍ରାଣ୍ଡସ୍ଲାମ ଟେନିସ ପ୍ରତିଯୋଗିତା ରବିବାରଠାରୁ ଆରମ୍ଭ ହୋଇଛି। ପ୍ରଥମ ଦିବସରେ ଏକ ମହିଳା ସିଙ୍ଗଲ୍ସ ମ୍ୟାଚରେ ବ୍ରିଟିଶ ନମ୍ବର ୱାନ ଏମା ରାଡୁକାନୁ ବିଜୟ ଲାଭ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ମାର୍ଗାରେଟ୍ କୋର୍ଟ ଆରେନାଠାରେ ଖେଳାଯାଇଥିବା ମ୍ୟାଚରେ ଏହି ୨୩ ବର୍ଷୀୟା ଥାଇଲାଣ୍ଡର ବିଶ୍ୱ ୧୯୬ ମାନ୍ୟତାପ୍ରାପ୍ତ ମନଞ୍ଚୟା ସାୱାଙ୍ଗକେଡ୍‌ଙ୍କୁ ୬-୪, ୬-୧ରେ ହରାଇ ଦେଇଛନ୍ତି। ରାଡୁକାନୁ ପରବର୍ତ୍ତୀ ରାଉଣ୍ଡରେ ଅଷ୍ଟ୍ରିଆର ଆନାସ୍ତାସିଆ ପୋଟାପୋଭାଙ୍କୁ ଭେଟିବେ। ତୃତୀୟ ରାଉଣ୍ଡରେ

## ଅଷ୍ଟ୍ରେଲିଆନ ଓପନ ଆରମ୍ଭ

ତାଙ୍କର ବିଶ୍ୱର ନମ୍ବର ୱାନ ଆରିନା ସାବାଲେଙ୍କାଙ୍କୁ ଭେଟିବା ସମ୍ଭାବନା ସୃଷ୍ଟି ହୋଇଛି। ରଡ୍ ଲାଭର ଆରେନାଠାରେ ଖେଳାଯାଇଥିବା ଅନ୍ୟ ଏକ ମହିଳା ସିଙ୍ଗଲ୍ସ ମ୍ୟାଚରେ ସାବାଲେଙ୍କା ଫ୍ରେଞ୍ଚ୍ ୱାଇଲ୍ଡ କାର୍ଡ ଟିଆଣ୍ଟସୋଆ ରାକୋଟୋମାଙ୍ଗାଙ୍କୁ ୬-୪, ୬-୧ରେ ହରାଇ ଦେଇଛନ୍ତି। ମହିଳା ସିଙ୍ଗଲ୍ସର ଅନ୍ୟ ଏକ ମ୍ୟାଚରେ ସପ୍ତମ ସିଡ୍ ଯସ୍ମିନ ପାଓଲିନ୍ ୬-୧, ୬-୨ରେ ଆଲିଆକ୍ ସାଣ୍ଡ୍ରାଙ୍କୁ ୬-୧, ୬-୨ରେ ହରାଇ ଦେଇଛନ୍ତି। ମହିଳା ବିଭାଗରେ ଦୁଇ ସିଡେଡ ଖେଳାଳି ପ୍ରଥମ ରାଉଣ୍ଡରୁ ବିଦାୟ ନେଇଛନ୍ତି। ଏଲ୍‌ସା ଜାକ୍ୱେମଟ ବିଶ୍ୱର ୨୦ ନମ୍ବର ମାର୍ଟା କୋଷ୍ଟିଉକ୍‌ଙ୍କୁ ୬-୭ (୪), ୭-୬ (୪), ୭-୬ (୭)ରେ ପରାସ୍ତ କରିଥିବା ବେଳେ ତୁର୍କୀଶ କ୍ୱାଲିଫାୟର ଜେନେକ୍ ସନ୍‌ମେଜ ୧୧ ନମ୍ବର ଖେଳାଳି ଏକାଟରିନା ଆଲେକଜାଣ୍ଡ୍ରୋଭାଙ୍କୁ ୭-୫, ୪-୬, ୬-୪ରେ ହରାଇ ଦେଇଛନ୍ତି।



ପ୍ରଥମ ରାଉଣ୍ଡ ମ୍ୟାଚ ଅବସରରେ ନମ୍ବର ୱାନ ଆରିନା ସାବାଲେଙ୍କାଙ୍କ ପ୍ରତିକ୍ରିୟା।

### ଅଲ୍‌କାରାଜ, ଜେଭରେଭ ବିଜୟୀ

ଅନ୍ୟପକ୍ଷରେ ପୁରୁଷ ସିଙ୍ଗଲ୍ସରେ ତୃତୀୟ ସିଡ୍ ଆଲେକଜାଣ୍ଡର ଜେଭରେଭ କଷ୍ଟସାଧ ବିଜୟ ହାସଲ କରିଛନ୍ତି। ସେ ତାଙ୍କ ପ୍ରଥମ ରାଉଣ୍ଡ ମ୍ୟାଚ୍‌ରେ ୨୪ ବର୍ଷୀୟ ତଥା କାନାଡାର ଉଦୀୟମାନ ତାରକା ଖେଳାଳି ଗାବ୍ରିଲ ଡାଏଲୋଙ୍କୁ ୬-୭ (୭), ୬-୧, ୬-୪, ୬-୨ରେ ହରାଇ ଦେଇଛନ୍ତି। ପ୍ରଥମ ପୁରୁଷ ସିଡ୍ ଖେଳାଳି ଭାବେ ବିଶ୍ୱର ୨୦ନମ୍ବର ଇଟାଲିର ଫ୍ଲାବିଓ କୋବୋଲି ଟୁର୍ନାମେଣ୍ଟରୁ ବିଦାୟ ନେଇଛନ୍ତି। ସେ ବ୍ରିଟିଶ କ୍ୱାଲିଫାୟର ଆର୍ଥର ଫେରିଙ୍କଠାରୁ ୭-୬ (୭), ୬-୪, ୬-୧ରେ ପରାଜିତ ହୋଇଛନ୍ତି। ଟପ୍ ସିଡ କାର୍ଲୋସ ଅଲକାରାଜ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ପୁରୁଷ୍ ସିଙ୍ଗଲ୍ସର ଏକ ପ୍ରଥମ ରାଉଣ୍ଡ ମ୍ୟାଚରେ ସେ ଆଡାମ ୱାଲ୍‌ଟନ୍‌ଙ୍କୁ ୬-୩, ୭-୬ (୨), ୬-୨ରେ ହରାଇ ଦେଇଛନ୍ତି।

# ନ୍ୟୁଜିଲାଣ୍ଡର ସିରିଜ୍ ବିଜୟ

**ଇନ୍ଦୋର,୧୮।୧**

ସ୍ଥାନୀୟ ହୋଲକର ଷ୍ଟାଡିୟମରେ ରବିବାର ବିରାଟ କୋହଲିଙ୍କ ଦର୍ଶନୀୟ ଶତକ ସତ୍ତ୍ୱେ ଭାରତ ୪୧ ରନରେ ନ୍ୟୁଜିଲାଣ୍ଡଠାରୁ ପରାସ୍ତ ହୋଇଛି। ଏହି ବିଜୟ ସହ ନ୍ୟୁଜିଲାଣ୍ଡ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍‌କୁ ୨-୧ରେ ଜିତି ନେଇଛି। ଭାରତ ମାଟିରେ ଏହା ନ୍ୟୁଜିଲାଣ୍ଡ ପାଇଁ ପ୍ରଥମ ଦିନିକିଆ ସିରିଜ୍ ବିଜୟ। ଅନ୍ୟପକ୍ଷରେ ଦୀର୍ଘ ୭ ବର୍ଷ ପରେ ଘରୋଇ ମାଟିରେ ଭାରତୀୟ ଦଳ ପ୍ରଥମ ଥର ପାଇଁ କୌଣସି ଦିନିକିଆ ସିରିଜ୍ ହାତଛଡ଼ା କରିଛି।

ପ୍ରଥମେ ବ୍ୟାଟିଂ କରିଥିବା ନ୍ୟୁଜିଲାଣ୍ଡ ଖୁବ ଶସ୍ତାରେ ଡେଭନ କନୱେ (୫) ଓ ହେନରୀ ନିକୋଲସ(୦)ଙ୍କ ଉଇକେଟ ହରାଇଥିଲା। ନଂ-୩ରେ ବ୍ୟାଟିଂ କରିଥିବା ୱିଲ ୟଙ୍ଗ ୩୦ ରନ୍ କରି ପାଭିଲିଅନ ଫେରିଥିଲେ। ଏହାପରେ ମିଚେଲ ଓ ଫିଲିପ୍ସ ଚତୁର୍ଥ ଉଇକେଟରେ ୨୧୯ ରନ ଯୋଡ଼ିଥିଲେ। ୪୩ତମ ଓଭରରେ ଫିଲିପ୍ସଙ୍କୁ ଆଉଟ୍ କରି ଅର୍ଶଦୀପ ଭାରତ ପାଇଁ ଗୁରୁତ୍ୱପୂର୍ଣ୍ଣ ବ୍ରେକ ଥ୍ରୁ ଆଣି ଦେଇଥିଲେ। ଫିଲିପ୍ସ ୮୮ ବଲରେ ୯ ଚୌକା ଓ ୩ ଛକା ୧୦୬ ରନ୍ କରିଥିଲେ। ତାଙ୍କ ଭଳି ମିଚେଲ କ୍ୟାରିୟରର ନବମ ଦିନିକିଆ ଶତକ ହାସଲ କରିବା ପରେ ପାଭିଲିଅନ ଫେରିଥିଲେ। ସେ ୧୩୧ ବଲରେ ୧୫ ଚୌକା ଓ ୩ ଛକା ସହିତ ୧୩୭ ରନ କରିଥିଲେ। ଦୁଇ ସେଟ୍ ବ୍ୟାଟର ଆଉଟ୍ ହେବା ପରେ ନ୍ୟୁଜିଲାଣ୍ଡ କ୍ରମାଗତ ବ୍ୟବଧାନରେ ଉଇକେଟ ହରାଇଥିଲା। ଫଳରେ ଦଳ ନିର୍ଦ୍ଧାରିତ ୫୦ ଓଭରରେ ୮ ଉଇକେଟ ହରାଇ ୩୩୭ ରନ କରିପାରିଥିଲା। ଭାରତ ପାଇଁ ଅର୍ଶଦୀପ ଓ ହର୍ଷିତ ରାଣା ୩ ଲେଖାଏ ଉଇକେଟ ଅର୍ଜନ କରିଥିଲେ।

ଜବାବରେ ଭାରତ ଆରମ୍ଭରୁ ରୋହିତ ଶର୍ମା (୧୧)ଙ୍କ ଉଇକେଟ ହରାଇଥିଲା।





ଶତକ ପରେ ଡାରଲି ମିଚେଲ ଓ ଗ୍ଲେନ୍ ଫିଲିପ୍ସ।

ଏହାପରେ ବିରାଟ କୋହଲି ଗୋଟିଏ ପକ୍ଷରେ ବ୍ୟାଟିଂ କରୁଥିବା ବେଳେ ଅନ୍ୟ ପକ୍ଷରେ ଅଧିନାୟକ ଶୁବମନ ଗିଲ (୨୩), ଶ୍ରେୟସ ଆୟାର (୩) ଓ ଲୋକେଶ ରାହୁଲ (୧) କ୍ରମାଗତ ବ୍ୟବଧାନରେ ଆଉଟ୍ ହୋଇଥିଲେ। ଦଳ ମାତ୍ର ୭୧ ରନରେ ପ୍ରମୁଖ ୪ ବ୍ୟାଟରଙ୍କ ଉଇକେଟ ହରାଇଥିଲା। ଏଭଳି ପରିସ୍ଥିତିରେ କୋହଲିଙ୍କ ସହ ନୀତୀଶ କୁମାର ରେଡ୍ଡୀ ମିଶି ପଞ୍ଚମ ଉଇକେଟରେ ୮୮ ରନ ଯୋଡ଼ିଥିଲେ। ହେଲେ ନୀତୀଶ (୫୩ ରନ, ୨ ଲେଖାଏ ଚୌକା ଓ ଛକା) ଅର୍ଦ୍ଧଶତକ ପୂରଣ କରିବା ପରେ ଆଉଟ୍ ହୋଇଥିଲେ। ତାଙ୍କ ପରେ କ୍ରିଜ୍‌କୁ ଓହ୍ଲାଇଥିବା ରବୀନ୍ଦ୍ର ଜାଡେଜା (୧୨) ବିଫଳ ହୋଇଥିଲେ। ଏହିଠାରୁ କୋହଲି ଓ ହର୍ଷିତ ରାଣା ସପ୍ତମ ଉଇକେଟରେ ୬୯ ବଲରେ ଦ୍ରୁତ ୯୯ ରନ ଯୋଡ଼ି ଦଳକୁ ବିଜୟ ଆଶା ଦେଇଥିଲେ। ଇତି ମଧ୍ୟରେ କୋହଲି ଶତକ ପୂରଣ କରିଥିଲେ। ହର୍ଷିତ ଅର୍ଦ୍ଧଶତକ ପୂରଣ କରିବା ପରେ ପାଭିଲିଅନ ଫେରିଥିଲେ। ସେ ୪ ଲେଖାଏ ଚୌକା ଓ ଛକା ସହ ୫୨ ରନ କରିଥିଲେ। କୋହଲି ୧୨୪ (୧୦ ଚୌକା ଓ ୩ ଛକା ) ରନ କରି ୯ମ ବ୍ୟାଟର ଭାବେ ଆଉଟ୍ ହୋଇଥିଲେ। ଫଳରେ ଭାରତ ୪୬ ଓଭରରେ ୨୯୬ ରନରେ ଅଲଆଉଟ୍ ହୋଇଯାଇଥିଲା।

**ସଂକ୍ଷିପ୍ତ ସ୍କୋର**

ନ୍ୟୁଜିଲାଣ୍ଡ: ୫୦ ଓଭରରେ ୩୩୭/୮(ଡାରଲି ମିଚେଲ-୧୩୭, ଗ୍ଲେନ ଫିଲିପ୍ସ-୧୦୬, ଅର୍ଶଦୀପ ସିଂ-୩/୬୩, ହର୍ଷିତ ରାଣା-୩/୮୪)। ଭାରତ: ୪୬ ଓଭରରେ ୨୯୬/ଅଲଆଉଟ୍ (ବିରାଟ କୋହଲି-୧୨୪, ହର୍ଷିତ ରାଣା-୫୨, ନୀତୀଶ ରେଡ୍ଡୀ-୫୩, କ୍ରିଷ୍ଟିଆନ କ୍ଲାର୍କ-୩/୫୪, ଜାକାରି ଫକେସ-୩/୭୭, ଜେଡେନ ଲେନକ୍ସ- ୨/୪୨)।

# ୧୭ ବର୍ଷରୁ କମ୍ ଚେସ୍: ସତ୍ୟମ୍ ଚାମ୍ପିୟନ

**ଭୁବନେଶ୍ୱର, ୧୮।୧ (ତପନ ସ୍ୱାଇଁ)**

ଓଡ଼ିଶା ରାଜ୍ୟ ଚେସ୍ ଆସୋସିଏଶନ ଆନୁକୂଲ୍ୟରେ ଓଁ ଗୁରୁକୁଳ ପବ୍ଲିକ ସ୍କୁଲ ପରିସରରେ ରବିବାର ଅନୁଷ୍ଠିତ ୧୭ ବର୍ଷରୁ କମ୍ ଓପନ ଚେସ୍‌ରେ ସତ୍ୟମ୍ ସ୍ୱରୂପ ସାହୁ ଚାମ୍ପିୟନ ହୋଇଛନ୍ତି। ୪ ରାଉଣ୍ଡ ବିଶିଷ୍ଟ ପ୍ରତିଯୋଗିତାରେ ସେ ପୂରା ୪ ପଏଣ୍ଟ ପାଇଛନ୍ତି। ସ୍ୱୟମ ସ୍ୱରୂପ ମହାନ୍ତି, ଆୟୁଷ୍ମାନ ବେହେରା, ସ୍ଥିତପ୍ରଜ୍ଞ ପଟ୍ଟନାୟକ ଓ ସ୍ୱସ୍ତିକ ତ୍ରିପାଠୀ ଟପ୍-୫ ଫିନିଶ୍ କରିଛନ୍ତି। ବିଭିନ୍ନ ବୟସ ଓ ବାଳିକା ବର୍ଗର ଶ୍ରେଷ୍ଠ ଖେଳାଳିମାନଙ୍କୁ ଏଜ୍ ଗ୍ରୁପ୍ ଏବଂ ୫ ଚେସ୍ ପ୍ରତିଭାଙ୍କୁ ସ୍ୱତନ୍ତ୍ର ପୁରସ୍କାରରେ ସମ୍ମାନିତ କରାଯାଇଛି। ଓଁ ଗୁରୁକୁଳ ପବ୍ଲିକ ସ୍କୁଲର ପରିଚାଳନା ନିର୍ଦ୍ଦେଶକ ଲକ୍ଷ୍ମୀଧର ବେହେରା ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଥିଲେ। ଉଦ୍‌ଯାପନୀରେ ପ୍ରିନ୍ସିପାଲ ମନୋରଞ୍ଜନ ବିଶ୍ୱାଳ, ଆୟୋଜକ ଆସୋସିଏଶନ ନିର୍ଦ୍ଦେଶକ ଦେବାଶିଷ ପାଣିଗ୍ରାହୀ ଓ ଟୁର୍ନାମେଣ୍ଟ ନିର୍ଦ୍ଦେଶକ କନୋଜ କୁମାର ବେହୁରା ଅତିଥିଭାବେ ଉପସ୍ଥିତ ରହି ପୁରସ୍କାର ପ୍ରଦାନ କରିଥିଲେ।


କୃତୀ ପ୍ରତିଯୋଗୀମାନେ ଅତିଥିଙ୍କ ଗହଣରେ।



ଉତ୍କଳ କରାଟେ ସ୍କୁଲରେ ଅନୁଷ୍ଠିତ ଗ୍ରେଡିଂରେ ଭାଗ ନେଇଥିବା କରାଟେକାମାନେ ଅତିଥି ଓ କର୍ମକର୍ତ୍ତାଙ୍କ ଗହଣରେ।

# ପାକିସ୍ତାନର ହସ୍ତକ୍ଷେପ ଲୋଡ଼ିଲା ବାଂଲାଦେଶ

## ଟି୨୦ ବିଶ୍ୱକପ୍ ବିବାଦ

**ଢାକା,୧୮।୧**

ଆସନ୍ତା ଫେବୃଆରୀ ୭ରୁ ଆରମ୍ଭ ହେବାକୁ ଥିବା ଟି୨୦ ବିଶ୍ୱକପ୍ ପାଇଁ ବାଂଲାଦେଶ ଦଳର ଭାରତ ଟ୍ରାଭେଲ କରିବାକୁ ନେଇ ଲାଗି ରହିଥିବା ବିବାଦ ନୂଆ ମୋଡ଼ ନେଇଛି। କିଛି ରିପୋର୍ଟ ମୁତାବକ, ବାଂଲାଦେଶ କୂଟନୈତିକ ଓ କ୍ରିକେଟିଂ ସମର୍ଥନ ଲାଗି ପାକିସ୍ତାନର ହସ୍ତକ୍ଷେପ ଲୋଡ଼ିଛି।

ବାଂଲାଦେଶ ସରକାର ପାକିସ୍ତାନୀ ଅଧିକାରୀଙ୍କୁ ଯୋଗାଯୋଗ କରି ଆଗାମୀ ଟି୨୦ ବିଶ୍ୱକପ୍‌ରେ ଅଂଶଗ୍ରହଣ ଓ ଆଇସିସିଠାରୁ ସକାରାତ୍ମକ ପ୍ରତିକ୍ରିୟା ଲାଗି ସମର୍ଥନ ମାଗିଛନ୍ତି। ଯଦି ବାଂଲାଦେଶ ଦଳର ଦାବି ପୂରଣ ନ କରାଯାଏ, ତେବେ ପାକିସ୍ତାନ ଟୁର୍ନାମେଣ୍ଟରେ ଅଂଶଗ୍ରହଣ କରିବ କି ନାହିଁ, ତା' ଉପରେ ବିଚାର କରିବାକୁ ସଙ୍କେତ ଦେଇଥିବା ସୂତ୍ରରୁ କୁହାଯାଇଛି। ଯଦି ପାକିସ୍ତାନ ହସ୍ତକ୍ଷେପ କରେ, ତେବେ ବିବାଦ ଅଧିକ ଜଟିଳ ହେବ ଏବଂ ସମାଧାନ କରିବାକୁ ଉଦ୍ୟମ କରୁଥିବା ଅନ୍ତର୍ଜାତୀୟ କ୍ରିକେଟ ପରିଷଦ (ଆଇସିସି) ଲାଗି ଅଡୁଆ ବଢ଼ିବ। ଉଲ୍ଲେଖଯୋଗ୍ୟ, ଗତ ବର୍ଷ ଅଗଷ୍ଟରେ ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ ହସିନା ଭାରତରେ ଶରଣ ନେବା ପରେ ବାଂଲାଦେଶ-ପାକିସ୍ତାନ ସମ୍ପର୍କରେ ସୁଧାର ଆସିଛି। ବାଂଲାଦେଶ ପକ୍ଷରୁ ପ୍ରତ୍ୟର୍ପଣ ଲାଗି ଅନୁରୋଧ କରାଯିବା ସତ୍ତ୍ୱେ ଭାରତ ତାହାକୁ ଅଣଦେଖା କରୁଛି, ଯାହାକି ଦୁଇ ପଡ଼ୋଶୀ ଦେଶର ସମ୍ପର୍କକୁ ତିକ୍ତ କରି ଦେଇଛି।

# କରାଟେ ଗ୍ରେଡିଂ ପରୀକ୍ଷା: ୨୯୪ କରାଟେକା ଉତ୍ତୀର୍ଣ୍ଣ

**ଭୁବନେଶ୍ୱର,୧୮।୧ (ବିଜୟ ରଣା)**

ଉତ୍କଳ କରାଟେ ମୁଖ୍ୟଶାଖାରେ ସୁକୋକୋଇ କରାଟେର ଗ୍ରେଡିଂ ପରୀକ୍ଷା ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୋଟ ୨୯୪ଜଣ କାରାଟେକାରେ ଉତ୍ତୀର୍ଣ୍ଣ ହୋଇ ଉପରିସ୍ଥ ବେଲ୍ଟ ହାସଲ କରିଛନ୍ତି। ପରୀକ୍ଷାରେ ୫୯ଜଣ ୟଲୋ ବେଲ୍ଟ, ୬୪ଜଣ ଅରେଞ୍ଜ ବେଲ୍ଟ, ୪୧ ଜଣ ଗ୍ରୀନ୍ ବେଲ୍ଟ, ୫୧ ଜଣ ବ୍ଲୁ ବେଲ୍ଟ ଏବଂ ୭୯ଜଣ ବ୍ରାଉନ୍ ବେଲ୍ଟରେ କୃତକାର୍ଯ୍ୟ ହୋଇଛନ୍ତି। ଉତ୍କଳ କରାଟେ ସ୍କୁଲର ପ୍ରତିଷ୍ଠାତା ତଥା ସୁକୋକୋଇ କରାଟେ ୟୁନିୟନର ମୁଖ୍ୟ ଡ. ହରି ପ୍ରସାଦ ପଟ୍ଟନାୟକଙ୍କ ପ୍ରତ୍ୟେକ ତତ୍ତ୍ୱାବଧାନରେ ଏହିପରୀକ୍ଷାକୁପରିଚାଳନା କରିଥିଲେ ସେନ୍‌ସେଇ ସିନିୟର ପ୍ରଶିକ୍ଷକ ଖାରବେଳ ମଲିକ, ଅରବିନ୍ଦ ପଟ୍ଟନାୟକ, ଦୀପକ ସାମନ୍ତରା, ସନ୍ତୋଷ ମହାରଣା, ଶୁଭେନ୍ଦୁ ଲେଙ୍କା, ସପନ ମିଶ୍ର, ଅମିୟ ସାହୁ, ଆଶିଷ ରାଉତ, ରାହୁଲ ପ୍ରଧାନ, ଗୋପାଳ ରାଓ ଓ ନ୍ୟାସା କୁମାରୀ।

# ଫିଡେ ସମ୍ମିଳନୀ ଅବସରରେ ସ୍ୱତନ୍ତ୍ର ପୋଷ୍ଟାଲ ଷ୍ଟାମ୍ପ

**ଭୁବନେଶ୍ୱର, ୧୮।୧ (ତପନ ସ୍ୱାଇଁ)**

ସମାଜ ଏବଂ ଶିକ୍ଷା ଉପରେ ଚେସ୍‌ର ପ୍ରଭାବକୁ ନେଇ ପ୍ରଥମ ଫିଡେ ଗ୍ଲୋବାଲ୍ ସମ୍ମିଳନୀ ସଫଳତାର ସହ ଏଠାରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମ ବିଶ୍ୱ ଚେସ୍ ଫେଡେରେଶନ (ଫିଡେ), ସର୍ବଭାରତୀୟ ଚେସ୍ ଫେଡେରେଶନ (ଏଆଇସିଏଫ୍) ଏବଂ କିଟ୍ ଓ କିସ୍‌ର ମିଳିତ ଉଦ୍ୟମରେ ଆୟୋଜିତ ହୋଇଛି। ଏହି ବିଶେଷ ଅବସରରେ ୬ ଜଣଙ୍କ ଉପରେ ସ୍ୱତନ୍ତ୍ର ଲଫାପା ଏବଂ ୬ଟି ପୋଷ୍ଟାଲ୍ ଷ୍ଟାମ୍ପ ଉନ୍ମୋଚିତ ହୋଇଛି। ଏହି ୬ ଜଣ ହେଲେ ରୁଷ୍‌ର ପୂର୍ବତନ ଉପପ୍ରଧାନମନ୍ତ୍ରୀ ଏବଂ ବର୍ତ୍ତମାନ ଫିଡେ ସଭାପତି ଆର୍କାଡି ଡଭୋରକୋଭିଚ୍, ୫ ଥର ବିଶ୍ୱ ଚେସ୍ ଚାମ୍ପିୟନ୍ ବିଶ୍ୱନାଥନ ଆନନ୍ଦ, ଲାଟଭିଆ ଗଣରାଜ୍ୟର ପୂର୍ବତନ ଅର୍ଥମନ୍ତ୍ରୀ, ୫ ଥର ସାଂସଦ ଏବଂ ବର୍ତ୍ତମାନ ଫିଡେ ଉପାଧ୍ୟକ୍ଷ, ଡାନା ରେଜନିସ୍-ଓଜୋଲା, କିଟ୍ ଓ କିସ୍‌ର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ, ଫିଡେର ଚେସ୍ ଇନ୍ ଏଜୁକେଶନ୍ କମିଶନରେ ଭାରତର ପ୍ରତିନିଧି ଗ୍ରାଣ୍ଡମାଷ୍ଟର ଅଭିଜିତ କୁନ୍ତେ ଏବଂ ଫଇଡେ ମୂଲ୍ୟାଙ୍କିତ ଖେଳାଳି, ପ୍ରଶିକ୍ଷକ, ଆର୍ବିଟର ଏବଂ ଫେୟାରପ୍ଲେ ବିଶେଷଜ୍ଞ ରଞ୍ଜନ ମହାନ୍ତି। ରଞ୍ଜନ ହେଉଛନ୍ତି ବର୍ତ୍ତମାନ ଏଆଇସିଏଫ୍‌ର ଇଭେଣ୍ଟସ୍ କମିଟିର ସଦସ୍ୟ। ଭାରତୀୟ ରାଜସ୍ୱ ସେବା ଅଧିକାରୀ ରଞ୍ଜନ ମହାନ୍ତିଙ୍କୁ ତାଙ୍କର ଚମତ୍କାର କାର୍ଯ୍ୟ ପାଇଁ ଫିଡେ ଦ୍ୱାରା ତାଙ୍କୁ ଆନୁଷ୍ଠାନିକ ଭାବରେ ଏହି ମେଗା ଇଭେଣ୍ଟର ସଂଯୋଜକ ଭାବେ ମନୋନୀତ କରାଯାଇଥିଲା। ସେ ଓଡ଼ିଶାର ପ୍ରଥମ ଚେସ୍ ଖେଳାଳି ଭାବେ ଚେସ୍ ପ୍ରୋତ୍ସାହନ ପାଇଁ ଫିଡେ ତରଫରୁ ପ୍ରଶଂସା ପତ୍ର ପାଇଛନ୍ତି।



ସ୍ୱତନ୍ତ୍ର ପୋଷ୍ଟାଲ ଷ୍ଟାମ୍ପ ସହ ଉପସ୍ଥିତ ଅତିଥିବୃନ୍ଦ।

# 'କ୍ରୀଡ଼ା ବିକାଶରେ ଖବରଦାତାଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ'

**ଭୁବନେଶ୍ୱର, ୧୮।୧ (ତପନ ସ୍ୱାଇଁ)**

ଓଡ଼ିଶା ସ୍ପୋର୍ଟ୍ସ ଜର୍ନାଲିଷ୍ଟ୍ସ ଆସୋସିଏଶନ (ଓସ୍‌ଜା)ର ବାର୍ଷିକ ପୁରସ୍କାର ପ୍ରଦାନ ଉତ୍ସବ ରବିବାର କଳିଙ୍ଗ ଷ୍ଟାଡିୟମସ୍ଥିତ ଟେନିସ ସେଣ୍ଟର ଅଡିଟୋରିୟମରେ ଅନୁଷ୍ଠିତ ହୋଇଯାଇଛି। କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମୁଖ୍ୟ ଅତିଥି ଓ ହକି ଇଣ୍ଡିଆ ସଭାପତି ଦିଲୀପ ତିର୍କୀ ସମ୍ମାନିତ ଅତିଥିଭାବେ ଯୋଗଦେଇ ପ୍ରତିଭାସମ୍ପନ୍ନ ଯୁବ ଭାରୋତ୍ତୋଳିକା ପ୍ରୀତିସ୍ମିତା ଭୋଇ, ବିଶିଷ୍ଟ ହକି ପ୍ରଶିକ୍ଷକ କାଳୁଚରଣ ଚୌଧୁରୀ ଏବଂ କ୍ରୀଡ଼ା ପ୍ରୋତ୍ସାହନରେ ବିଶେଷ ଅବଦାନ ରଖୁଥିବା ଏମ୍‌ଜିଏମ୍ ଗ୍ରୁପ୍‌କୁ ପୁରସ୍କୃତ କରିଛନ୍ତି। ପ୍ରୀତିସ୍ମିତାଙ୍କୁ ୨୦୨୫ ମସିହାର ଶ୍ରେଷ୍ଠ ଖେଳାଳି ଏବଂ କାଳୁଚରଣ ଚୌଧୁରୀଙ୍କୁ ଜୀବନବ୍ୟାପୀ ସେବା ସମ୍ମାନ ବାବଦରେ ନଗଦ ୨୫ହଜାର ଟଙ୍କା ଲେଖାଏ, ପ୍ରଶସ୍ତିପତ୍ର, ଉତ୍ତରୀୟ ଓ ବିଶେଷ ଟ୍ରଫି ପ୍ରଦାନ କରାଯାଇଛି। ସେହିପରି କ୍ରୀଡ଼ାର ବିକାଶ ଦିଗରେ ପ୍ରମୁଖ ସହଯୋଗ ହାତ ବଢ଼ାଉଥିବା ଏମ୍‌ଜିଏମ୍‌କୁ ମଧ୍ୟ ପୁରସ୍କୃତ କରାଯାଇଛି। ଏମ୍‌ଜିଏମ୍ ଗ୍ରୁପ୍‌ର ଅଧ୍ୟକ୍ଷ ପଙ୍କଜ ଲୋଚନ ମହାନ୍ତିଙ୍କ ତରଫରୁ କମ୍ପାନୀର ଏଜିଏମ୍ (କର୍ପୋରେଟ୍ ଆଫେୟାର୍ସ ଆଣ୍ଡ୍ ସିଏସ୍‌ଆର୍) ଉତ୍ତମ କୁମାର ନାୟକ ପ୍ରଥମ ଥର ପାଇଁ ପ୍ରଚଳିତ ଏହି ସମ୍ମାନ ଗ୍ରହଣ କରିଛନ୍ତି। ଏହି ଅବସରରେ କ୍ରୀଡ଼ାମନ୍ତ୍ରୀ କହିଛନ୍ତି ଯେ "କ୍ରୀଡ଼ା ବିକାଶରେ ସରକାରଙ୍କ ବ୍ୟବସ୍ଥା ସହିତ ଖବରଦାତାଙ୍କ ଭୂମିକା ହିଁ ଅନ୍ୟତମ ଶ୍ରେଷ୍ଠ ମାଧ୍ୟମ ଭାବେ ଉପଯୁକ୍ତ ଯୋଗଦାନ ରଖୁଛି। ସରକାର ଏବେ ଓଡ଼ିଶାରେ ତୃଣମୂଳସ୍ତରରୁ ଖେଳର ସାମଗ୍ରିକ ବିକାଶ ପାଇଁ କାମ କରୁଛନ୍ତି। ଏ କ୍ଷେତ୍ରରେ ଯଦି କୌଣସି ପ୍ରତିବନ୍ଧକ ଆସୁଛି କି ପ୍ରସ୍ତାବ ରହିଛି ଆମ ଦୃଷ୍ଟିକୁ ଅଣାଯାଉ''।



ପୁରସ୍କୃତ କ୍ରୀଡ଼ାବିତ୍‌ଙ୍କ ସହ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଓ ଅନ୍ୟମାନେ।

### ସଟଲ ପରିସରରେ ମିଡିଆ ସେଣ୍ଟର

କ୍ରୀଡ଼ା ଖବରଦାତାଙ୍କ ଭୂମିକାକୁ ସ୍ୱୀକୃତି ଜଣାଇବା ସହ ଖୁବ୍‌ଶୀଘ୍ର କଳିଙ୍ଗ ଷ୍ଟାଡିୟମରେ ଏକ କ୍ରୀଡ଼ା ସଂଗ୍ରହାଳୟର ବ୍ୟବସ୍ଥା କରାଯିବ ଏବଂ ବ୍ୟାଡ୍‌ମିଣ୍ଟନର ବିଶ୍ୱସ୍ତରୀୟ ଭିତ୍ତିଭୂମି 'ସଟଲ୍' ପରିସରରେ ସର୍ବନିମ୍ନ ଆବଶ୍ୟକତା ସହିତ ଏକ ମିଡିଆ ସେଣ୍ଟର୍ କରାଯିବ ବୋଲି କ୍ରୀଡ଼ାମନ୍ତ୍ରୀ ଘୋଷଣା କରିଛନ୍ତି। ଅନ୍ୟପକ୍ଷରେ ଖେଳ ଖବରଦାତାଙ୍କ ଭୂମିକା ପାଇଁ ହିଁ ଖେଳ ଓ ଖେଳାଳିଙ୍କ ସଫଳତାକୁ ନେଇ 'ଓଡ଼ିଶା' ଆଜି ବିଶ୍ୱ ଦରବାରରେ ପ୍ରଶଂସିତ ହୋଇଛି ବୋଲି ଦିଲୀପ ତିର୍କୀ ପ୍ରକାଶ କରିଛନ୍ତି। ଓସ୍‌ଜା ସଭାପତି ସନ୍ଦୀପ ମିଶ୍ର ସ୍ୱାଗତ ଭାଷଣ ଦେଇଥିବାବେଳେ ସମ୍ପାଦକ ସୁରେଶ ସ୍ୱାଇଁ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ। ବରିଷ୍ଠ ଉପସଭାପତି ସମୀକ୍ଷା ପଟ୍ଟନାୟକ କାର୍ଯ୍ୟକ୍ରମ ସଞ୍ଚାଳନ କରିଥିଲେ।

## ପ୍ରୀତିସ୍ମିତା, କାଳୁଚରଣ, ଏମ୍‌ଜିଏମ୍‌କୁ 'ଓସ୍‌ଜା' ପୁରସ୍କାର

ପ୍ରକାଶଯୋଗ୍ୟ, ସର୍ବଭାରତୀୟ କ୍ରୀଡ଼ା ସାମ୍ବାଦିକ ସଂଘ ସହ ଅନୁବନ୍ଧିତ ଓସ୍‌ଜା ୨୦୧୮ରୁ ବାର୍ଷିକ ପୁରସ୍କାର ପ୍ରଦାନ କରି ଆସୁଛି। ପ୍ରଥମ ବର୍ଷର ବିଜେତା ଥିଲେ ଆଥ୍‌ଲେଟ୍ ପୂର୍ଣ୍ଣିମା ହେମ୍ବ୍ରମ ଓ ଫୁଟ୍‌ବଲର ଦେବ ସିଂ। ୨୦୧୯ରେ ହକି ତାରକା ଅମିତ ରୋହିଦାସ ଓ ଦ୍ରୋଣାଚାର୍ଯ୍ୟ ବିଜେତା ବକ୍ସିଂ ପ୍ରଶିକ୍ଷକ ବ୍ରିଜଭୂଷଣ ମହାନ୍ତି, ୨୦୨୦ରେ ପାରା-ଆଥ୍‌ଲେଟ୍ ପ୍ରମୋଦ ଭଗତ ଓ ବିଶିଷ୍ଟ ଆଥ୍‌ଲେଟିକ୍ସ ପ୍ରଶିକ୍ଷକ ପଞ୍ଚାନନ ଗନ୍ତାୟତ, ୨୦୨୧ରେ ଚେସ୍ ଗ୍ରାଣ୍ଡ ମାଷ୍ଟର ସ୍ୱୟମ୍ବ ମିଶ୍ର ଓ ଆଥ୍‌ଲେଟିକ୍ସ ପ୍ରଶିକ୍ଷକ ଅରୁଣ ଦାସ, ୨୦୨୨ରେ ବିଶିଷ୍ଟ ବାସ୍କେଟବଲ ଖେଳାଳି ଅରୂପାନନ୍ଦ ରାଉତରାୟ ଓ ହକି ଅଲିମ୍ପିଆନ୍ ବୀରେନ୍ଦ୍ର ଲାକ୍ରା ଏହି ପୁରସ୍କାର ପାଇଥିଲେ।

# ଇଂଲଣ୍ଡର ପାକିସ୍ତାନ ବଂଶୋଦ୍ଭବ ଖେଳାଳିଙ୍କୁ ଭିଜା ମିଳିଲା

**ନୂଆଦିଲ୍ଲୀ, ୧୮।୧ (ପି.ଟି.):** ଭାରତରେ ହେବାକୁଥିବା ଟି୨୦ ବିଶ୍ୱକପ୍‌ରେ ଖେଳିବା ପାଇଁ ସମସ୍ତ ପାକିସ୍ତାନ ବଂଶୋଦ୍ଭବ ୪୨ ଖେଳାଳି ଓ ଅଫିସିଆଲଙ୍କ ଲାଗି ଭିଜା ଔପଚାରିକତାକୁ ସହଜ କରିବା ଲାଗି ଅନ୍ତର୍ଜାତୀୟ କ୍ରିକେଟ ପରିଷଦ (ଆଇସିସି) ପଦକ୍ଷେପ ନେଇଛି। ଇଂଲଣ୍ଡ ଦଳରେ ଥିବା ପାକିସ୍ତାନ ବଂଶୋଜ ଖେଳାଳିମାନଙ୍କ ମଧ୍ୟରେ ଅଛନ୍ତି ସ୍ପିନର ଆଦିଲ ରଶିଦ, ରେହାନ ଅହମଦ ଏବଂ ପେସର ସାକିବ୍ ମେହେମୁଦ୍ ଅନ୍ୟତମ। ଯୁକ୍ତରାଷ୍ଟ୍ର ଆମେରିକା (ୟୁଏସ୍‌ଏ) ଦଳରେ ଅଲି ଖାନ୍ ଓ ଶାୟନ ଜାହାଙ୍ଗୀର ପ୍ରତିନିଧିତ୍ୱ କରିବାକୁ ଯାଉଥିବା ବେଳେ ନେଦରଲାଣ୍ଡ୍ସରୁ ଜୁଲଫିକର ସାକିବ୍ ଖେଳିବେ। ଖରବ ଅନୁସାରେ ଇଂଲଣ୍ଡ ଖେଳାଳି ରଶିଦ, ରେହାନ ଓ ସକିବ୍‌ଙ୍କ ଭିଜା କ୍ଲିଅର ହୋଇଯାଇଛି। ସଂଯୁକ୍ତ ଆରବ ଏମିରେଟ୍ସ (ୟୁଏଇ), ୟୁଏସ୍‌ଏ ଇଟାଲୀ, ବାଂଲାଦେଶ ଓ କାନାଡା ଦଳର ଅଂଶବିଶେଷ ଥିବା ଅନେକ ପାକିସ୍ତାନୀ ବଂଶୋଦ୍ଭବ ଖେଳାଳି ଓ ଅଫିସିଆଲଙ୍କ ଲାଗି ଭିଜା ବ୍ୟବସ୍ଥା ଚାଲିଛି। ସମ୍ଭବତଃ ସେମାନଙ୍କୁ ଆସନ୍ତା ସପ୍ତାହ ବେଳକୁ ଭିଜା ମିଳିଯିବ। ଅଂଶଗ୍ରହଣକାରୀଙ୍କ ଲାଗି ଭିଜା ମିଳିବା ଶେଷ ତାରିଖ ଜାନୁଆରୀ ୩୧ ରଖାଯାଇଛି।

ଧରିତ୍ରୀ
DHARITRI
www.orissakhabar.com/ www.dharitri.com ପୃଷ୍ଠା ୧୪ Press Regd. No. R.N. 21326/74 Postal Regd. No. BN/42/24-26. ଭୁବନେଶ୍ୱର, ସୋମବାର, ଜାନୁଆରୀ ୧୯/୨୦୨୬ Bhubaneswar, Monday, January 19/ 2026




# କଳିଙ୍ଗ ଲାନ୍ସର୍ସର କ୍ରମାଗତ ଷଷ୍ଠ ବିଜୟ

**ଭୁବନେଶ୍ୱର, ୧୮।୧ (ତପନ ସ୍ୱାଇଁ)**

ଚମତ୍କାର ଫର୍ମରେ ଥିବା ବେଦାନ୍ତ କଳିଙ୍ଗ ଲାନ୍ସର୍ସ ଅପରାଜେୟ ଧାରା ଜାରି ରଖି ଚଳିତ ହକି ଇଣ୍ଡିଆ ଲିଗ୍ (ଏଚ୍ଆଇଏଲ୍)ରେ କ୍ରମାଗତ ୬ଷ୍ଠ ବିଜୟ ହାସଲ କରିଛି। କଳିଙ୍ଗ ଷ୍ଟାଡିୟମରେ ରବିବାର ଅନୁଷ୍ଠିତ ଏକ ଲିଗ୍ ମ୍ୟାଚରେ ଲାନ୍ସର୍ସ ଶୁଟ୍ ଆଉଟ ୪-୧ ଗୋଲରେ ଆକର୍ଡ ତାମିଲନାଡୁ ଡ୍ରାଗନ୍ସକୁ ପରାସ୍ତ କରିଛି। ନିର୍ଦ୍ଧାରିତ ସମୟରେ ଖେଳ

**ହକି ଇଣ୍ଡିଆ ଲିଗ୍**

୧-୧ ଗୋଲରେ ବରାବର ରହିଥିଲା। ମ୍ୟାଚର ୧୯ଶ ମିନିଟରେ ବ୍ଲେକ୍ ଗୋଭର୍ସ ଏକ ଗୋଲ ଦେଇ ପ୍ରଥମାର୍ଦ୍ଧ ଶେଷ ବେଳକୁ ତାମିଲନାଡୁକୁ ୧-୦ରେ ଅଗ୍ରଣୀ କରିଥିଲେ। ତେବେ ତୃତୀୟ କ୍ୱାର୍ଟର ଶେଷ ଭାଗରେ ଅର୍ଥାତ୍ ୪୪ତମ ମିନିଟରେ ଲାନ୍ସର୍ସର ଆଲେକଜାଣ୍ଡର ହେଣ୍ଡ୍ରିକ୍ସ ଗୋଲଟି ପରିଶୋଧ କରିବାରୁ ମ୍ୟାଚ ସମାନ ସ୍ତରକୁ ଚାଲି ଆସିଥିଲା। ଅନ୍ତିମ କ୍ୱାର୍ଟରରେ ଗୋଲ ନ ହେବାରୁ ଫଳାଫଳ ନିର୍ଣ୍ଣୟପାଇଁ ଶୁଟ୍ଆଉଟ୍ ପଦ୍ଧତି ଅବଲମ୍ବନ କରାଯାଇଥିଲା।




କଳିଙ୍ଗ ଲାନ୍ସର୍ସ ଓ ତାମିଲନାଡୁ ଡ୍ରାଗନ୍ସ ମଧ୍ୟରେ ଅନୁଷ୍ଠିତ ମ୍ୟାଚର ଏକ ସଂଘର୍ଷପୂର୍ଣ୍ଣ ମୁହୂର୍ତ୍ତ। (ଫଟୋ: ବିକାଶ ନାୟକ)

ଏଥିରେ ଲାନ୍ସର୍ସ ପକ୍ଷରୁ କୁପର ବର୍ନ୍ସ, ଅଙ୍ଗଦ ବୀର ସିଂ, ଆଣ୍ଟୋନି କିନା ଓ ଅଧିନାୟକ ଆର୍ଥର ଭାନ୍ ଡୋରେନ ଗୋଲ ଦେବାରେ ସଫଳ ହୋଇଥିଲେ। ମାତ୍ର ଡ୍ରାଗନ୍ସ ପକ୍ଷରୁ ନାଥନ ଇଫ୍ରାଉମ୍ସ ଓ ବ୍ଲେକ ଗୋଭର୍ସ ଗୋଲ ଦେବାରେ ବିଫଳ ହୋଇଥିବାବେଳେ ଏକମାତ୍ର ଉତ୍ତମ ସିଂ ଗୋଲ ଦେଇଥିଲେ। ଜେଡ୍ ସ୍ନୋଡେନ ଚମତ୍କାର ଗୋଲକିପିଂ କରି କଳିଙ୍ଗ ଲାନ୍ସର୍ସକୁ ରୋମାଞ୍ଚକ ବିଜୟ ଭେଟି ଦେଇଥିଲେ। ନକ୍ଆଉଟକୁ ଯୋଗ୍ୟତା ପାଇ ସାରିଥିବା ଲାନ୍ସର୍ସ ୬ ମ୍ୟାଚରୁ ୪ ବିଜୟ, ୨ ଶୁଟ୍ ଆଉଟ ବିଜୟ ସହ ୧୬ ପଏଣ୍ଟ ପାଇ ଟେବୁଲର ଶୀର୍ଷରେ ଅପରିବର୍ତ୍ତିତ ରହିଛି। ଅନ୍ୟପକ୍ଷରେ ତାମିଲନାଡୁ ଡ୍ରାଗନ୍ସ ୬ ମ୍ୟାଚରୁ ୧ ବିଜୟ, ୨ ଶୁଟ୍ ଆଉଟ ବିଜୟ, ୨ ପରାଜୟ ଓ ୧ ଶୁଟ୍ ଆଉଟ ପରାଜୟ ସହିତ ୮ ପଏଣ୍ଟ ପାଇ ୬ଷ୍ଠ ସ୍ଥାନରେ ରହିଛି।

# ପାଇପର୍ସଙ୍କୁ ହରାଇଲା ଟାଇଗର୍ସ

**ଭୁବନେଶ୍ୱର, ୧୮।୧ (ତପନ ସ୍ୱାଇଁ)**

କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ହକି ଇଣ୍ଡିଆ ଲିଗ୍ (ଏଚ୍ଆଇଏଲ୍)ର ରବିବାର ଅନୁଷ୍ଠିତ ପ୍ରଥମ ମ୍ୟାଚରେ ଶ୍ରାଚୀ ରଡ଼୍ ବେଙ୍ଗଲ ଟାଇଗର୍ସ ୩-୨ ଗୋଲରେ ଏସ୍ଜି ପାଇପର୍ସକୁ ପରାସ୍ତ କରିଛି। ଉପ ମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂଦେଓ, କ୍ରୀଡ଼ା ସଚିବ ସଚିନ ରାମଚନ୍ଦ୍ର ଯାଦବ, ହକି ଇଣ୍ଡିଆ ସଭାପତି ଦିଲୀପ ତିର୍କୀ ଅତିଥିଭାବେ ଯୋଗଦେଇ ଖେଳାଳିଙ୍କ ସହ ପରିଚିତ ହୋଇଥିଲେ।

ମ୍ୟାଚର ପ୍ରଥମାର୍ଦ୍ଧରେ ଏସ୍ଜି ପାଇପର୍ସ ଚମତ୍କାର ପ୍ରଦର୍ଶନ କରି ଅଗ୍ରଣୀ ରହିଥିଲା। ୫ମ ମିନିଟ୍ରେ ଦିଲରାଜ ସିଂ ଏକ ଗୋଲ ସ୍କୋର କରି ବିପକ୍ଷ ଦଳ ଉପରେ ଚାପ ପ୍ରୟୋଗ କରିଥିଲେ। ଦ୍ୱିତୀୟ କ୍ୱାର୍ଟରରେ ଗୋଲ ନ ହେବାରୁ ପ୍ରଥମାର୍ଦ୍ଧ ଶେଷ ବେଳକୁ ପାଇପର୍ସ ୧-୦ରେ ଅଗ୍ରଣୀ ରହିଥିଲା। ତୃତୀୟ କ୍ୱାର୍ଟର ଆରମ୍ଭରେ ଅର୍ଥାତ୍ ୩୧ତମ ମିନିଟରେ ଟୋମାସ ଡୋମେନେ ଆଉ ଏକ ଗୋଲ ଦେଇ ଦଳର ଅଗ୍ରଣୀ ବ୍ୟବଧାନକୁ ୨-୦ରେ ପହଞ୍ଚାଇଥିଲେ। ମାତ୍ର ତୃତୀୟ କ୍ୱାର୍ଟର ଶେଷ କ୍ଷଣରେ ଅର୍ଥାତ୍ ୪୫ତମ ମିନିଟରେ ବେଙ୍ଗଲ ଟାଇଗର୍ସର ଯୁଗରାଜ ସିଂ ଓ ଅଭିଷେକ ଗୋଟିଏ ଲେଖାଏ ଗୋଲ ଦେବାରୁ ମ୍ୟାଚ ୨-୨ ସ୍ଥିତିକୁ ଚାଲି ଆସିଥିଲା। ଫଳରେ ତୃତୀୟ ତଥା ଅନ୍ତିମ କ୍ୱାର୍ଟରରେ ସ୍ୱାଭାବିକ ଭାବେ ଲଢ଼େଇ ରୋମାଞ୍ଚକ ହୋଇଥିଲା। ଏଥିରେ ୪୮ତମ ମିନିଟରେ ବେଙ୍ଗଲ ଦଳର ଆଫାନ ୟୁସୁଫ ଦେଇଥିବା ଗୋଲଟି ଶେଷରେ ନିର୍ଣ୍ଣାୟକ ହୋଇଥିଲା।

# ଲିନ୍ ଚୁନ୍, ଆନ୍ ସି' ଚାମ୍ପିୟନ

**ନୂଆଦିଲ୍ଲୀ, ୧୮।୧ (ପି.ଟି.)**

ଚାଇନିଜ ତାଇପେର ଲିନ୍ ଚୁନ୍-ୟି ଇଣ୍ଡିଆ ଓପନ୍ ବ୍ୟାଡ୍ମିଣ୍ଟନ ପୁରୁଷ ସିଙ୍ଗଲ୍ସ ଚାମ୍ପିୟନ ହୋଇଛନ୍ତି। ଅନ୍ୟପକ୍ଷରେ ବିଶ୍ୱର ନମ୍ବର ୱାନ୍ ଦକ୍ଷିଣ କୋରିଆର ଆନ୍ ସି ୟଙ୍ଗ୍ ମହିଳା ସିଙ୍ଗଲ୍ସ ଟାଇଟଲ୍ ହାସଲ କରିଛନ୍ତି। ଲିନ୍ ପୁରୁଷ ସିଙ୍ଗଲ୍ସ ଫାଇନାଲରେ ଜୋନାଥନ କ୍ରିଷ୍ଟିଙ୍କୁ ୨୧-୧୦, ୨୧-୧୮ରେ ପରାସ୍ତ କରିଛନ୍ତି। ସେହିପରି ମହିଳା ସିଙ୍ଗଲ୍ସ ଫାଇନାଲରେ ଆନ୍ ସି ୟଙ୍ଗ୍ ଚାଇନାର ୱାଙ୍ଗ ଝିୟିଙ୍କୁ ୨୧-୧୩, ୨୧-୧୧ରେ ପରାଜିତ କରି ସିଜନରେ ତାଙ୍କ ଦ୍ୱିତୀୟ ଟାଇଟଲ ହାସଲ କରିଛନ୍ତି।




Printed and published by Adyasha Satpathy on behalf of Navajat Printers & Media Pvt. Ltd. and printed at Navajat Printers, S-3/5, Industrial Estate, Angul. Editor- Tathagata Satpathy, ସମ୍ପାଦକ- ତଥାଗତ ସତପଥୀ